RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 • ISSUE-102 • WEDNESDAY • 8 OCTOBER 2025 • PAGE-12 • ₹ 6.00
BHUBANESWAR
ବର୍ଷ-୪୩ • ସଂଖ୍ୟା-୧୦୨ • ବୁଧବାର • ୮ ଅକ୍ଟୋବର ୨୦୨୫ • ପୃଷ୍ଠା-୧୨ • ଟ.୬.୦୦




ଶୀର୍ଷ ସ୍ଥାନ ବଜାୟ ରଖିଲେ ମନ୍ଧାନା

ପୃଷ୍ଠା ୧୨ ଦେଖନ୍ତୁ...

## ଆଜିଠୁ ଫେସ୍ ସ୍କାନ କିମ୍ବା ଫିଙ୍ଗରପ୍ରିଣ୍ଟରେ ପେମେଣ୍ଟ

■ ନୂଆଦିଲ୍ଲୀ, ୭।୧୦ (ଏଜେନ୍ସି): ଡିଜିଟାଲ ପେମେଣ୍ଟ ବ୍ୟବସ୍ଥାକୁ ଅଧିକ ସହଜ ଓ ସୁରକ୍ଷିତ କରିବା ପାଇଁ ୟୁନିଫାଏଡ୍ ପେମେଣ୍ଟସ ଇଣ୍ଟରଫେସ୍ (ୟୁପିଆଇ) କାରବାର କ୍ଷେତ୍ରରେ ଆଜିଠାରୁ ଲାଗୁ ହେବାକୁ ଯାଉଛି ନୂଆ ନିୟମ। ଏହି ନିୟମ ଅନୁଯାୟୀ, ଏଣିକି ୟୁପିଆଇରେ ଅର୍ଥ ନେଣଦେଣ କରୁଥିବା ୟୁଜର୍ସଙ୍କୁ ପେମେଣ୍ଟ କରିବା ପାଇଁ ଆଉ ପିନ୍ ଦେବାକୁ ପଡ଼ିବନାହିଁ। ଏହା ବଦଳରେ ଫେସ୍ ସ୍କାନ କିମ୍ବା ଫିଙ୍ଗରପ୍ରିଣ୍ଟ ବା ଚିପଚିହ୍ନ ଦ୍ୱାରା ପେମେଣ୍ଟ କରିହେବ। ନିକଟରେ ଭାରତୀୟ ରିଜର୍ଭ ବ୍ୟାଙ୍କ (ଆରବିଆଇ)



ଦେବାକୁ ପଡ଼ିବନି ପିନ୍

ଜାରି କରିଥିବା ମାର୍ଗଦର୍ଶିକା ଅନୁସାରେ ଏହି ପଦକ୍ଷେପ ଗ୍ରହଣ କରାଯାଇଛି, ଯେଉଁଥିରେ ପେମେଣ୍ଟ ପାଇଁ ବିକଳ୍ପ ଅଥେଣ୍ଟିକେସନ ବା ବେରିଫାଏ କଥା କୁହାଯାଇଥିଲା। ଏହି ନୂତନ ପଦ୍ଧତି ୟୁପିଆଇ ପେମେଣ୍ଟକୁ ଅଧିକ ସୁବିଧାଜନକ, ସୁରକ୍ଷିତ ଏବଂ ବ୍ୟବହାରକାରୀ-ଅନୁକୂଳ କରିବ। ନୂତନ ବୈଶିଷ୍ଟ୍ୟଗୁଡ଼ିକ ୟୁପିଆଇ ପେମେଣ୍ଟ କରିବା ପାଇଁ ପିନ୍‌ର ଆବଶ୍ୟକତାକୁ ଉଚ୍ଛେଦ କରିବ। ଏକ ରିପୋର୍ଟ ଅନୁସାରେ, ନୂଆ ସୁବିଧା ଦ୍ୱାରା ପେମେଣ୍ଟର ଅଥେଣ୍ଟିକେସନ ଭାରତ ସରକାରଙ୍କ ଆଧାର ସିଷ୍ଟମରେ ଥିବା ବାୟୋମେଟ୍ରିକ୍ ପୃଷ୍ଠା-୭

## ବସ୍ ଉପରେ ଧସିଲା ପାହାଡ଼; ୧୮ ମୃତ, ଫସିଛନ୍ତି ୧୦

■ ବିଳାସପୁର, ୭।୧୦ (ଏଜେନ୍ସି): ହିମାଚଳ ପ୍ରଦେଶ ବିଳାସପୁର ଜିଲ୍ଲାର ଭାଲୁଘାଟ ଅଞ୍ଚଳରେ ମଙ୍ଗଳବାର ସନ୍ଧ୍ୟାରେ ବଡ଼ଧରଣର ଭୂସ୍ଖଳନରେ ଏକ ଘରୋଇ ବସ୍ ପୋତି ହୋଇଯାଇଛି। ଦୁର୍ଘଟଣାରେ ୧୮ ଜଣ ଯାତ୍ରୀ ପ୍ରାଣ ହରାଇଛନ୍ତି। ୧୦ରୁ ଅଧିକ ଯାତ୍ରୀ ଭଗ୍ନାବଶେଷ ତଳେ ଫସି ରହିଛନ୍ତି। ୨ ଶିଶୁଙ୍କୁ ସୁରକ୍ଷିତ ଭାବେ ଉଦ୍ଧାର କରାଯାଇଛି। ଏହି ବସ୍‌ରେ ପ୍ରାୟ ୩୦ ଜଣ ଯାତ୍ରୀ ଯାତ୍ରା କରୁଥିଲେ। ବସ୍‌ଟି ହରିୟାଣା ରୋହତକରୁ ବିଳାସପୁର ନିକଟସ୍ଥ ଘୁମାରୱିନକୁ ଯାଉଥିବା ସମୟରେ ଏହା ଉପରେ ପାହାଡ଼ ଧସି ଯାଇଥିଲା। ସୂଚନା ପାଇବା ପରେ ଏସ୍‌ଡିଆରଏଫ ଏବଂ ପୁଲିସ ଟିମ୍ ପହଞ୍ଚି ସ୍ଥାନୀୟ ଲୋକଙ୍କ ସହାୟତାରେ ଉଦ୍ଧାରକାର୍ଯ୍ୟ ଆରମ୍ଭ କରିଥିଲା। ଆଜି ପ୍ରବଳ ବର୍ଷା ଯୋଗୁଁ ଏଭଳି ଅଘଟଣ ଘଟିଲା ବୋଲି କୁହାଯାଉଛି।



# ସୀମା ଟପିଲାଣି ଅରାଜକତା

## ରାଜ୍ୟରେ ରେକର୍ଡ ଭାଙ୍ଗୁଛି ହତ୍ୟା, ଦୁଷ୍କର୍ମ

■ ଭୁବନେଶ୍ୱର, ୭।୧୦ (ସମିସ): ରାଜ୍ୟରେ ବିଗିଡ଼ି ଗଲାଣି ଆଇନଶୃଙ୍ଖଳା। ପୁଲିସକୁ ଅପରାଧୀଙ୍କ ଖାତିର ନାହିଁ। ଦିନ ଦିପହରେ ଅଣ୍ଟାରେ ବନ୍ଧୁକ ଖୋସି ଅପରାଧୀ ରାଜୁତି କରୁଛନ୍ତି। ଯେଉଁଠି ଯାହାକୁ ପାରିଲେ ମଉକା ପାଇ ଗୁଳି କରୁଛନ୍ତି। ପ୍ରତିଦିନ ରାଜ୍ୟର ସବୁ ଅଞ୍ଚଳରୁ ହତ୍ୟା, ଗାହାଜାନୀ, ସାମ୍ପ୍ରଦାୟିକ ଗଣ୍ଡଗୋଳ ଘଟଣା ସାମନାକୁ ଆସିବାରେ ଲାଗିଛି। ଗତ ୧୫ ମାସ ମଧ୍ୟରେ ଭଦ୍ରକ, ବାଲେଶ୍ୱର, ଖୋର୍ଦ୍ଧା, କଟକ ଆଦି

### କଥା କଥାକେ ଫୁଟୁଛି ଗୁଳି, ବୁଲୁଛି ଖଣ୍ଡା

### ଦିନକୁ ହାରାହାରି ୧୫ ଦୁଷ୍କର୍ମ, ୪ ହତ୍ୟା



ସ୍ଥାନରେ ସାମ୍ପ୍ରଦାୟିକ ସଦ୍‌ଭାବ ଭଙ୍ଗ ହୋଇଛି। ପାଞ୍ଚଟି ସ୍ଥାନରେ କର୍ଫ୍ୟୁ ଲାଗିଛି। ଗତ ୩ ଦଶନ୍ଧିରେ ସମ୍ଭବତଃ ପ୍ରଥମଥର ପାଇଁ ଭାଇଚାରାର ସହର କୁହାଯାଉଥିବା କଟକ ସହରବାସୀ ପୁଣିଥରେ କର୍ଫ୍ୟୁର ସମ୍ମୁଖୀନ ହୋଇଛନ୍ତି। ମୋଟାମୋଟି ଭାବରେ ଅପରାଧୀଙ୍କ ଉପରେ ପୁଲିସର ନିୟନ୍ତ୍ରଣ ନାହିଁ କି ସରକାରଙ୍କ ଅଙ୍କୁଶ ନାହିଁ। କଟକ ଭସାଣିକୁ ନେଇ ଗଣ୍ଡଗୋଳ ସାରା ରାଜ୍ୟକୁ ସ୍ତବ୍ଧ କରିଦେଇଥିବା ବେଳେ ବ୍ରହ୍ମପୁରରେ ଶାସକ ଦଳର ଜଣେ ନେତା ତଥା ରାଜ୍ୟ ଆଇନଜୀବୀ ପରିଷଦର ସଦସ୍ୟ ପୀତବାସ ପଣ୍ଡାଙ୍କୁ ଦୁର୍ବୃତ୍ତ ଗୁଳିକରି ହତ୍ୟା କରିଛନ୍ତି। ରାଜ୍ୟର ଆଇନଶୃଙ୍ଖଳା ବ୍ୟବସ୍ଥା ଉପରେ ଏହା ପ୍ରଶ୍ନ ଉଠାଇଛି। କଟକ ଘଟଣା ପରେ ପୁଲିସ ଗୁଇନ୍ଦା ବ୍ୟବସ୍ଥା ନିଷ୍କ୍ରିୟ ହୋଇଥିବା ଭଳି ଲାଗୁଛି। ବ୍ରହ୍ମପୁରରେ ଆଇନଜୀବୀଙ୍କ ହତ୍ୟା ଘଟଣା ଅରାଜକତା ଉପରେ ମୋହର ମାରିଛି। ଦୁଷ୍କର୍ମ, ଗଣଦୁଷ୍କର୍ମରେ ରେକର୍ଡ ପରେ ରେକର୍ଡ ଭାଙ୍ଗୁଥିବା ଓଡ଼ିଶା ଏବେ ହତ୍ୟାରେ ନୂଆ ରେକର୍ଡ କରିବାକୁ ଯାଉଛି। ଗତ କେଇଦିନ ମଧ୍ୟରେ ରାଜ୍ୟର ବିଭିନ୍ନ ସ୍ଥାନରେ ୨୯ଟି ହତ୍ୟାକାଣ୍ଡ ପଞ୍ଜୀକୃତ ହୋଇଥିଲେ ହେଁ ଏହି ମାମଲାରେ ମାତ୍ର ୧୫ ଜଣଙ୍କୁ ପୁଲିସ ଗିରଫ କରିବାକୁ ସମର୍ଥ ହୋଇଛି। ଗୃହ ବିଭାଗ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ୨୦୨୪ ମସିହାରେ ରାଜ୍ୟରେ ୩୦୫୪ଟି ବଳାତ୍କାର ଓ ୧୨୫୮ଟି ହତ୍ୟା ମାମଲା ରୁଜୁ ହୋଇଛି। ସେହିପରି ୩୮୫୬ ପୃଷ୍ଠା-୭

## କ୍ଷୋଭ ପ୍ରକାଶ କଲେ ନବୀନ

ଆଇନଶୃଙ୍ଖଳା ଦୃଢ଼ ରଖିବାରେ ସରକାର ସମ୍ପୂର୍ଣ୍ଣ ବିଫଳ

ଉତ୍ସବ ମଧ୍ୟରେ ରାଜ୍ୟରେ ସୃଷ୍ଟି ହୋଇଛି ଭୟର ବାତାବରଣ

ଲୋକଙ୍କ ସ୍ୱାର୍ଥ ରକ୍ଷା ପାଇଁ ସରକାର ତତ୍ପର ହେବା ଜରୁରୀ



■ ଭୁବନେଶ୍ୱର, ୭।୧୦ (ସମିସ): ରାଜ୍ୟରେ ଆଇନଶୃଙ୍ଖଳା ପରିସ୍ଥିତି ନିୟନ୍ତ୍ରଣ ବାହାରକୁ ଯାଉଥିବା ବେଳେ ପ୍ରତିଦିନ ରାଜ୍ୟର କୋଣଅନୁକୋଣରେ ଅଘଟଣ ଘଟୁଛି। ମହିଳା ହିଂସା, ଦୁଷ୍କର୍ମ ପରି ଘଟଣାକୁ ନେଇ ଓଡ଼ିଶା ଜାତୀୟ ସ୍ତରରେ ବଦନାମ ହୋଇଥିବା ବେଳେ ଦଙ୍ଗା, ହତ୍ୟାକାଣ୍ଡ ପରି ଅପରାଧକୁ ନେଇ ମଧ୍ୟ ରାଜ୍ୟବାସୀ ଭୟଭୀତ ଅବସ୍ଥାରେ ଅଛନ୍ତି। ରାଜ୍ୟରେ ଏଭଳି ସଙ୍ଗିନ ସ୍ଥିତିକୁ ନେଇ କ୍ଷୋଭ ଏବଂ ଚିନ୍ତା ପ୍ରକାଶ କରିଛନ୍ତି ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଶାନ୍ତିପ୍ରିୟ ଓଡ଼ିଶାରେ ଆଇନଶୃଙ୍ଖଳା ବ୍ୟବସ୍ଥାକୁ ମଜଭୁତ ରଖିବାରେ ବିଜେପି ସରକାର ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି; ଯାହା ଲୋକଙ୍କ ଭିତରେ ଭୟର ବାତାବରଣ ସୃଷ୍ଟି କରୁଛି ବୋଲି ପୃଷ୍ଠା-୭

## ବିହାରରେ ଏସ୍‌ଆଇଆର୍ ବିଭ୍ରାନ୍ତି

## ତଥ୍ୟ ମାଗିଲେ ସୁପ୍ରିମକୋର୍ଟ



### ନାମ କଟିଥିବା ୩.୬୬ ଲକ୍ଷ ଭୋଟର ଓ ନୂଆ ମତଦାତାଙ୍କ ସୂଚନା ଦେବେ କମିସନ

■ ନୂଆଦିଲ୍ଲୀ, ୭।୧୦ (ଏଜେନ୍ସି): ବିହାରରେ ଅନୁଷ୍ଠିତ ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସ୍‌ଆଇଆର୍ ପ୍ରକ୍ରିୟାରେ ବାଦ୍ ପଡ଼ିଥିବା ୩ ଲକ୍ଷ ୬୬ ହଜାର ଭୋଟରମାନଙ୍କ ସମ୍ପର୍କରେ ତଥ୍ୟ ଲୋଡ଼ିଛନ୍ତି ସୁପ୍ରିମକୋର୍ଟ। ଆସନ୍ତା ୯ ତାରିଖ ସୁଦ୍ଧା ଏସମ୍ପର୍କରେ ବିସ୍ତୃତ ତଥ୍ୟ ଦାଖଲ କରିବା ନିମନ୍ତେ ନିର୍ବାଚନ କମିସନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଏହାସହିତ ଚୂଡ଼ାନ୍ତ ଭୋଟର ତାଲିକାରେ ଯେଉଁମାନଙ୍କର ନାମ ଯୋଡ଼ା ଯାଇଛି, ସେମାନଙ୍କ ସମ୍ପର୍କରେ ମଧ୍ୟ ତଥ୍ୟ ଦେବାକୁ କୁହାଯାଇଛି। ଚୂଡ଼ାନ୍ତ ତାଲିକାରେ ୨୧ ଲକ୍ଷ ଭୋଟରଙ୍କ ନାମ ଯୋଡ଼ାଯାଇଛି ଏବଂ ସେମାନଙ୍କ ମଧ୍ୟରୁ ଅଧିକାଂଶ ହେଉଛନ୍ତି ନୂଆ ଭୋଟର ଏବଂ ଏହାକୁ ନେଇ ସନ୍ଦେହ ସୃଷ୍ଟି ହୋଇଥିବା କହିଛନ୍ତି କୋର୍ଟ। ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟମାଲ୍ୟା ବାଗଚିଙ୍କୁ ନେଇ ଗଠିତ ଖଣ୍ଡପୀଠ ଆଜି ବିହାର ଏସ୍‌ଆଇଆର୍ ମାମଲାର ଶୁଣାଣି କରିବା ସମୟରେ ଏଭଳି ନିର୍ଦ୍ଦେଶ ଦେଇଛନ୍ତି। କୋର୍ଟ କହିଲେ ଯେ ଯେଉଁମାନଙ୍କ ନାମ ଚୂଡ଼ାନ୍ତ ତାଲିକାରୁ ବାଦ୍ ପଡ଼ିଛି ସେମାନଙ୍କ ସମ୍ପର୍କରେ ଯାହା ବି ତଥ୍ୟ ରହିଛି, ତାହା ଦେବାକୁ ପଡ଼ିବ। ଏଥିପାଇଁ କମିସନଙ୍କୁ ଆଉ ଦୁଇ ଦିନର ସମୟ ଦିଆଯାଇଛି। ଆସନ୍ତା ୯ ତାରିଖରେ କମିସନ ଏହି ତଥ୍ୟ ଦେବେ। ସେହିଭଳି ମାନବବର ଖଣ୍ଡପୀଠ ଉଦବେଗ ଜଣାଇଥିଲେ ଯେ ଚୂଡ଼ାନ୍ତ ତାଲିକାରେ ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ତାହାକୁ ନେଇ ବିଭ୍ରାନ୍ତି ରହିଛି। ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ସେମାନଙ୍କ ନାମ ଡିଲିଟ୍ ହୋଇଥିବା ଭୋଟର ତାଲିକା (ଡ୍ରାଫ୍ଟ ରୋଲ)ରୁ ବାଦ୍ ପଡ଼ିଥିଲା କି? ଖଣ୍ଡପୀଠଙ୍କ ଏହି ପ୍ରଶ୍ନର ଉତ୍ତର ଦେବାକୁ ଯାଇ କମିସନଙ୍କ ଓକିଲ କହିଥିଲେ ଯେ ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ସେମାନଙ୍କ ମଧ୍ୟରୁ ଅଧିକାଂଶ ହେଉଛନ୍ତି ନୂଆ ଭୋଟର। ପୃଷ୍ଠା-୭

## ପୀତବାସ ପଣ୍ଡା ହତ୍ୟା ଘଟଣା

## ପୁଲିସ ସ୍କାନରରେ ଶେଷ ୪ ଫୋନ୍‌କଲ୍

■ ବ୍ରହ୍ମପୁର, ୭।୧୦ (ସମିସ): ଶାସକ ଦଳର ଜଣେ ଆଗଧାଡ଼ିର ନେତା ତଥା ବରିଷ୍ଠ ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ଗୁଳିକରି ହତ୍ୟା ଘଟଣା ସମଗ୍ର ରାଜ୍ୟରେ ଆତଙ୍କଜନିତ ପରିସ୍ଥିତି ସୃଷ୍ଟି କରିଛି। ଗତକାଲି ପବିତ୍ର କୁମାର ପୂର୍ଣ୍ଣିମା ରାତିରେ ବ୍ରହ୍ମପୁର ସହରର ବୈଦ୍ୟନାଥପୁର ଥାନା ବେକୁଣ୍ଠନଗରରେ ସ୍ଥିତ ଘରଠାରୁ ମାତ୍ର ୫୦ ମିଟର ଦୂରରେ ବିଟ୍ ରାସ୍ତାରେ ପୀତବାସଙ୍କୁ ଗୁଳି କରି ହତ୍ୟା କରିଥିଲେ ଦୁର୍ବୃତ୍ତ। ଗୁଳିମାଡ଼ ପରେ ଘଟଣାସ୍ଥଳରୁ ଚମ୍ପଟ ମାରିଥିବା ଦୁଇ ଅଭିଯୁକ୍ତଙ୍କୁ ଗିରଫ କରିବା ନିମନ୍ତେ ପୁଲିସ ପକ୍ଷରୁ ବିଭିନ୍ନ ସ୍ଥାନରେ ଚଢ଼ଉ ଜାରି ରହିଛି। କିନ୍ତୁ ୨୪ ଘଣ୍ଟା ପରେ ମଧ୍ୟ ପୁଲିସ ହାତ ଖାଲି ରହିଛି। ସୋମବାର ରାତି ୯ଟା ୪୨ରେ ଗୋଟିଏ ଗ୍ରାମର ବାଇକ୍‌ରେ ଦୁଇଜଣ ଯୁବକ ଗେଟ୍‌ଫାଙ୍କରୁ ଛକରୁ ପୀତବାସଙ୍କ ଘର ଗଳି ପର୍ଯ୍ୟନ୍ତ ଚକ୍କର ମାରିଥିଲେ। ଏହାପରେ ଯୋଜନା ମୁତାବକ ହତ୍ୟା କରିଥିଲେ। ଗୁଳିମାଡ଼ ପୂର୍ବରୁ ଅର୍ଥାତ ସୋମବାର ଆଇନଜୀବୀ ପୀତବାସ ପଣ୍ଡା କାହା କାହା ସହିତ ଫୋନ୍‌ରେ କଥା ହୋଇଥିଲେ ସେନେଇ ପୁଲିସ ଯାଞ୍ଚ କରୁଛି। ଘଟଣାର ପୃଷ୍ଠା-୭

### ଗୁଳିକାଣ୍ଡ ପଛରେ ବୃତ୍ତିଗତ, ରାଜନୈତିକ, ବ୍ୟକ୍ତିଗତ ଶତ୍ରୁତା ନା ସୂଚନା ଅଧିକାର ଆକ୍ରୋଶ

## ରାଜ୍ୟରେ ଆଇନଜୀବୀଙ୍କ କଲମ ଛାଡ଼ ଆଜି

ତ୍ୱରିତ କାର୍ଯ୍ୟାନୁଷ୍ଠାନ ପାଇଁ ମୁଖ୍ୟମନ୍ତ୍ରୀଙ୍କୁ ବିସିଆଇର ଚିଠି

■ କଟକ,୭।୧୦ (ସମିସ): ବ୍ରହ୍ମପୁରର ବିଶିଷ୍ଟ ସମାଜସେବୀ ତଥା ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ଗୁଳି କରି ହତ୍ୟା ଘଟଣାକୁ ରାଜ୍ୟ ବାର୍ କାଉନସିଲ୍ ତୀବ୍ର ନିନ୍ଦା କରିଛି। ଏହାର ପ୍ରତିବାଦରେ ଆସନ୍ତାକାଲି (ବୁଧବାର) ରାଜ୍ୟରେ ଆଇନଜୀବୀମାନେ ସମ୍ପୂର୍ଣ୍ଣ କଲମଛାଡ଼ କରିବେ। ବାର୍ କାଉନସିଲର ଆଜି ଏକ ଜରୁରୀ ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି। ସେହିଭଳି ଆସନ୍ତା ୪୮ ଘଣ୍ଟା ମଧ୍ୟରେ ଅଭିଯୁକ୍ତମାନଙ୍କୁ ଗିରଫ, ମୃତ ଆଇନଜୀବୀଙ୍କ ପରିବାରକୁ ୧ କୋଟି ଟଙ୍କା ପୃଷ୍ଠା-୭

## ଚାକିରି ବେପାର; ବ୍ରହ୍ମପୁର ଓ ଭୁବନେଶ୍ୱରରୁ ଆଉ ଦୁଇ ଅଟକ

## କ୍ରାଇମବ୍ରାଞ୍ଚର କାତ ପାଉନି

■ ଭୁବନେଶ୍ୱର, ୭।୧୦ (ସମିସ): ପୁଲିସ ଏସ୍‌ଆଇ ଚାକିରି ବେପାରକୁ ନେଇ ଓଡ଼ିଶାରୁ ଦିଲ୍ଲୀ ପର୍ଯ୍ୟନ୍ତ ହୁଲସ୍ଥୁଲ ହେଉଛି। ମଧ୍ୟପ୍ରଦେଶର ବ୍ୟାପମ୍ ଓ ପଶ୍ଚିମବଙ୍ଗର ଶିକ୍ଷକ ନିଯୁକ୍ତି ଜାଲିଆତିଠାରୁ ଓଡ଼ିଶା ପୁଲିସ ଚାକିରି ବିକ୍ରି ଅଧିକ ଭୟଙ୍କର ବୋଲି କୁହାଯାଉଛି। ଗତ ୩୦ ତାରିଖ ରାତିରେ ୧୧୪ ଜଣ ପରୀକ୍ଷାର୍ଥୀଙ୍କ ସହ ୩ ଦଲାଲ ଗିରଫ ହେବା ପରେ ଆଉ ୩ ଜଣଙ୍କୁ କ୍ରାଇମବ୍ରାଞ୍ଚ ଧରିଛି। ମାତ୍ର କୌଣସି ସୂତ୍ରରୁ କିଛି ଠୋସ୍ ଖବର ଓ ପ୍ରମାଣ କ୍ରାଇମବ୍ରାଞ୍ଚ ଯୋଗାଡ଼ କରିବାରେ ସକ୍ଷମ ହୋଇ ନ ଥିବା କୁହାଯାଉଛି। ପରୀକ୍ଷାର୍ଥୀଙ୍କ ବ୍ୟତୀତ ଏଯାଏ ୬ ଜଣ ଲୋକଙ୍କୁ କ୍ରାଇମବ୍ରାଞ୍ଚ ଧରିଛି ଓ ସେମାନଙ୍କୁ ଜେରା ଚଳାଇଛି। ମାତ୍ର ଷଡ଼ଯନ୍ତ୍ର ପଶାପାଲିରେ ଏହି ସୈନିକମାନଙ୍କଠାରୁ ବିଶେଷ କିଛି ତଥ୍ୟ ମିଳି ପାରୁ ନ ଥିବା ସୂଚନା ମିଳିଛି। ଅନ୍ୟପକ୍ଷରେ ଏହି ସମଗ୍ର ଘଟଣା



ଘୋଟାଲାରେ ଓଡ଼ିଆରବି କର୍ମଚାରୀଙ୍କ ସମ୍ପୃକ୍ତି ସନ୍ଦେହ

କାହା ମାଧ୍ୟମରେ ହୋଇଥିଲା ସିଲିକନ୍ ଓ ପଞ୍ଚସଫ୍ଟ ବୁଝାମଣା

ପଛରେ ଅନେକ ବଡ଼ବଡ଼ିଆଙ୍କ ଭୂମିକା ଥିବା ଜଳଜଳ ଦିଶୁଛି। ପଞ୍ଚ ସଫ୍ଟର ଶଙ୍କର ପ୍ରୁଷ୍ଟି, ମଧୁସ୍ମିତା ମୁନା ମହାନ୍ତି ସହ ସିଲିକନ୍ ଟେକ୍ନୋଲାବ୍‌ର ସମ୍ପୃକ୍ତି ଏକପ୍ରକାର ସ୍ପଷ୍ଟ ହୋଇଛି। ମାତ୍ର ତଦନ୍ତ ଆଗକୁ ବଢ଼ିପାରୁ ନାହିଁ। କେଉଁ ପରିସ୍ଥିତିରେ ଓଡ଼ିଆରବିଠାରୁ ପରୀକ୍ଷା ପରିଚାଳନା ଠିକା ନେଇଥିବା ଆଇଟିଆଇ ଲିମିଟେଡ୍ ଓଡ଼ିଶାର ସିଲିକନ୍ ଟେକ୍ନୋଲାବ୍‌କୁ ପରୀକ୍ଷା ଦାୟିତ୍ୱ ଦେଲା ତାହା ଏଯାଏ ଅସ୍ପଷ୍ଟ। ଅନୁରୂପ ଭାବରେ ସିଲିକନ୍ ଟେକ୍ନୋଲାବ୍ କାହିଁକି ଓ କେଉଁ ଉଦ୍ଦେଶ୍ୟରେ ଝୁଞ୍ଜିଡ଼ାଟ ଶଙ୍କରର ଅଖ୍ୟାତ ସଂସ୍ଥା ପଞ୍ଚ ସଫ୍ଟକୁ ପରୀକ୍ଷା ପରିଚାଳନା ଦାୟିତ୍ୱ ପ୍ରଦାନ କଲା ତାହା ମଧ୍ୟ ରହସ୍ୟମୟ। ଓଡ଼ିଆରବି କର୍ତ୍ତୃପକ୍ଷ ଏହି ପ୍ରସଙ୍ଗରେ ସମ୍ପୂର୍ଣ୍ଣ ନିରବତା ଅବଲମ୍ବନ କରିବା ଅନେକ ଦିଗକୁ ଇଙ୍ଗିତ କରିଛି। ହୁଏତ ଓଡ଼ିଆରବି କର୍ତ୍ତୃପକ୍ଷଙ୍କ ପ୍ରତ୍ୟକ୍ଷ ସହଯୋଗ ଓ ଜ୍ଞାତସାରରେ ଏହି ସବୁଲେଟ୍ ପୃଷ୍ଠା-୭

## ହଟିଲା କର୍ଫ୍ୟୁ; ଚାଲିଲା କଟକ

### ସ୍ୱାଭାବିକ ହେଲା ଇଣ୍ଟରନେଟ୍ ସେବା



■ କଟକ, ୭।୧୦ (ସମିସ): ଦୁର୍ଗାମେଢ଼ ଭସାଣି ଶୋଭାଯାତ୍ରାରେ ଗୋଷ୍ଠୀ ସଂଘର୍ଷ ଜନିତ ଅଶାନ୍ତି ଯୋଗୁଁ ଲାଗୁ ହୋଇଥିବା ୩୬ ଘଣ୍ଟାର କର୍ଫ୍ୟୁ ଉଠିବା ପରେ ମଙ୍ଗଳବାର ସନ୍ଧ୍ୟାରୁ ଅତି ସନ୍ତର୍ପଣରେ ଚାଲିବା ଆରମ୍ଭ କରିଛି କଟକ। ଦୁଇ ଦିନର ବନ୍ଦ ଜୀବନ ପରେ ସହରବାସୀ ଘରୁ ବାହାରିଛନ୍ତି। ସହରର ସ୍ଥିତି ଧୀରେଧୀରେ ସ୍ୱାଭାବିକ ହୋଇ ଶାନ୍ତି ଫେରୁଛି। ଅନ୍ୟପକ୍ଷରେ ଶୋଭାଯାତ୍ରା ଗଣ୍ଡଗୋଳ ଘଟଣାରେ ପୁଲିସ ଏଯାଏଁ ୨୨ ଜଣଙ୍କୁ ଗିରଫ କରିଛି। ବନ୍ଦ ରହିଥିବା ଇଣ୍ଟରନେଟ୍ ସେବା ସ୍ୱାଭାବିକ ହୋଇଛି।

### ପାଟ୍ରୋଲିଂ କଡ଼ାକଡ଼ି; ଗିରଫ ହେଲେଣି ୨୨

### ସୋସିଆଲ୍ ମିଡିଆ ଉପରେ ତୀକ୍ଷ୍ଣ ନଜର

କର୍ଫ୍ୟୁ ହଟିବା ପରେ ଛତ୍ରବଜାର, ମାଲଗୋଦାମ ସମେତ ସାରା ସହରରେ ଭିଡ଼ ପରିଲକ୍ଷିତ ହୋଇଛି। ପୁଲିସ ପକ୍ଷରୁ ଦରଗାବଜାର ଅଞ୍ଚଳରେ ୪୦ ପ୍ରତିଶତ ଦୋକାନ ବନ୍ଦ ରଖାଯିବା ସହ ଦରଘାବଜାର ଥାନା ଚୌଧୁରୀ ବଜାର ପର୍ଯ୍ୟନ୍ତ ଦୋକାନଗୁଡ଼ିକ ସମ୍ପୂର୍ଣ୍ଣ ଭାବେ ବନ୍ଦ କରାଯାଇଛି। ଦୋକାନଗୁଡ଼ିକ ରାତି ୯ଟାରୁ ୧୦ଟା ମଧ୍ୟରେ ବନ୍ଦ କରିବାକୁ କୁହାଯାଇଛି। ଦରଗାବଜାର ଥାନା ସମେତ ସହରର ସମ୍ବେଦନଶୀଳ ସ୍ଥାନକୁ ପୁଲିସର କଡ଼ା ସୁରକ୍ଷା ବଳୟ ମଧ୍ୟରେ ପୃଷ୍ଠା-୭

## ଘାସିରାମ କଂଗ୍ରେସର ନୂଆପଡ଼ା ପ୍ରାର୍ଥୀ

■ ଭୁବନେଶ୍ୱର, ୭।୧୦ (ସମିସ): ନୂଆପଡ଼ା ଉପନିର୍ବାଚନ ତାରିଖ ଘୋଷଣା ହେବାର ଗୋଟିଏ ଦିନ ପରେ କଂଗ୍ରେସ ଦଳ ଏହି ଆସନ ପାଇଁ ପ୍ରାର୍ଥୀ ଘୋଷଣା କରିଛି। ଗତ ନିର୍ବାଚନରେ ଏହି ଆସନରୁ ସ୍ୱାଧୀନ ଭାବେ ଲଢ଼ି ପ୍ରାୟ ୫୧ ହଜାର ଭୋଟ୍ ପାଇଥିବା ଘାସିରାମ ମାଝୀଙ୍କୁ ଦଳ ଏଥର ପ୍ରାର୍ଥୀ କରିଛି। ଏଆଇସିସି ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ଼ଗେଙ୍କ ଅନୁମୋଦନ ପରେ ରାଜ୍ୟ କଂଗ୍ରେସ ପକ୍ଷରୁ ଘାସିରାମଙ୍କ ପୃଷ୍ଠା-୭



## ଚିନ୍ତା ବଢ଼ାଉଛି ଆର୍ଥିକ ପରିଚାଳନା

# ସରକାରଙ୍କ ସିନ୍ଦୁକରେ ବଜେଟ ବରାଦ

## ୫ ମାସରେ ଖର୍ଚ୍ଚ ହୋଇଛି ମାତ୍ର ୨୭ ପ୍ରତିଶତ ଆବଣ୍ଟିତ ଅର୍ଥ

■ ଭୁବନେଶ୍ୱର, ୭।୧୦ (ସମିସ): ଏକ ସମୟରେ ବିତ୍ତୀୟ ପରିଚାଳନା କ୍ଷେତ୍ରରେ ଓଡ଼ିଶା ସାରା ଦେଶରେ ସୁନାମ ଅର୍ଜନ କରିଥିଲା। କେନ୍ଦ୍ର ସରକାର ଏଥିଲାଗି ଓଡ଼ିଶାକୁ ବାରମ୍ବାର ପ୍ରଶଂସା କରିଥିଲେ। ମାତ୍ର ରାଜ୍ୟରେ ବିଜେପି ସରକାର ଆସିବା ପରଠାରୁ ରାଜ୍ୟର ଆର୍ଥିକ ପରିଚାଳନା କ୍ରମଶଃ ଲଗାମହୀନ ହେବାରେ ଲାଗିଛି। ବିଶେଷକରି ବଜେଟ ଅର୍ଥ ଖର୍ଚ୍ଚ ଏବଂ ଯୋଜନା କାର୍ଯ୍ୟାନ୍ୱୟନରେ କ୍ରମାଗତ ଭାବେ ନିରୁତ୍ସାହଜନକ ପ୍ରଦର୍ଶନ ଜାରି ରହିଛି। ୨୦୨୫-୨୬ ଆର୍ଥିକ ବର୍ଷର ପ୍ରଥମ ୫ ମାସ ଅର୍ଥାତ୍ ଏପ୍ରିଲ-ଅଗଷ୍ଟ ମଧ୍ୟରେ ମୋଟ ଆବଣ୍ଟିତ ଅର୍ଥର ମାତ୍ର ୨୭ ପ୍ରତିଶତ ଅର୍ଥ ଖର୍ଚ୍ଚ କରାଯାଇ ପାରିଛି। ଚଳିତ ଆର୍ଥିକ ବର୍ଷରେ ୨ ଲକ୍ଷ ୯୦ ହଜାର କୋଟିର ବଜେଟ ବିଭିନ୍ନ ବିଭାଗକୁ ଆବଣ୍ଟନ କରାଯାଇଥିବା ବେଳେ ସରକାରଙ୍କ ୪୮ଟି ବିଭାଗ ମାତ୍ର ୭୮,୪୦୧ କୋଟି ଟଙ୍କା ଖର୍ଚ୍ଚ କରିପାରିଛନ୍ତି। ବିଡ଼ମ୍ବନା ହେଉଛି କେବଳ ଦରମା, ପେନସନ ଆଦି ଅଣଯୋଜନା ବ୍ୟୟରେ ଏହାର ଏକ ବଡ଼ ଅଂଶ ବ୍ୟୟ ହୋଇଛି। ଭିତ୍ତିଭୂମି ବିକାଶ, ବିଭିନ୍ନ ଯୋଜନା ପାଇଁ ଅର୍ଥ ଆବଣ୍ଟନ ସତ୍ତ୍ୱେ ବଜେଟ ଅର୍ଥ ଖର୍ଚ୍ଚରେ ମନ୍ଥରତା ରାଜ୍ୟ ସରକାରଙ୍କ ବିତ୍ତୀୟ ପରିଚାଳନା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସୂଚନା ଅନୁଯାୟୀ ୪୮ଟି ବିଭାଗ ମଧ୍ୟରୁ ୧୭ଟି ବିଭାଗ ନିଜ ଆବଣ୍ଟିତ ଅର୍ଥର ୨୦ ପ୍ରତିଶତରୁ କମ୍ ଖର୍ଚ୍ଚ କରିଛନ୍ତି। ବିପର୍ଯ୍ୟୟ ପରିଚାଳନା ବିଭାଗ ସର୍ବନିମ୍ନ ୧.୯୫ ପ୍ରତିଶତ ଅର୍ଥ ଖର୍ଚ୍ଚ କରି ୪୮ଟି ବିଭାଗ ମଧ୍ୟରେ ସବୁଠୁ ତଳ ସ୍ଥାନରେ ରହିଛି। ସେହିପରି ଯୋଜନା ଓ ସଂଯୋଜନ ବିଭାଗ ୧.୯୭ ପ୍ରତିଶତ ଅର୍ଥ ଖର୍ଚ୍ଚ କରିଛି। କ୍ରୀଡ଼ା ଓ ଯୁବସେବା ବିଭାଗ ୫.୭ ପ୍ରତିଶତ ଏବଂ ଶକ୍ତି ପରି ଗୁରୁତ୍ୱପୂର୍ଣ୍ଣ ବିଭାଗର ବଜେଟ ଆବଣ୍ଟିତ ଅର୍ଥ ଖର୍ଚ୍ଚ ପୃଷ୍ଠା-୭

### ୨୦ ପ୍ରତିଶତରୁ କମ୍ ଖର୍ଚ୍ଚ କରିଛନ୍ତି ୧୭ଟି ବିଭାଗ

### ୨ ବିଭାଗ ଖର୍ଚ୍ଚ କରି ପାରିନାହାନ୍ତି ୨ ପ୍ରତିଶତ ଅର୍ଥ





# ପଦାର୍ଥ ବିଜ୍ଞାନରେ ତିନି ଆମେରିକୀୟଙ୍କୁ ନୋବେଲ

**ଷ୍ଟକହୋମ, ୭।୧୦ (ଏଜେନ୍ସି):** ଚଳିତ ବର୍ଷ ପଦାର୍ଥ ବିଜ୍ଞାନ ପାଇଁ ଆମେରିକାର ତିନି ବୈଜ୍ଞାନିକଙ୍କୁ ନୋବେଲ ପୁରସ୍କାର ମିଳିଛି। ବୈଜ୍ଞାନିକ ଜନ୍ କ୍ଲାର୍କ, ମିସେଲ ଏଚ. ଡେଭୋରେଟ ଏବଂ ଜନ୍ ଏମ. ମାର୍ଟିନିସଙ୍କୁ ଏହି ପୁରସ୍କାର ଦିଆଯିବ ବୋଲି ସ୍ୱିଡେନର 'ରୟାଲ ସ୍ୱିଡିସ ଏକାଡେମି ଅଫ୍ ସାଇନ୍ସ' ପକ୍ଷରୁ ମଙ୍ଗଳବାର ଘୋଷଣା କରାଯାଇଛି। ଇଲେକ୍ଟ୍ରିକ ସର୍କିଟରେ ମାକ୍ରୋସ୍କୋପିକ କ୍ୱାଣ୍ଟମ ଟନଲିଂ ଏବଂ ଏନର୍ଜି କ୍ୱାଣ୍ଟିସେସନ (ଶକ୍ତିର ସ୍ତର)ର ସନ୍ଧାନ ପାଇଁ ତିନି ବୈଜ୍ଞାନିକଙ୍କୁ ସମ୍ମାନିତ କରାଯାଇଛି। କ୍ୱାଣ୍ଟମ ଟନେଲିଂ ପ୍ରକ୍ରିୟାରେ କୌଣସି କଣିକା ବ୍ୟାରିୟର ତଥା ବାଧାକୁ ଲଙ୍ଘିବା ପରିବର୍ତ୍ତେ, ତାହାର ଆଖପାଖ ଦେଇ ବାହାରି ଯାଇଥାନ୍ତି। କିନ୍ତୁ ସାଧାରଣ ଫିଜିକ୍ସ ହିସାବରେ ଏହା ଅସମ୍ଭବ। ସାଧାରଣ ଜୀବନରେ ଏହାର ଅନେକ ଉଦାହରଣ ରହିଛି। ସାଧାରଣତଃ ଏକ ବଲ୍ କାନ୍ଥରେ ମାଡ଼ ହୋଇ ଫେରି ଆସିଥାଏ। କିନ୍ତୁ କ୍ୱାଣ୍ଟମ ଦୁନିଆରେ କ୍ଷୁଦ୍ର କଣିକା ଗୁଡିକ ବେଳେବେଳେ କାନ୍ଥ ପାର ହୋଇ ଅନ୍ୟ ପାର୍ଶ୍ୱକୁ ଚାଲି ଯାଆନ୍ତି। ଏହାକୁ କ୍ୱାଣ୍ଟମ ଟନଲିଂ କୁହାଯାଇଥାଏ।

ନୋବେଲ କମିଟି ପକ୍ଷରୁ କୁହାଯାଇଛି ଯେ ମାନବିକ ସ୍ତରରେ ମଧ୍ୟ କ୍ୱାଣ୍ଟମର ପ୍ରଭାବ ପଡିପାରେ ବୋଲି ଏହି ବୈଜ୍ଞାନିକମାନେ ସାବ୍ୟସ୍ତ କରିଥିଲେ। ପରମାଣୁ ଏବଂ ଅଣୁ ସ୍ତରରେ ସୀମିତ ଥିବା କ୍ୱାଣ୍ଟମ ପ୍ରଭାବକୁ ବିପୁଳ ପରିମାଣରେ ଦେଖିହେବ କି ବୋଲି ଫିଜିକ୍ସରେ ଏକ ପ୍ରଶ୍ନ ହୋଇ ରହିଥିଲା। ୧୯୮୪ ଏବଂ ୧୯୮୫ରେ କ୍ଲାର୍କ, ଡେଭୋରେଟ ଏବଂ ମାର୍ଟିନିସ୍ କାଲିଫର୍ଣ୍ଣିଆ ୟୁନିଭର୍ସିଟିରେ ଏହା ଉପରେ ସ୍ୱତନ୍ତ୍ର ପରୀକ୍ଷଣ କରିଥିଲେ। ସେମାନେ ଦୁଇଟି ସୁପର କଣ୍ଡକ୍ଟରରୁ ଏକ ବିଦ୍ୟୁତ ସର୍କିଟ ନିର୍ମାଣ କରିଥିଲେ। ଏହି ଦୁଇ ସୁପର କଣ୍ଡକ୍ଟର ମଧ୍ୟରେ ଏକ ପତଳା ଆସ୍ତରଣ ଥିଲା। ଏହା ବିଦ୍ୟୁତ ପ୍ରବାହକୁ ରୋକି ଦେଉଥିଲା। ଏହା ସତ୍ତ୍ୱେ ବୈଜ୍ଞାନିକ ଦେଖିବାକୁ ପାଇଥିଲେ ଯେ ସର୍କିଟରେ ଥିବା ସବୁ ଚାର୍ଜ କରାଯାଇଥିବା କଣିକା ଗୁଡିକ ଏକାଠି ମିଶି ଗୋଟିଏ କଣିକା ପରି ବ୍ୟବହାର କରୁଛନ୍ତି। ଏହି କଣିକା ଗୁଡିକ ପତଳା ଆସ୍ତରଣକୁ ଲଙ୍ଘି ଅପରପାର୍ଶ୍ୱକୁ ଯାଇପାରନ୍ତି।

ଏହା କ୍ୱାଣ୍ଟମ ଟନଲିଂର ପ୍ରମାଣ ଥିଲା। ଏଥିରେ ବଡ଼ ସିଷ୍ଟମରେ କ୍ୱାଣ୍ଟମ ଟନେଲିଂକୁ କେମିତି ନିୟନ୍ତ୍ରଣ ଏବଂ ବୁଝି ହେବ ତାହା ଶିକ୍ଷା କରିଥିଲେ। ଏହି ଉଦ୍ଭାବନା କ୍ୱାଣ୍ଟମ କମ୍ପ୍ୟୁଟିଂ ଏବଂ ନୂଆ ଜ୍ଞାନକୌଶଳ ପାଇଁ ଯୁଗାନ୍ତକାରୀ ସାବ୍ୟସ୍ତ ହୋଇଥିଲା। ଭବିଷ୍ୟତରେ ଏହା ମାଧ୍ୟମରେ କ୍ୱାଣ୍ଟମ କମ୍ପ୍ୟୁଟିଂ ଏବଂ ନୂଆ ଜ୍ଞାନକୌଶଳର ବିକାଶ ଦିଗରେ ସହାୟତା ମିଳିବ। ସେମିକଣ୍ଡକ୍ଟର, କମ୍ପ୍ୟୁଟର ଏବଂ ମାଇକ୍ରୋ ଚିପ୍ସଗୁଡିକରେ କ୍ୱାଣ୍ଟମ ଟେକ୍ନୋଲଜି ବ୍ୟବହାର ହେଉଛି। ଏହା ଦ୍ୱାରା ଚିକିତ୍ସା, ମହାକାଶ ଏବଂ ପ୍ରତିରକ୍ଷା କ୍ଷେତ୍ରକୁ ମଧ୍ୟ ଲାଭ ମିଳିବ। ନୋବେଲ କମିଟି ପକ୍ଷରୁ କୁହାଯାଇଛି ଯେ କମ୍ପ୍ୟୁଟରେ ବ୍ୟବହୃତ ଟ୍ରାନ୍ସିଷ୍ଟର କ୍ୱାଣ୍ଟମ ଟେକ୍ନୋଲୋଜିର ବଳିଷ୍ଠ ଉଦାହରଣ। ଏହି ନୋବେଲ ବିଜେତାଙ୍କ ଉଦ୍ଭାବନା ଦ୍ୱାରା ଭବିଷ୍ୟତରେ ସୁପର ସିକ୍ୟୋର କୋଡ (କ୍ୱାଣ୍ଟମ କିପ୍ଟୋଗ୍ରାଫି), ହାଇ ସ୍ପିଡ କମ୍ପ୍ୟୁଟର( କ୍ୱାଣ୍ଟମ କମ୍ପ୍ୟୁଟର) ଏବଂ ସୁପର ଆକ୍ୟୁରେଟ ସେନ୍ସର (କ୍ୱାଣ୍ଟମ ସେନ୍ସର) ଭଳି ସାମଗ୍ରୀ ନିର୍ମାଣ ସରଳ ହୋଇଯିବ।

# ଥମୁନି କଫ୍ ସିରପ୍ ଜନିତ ମୃତ୍ୟୁ

## ଦୁଇ ରାଜ୍ୟରେ ନେଲାଣି ୨୩ ଶିଶୁଙ୍କ ଜୀବନ

**ନୂଆଦିଲ୍ଲୀ, ୭।୧୦ (ଏଜେନ୍ସି):** ଜୀବନ ବଞ୍ଚାଇବାକୁ ଉଦ୍ଦିଷ୍ଟ କଫ ସିରପ ଏବେ ଜୀବନ ନେଉଛି। ଔଷଧ ପ୍ରସ୍ତୁତକାରୀ କମ୍ପାନୀଙ୍କ ପାଇଁ ନିରୀହ ଶିଶୁଙ୍କ ଜୀବନ ଯାଉଛି। ଅଧିକ ରାସାୟନିକ ମିଶାଇ ଏହି କମ୍ପାନୀଗୁଡ଼ିକ ଜୀବନ ବଦଳରେ ମୃତ୍ୟୁ ବିକୁଛନ୍ତି। ଏହି ବିଷାକ୍ତ କଫ ସିରପ ପିଇ ଏ ପର୍ଯ୍ୟନ୍ତ ମଧ୍ୟ ପ୍ରଦେଶ ଏବଂ ରାଜସ୍ଥାନରେ ୨୩ ଶିଶୁଙ୍କ ମୃତ୍ୟୁ ହେଲାଣି। ଏମାନଙ୍କ ମଧ୍ୟରେ ମଧ୍ୟପ୍ରଦେଶର ୧୯ ଶିଶୁ ଏବଂ ରାଜସ୍ଥାନର ୪ ଶିଶୁ ସାମିଲ ଅଛନ୍ତି। ଏହି ମାମଲା ସାମ୍ନାକୁ ଆସିବା ପରେ ମଧ୍ୟପ୍ରଦେଶ, ରାଜସ୍ଥାନ, କେରଳ, ତାମିଲନାଡୁ ଏବଂ ପଞ୍ଜାବ ସରକାର ଏହି କଫ ସିରପର ବିକ୍ରି ଏବଂ ବ୍ୟବହାର ଉପରେ କଟକଣା ଲଗାଇ ଦେଇଛନ୍ତି। ଏହି ମାମଲାକୁ ନେଇ ସୁପ୍ରିମକୋର୍ଟରେ ଆବେଦନ ମଧ୍ୟ ଦାଏର କରାଯାଇଛି। ସିବିଆଇ ତଦନ୍ତ ଏବଂ ସାରା ଦେଶରେ ଔଷଧର ସୁରକ୍ଷା ବ୍ୟବସ୍ଥା ଯାଞ୍ଚ ପାଇଁ ଦାବି କରାଯାଇଛି। ଓକିଲ ବିଶାଲ ତିୱାରୀଙ୍କ ଦ୍ୱାରା ଦାଖଲ ଏହି ଆବେଦନରେ ରାଷ୍ଟ୍ରୀୟ ନ୍ୟାୟିକ କମିଶନ କିମ୍ବା ବିଶେଷଜ୍ଞ କମିଟି ଗଠନ ନିର୍ଦ୍ଦେଶ ଏବଂ ସୁପ୍ରିମକୋର୍ଟର ଅବସରପ୍ରାପ୍ତ ବିଚାରପତିଙ୍କ ଅନୁଧ୍ୟାନରେ ତଦନ୍ତ କରାଇବାକୁ ସରକାରଙ୍କୁ ନିର୍ଦ୍ଦେଶ ଦେବାକୁ ଅନୁରୋଧ କରାଯାଇଛି।

- ୫ ରାଜ୍ୟରେ କୋଲ୍ଡ୍ରିଫ୍ କଫ ସିରଫ ନିଷିଦ୍ଧ
- ତାମିଲନାଡୁ ସରକାର ଧରିଲେ ୩୫୦ ତ୍ରୁଟି
- ଗୁଜରାଟର ଦୁଇ କମ୍ପାନୀର କଫ ସିରପରେ ବିଷ

ଅନ୍ୟପକ୍ଷରେ ଏହି ମାମଲାରେ ତାମିଲନାଡୁର 'ଡ୍ରଗ୍ସ କଣ୍ଟ୍ରୋଲ ଡିପାର୍ଟମେଣ୍ଟ' ସିରପ ପ୍ରସ୍ତୁତକାରୀ କମ୍ପାନୀଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରିଛି। କାଞ୍ଚିପୁରମ ସ୍ଥିତ କମ୍ପାନୀ ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସ ଏହି କୋଲଡ୍ରିଫ କଫ ସିରପ ପ୍ରସ୍ତୁତ କରୁଛି। ପାଞ୍ଚ ଦିନ ମଧ୍ୟରେ ଜବାବ ଦେବା ପାଇଁ କମ୍ପାନୀକୁ ସରକାର ନିର୍ଦ୍ଦେଶ ଦେଇଛନ୍ତି। ଏଥିରେ ଔଷଧରେ ପ୍ରସ୍ତୁତ କଞ୍ଚାମାଲର ବିଲ୍ ଏବଂ ଏହାର ଯାଞ୍ଚ ରିପୋର୍ଟ, ଔଷଧ ପ୍ୟାକିଂରେ ବ୍ୟବହୃତ ସାମଗ୍ରୀ ବିବରଣୀ, ଔଷଧରେ ବ୍ୟବହୃତ ପ୍ରୋପାଇଲିନ ଗ୍ଲାଇକୋଲ କ୍ରୟର ବିଲ୍, ମାଷ୍ଟର ଫର୍ମୁଲା ସଟ୍ ଏବଂ ରାସାୟନିକ ବିବରଣୀ ମଗାଯାଇଛି। ସେହିପରି ଗୁଜରାଟର ଦୁଇ କମ୍ପାନୀ ରିଲାଇଫ ସିରପ ଏବଂ ରେସ୍ପିଫ୍ରେସ ଟିଆରର କଫ ସିରପ ନମୁନାରୁ ବିଷାକ୍ତ ଡାଇଏଥିଲିନ ଗ୍ଲାୟକୋଲ (ଡିଇଜି) ଏବଂ ଏଥିଲି ଗ୍ଲାୟକୋଲ (ଇଜି) ମାତ୍ରା ଅଧିକ ଥିବା ଜଣାପଡ଼ିଛି। ଛିନ୍ଦୱାଡାରୁ ନିଆଯାଇଥିବା ୧୯ ଔଷଧରୁ ନମୁନା ପରୀକ୍ଷଣରୁ ଏହା ସାମ୍ନାକୁ ଆସିଛି। ମଧ୍ୟପ୍ରଦେଶରେ ଏହି ଦୁଇ ସିରପ ବିକ୍ରି ଏବଂ ମହଜୁଦ ଉପରେ କଟକଣା ଲଗାଇ ଦିଆଯାଇଛି। ଏହାର ତଦନ୍ତ ପାଇଁ ଗୁଜରାଟ ସରକାରଙ୍କୁ ମଧ୍ୟ ଚିଠି ଲେଖାଯାଇଛି।

ଏହା ପୂର୍ବରୁ ତାମିଲନାଡୁ ସରକାରଙ୍କ ଯାଞ୍ଚ କମିଟି କୋଲ୍ଡ୍ରିଫ ପ୍ରସ୍ତୁତକାରୀ ଶ୍ରୀସନ ଫାର୍ମାସ୍ୟୁଟିକାଲ୍ସର କାରଖାନାରେ ୩୫୦ରୁ ଅଧିକ ତ୍ରୁଟି ଧରିଛି। ଏହାକୁ କ୍ରିଟିକାଲ ଏବଂ ମେଜର ଶ୍ରେଣୀରେ ରଖାଯାଇଥିଲା। ରିପୋର୍ଟ ଅନୁଯାୟୀ ଏହି କମ୍ପାନୀରେ ଔଷଧ ପ୍ରସ୍ତୁତ କରିବା ପାଇଁ ଯୋଗ୍ୟ ଏବଂ ପ୍ରଶିକ୍ଷିତ କର୍ମଚାରୀ ନ ଥିଲେ। କାରଖାନାର ସ୍ଥିତି ବହୁତ ଖରାପ ଥିଲା। ସଫାସୁତୁରା କରାଯାଉ ନ ଥିଲା। ବାୟୁ ଚଳାଚଳର ସଠିକ ବ୍ୟବସ୍ଥା ମଧ୍ୟ ନ ଥିଲା। ଅନେକ ମେସିନ ଭାଙ୍ଗି ଯାଇ କଳଙ୍କି ଲାଗିଥିଲା। କାରଖାନାରେ ସୁରକ୍ଷା ପାଇଁ ଜରୁରୀ ଉପକରଣ ନ ଥିଲା। ଔଷଧ ପ୍ରସ୍ତୁତ ପାଇଁ ନିମ୍ନମାନର ଏବଂ ଅଣ-ଫାର୍ମା ମାନର ରାସାୟନିକ ବ୍ୟବହାର କରାଯାଇଥିଲା। କମ୍ପାନୀ ବିନା ବିଲ୍‌ରେ ୫୦ କେଜି ପ୍ରୋପାଇଲିନ ଗ୍ଲାଇକୋଲ କ୍ରୟ କରିଥିଲା। ଔଷଧରୁ ଡିଇଜି ଭଳି ବିଷାକ୍ତ କେମିକାଲ ମିଳିଥିଲା। ତରଳ ଔଷଧକୁ ପ୍ଲାଷ୍ଟିକ ପାଇପରେ ସ୍ଥାନାନ୍ତର କରାଯାଉଥିଲା। ଏହା ଦ୍ୱାରା ଔଷଧ ଖରାପ ହୋଇପାରେ।



କାରଖାନାରେ ଔଷଧ ଛାଣିବାକୁ ମଧ୍ୟ କୌଣସି ବ୍ୟବସ୍ଥା ନ ଥିଲା। କାରଖାନାର ଅପରିଷ୍କାର ପାଣିକୁ ସିଧା ନାଳକୁ ଛଡ଼ା ଯାଉଥିଲା। ଏହା ମଧ୍ୟରେ କଫ ସିରପ ମୃତ୍ୟୁକୁ ନେଇ ମଧ୍ୟପ୍ରଦେଶ ସରକାରଙ୍କୁ ବିରୋଧୀ ଦଳ ନେତା ଉମଙ୍ଗ ସିଙ୍ଘାର ତୀବ୍ର ସମାଲୋଚନା କରିଛନ୍ତି। ସେ ଦିଲ୍ଲୀରେ ସାମ୍ବାଦିକ ସମ୍ମିଳନୀ କରି କହିଛନ୍ତି ଯେ କଫ ସିରପ ପିଇବା ଯୋଗୁ କିଡନୀ ଫେଲ ହୋଇ ୧୯ ଶିଶୁଙ୍କ ମୃତ୍ୟୁ ହୋଇଛି। ପରାସିଆରେ ବିଧାୟକ ସୋହନ ବାଲ୍ମିକୀଙ୍କ ପ୍ରଥମ ଶିଶୁର ମୃତ୍ୟୁ ହେବା ପରେ ଜିଲ୍ଲାପାଳଙ୍କଠାରୁ ନେଇ ମୁଖ୍ୟମନ୍ତ୍ରୀ, ସ୍ୱାସ୍ଥ୍ୟମନ୍ତ୍ରୀଙ୍କୁ ସେ ଚିଠି ଲେଖିଥିଲେ। ବିକ୍ଷୋଭ କରିଥିବା ସତ୍ତ୍ୱେ ସରକାର ଚେଇଁ ନ ଥିଲେ। ଏହା ଦୁର୍ନୀତି ଏବଂ କମିଶନର ମାମଲା। ଏହି ମାମଲାର ନ୍ୟାୟିକ ତଦନ୍ତ ହେବା ଉଚିତ। ଛୋଟ ମୋଟ ଘଟଣାରେ ସରକାର ଲୋକଙ୍କ ଘର ଉପରେ ବୁଲ୍‌ଡୋଜର ଚଢ଼ାଇ ଦେଉଛନ୍ତି। ଏହି ମାମଲାରେ ସ୍ୱାସ୍ଥ୍ୟମନ୍ତ୍ରୀ ତଥା ଉପ-ମୁଖ୍ୟମନ୍ତ୍ରୀ ରାଜେନ୍ଦ୍ର ଶୁକ୍ଲାଙ୍କ ଘର ଉପରେ ବୁଲ୍‌ଡୋଜର ଚଢ଼ାଯିବ କି ବୋଲି କଂଗ୍ରେସ ନେତା ପ୍ରଶ୍ନ କରିଛନ୍ତି।

# ରାଏବରେଲିରେ ଯୁବକଙ୍କୁ ପିଟି ପିଟି ହତ୍ୟା

**ରାଏବରେଲି, ୭।୧୦ (ଏଜେନ୍ସି):** ଉତ୍ତର ପ୍ରଦେଶ ରାଏବରେଲିରେ ଈଶ୍ୱରଦାସପୁର ଗ୍ରାମରୁ ମାନବିକତାକୁ ଲଜ୍ଜିତ କଲା ଭଳି ଏକ ମାମଲା ସାମ୍ନାକୁ ଆସିଛି। ଏଠାରେ ଏକ ଯୁବକଙ୍କୁ ପିଟି ପିଟି ଲୋକେ ହତ୍ୟା କରିଛନ୍ତି। ରେଳଧାରଣ ନିକଟରୁ ତାଙ୍କ ମୃତଦେହ ଉଦ୍ଧାର କରାଯାଇଛି। ଏହି ଯୁବକଙ୍କୁ ଅଧମରା କରି ଏଠାରେ ପକାଇ ଦିଆଯାଇଥିଲା। ତାଙ୍କ ଶରୀର ଏବଂ ଗୁପ୍ତାଙ୍ଗରେ କ୍ଷତ ଚିହ୍ନ ରହିଛି। ସାରା ଶରୀରରେ ନୀଳ ଏବଂ କଳା ଦାଗ ଦେଖାଯାଉଛି। ଗତ ୨ ତାରିଖରେ ପୀଡ଼ିତ ହରିଓମ୍ (୩୮)ଙ୍କ ହତ୍ୟା କରାଯାଇଥିଲା। ସୂଚନା ଅନୁଯାୟୀ ଗତ ୧ ତାରିଖରେ ରାତିରେ ପରବା ଗ୍ରାମର ବାସିନ୍ଦା ହରିଓମ ଈଶ୍ୱରଦାସପୁର ଯାଉଥିଲେ। ଏହି ସମୟରେ ତାଙ୍କୁ ୨୫ ଗ୍ରାମବାସୀ ଧରି ପକାଇ ଚୋର କହି ପିଟିବା ଆରମ୍ଭ କରିଥିଲେ। ମାତ୍ର ଚୋର ନୁହେଁ ବୋଲି କହିବା ସତ୍ତ୍ୱେ ଲୋକେ ତାକୁ ଛାଡ଼ି ନ ଥିଲେ। ଅନବରତ ଭାବେ ନୃଶଂସ ଭଳି ବେଲ୍ଟ, ବାଡି ମାଡ଼ ମାରିଥିଲେ। ଅର୍ଦ୍ଧନଗ୍ନ କରି ସାର୍ଟରେ ହାତ ବାନ୍ଧି ଦେଇଥିଲେ। ଏହାର ସୂଚନା ପାଇ ପୁଲିସ ପହଞ୍ଚି ଥିଲେ ମଧ୍ୟ କୌଣସି ପଦକ୍ଷେପ ନ ନେଇ ପଳାଇ ଆସିଥିଲା। ଏହା ପରେ ଲୋକେ ଅଧମରା କରି ରେଳଧାରଣା କଡ଼ରେ ଫୋପାଡ଼ି ଚାଲି ଯାଇଥିଲେ। ଏହି ମାମଲାକୁ ନେଇ କଂଗ୍ରେସର ରାଏବରେଲି ସାଂସଦ ରାହୁଲ ଗାନ୍ଧୀ ଏବଂ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡଗେ ସରକାରଙ୍କୁ ତୀବ୍ର ସମାଲୋଚନା କରିଛନ୍ତି। ସେ କହିଛନ୍ତି ଯେ ଦଳିତ ଯୁବକ ହରିଓମଙ୍କ ହତ୍ୟା କେବଳ ଜଣେ ମନୁଷ୍ୟର ନୁହେଁ, ବରଂ ମାନବିକତା, ସମ୍ବିଧାନ ଏବଂ ନ୍ୟାୟକୁ ମାରି ଦିଆଯାଇଛି। ଦେଶରେ ଘୃଣା, ହିଂସା ଏବଂ ଉପଦ୍ରବୀଙ୍କୁ ସରକାରୀ ସଂରକ୍ଷଣ ମିଳୁଛି। ସମ୍ବିଧାନର ସ୍ଥାନ ବୁଲ୍‌ଡୋଜର ଏବଂ ନ୍ୟାୟର ବଦଳରେ ଭୟ ସୃଷ୍ଟି ହେଉଛି। କିନ୍ତୁ ଏହି ଦେଶ ସମ୍ବିଧାନରେ ଚାଲିବ, ଉପଦ୍ରବୀଙ୍କ ଦ୍ୱାରା ନୁହେଁ। ଭାରତର ଭବିଷ୍ୟତ ସମାନତା ଏବଂ ମାନବିକତା ଉପରେ ତିଷ୍ଠିଛି। ଏହା ସହିତ ରାହୁଲ ହରିଓମଙ୍କ ପରିବାର ସହ ଫୋନ କରି କଥା ହୋଇଛନ୍ତି। ତାଙ୍କୁ ନ୍ୟାୟର ଆଶ୍ୱାସନା ଦେଇଛନ୍ତି।

# ୪୦ ହଜାର ଆଇଫୋନ୍ ଚୋରାଇ ପଠାଇ ଥିଲେ ଚୀନ୍

**ଲଣ୍ଡନ, ୭।୧୦ (ଏଜେନ୍ସି):** ବ୍ରିଟେନ ପୁଲିସ ଏକ ଅନ୍ତର୍ଜାତୀୟ ଚୋର ଗ୍ୟାଙ୍ଗର ପର୍ଦ୍ଦାଫାସ କରିଛି। ଏହାର ସଦସ୍ୟ ଦେଶରୁ ଆଇଫୋନ ଚୋରି କରି ବିଦେଶକୁ ଚାଲାଣ କରୁଥିଲେ। ବର୍ଷରେ ମଧ୍ୟରେ ଏହି ଅପରାଧି ଗୋଷ୍ଠୀ ୪୦ ହଜାରରୁ ଅଧିକ ଆଇଫୋନ ଚୋରି କରି ଚୀନ୍ ପଠାଇ ଥିଲେ। ଫୋନ୍ ଚୋରଙ୍କ ବିରୋଧରେ ଦେଶର ସବୁଠାରୁ ବଡ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ପୁଲିସ ୧୮ ଜଣଙ୍କୁ ଗିରଫ କରିଛି। ଏମାନଙ୍କ ମଧ୍ୟରେ ଜଣେ ଭାରତୀୟ ଏବଂ ଦୁଇ ଜଣ ଆଫଗନ ନାଗରିକ ସାମିଲ ଅଛନ୍ତି। ଏହି ଚୋରଙ୍କ ନିକଟରୁ ୨ ହଜାରରୁ ଅଧିକ ଫୋନ ମଧ୍ୟ ଜବତ କରାଯାଇଛି। ଲଣ୍ଡନରୁ ଚୋରି କରିଥିବା ମୋଟ୍ ଫୋନ୍‌ର ୫୦ ପ୍ରତିଶତକୁ ବିଦେଶ ପଠାଇ ଥିଲେ ବୋଲି ପୁଲିସ ଦାବି କରିଛି।ଗତ ବର୍ଷ କ୍ରିସମାସରେ ପ୍ରଥମେ ଏହି ଘଟଣା ସାମ୍ନାକୁ ଆସିଥିଲା। ଆଇଫୋନ ଚୋରି ହେବାରୁ ଜଣେ ବ୍ୟକ୍ତି ମେଟ୍ରୋପଲିଟାନ ପୁଲିସକୁ ଅଭିଯୋଗ କରିଥିଲେ। ଯାଞ୍ଚ ପରେ ହିଥ୍ରୋ ବିମାନବନ୍ଦର ନିକଟରେ ଥିବା ଏକ ଗୋଦାମରୁ ଏହାର ଲୋକେସନ ମିଳିଥିଲା। ଏଠାରେ ଚଢ଼ଉ କରି ଏକ ଡବାରେ ଥିବା ୮୯୪ ଫୋନ ଜବତ କରିଥିଲା। ତଦନ୍ତ ପରିସର ବଢ଼ିବାରୁ ସମ୍ପୂର୍ଣ୍ଣ ର୍‍ୟାକେଟର ପର୍ଦ୍ଦାଫାସ ହୋଇଥିଲା। ଚୋରଙ୍କୁ ଆଇଫୋନ ପିଛା ୩୦୦ ପାଉଣ୍ଡ ମିଳୁଥିଲା। ଚୀନ୍‌ରେ ଏହାକୁ ୪ ହଜାର ପାଉଣ୍ଡରେ ବିକ୍ରି କରାଯାଉଥିଲା।

# ୬୦ କୋଟିର ଠକେଇ ମାମଲାରେ ଶିଳ୍ପାଙ୍କୁ ଜେରା କଲା ଇଓଡବ୍ଲ୍ୟୁ

**ମୁମ୍ବଇ, ୭।୧୦ (ଏଜେନ୍ସି):** ବଲିଉଡ ଅଭିନେତ୍ରୀ ଶିଳ୍ପା ସେଟ୍ଟୀଙ୍କୁ ମୁମ୍ବାଇର ଆର୍ଥିକ ଅପରାଧ ଶାଖା (ଇଓଡବ୍ଲ୍ୟୁ) ଜେରା କରିଛି। ୬୦ କୋଟି ଟଙ୍କାର ଠକେଇ ମାମଲାରେ ସୋମବାର ମୁମ୍ବଇ ସ୍ଥିତ ବାସଭବନରେ ଶିଳ୍ପାଙ୍କୁ ସାଢେ ଚାରି ଘଣ୍ଟା ପର୍ଯ୍ୟନ୍ତ ପଚରାଉଚୁରା କରାଯାଇଛି। ଏହି ମାମଲାରେ ଅଭିନେତ୍ରୀଙ୍କ ସ୍ୱାମୀ ତଥା ବ୍ୟବସାୟୀ ରାଜ କୁନ୍ଦ୍ରା ମଧ୍ୟ ଅଭିଯୁକ୍ତ ଅଛନ୍ତି। ଏହାକୁ ନେଇ ତାଙ୍କ ସହିତ ୫ ଜଣଙ୍କ ବୟାନ ରେକର୍ଡ କରାଗଲାଣି। ସୂଚନା ଅନୁଯାୟୀ ଗତ ଅଗଷ୍ଟରେ ଶିଳ୍ପା ଏବଂ ରାଜଙ୍କ ବିରୋଧରେ ୬୦ କୋଟିର ଠକେଇ ମାମଲା ରୁଜୁ କରିଥିଲେ। ଏଥିରେ ସେ କହିଥିଲେ ଯେ ଏଜେଣ୍ଟ ରାଜେଶ ଆର୍ଯ୍ୟାଙ୍କ ମାଧ୍ୟମରେ ସେ ଶିଳ୍ପା ଏବଂ କୁନ୍ଦ୍ରାଙ୍କୁ ଭେଟିଥିଲେ। ସେ ସମୟରେ ଉଭୟେ ବେଷ୍ଟ ଡିଲ୍ ଟିଭିର ନିର୍ଦ୍ଦେଶକ ଥିଲେ। ଶିଳ୍ପାଙ୍କ ପାଖରେ କମ୍ପାନୀର ୮୭ ପ୍ରତିଶତ ସେୟାର ଥିଲା। ଏକ ବୈଠକ ପରେ ଏହି ଦମ୍ପତିଙ୍କ କମ୍ପାନୀଙ୍କୁ ଦୀପକ ଋଣ ଦେବେ ବୋଲି ଧାର୍ଯ୍ୟ ହୋଇଥିଲା। ବାର୍ଷିକ ୧୨ ପ୍ରତିଶତ ସୁଧରେ ୭୫ କୋଟି ଟଙ୍କା ଦେବାକୁ ନିଷ୍ପତ୍ତି ନିଆଯାଇଥିଲା। ପରେ ଟିକସ ସମସ୍ୟାକୁ ଦେଖି ଏହାକୁ ନିବେଶ ଭାବେ ଦେଖାଇବା ପାଇଁ ଶିଳ୍ପା କୋଠାରିଙ୍କୁ ଅନୁରୋଧ କରିଥିଲେ। ପ୍ରତି ମାସରେ ରିଟର୍ଣ୍ଣ ଦେବେ ବୋଲି କହିଥିଲେ। ମାତ୍ର ୨୦୧୫ ଏବଂ ୨୦୧୬ରେ ଟଙ୍କା ପାଇବା ପରେ ଶିଳ୍ପା ଅର୍ଥ ଫେରାଇ ନ ଥିଲେ।

# ସଡ଼କ ସୁରକ୍ଷା ପାଇଁ ରାଜ୍ୟଙ୍କୁ ୬ ମାସ କଣ୍ଟଦେଲେ ସୁପ୍ରିମକୋର୍ଟ

**ନୂଆଦିଲ୍ଲୀ, ୭।୧୦ (ଏଜେନ୍ସି):** 'ମୋଟର ଯାନ ଆଇନ' ଅଧିନରେ ସଡ଼କ ସୁରକ୍ଷା ନିୟମକୁ କଡ଼ାକଡ଼ି ଭାବେ ପାଳନ ପାଇଁ ସୁପ୍ରିମକୋର୍ଟ ସବୁ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳକୁ ୬ ମାସ ସମୟ ଦେଇଛନ୍ତି। ଏହି ଅବଧି ଭିତରେ କାର୍ଯ୍ୟଖସଡ଼ା ପ୍ରସ୍ତୁତ କରି ନିୟମ ଜାରି କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହା ସହିତ ଜାତୀୟ ରାଜପଥ ବ୍ୟତୀତ ଅନ୍ୟ ରାସ୍ତାର ଡିଜାଇନ୍, ନିର୍ମାଣ ଏବଂ ରକ୍ଷଣାବେକ୍ଷଣ ପାଇଁ ମାନଦଣ୍ଡ ଧାର୍ଯ୍ୟ କରିବାକୁ ସବୁ ରାଜ୍ୟଙ୍କୁ ଜଷ୍ଟିସ ଜେପି ପାରଦିୱାଲା ଏବଂ କେଭି ବିଶ୍ୱନାଥାନଙ୍କ ଖଣ୍ଡପୀଠ କହିଛନ୍ତି। ଜାତୀୟ ରାଜପଥ ଏବଂ ଅନ୍ୟ ସାର୍ବଜନୀନ ସ୍ଥାନରେ ପଦଯାତ୍ରୀ ଏବଂ ଅଣ-ମୋଟର ଚାଳିତ ଯାନବାହନ ସୁରକ୍ଷାକୁ ନେଇ ପର୍ଯ୍ୟାପ୍ତ ବ୍ୟବସ୍ଥା ନିମନ୍ତେ ମଙ୍ଗଳବାର ବିସ୍ତୃତ ନିର୍ଦ୍ଦେଶ ଜାରି କରିଛନ୍ତି। ହେଲମେଟ ନ ପିନ୍ଧିବା, ଭୁଲ ଲେନରେ ଗାଡି ଚଲାଇବା ଏବଂ ଗାଡିରେ ଅନଧିକୃତ ହର୍ଣ୍ଣ ବଜାଇବା ଭଳି ସଡ଼କ ସୁରକ୍ଷା ସହ ଜଡ଼ିତ ବିଭିନ୍ନ ଦିଗ ଉପରେ କଠୋର ନିୟମ ଆଣିବା ପାଇଁ କହିଛନ୍ତି।

# ନିଜକୁ ଗୁଳି ମାରି ଆଇପିଏସ୍‌ଙ୍କ ଆତ୍ମହତ୍ୟା

**ଚଣ୍ଡିଗଡ଼, ୭।୧୦ (ଏଜେନ୍ସି):** ହରିୟାଣାର ବରିଷ୍ଠ ଆଇପିଏସ ଅଧିକାରୀ ୱାଇ ପୂରନ କୁମାର ମଙ୍ଗଳବାର ଦ୍ୱିପହରେ ଆତ୍ମହତ୍ୟା କରିଛନ୍ତି। ସେ ଚଣ୍ଡିଗଡ଼ର ସେକ୍ଟର-୧୧ ସ୍ଥିତ ବାସଭବନରୁ ନିଜ ସର୍ଭିସ ରାଇଫଲରୁ ନିଜକୁ ଗୁଳି ମାରିଛନ୍ତି। ଏହାର ସୂଚନା ମିଳିବା ପରେ ବରିଷ୍ଠ ପୁଲିସ ଅଧିକାରୀ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ଲାଞ୍ଚ ମାଗିବା ମାମଲାରେ ତାଙ୍କ ବ୍ୟକ୍ତିଗତ ଗାର୍ଡ ଗିରଫ ହେବା ପରେ ସେ ଏଭଳି ଚରମ ପଦକ୍ଷେପ ନେଇଥିଲେ। ଜେରା ସମୟରେ ପୁରନ୍‌ଙ୍କ ପାଇଁ ସେ ଲାଞ୍ଚ ମାଗୁଥିବା କହିଥିଲେ। ଆଇଏଏସ ଅଧିକାରୀ ମହମ୍ମଦ ସାଇନ ଏବଂ ବିଜୟ ଦହିଆ ଘଟଣାସ୍ଥଳରେ ପହଞ୍ଚି କୋଠାରେ ଥିବା ପୁଲିସ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି। ଚଣ୍ଡିଗଡ଼ ଏସଏସପି କୱଁରଦୀପ କୌର କହିଛନ୍ତି ଯେ ୨୦୦୧ ବ୍ୟାଚ୍‌ର ଆଇପିଏସ ପୁରନ କୁମାରଙ୍କ ମୁଣ୍ଡରେ କ୍ଷତ ଚିହ୍ନ ରହିଛି। ଏବେ ଏ ବିଷୟରେ କିଛି କହିହେବ ନାହିଁ।




ସୂଚନା ଅନୁଯାୟୀ ଗତ ୨୯ ତାରିଖରେ ରୋହତକର ସୁନାରିଆ ସ୍ଥିତ ପୁଲିସ ଟ୍ରେନିଂ କଲେଜ (ପିଟିସି)ରେ ଆଇଜି ଭାବେ ପୁରନଙ୍କୁ ମୁତୟନ କରାଯାଇଥିଲା। ସେ ୭ ତାରିଖ ପର୍ଯ୍ୟନ୍ତ ଛୁଟିରେ ଥିଲେ ବୋଲି କୁହାଯାଉଛି। ମାତ୍ର ହରିୟାଣା ପୁଲିସ ପାଖରେ ଏ ସମ୍ବନ୍ଧିତ କୌଣସି ସୂଚନା ନାହିଁ। ପୁରନଙ୍କ ପତ୍ନୀ ଅମନୀତ ପି. କୁମାର ଜଣେ ବରିଷ୍ଠ ଆଇଏଏସ ଅଧିକାରୀ। ସେ ଏବେ ମୁଖ୍ୟମନ୍ତ୍ରୀ ନାଏବ ସିଂହ ସାଇନିଙ୍କ ପ୍ରତିନିଧିମଣ୍ଡଳରେ ଜାପାନ ଗସ୍ତରେ ଯାଇଛନ୍ତି। ଏହି ପ୍ରିତନିଧିମଣ୍ଡଳ ମଙ୍ଗଳବାର ସନ୍ଧ୍ୟାରେ ଭାରତ ଫେରିବ। ଅମନୀତ ଏବେ ବେସାମରିକ ବିମାନ ଚଳାଚଳ ବିଭାଗର ସଚିବ ଅଛନ୍ତି। ଚଣ୍ଡିଗଡ଼ ସେକ୍ଟର-୧୬ ସ୍ଥିତ ମେଡିକାଲ କଲେଜ ଆଣ୍ଡ ହସ୍ପିଟାଲରେ ପୁରନଙ୍କ ବ୍ୟବଚ୍ଛେଦ ହେବ। ସେ ୨୦୩୩ ମେ' ୩୧ରେ ଅବସରଗ୍ରହଣ କରିଥାନ୍ତେ। ପୁରନ ଏବଂ ଅମନୀତଙ୍କ ଦୁଇ ଝିଅ ଅଛନ୍ତି। ଜଣେ ଚଣ୍ଡିଗଡ଼ରେ ଏବଂ ଅନ୍ୟ ଜଣେ ବିଦେଶରେ ପାଠ ପଢୁଛନ୍ତି।

**ମୁଖ୍ୟମନ୍ତ୍ରୀଙ୍କ ସହ ଜାପାନ ଗସ୍ତରେ ଯାଇଛନ୍ତି ଆଇଏଏସ ପତ୍ନୀ**

ସୂଚନା ଅନୁଯାୟୀ ପୁରନ ତିନି ମହଲା କୋଠାର ବେସମେଣ୍ଟ (ତଳ ମହଲା)ରେ ଆତ୍ମହତ୍ୟା କରିଛନ୍ତି। ସେ ଝିଅ ସହ ସକାଳେ ପ୍ରଥମ ମହଲାରେ ଥିଲେ। ପରେ ତଳ ମହଲାକୁ ଯାଇ ଚୌକିରେ ବସି ଆତ୍ମହତ୍ୟା କରିଥିଲେ। କିଛି ସମୟ ପରେ ଝିଅ ତଳକୁ ଯିବା ପରେ ବାପାଙ୍କ ରକ୍ତ ଜୁଡୁବୁଡ଼ ମୃତଦେହ ଦେଖିବାକୁ ପାଇ ପୁଲିସକୁ ସୂଚନା ଦେଇଥିଲେ। ଏହି କୋଠାର ବାହାରେ ଜଣେ ସିକ୍ୟୁରିଟି ଗାର୍ଡ ମୁତୟନ ଥିଲେ। ତେବେ ସେ ପିସ୍ତଲ ଶବ୍ଦ ଶୁଣି ନ ଥିବା କହିଛନ୍ତି। ଅନ୍ୟପକ୍ଷରେ ଏହି ଆଇପିଏସ ବିଭିନ୍ନ ଘଟଣାକୁ ନେଇ ଚର୍ଚ୍ଚାରେ ଥିଲେ। ସେ ୨୦୨୦ରେ ଛୁଟି ଦିନରେ ମନ୍ଦିର ଯିବାକୁ ନେଇ ବିବାଦ ହେବାରୁ ପୂର୍ବତନ ଡିଜିପିଙ୍କ ବିରୋଧରେ ଅମ୍ବାଲା ଏସ୍‌ପିଙ୍କୁ ଅଭିଯୋଗ କରିଥିଲେ। ଏହା ସହିତ ଅନୁସୂଚିତ ଜାତିର ଅଧିକାରୀଙ୍କ ଫିଲ୍ଡ ପୋଷ୍ଟିଂରେ ଭେଦଭାବ ପ୍ରସଙ୍ଗ ଉଠାଇ ଥିଲେ। ସେ ୨୦୨୪ରେ ହରିୟାଣା ବିଧାନସଭା ନିର୍ବାଚନ ସମୟରେ ଆଇପିଏସ ଅଧିକାରୀଙ୍କ ପୋଷ୍ଟିଂକୁ ନେଇ ନିର୍ବାଚନ କମିଶନଙ୍କୁ ଅଭିଯୋଗ କରିଥିଲେ। ଅଧିକାଂଶ କ୍ଷମତାସୀନ ଦଳର ଘନିଷ୍ଠ ଥିବାରୁ ବଦଳି ହେବା ଉଚିତ ବୋଲି କହିଥିଲେ। ସେହିପରି ଗତ ବର୍ଷ ନୂଆ ଇନୋଭା କାର୍ ନ ମିଳିବାରୁ ନିଜର ପୁରୁଣା ହୋଣ୍ଡା ସିଟି କାର୍ ଫେରାଇ ଦେଇଥିଲେ। ମୁଖ୍ୟ ସଚିବଙ୍କୁ ଚିଠି ଲେଖି ଅଧିକାରୀଙ୍କୁ ଗାଡ଼ି ପ୍ରଦାନର ବ୍ୟବସ୍ଥା ଉପରେ ପ୍ରଶ୍ନ ଉଠାଇ ଥିଲେ।

# ରୁଷ୍ ପକ୍ଷରୁ ଯୁଦ୍ଧ ଲଢୁଥିବା ଭାରତୀୟ ଛାତ୍ରଙ୍କ ଆତ୍ମସମର୍ପଣ

**କିଭ, ୭।୧୦ (ଏଜେନ୍ସି):** ରୁଷ ପକ୍ଷରୁ ଯୁଦ୍ଧ ଲଢୁଥିବା ଭାରତୀୟ ଛାତ୍ର ମୋଜିଦ ସାହିଲ ମହମ୍ମଦ ହୁସେନ ୟୁକ୍ରେନ ସେନା ନିକଟରେ ଆତ୍ମସମର୍ପଣ କରିଛନ୍ତି। ସେ ଗୁଜରାଟ ମୋରବି ସହରର ବାସିନ୍ଦା। ପାଠପଢ଼ିବାକୁ ସେ ରୁଷ ଯାଇଥିଲେ। ୟୁକ୍ରେନ ପକ୍ଷରୁ କୁହାଯାଇଛି ଯେ ମୋଜିତଙ୍କୁ ନିଶା ସେବନ ମାମଲାରେ ୭ ବର୍ଷ ଜେଲ୍ ଦଣ୍ଡ ହୋଇଥିଲା। ଜେଲ୍‌ରୁ ବର୍ତ୍ତିବା ଲାଗି ତାଙ୍କୁ ଯୁଦ୍ଧ ଲଢ଼ିବାକୁ କୁହାଯାଇଥିଲା। ୧୬ ଦିନର ପ୍ରଶିକ୍ଷଣ ପରେ ସେ ଗତ ୧ ତାରିଖରେ ଯୁଦ୍ଧରେ ସାମିଲ ହୋଇ ତିନି ଦିନ ପରେ ଆତ୍ମସମର୍ପଣ କରିଥିଲେ।

**ଗାଜା ଯୁଦ୍ଧକୁ ଦୁଇ ବର୍ଷ**

# ୬୪ ହଜାରରୁ ଊର୍ଦ୍ଧ୍ୱ ମୃତ, ୯୦% ସ୍କୁଲ ଧ୍ୱଂସ

**ଗାଜା, ୭।୧୦ (ଏଜେନ୍ସି):** ହମାସ ଆକ୍ରମଣରୁ ଆରମ୍ଭ ହୋଇଥିବା ଗାଜା ଯୁଦ୍ଧକୁ ମଙ୍ଗଳବାରୁ ଦୁଇ ବର୍ଷ ପୂରଣ ହୋଇଛି। କ୍ରମାଗତ ବୋମା ମାଡ଼ ଏବଂ ସାମରିକ କାର୍ଯ୍ୟାନୁଷ୍ଠାନ ଯୋଗୁଁ ଗାଜା ଷ୍ଟ୍ରିପ୍ ଧ୍ୱଂସସ୍ତୁପରେ ପରିଣତ ହୋଇଯାଇଛି। ମିଳିତ ଜାତିସଂଘ (ୟୁଏନ)ର ସାଟେଲାଇଟ ରିପୋର୍ଟ ଅନୁଯାୟୀ ଯୁଦ୍ଧ ପାଇଁ ଗାଜାର ୮୦ ପ୍ରତିଶତ କୋଠା କ୍ଷତିଗ୍ରସ୍ତ ହୋଇଛି। ପ୍ରାୟ ୯୦ ପ୍ରତିଶତ ସ୍କୁଲ ଭୂତକୋଠିରେ ପରିଣତ ହୋଇଯାଇଛି। ୧୮ ହଜାର ଶିଶୁଙ୍କ ସମେତ ୬୪ ହଜାରରୁ ଅଧିକ ଲୋକ ପ୍ରାଣ ହରାଇଛନ୍ତି। ୩୯, ୩୮୪ ଶିଶୁ ନିଜ ମାତାପିତାଙ୍କ ମଧ୍ୟରୁ ଜଣକୁ ହରଇଛନ୍ତି। ୧୭ ହଜାର ଶିଶୁ ମାତାପିତା ଉଭୟଙ୍କୁ ହରାଇଛନ୍ତି। ହଜାର ହଜାର ଲୋକ ଆହତ ହୋଇଛନ୍ତି। ୯୮.୫ ପ୍ରତିଶତ କ୍ଷେତ ନଷ୍ଟ ହୋଇଯାଇଛି। ଲକ୍ଷାଧିକ ପାଲେଷ୍ଟିନୀୟ ଟେଣ୍ଟରେ ରହିବାକୁ ବାଧ ହେଉଛନ୍ତି। ଏଠାରେ ଖାଦ୍ୟ, ପାନୀୟ, ବିଦ୍ୟୁତ ଏବଂ ଚିକିତ୍ସା ବିନା କାଳତିପାତ କରୁଛନ୍ତି। ଭୋକ ଉପାସରେ ମୃତ୍ୟୁକୁ ଅପେକ୍ଷା କରି ରହିଛନ୍ତି। ଗାଜା ଅସହାୟଙ୍କ ସହର ପାଲଟି ଯାଇଛି। ଚାରିଆଡେ ଯୁଦ୍ଧ ବିଭୀଷିକା ଦେଖିବାକୁ ମିଳୁଛି। ୮୦ ପ୍ରତିଶତ ଅଞ୍ଚଳ ମିଲିଟାରୀ ଜୋନ୍ ହୋଇଯାଇଛି। ଏଠାରେ ସାଧାରଣ ନାଗରିକଙ୍କ ପ୍ରବେଶ ନିଷିଦ୍ଧ ରହିଛି। ଏହା ସହର ନୁହେଁ, ବରଂ ଜୀବିତ ଲୋକଙ୍କ କ୍ୟାମ୍ପ ହୋଇ ରହିଛି ବୋଲି ଉଦ୍ଧାରକାରୀ ଏଜେନ୍ସିଙ୍କ ପକ୍ଷରୁ କୁହାଯାଇଛି।

୨୦୨୩ ଅକ୍ଟୋବର ୭ରେ ଆତଙ୍କବାଦୀ ସଂଗଠନ ହମାସ ଅନୁପ୍ରବେଶ କରି ଅନେକ ଇସ୍ରାନ ନାଗରିକଙ୍କୁ ହତ୍ୟା କରିଥିଲା। ୨୫୧ ଜଣଙ୍କୁ ପଣବନ୍ଦୀ କରି ରଖିଥିଲା। ଏହାକୁ ନେଇ ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତନ୍ୟାହୁ ତୁରନ୍ତ ଯୁଦ୍ଧ ଘୋଷଣା କରି ହମାସ ଉପରେ ଆକ୍ରମଣ ଆରମ୍ଭ କରି ଦେଇଥିଲେ। ଏହି ଯୁଦ୍ଧ ଯୋଗୁଁ ଗାଜାର ୨୩ ଲକ୍ଷ ଲୋକଙ୍କ ମଧ୍ୟରୁ ୯୦ ପ୍ରତିଶତ ବାସ ହରାଇ ଥିଲେ। ଯୁଦ୍ଧରେ ଅଧାରୁ ଅଧିକ ଘର ସମ୍ପୂର୍ଣ୍ଣ ଧ୍ୱଂସ ହୋଇଯାଇଛି। ଏହା ଦ୍ୱାରା ପ୍ରାୟ ୪.୫ ଲକ୍ଷ କୋଟି ଟଙ୍କା କ୍ଷତି ହୋଇଛି। ଗାଜାରେ ୫୪ ନିୟୁତ ଟନ୍‌ରୁ ଅଧିକ ଅବଶେଷ ଗଦା ହୋଇ ରହିଛି। ଏହାକୁ ସଫା କରିବା ପାଇଁ ୧୦ ବର୍ଷ ଏବଂ ୧.୨ ଲକ୍ଷ କୋଟି ଟଙ୍କା ଖର୍ଚ୍ଚ ହେବ ବୋଲି ବିଶେଷଜ୍ଞ କହିଛନ୍ତି। ଇସ୍ରାଏଲ ଏକ କିମିର ବଫର ଜୋନ ଏବଂ ୪ ସୈନ୍ୟ କରିଡର ଗଠନ କରିଛି। ମୋରାଗ କରିଡର ଗାଜାକୁ ଦୁଇ ଭାଗରେ ବିଭାଜିତ କରିଦେଇଛି। ଏବେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ୨୦ ସୂତ୍ରୀ ଶାନ୍ତି ପ୍ରସ୍ତାବକୁ ଇସ୍ରାଏଲ ସମ୍ପୂର୍ଣ୍ଣ ଏବଂ ହମାସ ଆଂଶିକା ଭାବେ ସ୍ୱୀକାର କରିଥିବାରୁ ଯୁଦ୍ଧ ବନ୍ଦ ହେବାର ଆଶା ପ୍ରକାଶ ପାଇଛି।



# ୧୧ ଯାଏଁ ଲାଗିରହିବ ବର୍ଷା

ଭୁବନେଶ୍ୱର, ୭।୧୦(ସମିସ): ରାଜ୍ୟ ଉପରେ ବର୍ତ୍ତମାନ ଏକ ଘୂର୍ଣ୍ଣିବଳୟ ସକ୍ରିୟ ରହିଛି। ଏହା ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ଏହି ସ୍ଥିତି ଆହୁରି ୪ ଦିନ ପର୍ଯ୍ୟନ୍ତ ଜାରି ରହିବାର ସମ୍ଭାବନା ରହିଛି। ବିଶେଷକରି ଉତ୍ତର ଓ ଉପକୂଳରେ ବର୍ଷାର ପରିମାଣ ଅଧିକ ହେବାକୁ ଥିବା ବେଳେ ଏହି ସମୟରେ କିଛି କିଛି ସ୍ଥାନରେ ବିଜୁଳି ଘଡ଼ଘଡ଼ି ନେଇ ମଧ୍ୟ ଆଶଙ୍କା କରାଯାଇଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ସୋମବାର ବଙ୍ଗୋପସାଗର ଓ ସଂଲଗ୍ନ ଅଞ୍ଚଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି। ଏହାର ପ୍ରଭାବ ୯ ତାରିଖ ପର୍ଯ୍ୟନ୍ତ ଜାରି ରହିବ। ଅନ୍ୟପଟେ ବୁଧବାର କେନ୍ଦ୍ରୀୟ-ପଶ୍ଚିମ ବଙ୍ଗୋପସାଗରର ଆନ୍ଧ୍ର ଉପକୂଳ ଦୂରରେ ଆଉ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବ। ଏହି ଦୁଇଟିଯାକ ଘୂର୍ଣ୍ଣିବଳୟ ସମ୍ଭବତଃ ୧୦ କିମ୍ବା ୧୧ ତାରିଖରେ ମିଶି ଏକ ବିସ୍ତୃତ ଘୂର୍ଣ୍ଣିବଳୟରେ ପରିଣତ ହେବ। ଏହା ପ୍ରଭାବରେ ଆସନ୍ତା ୩ଦିନ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରତ୍ୟେକ ଦିନ ସ୍ୱଳ୍ପ (୧୫ ମିମି) ଓ ସ୍ଥାନେସ୍ଥାନେ ମଧ୍ୟମଧରଣର ବର୍ଷା ହୋଇପାରେ। ତା'ପର ଦୁଇଦିନ ୧୦ ଓ ୧୧ରେ ଦକ୍ଷିଣ ଉପକୂଳ ଓ ସଂଲଗ୍ନ ଅଞ୍ଚଳରେ ସ୍ୱଳ୍ପ ବର୍ଷା ଏବଂ ୧୨ ଓ ୧୩ରେ ସମୁଦ୍ର ସଂଲଗ୍ନ ଅଞ୍ଚଳ ଖୋର୍ଦ୍ଧା, ପୁରୀ, ଗଞ୍ଜାମ ଓ ଗଜପତିରେ ସ୍ୱଳ୍ପ ବର୍ଷାର ସମ୍ଭାବନା ରହିଛି। ୭ରୁ ୧୧ତାରିଖ ମଧ୍ୟରେ ଘଡ଼ଘଡ଼ି ସହ ବର୍ଷା ସମ୍ଭାବନା ରହିଛି ବୋଲି ପ୍ରଫେସର୍ ପଶୁପାଳକ କହିଛନ୍ତି। ୧୪ରୁ ସମ୍ଭବତଃ ରାଜ୍ୟରେ ପାଗ ଶୁଖିଲା ରହିବା ନେଇ ଆକଳନ କରାଯାଇଛି।

ଗତ ୩୬ ଘଣ୍ଟା ମଧ୍ୟରେ ପାରାଦୀପରେ ୭୨ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ଚାନ୍ଦବାଲିରେ ୫୨, ତାଳଚେର ୩୮, ସମ୍ବଲପୁର ୫୩ ଓ ଦାରିଙ୍ଗବାଡ଼ିରେ ୫୧ ମିମି ବର୍ଷା ରେକର୍ଡ ହୋଇଛି। ବୁଧବାର ରାଜ୍ୟର ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, ସମ୍ବଲପୁର, ଦେବଗଡ଼, ଅନୁଗୁଳ, ଢେଙ୍କାନାଳ, କେନ୍ଦୁଝର, ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଞ୍ଜାମ ଓ ଗଜପତି ଜିଲ୍ଲାରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ଆଶଙ୍କା କରି ପାଣିପାଗ କେନ୍ଦ୍ର ଏହି ଜିଲ୍ଲାଗୁଡ଼ିକ ପାଇଁ ୟେଲୋ ଆଲର୍ଟ ଜାରି କରିଛି।

**ଗଞ୍ଜାମରେ ବିଜେପି ନେତାଙ୍କ ହତ୍ୟା ଘଟଣାରେ ବିଜେଡିର ପ୍ରତିକ୍ରିୟା**

# ରାଜ୍ୟର ଆଇନଶୃଙ୍ଖଳା ସ୍ଥିତି ଅଣାୟତ୍ତ: ବିଜେଡି

ଭୁବନେଶ୍ୱର, ୭।୧୦ (ସମିସ): ଗତ ଏକ ସପ୍ତାହରେ ଧାରାବାହିକ ଭାବେ ଘଟିଥିବା ଅପରାଧଗୁଡ଼ିକ ଉପରେ ତର୍ଜମା କଲେ, ରାଜ୍ୟର ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ସ୍ଥିତି ସ୍ପଷ୍ଟ ହେଉଛି। ମାତ୍ର ରାଜ୍ୟ ବିଜେପି ସରକାର ନିଦାବିଷ୍ଟୁ ସାଜିବା ସହ କୁମ୍ଭକର୍ଣ୍ଣ ନିଦ୍ରାରେ ଶୋଇଛନ୍ତି।



ଆଇନଶୃଙ୍ଖଳାର ସଂଗୀନ ସ୍ଥିତିକୁ ନେଇ ବିରୋଧୀ ଦଳର ଚିତ୍କାର ତାଙ୍କର କର୍ଣ୍ଣପାତ ହେଉନାହିଁ ବୋଲି ଅଭିଯୋଗ କରିଛନ୍ତି ବିଜେଡି ସାଧାରଣ ସମ୍ପାଦକ ତଥା ମୁଖପାତ୍ର ଭୃଗୁ ବକ୍ସିପାତ୍ର। ଗତ ସପ୍ତାହକ ମଧ୍ୟରେ ଆଇନଶୃଙ୍ଖଳା ସ୍ଥିତି ସମ୍ପୂର୍ଣ୍ଣ ଅଣାୟତ୍ତ ହୋଇପଡ଼ିଛି ବୋଲି ସେ କହିଛନ୍ତି।

ଶଙ୍ଖଭବନରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ବକ୍ସିପାତ୍ର କହିଥିଲେ ଯେ ସୋମବାର ବ୍ରହ୍ମପୁରରେ ବିଜେପିର ଆଗଧାଡ଼ିର ଜଣେ ନେତା

**■ ଗତ ଏକ ସପ୍ତାହରେ ଆଇନଶୃଙ୍ଖଳା ସ୍ଥିତି ସାଂଘାତିକ**

**■ ମୋହନ ସରକାର ଆସିବା ପରେ ଗଞ୍ଜାମରେ ୧୨୮ ହତ୍ୟା**

ତଥା ରାଜ୍ୟ ବାର୍ କାଉନସିଲର୍ ସଦସ୍ୟ ପୀତବାସ ପଣ୍ଡାଙ୍କୁ ଦୁଇଜଣ ଦୁର୍ବୃତ୍ତ ଅତି ନିକଟରୁ ଗୁଳି କରି ହତ୍ୟା କରିଛନ୍ତି। ଏହାକୁ ୨୦ଘଣ୍ଟାରୁ ଊର୍ଦ୍ଧ୍ୱ ବିତିଯାଇଥିଲେ ସୁଦ୍ଧା ଏପର୍ଯ୍ୟନ୍ତ ପୁଲିସ ଅପରାଧୀଙ୍କ କୌଣସି ଟେର୍ ପାଇନାହିଁ। ଗତ ୨୪ଘଣ୍ଟାରେ ଗଞ୍ଜାମ ଜିଲ୍ଲାରେ ୩ଟି ହତ୍ୟାକାଣ୍ଡ ଘଟିଛି। ମୋହନ ସରକାର ଆସିବା ପରଠାରୁ କେବଳ ଗଞ୍ଜାମ ଜିଲ୍ଲାରେ ୧୨୮ଟି ହତ୍ୟାକାଣ୍ଡ ଘଟିଲାଣି। ଜିଲ୍ଲାରେ ଲଘୁ ଖଣିଜ ସମ୍ପଦ ଯଥା ବାଲି, ଚିପ୍ସ ଇତ୍ୟାଦିର ଚୋରି, ଲୁଟତରାଜ ଅହେତୁକ ବୃଦ୍ଧି ପାଇଛି। ଏଥିଯୋଗୁଁ ଅପରାଧ ଦିନକୁ ଦିନ ବୃଦ୍ଧି ପାଇ ଚାଲିଛି। ରାଜ୍ୟ ବିଜେପି ସରକାରଙ୍କ ପ୍ରଯୋଜନରେ ଏହି ଲୁଟତ୍‌ରାଜ ଚାଲିଛି ଓ ଏଥିଯୋଗୁଁ ଗଞ୍ଜାମ ଅପରାଧୀଙ୍କ ଚରାଭୂଇଁ ପାଲଟିଛି। ପୂର୍ବରୁ ନବୀନ ସରକାରଙ୍କ ସମୟରେ ଗଞ୍ଜାମରେ ଶାନ୍ତ ପରିବେଶ ସୃଷ୍ଟି ହୋଇଥିଲା ବେଳେ ବିଜେପି ସରକାରଙ୍କ ସମୟରେ ଆଇନଶୃଙ୍ଖଳା ସ୍ଥିତି ବିଗିଡ଼ିଗଲାଣି।

ଶ୍ରୀ ବକ୍ସିପାତ୍ର ଆହୁରି କହିଥିଲେ ଯେ ରାଜ୍ୟରେ ଏବେ ବହୁଚର୍ଚ୍ଚିତ ଘଟଣା ପୁଲିସ ଏସ୍ଆଇ ଚାକିରି ବିକ୍ରି ଘଟଣା ବ୍ରହ୍ମପୁର ସହରରୁ ଲୋକଲୋଚନକୁ ଆସିଥିଲା। ଏହି ଘଟଣାରେ ସରକାରଙ୍କ ସମ୍ପୃକ୍ତି ଜଳଜଳ ହୋଇ ଦିଶୁଛି। ସେହିପରି ଚୌଦ୍ୱାରରେ ଥିବା ହାଇସିକ୍ୟୁରିଟି ଜେଲରୁ ଦୁଇ କୁଖ୍ୟାତ ଅପରାଧୀ ଜେଲରୁ ଫେରାର୍ ହୋଇଯିବାରେ ସକ୍ଷମ ହୋଇଛନ୍ତି। ଭାଇଚାରା ସହର କଟକରେ ସାମ୍ପ୍ରଦାୟିକ ଦଙ୍ଗା ଭଳି ଅଭାବନୀୟ ପରିସ୍ଥିତି ସୃଷ୍ଟି ହୋଇ ୩୬ ଘଣ୍ଟା ପାଇଁ କର୍ଫ୍ୟୁ ଲଗାଇବାକୁ ପଡୁଛି। ଆଜି ସକାଳେ ପୁରୀ ଜିଲ୍ଲାରେ ଲକ୍ଷ୍ମୀ ବସ୍ ଭିତରେ ପଶି ଜଣେ ଦୁର୍ବୃତ୍ତ କଟୁରୀରେ ଯାତ୍ରୀଙ୍କ ଉପରେ ଅତର୍କିତ ଆକ୍ରମଣ କରିବା ଯୋଗୁଁ ଅନ୍ୟୁନ ୭ଜଣ ଗୁରୁତର ହୋଇ ହସ୍ପିଟାଲରେ ଚିକିତ୍ସିତ ହେଉଛନ୍ତି। ରାଜ୍ୟରେ ମହିଳାମାନେ ଅସୁରକ୍ଷିତ ହୋଇପଡ଼ିଛନ୍ତି। ଦୁଷ୍କର୍ମ, ଅସଦାଚରଣ, ନାରୀ ନିର୍ଯାତନା, ହତ୍ୟା ଇତ୍ୟାଦି ଘଟଣା ପ୍ରତିଦିନ ଖବରକାଗଜଗୁଡ଼ିକରେ ଶିରୋନାମା ପାଲଟୁଛି। କିନ୍ତୁ ସରକାର ନିଜ ପ୍ରଚାରରେ ବ୍ୟସ୍ତ ଅଛନ୍ତି। ଡବଲ୍ ଇଞ୍ଜିନ୍ ସରକାର ଗୋଟିଏ ସମ୍ବେଦନହୀନ ସରକାର ବୋଲି ରାଜ୍ୟବାସୀ ଜାଣିଲେଣି ବୋଲି ଶ୍ରୀ ବକ୍ସିପାତ୍ର କହିଛନ୍ତି।

## ତୀର୍ଥଯାତ୍ରୀ ବସ୍ ଦୁର୍ଘଟଣାଗ୍ରସ୍ତ; ୩୦ ଆହତ

ଦକ୍ଷିଣ ବାଲେଶ୍ୱର, ୭।୧୦ (ସମିସ): ୧୬ନମ୍ବର ଜାତୀୟ ରାଜପଥର ସିମୁଳିଆ ଥାନା ଅନ୍ତର୍ଗତ ତାରିଣୀ ଛକ ନିକଟରେ ଆଜି ଏକ ବସ୍ ଦୁର୍ଘଟଣାଗ୍ରସ୍ତ ହେବାରୁ ଏଥିରେ ୩୦ରୁ ଊର୍ଦ୍ଧ୍ୱ ଯାତ୍ରୀ ଗୁରୁତର ଆହତ ହୋଇଛନ୍ତି। ସମସ୍ତଙ୍କୁ ସିମୁଳିଆ ମେଡିକାଲରେ ଭର୍ତ୍ତି କରାଯାଇଛି। ଯାତ୍ରୀମାନେ ପୁରୀରୁ ଜଗନ୍ନାଥ ଦର୍ଶନ ସାରି ପଶ୍ଚିମବଙ୍ଗ ଫେରିବା ବେଳେ ଏହି ଅଘଟଣ ଘଟିଛି। ଚାଳକଙ୍କ ଆଖି ଲାଗି ଯିବାରୁ ଏହି ଦୁର୍ଘଟଣା ଘଟିଥିବା କୁହାଯାଇଛି। ସୂଚନାନୁଯାୟୀ, ପଶ୍ଚିମବଙ୍ଗ ମୋହନପୁର ଥାନା ବୋଇତା ଅଞ୍ଚଳର ୬୫ ଜଣ ତୀର୍ଥଯାତ୍ରୀ ପୁରୀ ଜଗନ୍ନାଥ ଦର୍ଶନ କରିବା ପାଇଁ ଯାଇଥିଲେ। ସେଠାରୁ ଫେରିବା ବେଳେ ରାତି ପ୍ରାୟ ୨ଟାରେ ଚାଳକଙ୍କୁ ନିଦ ହୋଇଯିବାରୁ ବସ୍‌ଟି ଡିଭାଇଡର ଉପରକୁ ଚଢ଼ିଯାଇ ରାଜପଥ ଉପରେ ଓଲଟି ପଡ଼ିଥିଲା। ଖବର ପାଇ ସିମୁଳିଆ ଆଇଆଇସି ଶ୍ରବଣ କୁମାର ମହାରଣା ସଦଳବଳେ ପହଞ୍ଚି ଉଦ୍ଧାର କାର୍ଯ୍ୟ କରିଥିଲେ। ଗାଡ଼ିର କାଚ ଭାଙ୍ଗି ସମସ୍ତ ଯାତ୍ରୀଙ୍କୁ ଉଦ୍ଧାର କରାଯାଇଥିଲା।

## ରାଇରଙ୍ଗପୁରରେ ଖୋଲିବ ଇଗ୍ନୋର ନୂତନ ଆଞ୍ଚଳିକ କେନ୍ଦ୍ର

ଭୁବନେଶ୍ୱର, ୭।୧୦(ସମିସ): ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁରଠାରେ ଇନ୍ଦିରା ଗାନ୍ଧୀ ରାଷ୍ଟ୍ରୀୟ ମୁକ୍ତ ବିଶ୍ୱବିଦ୍ୟାଳୟ (ଇଗ୍ନୋ)ର ନୂତନ ଆଞ୍ଚଳିକ କେନ୍ଦ୍ର ଖୋଲିବ। ମୟୂରଭଞ୍ଜ ସମେତ କେନ୍ଦୁଝର, ବାଲେଶ୍ୱର, ଭଦ୍ରକ ଏବଂ ଯାଜପୁର ଜିଲ୍ଲାର ଉଚ୍ଚଶିକ୍ଷା ପାଇଁ ଆଗ୍ରହୀ ପ୍ରାର୍ଥୀମାନେ ଏଥିରେ ଉପକୃତ ହେବେ। ପୂର୍ବରୁ ଭୁବନେଶ୍ୱର, କୋରାପୁଟ ଓ ଅନୁଗୋଳରେ ଇଗ୍ନୋର ଆଞ୍ଚଳିକ କେନ୍ଦ୍ର ରହିଥିଲା। ଏହି ନୂତନ ଆଞ୍ଚଳିକ କେନ୍ଦ୍ର ଦ୍ୱାରା ରାଜ୍ୟରେ ସମସ୍ତ ପ୍ରାନ୍ତରେ ଦୂର ନିରନ୍ତର ଶିକ୍ଷା ପହଞ୍ଚିପାରିବ ବୋଲି ଭୁବନେଶ୍ୱର ଆଞ୍ଚଳିକ କେନ୍ଦ୍ରର ବରିଷ୍ଠ ନିର୍ଦ୍ଦେଶକ ଡ. ମନୋଜ କୁମାର ଦାଶ କହିଛନ୍ତି।

## ଚୋରା ମୋବାଇଲରୁ ୯୫ ହଜାର ଲୁଟିନେଲେ

ବାରିପଦା, ୭।୧୦ (ସମିସ): ଚୋରି ହୋଇଥିବା ଏକ ମୋବାଇଲ ଜରିଆରେ ବ୍ୟାଙ୍କ ଆକାଉଣ୍ଟରୁ ୯୫ହଜାର ଟଙ୍କା ଗାଏବ ହୋଇଯାଇଛି। ଏନେଇ ମଧୁବନ ଅଞ୍ଚଳର ଲକ୍ଷ୍ମୀଧର ମହାନ୍ତ ବାରିପଦା ଟାଉନ ଥାନାରେ ଅଭିଯୋଗ କରିଛନ୍ତି। ପୂର୍ବରୁ ତାଙ୍କ ମୋବାଇଲ ଚୋରି ହୋଇଥିବା ନେଇ ଥାନାରେ ଅଭିଯୋଗ କରିଥିଲେ। ପରେ ସେ ପାସ୍‌ବୁକ୍ ଯାଞ୍ଚ କରିବାରୁ ତାଙ୍କ ଆକାଉଣ୍ଟରୁ ୯୫ ହଜାର ଟଙ୍କା ଗାଏବ ହେବା ନେଇ ଜାଣିବାକୁ ପାଇଥିଲେ। ଦୁର୍ବୃତ୍ତମାନେ ୬ଟି ପର୍ଯ୍ୟାୟରେ ଏହି ଟଙ୍କା ଉଠାଣ କରିନେଇଛନ୍ତି। ଏ ସଂପର୍କରେ ସେ ଥାନାର ଦ୍ୱାରସ୍ଥ ହୋଇଛନ୍ତି।

**ଯୁବକଙ୍କ ଉନ୍ମତ୍ତ କାଣ୍ଡ**

# ବସ୍‌ରେ ପଶି ମନଇଚ୍ଛା ଯାତ୍ରୀଙ୍କୁ ହାଣିଲା

କଣାସ, ୭।୧୦ (ସମିସ): ବସ୍‌ରେ ମନଇଚ୍ଛା ଯାତ୍ରୀଙ୍କୁ ହାଣିଲା। ଚିହ୍ନା-ଅଚିହ୍ନା, ପୁରୁଷ-ମହିଳା, ଛୁଆ-ବୁଢ଼ା କାହାକୁ ବି ଛାଡ଼ିଲାନି। ଆଖି ସାମ୍ନାରେ ଯିଏ ପଡ଼ିଲା, ତାକୁ କଟୁରି ଚୋଟ ପକାଇଲା। ପୁରୀ ଜିଲ୍ଲା କଣାସ ବ୍ଲକ୍‌ରେ ମଙ୍ଗଳବାର ଏପରି ଏକ ଅଭାବନୀୟ ଘଟଣା ଘଟିଛି। ଗଡ଼ଖାରଦାରୁ ଯାତ୍ରୀଙ୍କୁ ନେଇ କଣାସ ଫେରୁଥିବା ଲକ୍ଷ୍ମୀ ବସ୍‌ରେ ଜଣେ ଯୁବକ ଉନ୍ମତ୍ତକାଣ୍ଡ ଭିଆଇଛି। ଏଥିରେ ଦୁଇ ପୁଲିସ ଅଧିକାରୀଙ୍କ ସମେତ ୮ ଜଣ ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ଦୁଇଜଣଙ୍କୁ ଗୁରୁତର ଅବସ୍ଥାରେ ଭୁବନେଶ୍ୱର ଓ ପୁରୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି। ଆକ୍ରମଣକାରୀ ଯୁବକଜଣଙ୍କ ହେଲା, ସତ୍ୟବାଦୀ ଥାନା ଶୁକଳ ବ୍ରହ୍ମଣପଡ଼ା ଗ୍ରାମର ତୋଫାନ ଭୋଇ (୪୦)। ଅପରପକ୍ଷେ, ଉତ୍ତ୍ୟକ୍ତ ଲୋକେ ତାକୁ କାବୁ କରି ନିର୍ଘଣ୍ଟ ମାଡ଼ ମାରିଛନ୍ତି। ତାକୁ ମଧ୍ୟ ଗୁରୁତର ଅବସ୍ଥାରେ ପୁରୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି।



ସୂଚନାନୁଯାୟୀ, ପ୍ରତିଦିନ ପରି ମଙ୍ଗଳବାର କଣାସଠାରୁ ଲକ୍ଷ୍ମୀ ବସ୍ (ଓଡ଼ି୧୩ ଭି ୬୩୧୯) ସକାଳେ ଗଡ଼ଖାରଦା ଯାଇ ଫେରୁଥିବା ସମୟରେ ଖଣ୍ଡାହତାଠାରୁ ତୋଫାନ ବସ୍‌ରେ ଚଢ଼ିଥିଲା। ବିନ୍ଧଣ ଗ୍ରାମ ନିକଟରେ ବସ୍‌ରେ ବସିଥିବା ଅନ୍ୟ ଜଣେ ଯାତ୍ରୀ ତା' ଦେହରେ ବାଜିଯିବାରୁ ସେ ତାଙ୍କୁ

**କଟୁରି ଚୋଟରେ ୮ ଆହତ; ପୁଲିସ୍ ବି ଛାଡ଼ ପାଇଲାନି**

ଗାଳିଗୁଳଜ କରିବା ସହ ପାଖରେ ରଖିଥିବା କଟୁରିରେ ଆକ୍ରମଣ କରିଥିଲା। ଏହାକୁ ନେଇ ବସ୍‌ରେ ଭୟର ବାତାବରଣ ଖେଳି ଯାଇଥିଲା। କିଛି ଯାତ୍ରୀ ବସ୍‌ରୁ ପଳାଇ ଯାଇଥିବା ବେଳେ ଆଉ କିଛି ତାକୁ ବିରୋଧ କରିଥିଲେ। ଏଥିରେ ତୋଫାନ ଆହୁରି ରାଗିଯାଇ ସେମାନଙ୍କୁ ମଧ୍ୟ ଆକ୍ରମଣ କରିଥିଲା। ଖବର ପାଇ କଣାସ ଥାନା ଏଏସ୍‌ଆଇ ସନ୍ତୋଷ କୁମାର ଉଦୟସିଂହ ଏବଂ ଏସ୍‌ଆଇ ଦେବୀପ୍ରସାଦ ଲେଙ୍କା ଘଟଣାସ୍ଥଳରେ ପହଞ୍ଚି ତାକୁ ଧରିବାକୁ ଚେଷ୍ଟା କରିଥିଲେ। କିନ୍ତୁ, ତୋଫାନ ସେମାନଙ୍କୁ ବି ଆକ୍ରମଣ କରିଥିଲା। ଦୁଇ ପୁଲିସ ଅଧିକାରୀ ଆହତ ହୋଇ ମଧ୍ୟ ତାକୁ କାବୁ କରିବାରେ ସକ୍ଷମ ହୋଇଥିଲେ। ତୋଫାନର ଉନ୍ମତ୍ତ କାଣ୍ଡ ଦେଖି ସ୍ଥାନୀୟ ଲୋକମାନେ ତାକୁ ମାରପିଟ୍ କରିବାରୁ ସେ ମଧ୍ୟ ଆହତ ହୋଇଥିଲା। ଚିକିତ୍ସା ପାଇଁ ଆହତମାନଙ୍କୁ କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ସେମାନଙ୍କ ମଧ୍ୟରୁ ୨ଜଣଙ୍କ ଅବସ୍ଥା ଗୁରୁତର ହେବାରୁ ସେମାନଙ୍କୁ ଭୁବନେଶ୍ୱର ଓ ପୁରୀ ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି।

କଣାସ ପୁଲିସ ଏହି ମାମଲାକୁ ଗଡ଼ିଶାଗୋଦା ଥାନାକୁ ହସ୍ତାନ୍ତର କରିଛି। ତେବେ ଏପରି କାଣ୍ଡ ଭିଆଇବା ପଛରେ କାରଣ କ'ଣ ତଦନ୍ତ ପରେ ଜଣାପଡ଼ିବ ବୋଲି ଗଡ଼ିଶାଗୋଦା ଥାନାଧିକାରୀ ସୁଧୀର ଦାସ କହିଛନ୍ତି। ବସ୍‌ରେ ଲାଗିଥିବା ସିସିଟିଭି ଫୁଟେଜ୍ ସଂଗ୍ରହ କରି ପୁଲିସ ଅଧିକ ତଦନ୍ତ ଚଳାଇଛି।

## ଗ୍ରାନାଇଟ୍ ଖଣିରେ ବିସ୍ଫୋରଣ: ୩ମୃତ

ପାରଳାଖେମୁଣ୍ଡି/ଗୋଷାଣି, ୭।୧୦ (ସମିସ): ଗଜପତି ଜିଲ୍ଲା ସୀମାନ୍ତ ପଡ଼ୋଶୀ ଆନ୍ଧ୍ରପ୍ରଦେଶ ମିଳିଆପୁଟି ମଣ୍ଡଳମ୍ ଅନ୍ତର୍ଗତ ଗଙ୍ଗାରାଜପୁରମ୍ ଗ୍ରାମରେ ଏକ ଦୁଃଖଦ ଘଟଣା ଘଟିଛି। ଗଙ୍ଗାରାଜପୁରମ୍‌ସ୍ଥିତ ଏକ ଗ୍ରାନାଇଟ୍ ଖଣିରେ ବିସ୍ଫୋରଣ ଘଟି ୩ଶ୍ରମିକଙ୍କ ମୃତ୍ୟୁ ଘଟିଛି। ମୃତ ବ୍ୟକ୍ତିମାନେ ହେଲେ, ବିହାର ରାଜ୍ୟର ଶ୍ରବଣ କୁମାର(୪୫), ରାଜସ୍ଥାନର ହେମରାଜ(୨୫) ଏବଂ ମଧ୍ୟପ୍ରଦେଶର ପିଣ୍ଟୁ ସିଂ। ଏମାନଙ୍କ ସହ ଅନ୍ୟ ୪ଜଣ ଗୁରୁତର ଆହତ ହୋଇଛନ୍ତି। ସେମାନେ ହେଲେ, ଗଜପତି ଜିଲ୍ଲା ଆର୍. ଉଦୟଗିରି ଟଙ୍କିୟସାହି ଗ୍ରାମର ଜାନ ବଳିଆରସିଂ (୪୨), ଆନ୍ଧ୍ରପ୍ରଦେଶ ଟେକିଲି ଗ୍ରାମର କେ. ଜନାର୍ଦ୍ଦନ (୨୫), ମିଳିଆପୁଟି ମଣ୍ଡଳମର କେ.ବାଲାରାଜୁ (୬୩) ଏବଂ ପେଦାଲକ୍ଷ୍ମୀପୁରମ୍ ଗ୍ରାମର ବି. ହରି ପ୍ରସାଦ (୨୪)। ସେମାନଙ୍କୁ ଟେକିଲି ଚିକିତ୍ସା କେନ୍ଦ୍ରରେ ଭର୍ତ୍ତି କରାଯାଇଛି। ତେବେ ଏହି ଅଘଟଣକୁ ଆନ୍ଧ୍ରପ୍ରଦେଶ ପୁଲିସ ବଜ୍ରପାତ ଜନିତ ଅଘଟଣ କହି ମାମଲାକୁ ଚାପିଦେବାକୁ ଚେଷ୍ଟା କରୁଥିବା ଅଭିଯୋଗ ହୋଇଛି।

ପୁଲିସ୍ ସୂଚନା ମୁତାବକ, ମୃତାହତମାନେ ଉକ୍ତ ଗ୍ରାନାଇଟ୍ ଖଣିରେ ବିଭିନ୍ନ ପ୍ରକାରର କାର୍ଯ୍ୟରେ ନିୟୋଜିତ ଥିଲେ। ଆଜି ସନ୍ଧ୍ୟାରେ ହଠାତ୍ ଖଣିରେ ପ୍ରଚଣ୍ଡ ବିସ୍ଫୋରଣ

**ବଜ୍ରପାତଜନିତ ଅଘଟଣ କହି ମାମଲା ଚାପିବାକୁ ପୁଲିସର ଉଦ୍ୟମ**

ହେବାରୁ ଘଟଣାସ୍ଥଳରେ ୩ ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ୪ଜଣ ଗୁରୁତର ହୋଇଥିଲେ। ଉକ୍ତ ଖଣିଟି ଗୋଷାଣି ବ୍ଲକ୍ ଜଙ୍ଗଲପାଡୁ ଗ୍ରାମକୁ ଲାଗି ରହିଛି।

ଟେକିଲି ଡିଏସ୍‌ପି ଲକ୍ଷ୍ମଣ ରାଓ କହିଛନ୍ତି ପ୍ରାଥମିକ ତଦନ୍ତରୁ ଏହା ଏକ ବଜ୍ରପାତଜନିତ ଅଘଟଣ ବୋଲି ଜଣାପଡ଼ିଥିବା ବେଳେ ଆଗକୁ ଅନ୍ୟ ଦିଗଗୁଡ଼ିକୁ ନେଇ ତଦନ୍ତ କରାଯିବ। କୌଣସି ବିସ୍ଫୋରଣ କାରଣରୁ ଏହି ଘଟଣା ଘଟିଛି କି ନାହିଁ, ପୁଙ୍ଖାନୁପୁଙ୍ଖ ତଦନ୍ତ ପରେ ଜଣାପଡ଼ିବ ବୋଲି ସେ କହିଛନ୍ତି।

**ଭୋଟ୍ ଚୋରି, ଚାକିରି ବିକ୍ରି**

# ୯ରେ ଯୁବ କଂଗ୍ରେସର ପ୍ରତାରଣା ସମାବେଶ

ଭୁବନେଶ୍ୱର, ୭।୧୦ (ସମିସ): ଭୋଟ୍ ଚୋରି ଓ ଚାକିରି ବିକ୍ରି ପ୍ରତିବାଦରେ ସରକାରଙ୍କୁ ଘେରିବାକୁ ଅଣ୍ଟା ଭିଡ଼ିଛି ଯୁବ କଂଗ୍ରେସ। ଏଥିପାଇଁ ଅକ୍ଟୋବର ୯ ତାରିଖରେ ଜାତୀୟ ଯୁବ କଂଗ୍ରେସ ସଭାପତି ଉଦୟଭାନୁ ଚିବ୍ ଓଡ଼ିଶା ଗସ୍ତରେ ଆସିବେ। ୯ରେ ଦଳ ପକ୍ଷରୁ ଆୟୋଜନ ହେବାକୁ ଥିବା "ପ୍ରତାରଣା ପ୍ରତିବାଦ ସମାବେଶ"ରେ ସେ ଯୋଗଦେବେ ବୋଲି ମଙ୍ଗଳବାର ରାଜ୍ୟ ଯୁବ କଂଗ୍ରେସ ସଭାପତି ରଞ୍ଜିତ ପାତ୍ର ସୂଚନା ଦେଇଛନ୍ତି।

ସେ କହିଛନ୍ତି ଯେ ଯୁବକଂଗ୍ରେସ ପକ୍ଷରୁ ମାଷ୍ଟର କ୍ୟାଣ୍ଟିନ ଛକଠାରେ ଏହି ସମାବେଶ ଆୟୋଜନ କରାଯିବ। ପରେ ଏକ ରାଲି ମାଷ୍ଟରକ୍ୟାଣ୍ଟିନ ଛକରୁ ଲୋୟର ପିଏମ୍‌ଜି ଦେଇ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ଅଭିମୁଖେ ଯାତ୍ରା କରିବ। ଲୋୟର ପିଏମଜିଠାରେ ଚାକିରି ବିକ୍ରି ପ୍ରତିବାଦରେ ବିକ୍ଷୋଭ ମଧ୍ୟ କରାଯିବ। ଏହି ସମଗ୍ର କାର୍ଯ୍ୟକ୍ରମରେ ଯୁବ କଂଗ୍ରେସର ରାଷ୍ଟ୍ରୀୟ ଅଧ୍ୟକ୍ଷଙ୍କ ସମେତ ପିସିସି ସଭାପତି ଏବଂ ଅନ୍ୟାନ୍ୟ ବରିଷ୍ଠ ନେତୃବୃନ୍ଦ ଯୋଗ ଦେବେ ବୋଲି ସେ କହିଛନ୍ତି।

ଏହି ଅବସରରେ ଶ୍ରୀ ପାତ୍ର କହିଛନ୍ତି ଯେ ରାଜ୍ୟ ଏବଂ ଦେଶରେ ଲୋକଙ୍କ ଦ୍ୱାରା ନିର୍ବାଚିତ ସରକାର ଚାଲିନାହିଁ। ଦୁଇଟି କ୍ଷେତ୍ରରେ ଭୋଟ ଚୋରିରୁ ଗଠିତ ସରକାର ଚାଲିଛି। ସନ୍ଧ୍ୟା ୫ଟାଠାରୁ ରାତି ୯ ଭିତରେ ୪୨ ଲକ୍ଷ ଭୋଟ ଯୋଡ଼ି ହୋଇଯିବାରୁ ଓଡ଼ିଶାରେ ବିଜେପି ସରକାର ଗଠନ ହୋଇଛି।



ଅନ୍ୟପକ୍ଷରେ ବିଜେପି ସରକାର ସମସ୍ତ ସରକାରୀ ଚାକିରିକୁ ନିଲାମ କରିବାର ବ୍ୟବସ୍ଥା କରିଛନ୍ତି। ଏବେ ଯେଉଁ ଏସ୍‌ଆଇ ଚାକିରି ବିକ୍ରି ଘଟଣା ଲୋକଲୋଚନକୁ ଆସିଛି, ତାହା ଓଡ଼ିଶାର ବେକାର ଯୁବକ ଯୁବତୀ ମାନଙ୍କୁ ହତାଶ କରିଛି। ଅଭିଭାବକମାନେ ତାଙ୍କର ପିଲାମାନଙ୍କୁ ପାଠ ପଢ଼ାଇବା ପାଇଁ କରଜ କରି, ଜମି, ଜାଗା, ସୁନା ବନ୍ଧା ପକାଇ ଅର୍ଥ ଯୋଗାଡ଼ କରୁଛନ୍ତି। ହେଲେ ମୋହନ ସରକାର ପରୀକ୍ଷା ପୂର୍ବରୁ ସମସ୍ତ ସରକାରୀ ଚାକିରି ବିକ୍ରି କରିଦେବାରେ ବ୍ୟବସ୍ଥା କରିଛନ୍ତି।

ପିସିସିର ପୂର୍ବତନ ସାଧାରଣ ସମ୍ପାଦକ ମନୋଜ ବିଶ୍ୱାଳ ଅଭିଯୋଗ କରିଛନ୍ତି ଯେ ଯୁବ କଂଗ୍ରେସ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଘେରାଉ କରିବା ପରେ ଗତ ମାର୍ଚ୍ଚରେ ପୁଲିସ ଏସ୍‌ଆଇ ପରୀକ୍ଷାର ପୂର୍ବଦିନ ବାତିଲ କରାଯାଇଥିଲା। ଯେଉଁ ବେସରକାରୀ ସଂସ୍ଥାକୁ ଓଡ଼ିଶା ପୁଲିସ୍ ନିଯୁକ୍ତି ବୋର୍ଡ ପକ୍ଷରୁ ପରୀକ୍ଷା ପରିଚାଳନା ପାଇଁ ଦାୟିତ୍ୱ ଦିଆଯାଇଥିଲା। ସେହି ସଂସ୍ଥା ବିରୋଧରେ ସରକାର କୌଣସି ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ନେଲେ ନାହିଁ। ସେତେବେଳେ ଆରଆଇ, ଅମିନ, ଏଏସ୍‌ଓ, ସବ ଜେଲର ଓ ଓଟିଇଟି ପରୀକ୍ଷାର୍ଥୀମାନେ ମଧ୍ୟ ଚାକିରି ବିକ୍ରି ଯୋଜନାର ସେ ସାଙ୍ଘାତିକ ଅଭିଯୋଗ କରିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ଜାତୀୟ ଯୁବ କଂଗ୍ରେସ ଗଣମାଧ୍ୟମ ସଂଯୋଜକ ସୁଦୀପ ସାମଲ, ରାଜ୍ୟ ସାଧାରଣ ସମ୍ପାଦକ ନିହାର ବେହେରା, ଅଭିଜିତ୍ ଜେନା, ଜାଭେଦ ଅକ୍ତର, ମହମ୍ମଦ ଗୁଲଫାମ୍ ପ୍ରମୁଖ ଉପସ୍ଥିତ ଥିଲେ।

## ମାଓ ନେତା ମାଣ୍ଡା ରୁବେନ୍‌ର ଆତ୍ମସମର୍ପଣ

ମାଲକାନଗିରି, ୭।୧୦(ସମିସ): ୪୪ ବର୍ଷ ଧରି ମାଓ ସଙ୍ଗଠନରେ କାର୍ଯ୍ୟରତ ଦକ୍ଷିଣ ବସ୍ତର୍ ମାଓ-ଡିଭିଜନ୍ କମିଟି ସମ୍ପାଦକ ମାଣ୍ଡା ରୁବେନ୍ ଓରଫ୍ ମଙ୍ଗନ୍ନା ଆଜି ତେଲଙ୍ଗାନା ପୁଲିସ ନିକଟରେ ଆତ୍ମସମର୍ପଣ କରିଛି। ତେଲେଙ୍ଗାନାର



ୱାରାଙ୍ଗଲର ପୁଲିସ କମିଶନରଙ୍କ ଉପସ୍ଥିତିରେ ସେ ମୁଖ୍ୟସ୍ରୋତକୁ ଫେରିଛି। ମଙ୍ଗନ୍ନା ଛତିଶଗଡ଼, ଆନ୍ଧ୍ର, ଓଡ଼ିଶା ଓ ତେଲଙ୍ଗାନାର ବହୁ ବଡ଼ବଡ଼ ମାଓ ହିଂସାକାଣ୍ଡରେ ଜଡ଼ିତ ଥିଲା। ତା'ର ଆତ୍ମସମର୍ପଣ, ମାଓ ସଂଗଠନ ପାଇଁ ଏକ ଶକ୍ତଧକ୍କା ଓ ପୁଲିସ ପାଇଁ ବଡ଼ ସଫଳତା ବୋଲି କୁହାଯାଉଛି। ପ୍ରାୟ ବର୍ଷେ ପୂର୍ବେ ସେ ଗିରଫ ହୋଇ ଛତିଶଗଡ଼ର ଜଗଦଲପୁର ଜେଲ୍‌ରେ ଥିଲା। ପରେ ସେଠାରୁ ଫେରାର୍ ହୋଇଯାଇଥିଲା। ଆତ୍ମସମର୍ପଣ ନୀତି ଅନୁଯାୟୀ ତାଙ୍କୁ ଥଇଥାନ କରାଯିବ ବୋଲି ପୁଲିସ ପକ୍ଷରୁ କୁହାଯାଇଛି।

## ୩ ମାଓବାଦୀ ଗିରଫ

ମାଲକାନଗିରି, ୭।୧୦(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ଦାନ୍ତେୱାଡ଼ାରେ ସୁରକ୍ଷା ବାହିନୀ ଆଜି ମାଓବାଦୀଙ୍କ ଏକ ବଡ଼ ଯୋଜନାକୁ ପଣ୍ଡ କରିଦେଇଛନ୍ତି। ମାଲେୱାହି ରାସ୍ତାରେ ନକ୍ସଲମାନେ ଖଞ୍ଜିଥିବା ୫କେଜିର ଏକ ପ୍ରେସର୍‌କୁକର ବୋମାକୁ ଜବତ କରିବା ସହ ୩ ମାଓବାଦୀଙ୍କୁ ଗିରଫ କରିଛନ୍ତି। ସେମାନେ ହେଲେ, ସନ୍ତୁ ମଣ୍ଡାଭି, ମଣିରାମ ଏବଂ ସୁଖମାନ ମଣ୍ଡାଭି। ସୂଚନାନୁଯାୟୀ, ସିଆରପିଏଫ୍‌ର



୧୯୫ତମ ବାଟାଲିୟନର ଯବାନ, ବାରସୁର ଏବଂ ମାଲେୱାହି ପୁଲିସ୍ ପକ୍ଷରୁ ମିଳିତ ଭାବେ ମାଲେୱାହି ଶିବିରରୁ ସତଧାର ଅଭିମୁଖେ ତଲାସି ଅଭିଯାନ କରାଯାଉଥିଲା। ଏହି ସମୟରେ ପୁଲିସକୁ ଦେଖି ତିନି ଜଣ ସନ୍ଦିଗ୍ଧ ବ୍ୟକ୍ତି ଲୁଚିବାକୁ ଚେଷ୍ଟା କରିଥିଲେ। କିନ୍ତୁ ଯବାନମାନେ ସେମାନଙ୍କୁ ଘେରିଯାଇ କାବୁ କରି ପଚରାଉଚରା କରିବା ପରେ ସେମାନେ ମାଓବାଦୀ ବୋଲି ଜଣାପଡ଼ିଥିଲା। ସତଧାର ସେତୁ ନିକଟରେ ହୋଇଥିବା ବୋମା ବିସ୍ଫୋରଣରେ ସେମାନଙ୍କ ସମ୍ପୃକ୍ତି ଥିବା ମଧ୍ୟ ସ୍ୱୀକାର କରିଥିଲେ। ତୁରନ୍ତ ଯବାନମାନେ ସମସ୍ତଙ୍କୁ ଗିରଫ କରି ଉକ୍ତ ପାଞ୍ଚ କିଲୋଗ୍ରାମର ଆଇଇଡିକୁ ଉଦ୍ଧାର କରିଥିଲେ। ପରେ ଅଞ୍ଚଳରେ ତଲାସି ଅଭିଯାନକୁ ବଢ଼ାଇ ଦିଆଯାଇଛି।

# ସରକାରଙ୍କୁ ପରୀକ୍ଷା ପୀଡ଼ା

**୧୫ ମାସର ସବୁ ପରୀକ୍ଷାରେ ଅସଙ୍ଗତି**

ଭୁବନେଶ୍ୱର, ୭।୧୦ (ସମିସ): ଗତ ୧୫ ମାସ ମଧ୍ୟରେ ପୂର୍ବ ସରକାର ସମୟରେ ପ୍ରକାଶିତ ନିଯୁକ୍ତି ବିଜ୍ଞପ୍ତି ଆଧାରରେ ଅନେକ ବିଭାଗରେ ନିଯୁକ୍ତି ଏବର ସରକାର ପ୍ରଦାନ କରିଛନ୍ତି। ଇତି ମଧ୍ୟରେ କିଛି ନୂଆ ସରକାରୀ ଚାକିରି ବାହାରୁନାହିଁ। ପାଠପଢ଼ି ବେକାର ବସିଥିବା ସାଧାରଣ ସ୍ନାତକଙ୍କ ପାଇଁ ଏଯାଏ ଗୋଟିଏ ବି ପଦ ପାଇଁ ନିଯୁକ୍ତି ବିଜ୍ଞପ୍ତି ପ୍ରକାଶ ପାଇନାହିଁ। ମାତ୍ର ପୂର୍ବ ସରକାର ସମୟରେ ପ୍ରକାଶିତ ନିଯୁକ୍ତି ନିମନ୍ତେ ପରୀକ୍ଷା ପରିଚାଳନା କରିବାରେ ଏବେ ସରକାର ଅସମର୍ଥ ହୋଇଛନ୍ତି। କେତେବେଳେ ପ୍ରଶ୍ନପତ୍ର ଲିକ୍ ହେଉଛି ତ ଆଉ କେତେବେଳେ ଚାକିରି ବିକ୍ରି ହେଉଛି। ପୂର୍ବରୁ ଆର୍‌ଆଇ-ଅମିନ, ଫରେଷ୍ଟର-ଫରେଷ୍ଟଗାର୍ଡ, ଟ୍ରାଫିକ୍ ଏସ୍‌ଆଇ ପରୀକ୍ଷାରେ ବ୍ୟପକ ଅସଙ୍ଗତି ଦେଖାଦେଇଥିଲା। ସମ୍ପ୍ରତି ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ଉଦ୍ୟମ କରୁଥିବା ଏକ ବଡ଼ ରାକେଟ୍ ଧରାପଡ଼ିବା ପରେ ମେଧାବୀ ଆଶାୟୀଙ୍କ ମନୋବଳ ଭାଙ୍ଗି ଯାଇଛି। ଯେତେ ମେଧାବୀ ହେଲେ ମଧ୍ୟ ପକେଟରେ ଟଙ୍କା ନ ଥିଲେ ଓଡ଼ିଶାରେ ଚାକିରି ମିଳିବ ନାହିଁ ବୋଲି ଆଶାୟୀଙ୍କ ମଧ୍ୟରେ ଏକ ଧାରଣା ସୃଷ୍ଟି ହୋଇଛି।

**ମାନସିକ ଚାପରେ କଲବଲ ମେଧାବୀ ପରୀକ୍ଷାର୍ଥୀ**

ଗତ ଜାନୁଆରୀ ମାସରେ ପୁଲିସ୍ ଏସ୍‌ଆଇ ପରୀକ୍ଷା ପାଇଁ ବିଜ୍ଞପ୍ତି ବାହାରିଥିଲା। ମାର୍ଚ୍ଚ ୮ ଓ ୯ରେ ପରୀକ୍ଷା କରିବା ପାଇଁ ସ୍ଥିର ହୋଇଥିଲେ ମଧ୍ୟ ପରୀକ୍ଷାର ମାତ୍ର ଦିନକ ପୂର୍ବରୁ ପରୀକ୍ଷାକୁ ବାତିଲ୍ କରାଯାଇଥିଲା। ଏହାର ୭ମାସ ପରେ ଅର୍ଥାତ୍ ଚଳିତମାସରେ ପରୀକ୍ଷା ହେବାକୁ ଧାର୍ଯ୍ୟ ହୋଇଥିବାବେଳେ ଚାକିରି ବିକ୍ରି ହେବା ଘଟଣା ପଦାକୁ ଆସିଛି। ଫଳରେ ଅନ୍ୟ ସମସ୍ତ ପରୀକ୍ଷାକୁ ଛାଡ଼ି ଦୀର୍ଘ ୧୦ ମାସ ହେବ ଏସ୍‌ଆଇ ପରୀକ୍ଷା ପ୍ରସ୍ତୁତି କରୁଥିବା ଆଶାୟୀ ନିରାଶ ହୋଇଛନ୍ତି। ପୁଣି ଚାକିରି ବିକ୍ରି ହେଉଥିବା ଖବର ସେମାନଙ୍କ ଆଖିରୁ ନିଦ ହଜେଇଦେଇଛି। ଭାତ ଆଳୁସିଝା ଖାଇ ପାଠ ପଢୁଥିବା ବହୁ ଗରିବ ମେଧାବୀ କେବଳ ଭଗବାନଙ୍କୁ ଡ଼ାକୁଛନ୍ତି।

ସେହିପରି ଆସନ୍ତାକାଲିଠାରୁ ପୁଣିଥରେ ଆରମ୍ଭ ହେଉଥିବା ଆର୍‌ଆଇ-ଅମିନ ପରୀକ୍ଷା ମଧ୍ୟ ମୂଳରୁ ବିବାଦୀୟ ହୋଇସାରିଛି। ପ୍ରଥମ ଥର ଅନୁଷ୍ଠିତ ହୋଇଥିବା ପ୍ରିଲିମିନାରୀ ପରୀକ୍ଷାରେ କମ୍ପ୍ୟୁଟର ସ୍ୱତଃପ୍ରବୃତ୍ତ ଭାବେ ଚାଲିବାଠାରୁ ଆରମ୍ଭ କରି ସାଇବର୍ କାଫେ ଓ କଲ୍ୟାଣମଣ୍ଡପରେ ପରୀକ୍ଷା ହେବା ଅବ୍ୟବସ୍ଥାକୁ ପଦାରେ ପକାଇଥିଲା। ପିଲାଙ୍କ ଆନ୍ଦୋଳନ ମଧ୍ୟରେ ପରୀକ୍ଷା ହୋଇଥିଲା। ପରବର୍ତ୍ତୀ ସମୟରେ ଅନିୟମିତତାକୁ ସରକାର ସ୍ୱୀକାର ମଧ୍ୟ କରିଥିଲେ। ମାମଲା କୋର୍ଟରେ ପହଞ୍ଚିବା ପରେ ସମ୍ପୂର୍ଣ୍ଣ ନିଯୁକ୍ତି ପ୍ରକ୍ରିୟାକୁ ରଦ୍ଦ କରାଯାଇଥିଲା। ଏବେ ପୁଣି ଆଉଥରେ ପରୀକ୍ଷା ହେଉଛି। ଏହି ନିଯୁକ୍ତି ସରିପାରୁ ନ ଥିବାରୁ ପିଲାମାନେ ପାଠ ପଢ଼ିପାରୁ ନାହାନ୍ତି କି ଛାଡ଼ି ମଧ୍ୟ ପାରୁ ନାହାନ୍ତି ଓ ମାନସିକ ଚାପରେ ପେଶି ହେଉଛନ୍ତି।

ଫରେଷ୍ଟର-ଫରେଷ୍ଟଗାର୍ଡ ପରୀକ୍ଷାରେ ମଧ୍ୟ ବ୍ୟାପକ ଅନିୟମିତତା ଓ ଚାକିରି ବିକ୍ରି ହୋଇଥିବା ପରି ଅଭିଯୋଗ ଆସିଥିଲା। ସରକାର ମଧ୍ୟ ପରୋକ୍ଷରେ ଏହାକୁ ସ୍ୱୀକାର କରିବା ସହ କିଛି ପରୀକ୍ଷାର୍ଥୀଙ୍କୁ କାରଣ ଦର୍ଶାଅ ନୋଟିସ୍ ଜାରି କରିଥିଲେ। ଏହି ପରୀକ୍ଷା ପରିଚାଳନା କରୁଥିବା ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି)ର ବ୍ୟାପକ ତ୍ରୁଟି ସାମ୍ନାକୁ ଆସିଲା। ଏହା ନିଯୁକ୍ତି ପ୍ରକ୍ରିୟାକୁ ମଧ୍ୟ ପ୍ରାୟ ୨ବର୍ଷ ବିତିଥିଲେ ମଧ୍ୟ ଆଶାୟୀମାନେ ନିଯୁକ୍ତି ପାଇପାରି ନାହାନ୍ତି। ଟ୍ରାଫିକ୍ ଏସ୍‌ଆଇ ପରୀକ୍ଷାରେ ମଧ୍ୟ ବିଭ୍ରାଟ ଦେଖାଦେଇଥିଲା। ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ସି) ପରିଚାଳିତ ଏହି ପରୀକ୍ଷାରେ ପ୍ରଶ୍ନପତ୍ର ପାର୍ଟନେହିଁ ଭୁଲ୍ ପକାଇଥିଲା। ଓଏସ୍‌ଏସ୍‌ସିର ଏତେ ବଡ଼ ତ୍ରୁଟି ପାଇଁ ଲକ୍ଷାଧିକ ପରୀକ୍ଷାର୍ଥୀ ହଇରାଣ ହେବା ସହ ବିପୁଳ ରାଜସ୍ୱ ହାନି ହୋଇଥିଲେ ମଧ୍ୟ ସରକାର କୌଣସି କାର୍ଯ୍ୟାନୁଷ୍ଠାନ ନେଇ ନ ଥିଲେ। ଏଲ୍‌ଟିଆର୍ ପରୀକ୍ଷା ପ୍ରଶ୍ନପତ୍ରରେ ମଧ୍ୟ ତ୍ରୁଟି ପାଇଁ ଏଯାଏଁ ନିଯୁକ୍ତି ପ୍ରକ୍ରିୟା ସରିପାରୁନାହିଁ। ଗୋଟିଏ ପରେ ଆଉ ଗୋଟିଏ ନିଯୁକ୍ତି ପରୀକ୍ଷାରେ ବିଭ୍ରାଟ ହେଉଥିବାରୁ ଆଶାୟୀଙ୍କ ମଧ୍ୟରେ ନିରାଶା ଭାବ ଖେଳିଯାଉଛି। ଅସନ୍ତୋଷ ବଢ଼ିବା ସହ ନୂତନ ନିଯୁକ୍ତି ପାଇଁ ବିଜ୍ଞପ୍ତି ବାହାର ନ କଲେ ବ୍ୟାପକ ଆନ୍ଦୋଳନ କରିବେ ବୋଲି ଆଶାୟୀମାନେ ସାମାଜିକ ଗଣମାଧ୍ୟମ ଏକ୍ସରେ ସରକାରଙ୍କୁ ଚେତାବନୀ ଦେଉଛନ୍ତି।

# କାର୍ତ୍ତିକ ବ୍ରତ ଆରମ୍ଭ; ଅଲାରନାଥ ମନ୍ଦିରରେ ସ୍ୱତନ୍ତ୍ର ନୀତି



ବ୍ରହ୍ମଗିରି,୭।୧୦(ସମିସ): ମଙ୍ଗଳବାରଠାରୁ ପୁରପଲ୍ଲୀରେ କାର୍ତ୍ତିକ ବ୍ରତ ଆରମ୍ଭ ହୋଇଛି। ବ୍ରହ୍ମଗିରି ବ୍ଲକ୍‌ର ବିଭିନ୍ନ ଗ୍ରାମରେ ହବିଷ୍ୟାଳିମାନେ ବ୍ରତ ଆରମ୍ଭ କରିଛନ୍ତି। ଭୋର୍ ୪ଟାରୁ ଉଠି ବ୍ରତଧାରୀମାନେ ଗାଧୋଇବା ସହ ତୁଳସୀ ଚଉରାମୂଳରେ ରାଇଦାମୋଦର ପୂଜା କରିଛନ୍ତି। ତୁଳସୀ ଚଉରା ଆଗରେ ବିଭିନ୍ନ ପ୍ରକାର ଚିତା ପକାଇ ଭୋଗ କରି ବ୍ରତଧାରୀମାନେ ବ୍ରତ ଆରମ୍ଭ କରିଛନ୍ତି। ସେହିପରି ଅଲାରନାଥ ମନ୍ଦିରରେ ସକାଳୁ ହବିଷ୍ୟାଳି ଭକ୍ତଙ୍କ ଭିଡ଼ ଲାଗି ରହିଛି। ଭୋର୍ ୪ଟାରୁ ଶ୍ରୀଜୀଉଙ୍କ ମନ୍ଦିର ଦ୍ୱାର ଫିଟାଯାଇ ମଙ୍ଗଳଆଳତି, ଅବକାଶ ଓ ଚନ୍ଦନ ତୁଳସୀ ଲାଗି କରାଯାଇଥିଲା। ତା'ପରେ କାର୍ତ୍ତିକ ନୀତି ଆରମ୍ଭ ହୋଇଥିଲା। କାର୍ତ୍ତିକ ମାସରେ ଅଲାରନାଥଙ୍କୁ ରାଧାଦାମୋଦର ବେଶ କରଯାଇଥିଲା। ଶହ ଶହ ହବିଷ୍ୟାଳି ଅଲାରନାଥ ମନ୍ଦିରକୁ ଯାଇ ପ୍ରଭୁଙ୍କ ଦର୍ଶନ କରିଛନ୍ତି। ଅଲାରନାଥଙ୍କ ନିକଟରେ ଦିପ୍ରହର ଧୂପରେ ଶଙ୍ଖୁଡ଼ି ଭୋଗ କରାଯାଇଥିଲା। ତା'ପରେ ଶ୍ରୀଜୀଉଙ୍କୁ ପହୁଡ଼ କରାଯାଇଥିଲା। ସନ୍ଧ୍ୟାରେ ଆଳତି ବଡି କରାଯିବା ସହ ରାତି ୧୦ଟାରେ ପହୁଡ଼ କରାଯାଇଥିଲା।

**କଣାସ :** ବାର ମାସ ମଧ୍ୟରେ କାର୍ତ୍ତିକ ମାସ ଶ୍ରେଷ୍ଠ ଧର୍ମମାସ ଭାବେ ପୁରାଣରେ ବର୍ଣ୍ଣିତ ରହିଛି। ମଙ୍ଗଳବାର କାର୍ତ୍ତିକ ମାସର ପ୍ରଥମ ଦିନ ହୋଇଥିବାରୁ ବୃଦ୍ଧବୃଦ୍ଧା ହବିଷିଆଳିମାନେ ମାସକଯାକ ଠାକୁର ପୂଜାରେ ଲିପ୍ତ ରହି ଗୋଟିଏ ବକ୍ତ ହବିଷ୍ୟାନ୍ନ ଗ୍ରହଣ କରିଥା'ନ୍ତି। ପ୍ରଭାତରୁ ସ୍ନାନ ସାରି ବୃଦ୍ଧାମାନେ ବ୍ରାହ୍ମଣଙ୍କ ଦ୍ୱାରା ସଙ୍କଳ୍ପ କରି



ଚଉରା ପୂଜାରେ ବ୍ୟସ୍ତ ରୁହନ୍ତି। କେତେକ ଏକତ୍ରିତ ହୋଇ ମନ୍ଦିରମାନଙ୍କରେ ରହି ମାସକଯାକ ଏହି କାର୍ତ୍ତିକ ବ୍ରତ ପାଳନ କରିଥା'ନ୍ତି। ସନ୍ଧ୍ୟାରେ ଅନେକ ଗ୍ରାମରେ ଆକାଶ ଦୀପ ଚଉରାମୂଳେ ଲାଗିଥିବାରୁ ପ୍ରଥମେ ବୃନ୍ଦାବତୀଙ୍କୁ ପୂଜାର୍ଚ୍ଚନା କରିବା ପରେ ଆକାଶ ଦୀପ ଜାଳିଥା'ନ୍ତି।

# ବିଭିନ୍ନ ସ୍ଥାନରେ ଗଜଲକ୍ଷ୍ମୀ ପୂଜା

ଡେଲାଙ୍ଗ,୭।୧୦(ସମିସ): ଡେଲାଙ୍ଗ ବ୍ଲକ୍‌ର ବିଭିନ୍ନ ସ୍ଥାନରେ ଗଜଲକ୍ଷ୍ମୀ ପୂଜା ଅନୁଷ୍ଠିତ ହୋଇଯାଇଛି। ଡେଲାଙ୍ଗ ଷ୍ଟେସନ ବଜାରସ୍ଥିତ ମା' ଗଜଲକ୍ଷ୍ମୀ ପୂଜା କମିଟି ପକ୍ଷରୁ ୧୯ତମ ଧନଦାତ୍ରୀ ମା' ଗଜଲକ୍ଷ୍ମୀ ପୂଜା ଅବସରରେ ସୋମବାର ପ୍ରଭାତରୁ ୨୧ଜଣ ମାନସିକ କଳସଧାରୀ ବିଶ୍ୱନାଥ ପୁଷ୍କରିଣୀରେ କଳସ ବୁଡ଼ାଇ ପୂଜା ମଣ୍ଡପରେ ସ୍ଥାପନା କରିଥିଲେ। ପରେ ସୂର୍ଯ୍ୟପୂଜା, ଗୋ-ପୂଜନ, ପୀଠପୂଜା ଓ ପୁଷ୍ପାଞ୍ଜଳି ଅର୍ପଣ କାର୍ଯ୍ୟକ୍ରମ ସହିତ ରୀତିନୀତି ଅନୁଯାୟୀ ପୂଜାର୍ଚ୍ଚନା ସମ୍ପନ୍ନ କରାଯାଇଥିଲା। କର୍ତ୍ତାଭାବେ ସୋମନାଥ ପରିଡ଼ା ଓ ଧର୍ମପତ୍ନୀ ପ୍ରଭାତୀ ପରିଡ଼ା କାର୍ଯ୍ୟ ସମ୍ପାଦନ କରିଥିଲେ। ପଣ୍ଡିତ ସତ୍ୟବାଦୀ ଦୀକ୍ଷିତ୍ ଓ ସାଥିମାନେ ପୂଜା କାର୍ଯ୍ୟ ସମାପନ କରିଥିଲେ। ମଙ୍ଗଳବାର ସନ୍ଧ୍ୟାରେ ପୂର୍ବତନ ବିଧାୟକ ରୁଦ୍ରପ୍ରତାପ ମହାରଥୀ, ବରିଷ୍ଠ ବିଜେଡି ନେତା ବୈରାଗୀ ଜେନା, ପ୍ରଦୀପ ସ୍ୱାଇଁ, ଜଗନ୍ନାଥ ପରିଡ଼ା ପ୍ରମୁଖ ପୂଜା ମଣ୍ଡପରେ ମା' ଧନଦାତ୍ରୀଙ୍କୁ ଦର୍ଶନ କରିବା ସହିତ କୃପାଲାଭ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ କମିଟି ସଭାପତି ସୌଭାଗ୍ୟ ବରାଳ, ସମ୍ପାଦକ ବ୍ରହ୍ମାନନ୍ଦ ପରିଡ଼ା, କୋଷାଧ୍ୟକ୍ଷ କବିନ୍ଦ୍ର ଗୁରୁ, କମିଟି ସଦସ୍ୟ କାବୁଲି ସାହୁ, ଜଗନ ପରିଡ଼ା, ସୋମନାଥ ସେନାପତି, ମାନସ ପ୍ରଧାନ, ସଦାଶିବ ବରାଳ ପ୍ରମୁଖ ଉପସ୍ଥିତ ଥିଲେ। ସେହିପରି କଲ୍ୟାଣପୁର ଭଗ୍ୟେଶ୍ୱର କମିଟି, ଡେଲାଙ୍ଗ ହାଟର ଲକ୍ଷ୍ମୀବାଜାର, ବେରବୋଇ ବଜାର, ଉଦୟପୁର ଗ୍ରାମର ଲକ୍ଷ୍ମୀପୂଜା କମିଟି, ଇନ୍ଦିପୁର ବଜାର, ପ୍ରହରାଜପୁର ଯୁବକ ସଂଘ ପକ୍ଷରୁ ଗଜଲକ୍ଷ୍ମୀ ପୂଜା ଅନୁଷ୍ଠିତ ହୋଇଯାଇଛି।










**ଚାରିଛକ :** ଚାରିଛକ ନିକଟସ୍ଥ ତୁଳସୀପୁର ଲକ୍ଷ୍ମୀ ବଜାରରେ ଦୀର୍ଘ ୩୧ ବର୍ଷ ଧରି ମା' ଗଜଲକ୍ଷ୍ମୀଙ୍କ ପୂଜା ମହାସମାରୋହରେ ପାଳିତ ହୋଇଆସୁଛି। ଗତ ସୋମବାର ସନ୍ଧ୍ୟାରେ ସଲିଳ ମହାପାତ୍ର, କଳସିଆ ଭାବେ ପ୍ରଫୁଲ୍ଲ କର, ଆଦିତ୍ୟ କର, ଡମ୍ବରୁ ମିଶ୍ର ପ୍ରମୁଖ ଜଳ କଳସଧାରୀ ନିକଟସ୍ଥ ତ୍ରିନାଥ ପୋଖରୀରୁ ଜଳ କଳସ ଆଣି ପୂଜା ମଣ୍ଡପରେ ସ୍ଥାପନା କରିଥିଲେ। ସେଠାରେ ପଣ୍ଡିତ ଅନ୍ତର୍ଯ୍ୟାମୀ କରଙ୍କ ଦ୍ୱାରା ଯଥା ରୀତିନୀତି ଅନୁଯାୟୀ ପୂଜାକାର୍ଯ୍ୟ ଆରମ୍ଭ କରାଯାଇଥିଲା। ତୁଳସୀପୁର ବଜାର ଲକ୍ଷ୍ମୀପୂଜା କମିଟିର ସଦସ୍ୟ ହୃଦାନନ୍ଦ କର, ରଣଜିତ୍ ସାହୁ, ବିଜୟ ସାହୁ, ପପୁ ବାଲ୍, ବିଜୟ ସାହୁ, କୁଲୁ ସାହୁ, ନିଳା ସାହୁଙ୍କ ସମେତ ସମସ୍ତ ବ୍ୟବସାୟୀ ପୂଜା କାର୍ଯ୍ୟରେ ପୂର୍ଣ୍ଣ ସହଯୋଗ କରିଥିଲେ। ଏଠାରେ ୭ଦିନ ଧରି ମା'ଙ୍କ ପୂଜାର୍ଚ୍ଚନା ଚାଲିବା ସହିତ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ ବୋଲି ବଜାର କମିଟି ସଭାପତି ଆଇନଜୀବୀ ରଜନୀକାନ୍ତ ତ୍ରିପାଠୀ ଓ ସମ୍ପାଦକ ପ୍ରଫୁଲ୍ଲ କୁମାର କର ପ୍ରକାଶ କରିଛନ୍ତି। ସେହିପରି ଚାରିଛକସ୍ଥିତ ଓରପଟ ବେହେରା ସାହିରେ ମା' ଗଜଲକ୍ଷ୍ମୀଙ୍କ ପୂଜା ମହାସମାରୋହରେ ଆରମ୍ଭ ହୋଇଯାଇଛି। କଳସଧାରୀମାନେ ନିକଟସ୍ଥ ବ୍ରହ୍ମେଶ୍ୱର ପୁଷ୍କରିଣୀରୁ ଜଳ କଳସ ଆଣି ପୂଜା ମଣ୍ଡପରେ ସ୍ଥାପନା କରିଥିଲେ। ସେଠାରେ ପଣ୍ଡିତ ତୃପ୍ତିରଞ୍ଜନ ମିଶ୍ରଙ୍କ ଦ୍ୱାରା ଯଥା ରୀତିନୀତି ଅନୁସାରେ ମା'ଙ୍କ ପୂଜାକାର୍ଯ୍ୟ ଆରମ୍ଭ ହୋଇଥିଲା। ମୁଖ୍ୟକର୍ତ୍ତା ଭାବେ ପ୍ରଶାନ୍ତ ବେହେରା ଓ ଚାରୁଲତା ବେହେରା ପୂଜାକାର୍ଯ୍ୟରେ ଯୋଗଦେଇଥିଲେ। ଲକ୍ଷ୍ମୀପୂଜା କମିଟିର ସଦସ୍ୟ କାଳୀ ପ୍ରସାଦ ଦାଶ, ବିଜୟ ବେହେରା, ଅଭୟ ବେହେରା, ଦିପୁ ବେହେରା, ଲିପୁନ ବେହେରା, ଟିଟୁନ ବେହେରା, ଚିତ୍ରସେନ ବେହେରାଙ୍କ ସମେତ ସମସ୍ତ ଗ୍ରାମବାସୀ ପୂଜା କାର୍ଯ୍ୟରେ ସହଯୋଗ କରିଥିଲେ। ଏଠାରେ ୭ଦିନ ଧରି ମା'ଙ୍କ ପୂଜାର୍ଚ୍ଚନା ଚାଲିବା ସହିତ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ ବୋଲି ଲକ୍ଷ୍ମୀପୂଜା କମିଟିର ମୁଖ୍ୟ ପରିଚାଳକ ସୁଦର୍ଶନ ବେହେରା ପ୍ରକାଶ କରିଛନ୍ତି। ସେହିପରି ଚାରିଛକ ନିକଟସ୍ଥ ବ୍ରହ୍ମକୁଣ୍ଡୀ, ଗଡ଼ଇଟା ପୋଖରୀ, ଲାଲ୍‌ବାଗ, ମଳଉ ସାହି, ବେଲପୋଖରୀ ସାହି, ବିଶିମାତ୍ରୀ, ଜୁଣୁପୁର, ପଥରପଦା, କୁସୁମାଠେଙ୍ଗ, ଭଇଚିଗୋରଡ଼ି, ନଡଣା ଆଦି ସ୍ଥାନରେ ମା' ଗଜଲକ୍ଷ୍ମୀଙ୍କ ପୂଜା ମହାସମାରୋହରେ ଅନୁଷ୍ଠିତ ହୋଇଯାଇଛି।

**କାକଟପୁର:** ମୁଖ୍ୟ ବଜାରରେ କୁମାର ପୂର୍ଣ୍ଣିମା ଅବସରରେ ୭ରୁ ଊର୍ଦ୍ଧ୍ୱ ମଣ୍ଡପରେ ଚାଲିଛି ମା' ଗଜଲକ୍ଷ୍ମୀଙ୍କ ପୂଜା ଆରାଧନା। ଏଥିମଧ୍ୟରୁ କଲେଜ ଛକ ଗଜଲକ୍ଷ୍ମୀ ପୂଜା କମିଟି ସର୍ବାଗ୍ରେ ରହିଥିବାବେଳେ ୨୭ ବର୍ଷରେ ପଦାର୍ପଣ କରିଛି। ଏହି ପୂଜା ସ୍ଥାନୀୟ ବ୍ୟବସାୟୀମାନଙ୍କ ଦ୍ୱାରା ପାଳନ ହେଉଥିବାବେଳେ ସମସ୍ତ ବ୍ୟବସାୟୀ ପୂଜା ଆରମ୍ଭ ଦିନଠାରୁ ହବିଷ୍ୟାନ୍ନ ଗ୍ରହଣ କରି ଅତି ନିଷ୍ଠାର ସହ ପାଳନ କରୁଛନ୍ତି। ପ୍ରାତଃ କାଳରୁ ବାଳ ଧୂପ, ମଧ୍ୟାହ୍ନରେ ଖେଚୁଡ଼ି ଭୋଗ ଓ ସନ୍ଧ୍ୟାରେ ବଡ଼ସିଂହାର ନୀତି ଅନୁଷ୍ଠିତ ହୋଇଥାଏ। କଲେଜ ଛକଠାରେ ସୁଉଚ୍ଚ ତୋରଣ, ରଙ୍ଗୀନ ଆଲୋକମାଳା ଓ ଫୁଲରେ ସାଜସଜ୍ଜା ମଣ୍ଡପକୁ ଅତି ଆକର୍ଷଣୀୟ କରିଛି। ବ୍ୟବସାୟୀମାନଙ୍କ ନିଷ୍ଠା ଓ ଅନୁଷ୍ଠାନର ସଭାପତି ରାଜକିଶୋର ମଲ୍ଲିକଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏହି ପୂଜା ଚାଲିଥିବାବେଳେ ପ୍ରତ୍ୟହ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଥିବାବେଳେ ପାରମ୍ପରିକ ବାଦ୍ୟ ବଜାଇ ଭସାଣି ଅନୁଷ୍ଠିତ ହେବ ବୋଲି ସମ୍ପାଦକ ଦୀପକ ଶତପଥୀ ପ୍ରକାଶ କରିଛନ୍ତି। କର୍ତ୍ତା ଭାବେ ଭାସ୍କର ବିଶ୍ୱାଳ ଦାୟିତ୍ୱ ନିର୍ବାହ କରିଥିବାବେଳେ ବିଶ୍ୱଜିତ୍ ଦାଶ, ଉଗ୍ରେସନ ଦାସ, ବାସୁଦେବ ମିଶ୍ର ପ୍ରମୁଖ ପୂଜାକୁ ସୁପରିଚାଳନା କରିଛନ୍ତି।

# ତିରୁଣାରୁ ବଉଲାଙ୍ଗ ରାସ୍ତାରେ ଆଣ୍ଠୁଏ ଖାଲ



ନୟାହାଟ,୭।୧୦(ସମିସ): ଗ୍ରାମ୍ୟ ଉନ୍ନୟନ ଅଧୀନରେ ଥିବା ବଉଲାଙ୍ଗରୁ ତିରୁଣା ପ୍ରାୟ ୩ କିଲୋମିଟର ରାସ୍ତା ମରାମତି ଅଭାବରୁ ଶୋଚନୀୟ ହୋଇପଡ଼ିଛି। ଉକ୍ତ ରାସ୍ତା ଉପରେ ସୋରଭା, ବଉଲାଙ୍ଗ ଦୁଇଟି ପଞ୍ଚାୟତର ପ୍ରାୟ ୨୦ ହଜାରରୁ ଊର୍ଦ୍ଧ୍ୱ ଜନସାଧାରଣ ଯାତାୟାତ ପାଇଁ ନିର୍ଭର କରନ୍ତି। ଉକ୍ତ ରାସ୍ତା ଦେଇ ପୁରୀ, କୋଣାର୍କ ଓ କାଳିଆଗାଦି ମଠକୁ ଦୈନିକ ଯାନବାହନ ଯାତାୟାତ କରୁଥିବାବେଳେ ରାସ୍ତାର ବିଭିନ୍ନ ସ୍ଥାନରେ ବଡ଼ ବଡ଼ ଖାଲ ହୋଇ ବର୍ଷା ପାଣି ଜମିରହୁଛି। ଦୁଇ ଚକିଆ ଓ ଚାରି ଚକିଆ ଯାନ ଉକ୍ତ ଖାଲରେ ଗଳି ପଡ଼ିବା ବାହାରିବା ଭାରି କଷ୍ଟ ହେଉଛି। ବିଭିନ୍ନ ସମୟରେ ରାତିରେ ସାଇକଲ ଓ ବାଇକ୍ ଆରୋହୀ ଖାଲରେ ପଡ଼ି ଆହତ ହେଉଛନ୍ତି। ରାସ୍ତା ମରାମତି ପାଇଁ ପଞ୍ଚେଣା ଗ୍ରାମର ପ୍ରଭାକର ପାତ୍ର, ଶୋରଭା ପଞ୍ଚାୟତର ପୂର୍ବତନ ସରପଞ୍ଚ ବାବୁଲାଲ ସ୍ୱାଇଁ ଓ ବଉଲାଙ୍ଗ ପଞ୍ଚାୟତର ପୂର୍ବତନ ସରପଞ୍ଚ କମଳାକାନ୍ତ କୁଅଁର ଅନେକ ସମୟରେ ଦାବି କରିଥିଲେ ହେଁ ଏଥିପ୍ରତି ବିଭାଗୀୟ ଅଧିକାରୀଙ୍କ ନିଘା ନାହିଁ। ଏହି ରାସ୍ତା ମରାମତି ଦିଗରେ କେହି ଦୃଷ୍ଟି ଦେଉନାହାନ୍ତି।

# ଦୁଇଦିନିଆ ୧୫ତମ କୁମାର ଉତ୍ସବ ଉଦ୍‌ଯାପିତ

ବଳଙ୍ଗା,୭।୧୦(ସମିସ): ଭାର୍ଗବୀ ନଦୀ କୂଳରେ ଥିବା ଅଲାରପୁର ଭଳି ଗୋଟିଏ ଛୋଟିଆ ଗାଁରେ ଦୀର୍ଘ ୧୫ ବର୍ଷ ହେବ "କୁମାର ଉତ୍ସବ' ନାଁରେ ଆରମ୍ଭ ହୋଇଥିବା ଏକ ଲୋକକଳା ଓ ସାଂସ୍କୃତିକ ଆନ୍ଦୋଳନ ଆଗାମୀ ଦିନରେ କଳା ଓ ସଂସ୍କୃତିକୁ ବିକାଶରେ ସହାୟକ ହେବ ବୋଲି ବଳଙ୍ଗା ନିକଟସ୍ଥ ଅଲାରପୁରଠାରେ ହରଦୁର୍ଗା ୟୁଥ୍ କ୍ଲବ୍ ପକ୍ଷରୁ ଆୟୋଜିତ ଦୁଇଦିନିଆ ୧୫ତମ କୁମାର ଉତ୍ସବରେ ଉପସ୍ଥିତ ଅତିଥିମାନେ ମତବ୍ୟକ୍ତ କରିଛନ୍ତି। ମଙ୍ଗଳବାର ଅନୁଷ୍ଠିତ ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ କ୍ରୀଡ଼ା ଓ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ୍, ସମ୍ମାନିତ ଅତିଥି ବ୍ରହ୍ମଗିରି ପୂର୍ବତନ ବିଧାୟକ ଲଳିତେନ୍ଦୁ ବିଦ୍ୟାଧର ମହାପାତ୍ର, ମୁଖ୍ୟବକ୍ତା ଭାବେ ସ୍ଥାନୀୟ ବିଧାୟକ ଆଶ୍ରିତ ପଟ୍ଟନାୟକ ଅତିଥି ରୂପେ ଯୋଗଦେଇଥିଲେ। ହରଦୁର୍ଗା ୟୁଥ୍ କ୍ଲବ୍‌ର ସଭାପତି ଅଶ୍ୱିନୀ କୁମାର ସାହୁ ସମ୍ପାଦକୀୟ ବିବରଣୀ ପାଠ ଓ ଅତିଥି ପରିଚୟ ଦେଇଥିଲେ। ବିଶେଷ ଆକର୍ଷଣ ଥିଲେ ଅଭିନେତା ଅନୁଭବ ମହାନ୍ତି, ଅଭିନେତ୍ରୀ ଶିବାନୀ ସଙ୍ଗୀତା ଏବଂ କମେଡ଼ି କିଙ୍ଗ୍ ପପୁ ପମ୍ ପମ୍‌ଙ୍କ କମେଡ଼ିରେ ଲୋକାରଣ୍ୟ ହୋଇଯାଇଥିଲା ଅଲାରପୁର ମେଳଣ ପଡ଼ିଆ। କଣ୍ଠଶିଳ୍ପୀ ଅସୀମା ପଣ୍ଡାଙ୍କ ଦମ୍‌ଦାର ମେଲୋଡ଼ି ଗୀତରେ ମତୁଆଲା ହୋଇପଡ଼ିଥିଲେ ଦର୍ଶକ। ବିଭିନ୍ନ ସାଂସ୍କୃତିକ ଦଳ ଦ୍ୱାରା ପରିବେଷିତ ସାଂସ୍କୃତିକ କାର୍ଯ୍ୟକ୍ରମ ଏବଂ ଗାଁ କଳାକାରଙ୍କ ମାଟି.. ମାଟି.. ମାଟି ନୃତ୍ୟରେ ବିଳମ୍ବିତ ସନ୍ଧ୍ୟା ପର୍ଯ୍ୟନ୍ତ ଦର୍ଶକ ବାନ୍ଧି ହୋଇ ରହିଥିଲେ।

# ବଳଙ୍ଗା ବଜାରରେ ପୁଲିସର ଫ୍ଲାଗ୍ ମାର୍ଚ୍ଚ

ବଳଙ୍ଗା,୭।୧୦(ସମିସ): ମଙ୍ଗଳବାର ଅପରାହ୍ଣ ୫ଟା ସମୟରେ ବଳଙ୍ଗା ବଜାରରେ ହଠାତ୍ ଦେଖିବାକୁ ମିଳିଥିଲା ପୁଲିସ ପ୍ରଶାସନ ତରଫରୁ ଫ୍ଲାଗ୍ ମାର୍ଚ୍ଚ। ସୂଚନା ମୁତାବକ, ଚଳିତ ବର୍ଷ ଦୁର୍ଗାପୂଜା ଭସାଣିକୁ ନେଇ କଟକ ସହରରେ ସୃଷ୍ଟି ହୋଇଥିବା ଗଣ୍ଡଗୋଳ ଓ ଅପ୍ରିତିକର ପରିସ୍ଥିତିକୁ ଆଖି ଆଗରେ ରଖି ବଳଙ୍ଗା ଅଞ୍ଚଳରେ ଶାନ୍ତିଶୃଙ୍ଖଳା ବଜାୟ ରଖିବା ପାଇଁ ପୁରୀ ଜିଲ୍ଲା ଅତିରିକ୍ତ ଅଧିକାରୀ ସଚ୍ଚିନ ପାଇଲଟ, ପିପିଲି ଡିଏସ୍‌ପି ଦେବାଶିଷ ମିଶ୍ର, ବଳଙ୍ଗା ଥାନା ଅଧିକାରୀ ଦିବ୍ୟରଞ୍ଜନ ପଣ୍ଡାଙ୍କ ନେତୃତ୍ୱରେ ୧ ପ୍ଲାଟୁନ୍ ଫୋର୍ସ ବଳଙ୍ଗା ଥାନାଠାରୁ ବଜାର ଓ ଜଳସମ୍ପଦ କାର୍ଯ୍ୟାଳୟ ଏବଂ ପଣସଗଡ଼ ବାଙ୍କ ଦେଇ ଫ୍ଲାଗ୍ ମାର୍ଚ୍ଚ କରାଯାଇଥିଲା।



# ସାକ୍ଷୀଗୋପାଳ ମନ୍ଦିରରେ ମହାଲକ୍ଷ୍ମୀଙ୍କ କଉଡ଼ି ଖେଳ

ସାକ୍ଷୀଗୋପାଳ,୭।୧୦(ସମିସ): ପ୍ରତିବର୍ଷ ପରି ଚଳିତ ବର୍ଷ କୁମାର ପୂର୍ଣ୍ଣମୀ ରାତିରେ ପରମ୍ପରା ଅନୁଯାୟୀ ସାକ୍ଷୀଗୋପାଳଙ୍କ ବିଜେ ପ୍ରତିମା ଶ୍ରୀଶ୍ରୀ ମଦନମୋହନ ଦେବଙ୍କ ସହିତ ଠାକୁରାଣୀ ମହାଲକ୍ଷ୍ମୀଙ୍କ କଉଡ଼ି ଖେଳ ଅନୁଷ୍ଠିତ ହୋଇଛି। ବିଳମ୍ବିତ ରାତିରେ ଘଣ୍ଟ, ମହୁରୀ, ବାଜା, ମଶାଲ, ବୈରଖ, କାହାଳୀ, ଛତିଚ୍ଛାସ ସହ ବିଜେ ପ୍ରତିମା ମଦନମୋହନ ମନ୍ଦିରରୁ ବିମାନରେ ବାହାରି ସିଂହଦ୍ୱାରସ୍ଥିତ କୁମାର ପୂର୍ଣ୍ଣମୀ ବେଦୀକୁ ବିଜେ କରିଥିଲେ। ସେଠାରେ ଠାକୁରଙ୍କ ପନ୍ତିଭୋଗ, ଉପଚାର, ଆଳତି ଓ ବନ୍ଦାପନା କରାଯାଇଥିଲା। ପୂଜାପଣ୍ଡା, ପାଳିଆପତ୍ରୀ, ସିଂହାରୀ, ଭଣ୍ଡାର ମେକାପ ଆଦି ସେବାୟତ ଠାକୁରଙ୍କ ପ୍ରତିନିଧି ଭାବରେ କଉଡ଼ି ଖେଳରେ ସାମିଲ ହୋଇଥିଲେ। ଠାକୁରଙ୍କ ହାତକୁ ଛୁଆଁଇ ରୁପା କଉଡ଼ି ୭ ମୁଠା ଖେଳିଥିଲେ। ଏହି ଦେବନୀତି ସମାପନ କରି ବିଜେ ପ୍ରତିମା ମନ୍ଦିରକୁ ବାହୁଡ଼ିଥିଲେ।

# ନିଆରା ପରମ୍ପରା: କଣ୍ଢେଇ ବାହାଘର



ପିପିଲି,୭।୧୦(ସମିସ):କୁମାର ପୂର୍ଣ୍ଣିମା ଅବସରରେ ପିପିଲିରେ ନିଆରା ପାରମ୍ପରିକ କଣ୍ଢେଇ ବିବାହ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ପୁରୀ ଜିଲ୍ଲା ପିପିଲି ଭାରତୀପୁର ଗ୍ରାମରେ ୯ମ କଣ୍ଢେଇ ବିବାହ ଉତ୍ସବ ସୋମବାର ରାତିରେ ଧୁମ୍‌ଧାମ୍‌ରେ ପାଳିତ ହୋଇଥିଲା। ଯୌତୁକ ଦାବି ଭଳି ଘୃଣ୍ୟ ପ୍ରଥାକୁ ବିରୋଧ କରି ଭାରତୀପୁର ଗ୍ରାମର କୁମାର ପୂର୍ଣ୍ଣିମା କ୍ଲବ୍ ପକ୍ଷରୁ ୯ ବର୍ଷ ଧରି ଆୟୋଜିତ ଏହି କାର୍ଯ୍ୟକ୍ରମରେ ପରମ୍ପରା ଅନୁଯାୟୀ ସମସ୍ତ ରୀତିନୀତି ପାଳନ ହୋଇଛି। ଦୁଇ ଜଣ ଛୋଟ ଝିଅଙ୍କୁ ବର ଓ କନ୍ୟା ରୂପେ ସଜାଇ ବାହାଘର କରାଯାଇଛି। ଗ୍ରାମର ସମସ୍ତ କୁମାରୀ ଝିଅ ଏଥିରେ ସହଯୋଗ କରି ସମ୍ପୂର୍ଣ୍ଣ ବିବାହ ରୀତିନୀତି ଭଳି ହଳଦୀ, ମେହେନ୍ଦି, ମଙ୍ଗଳକୃତ୍ୟ ସହ ବାଣ ରୋଷଣୀ କରି ବରଯାତ୍ରୀରେ ଗ୍ରାମ ପରିକ୍ରମା କରିଥିଲେ। ପରେ ବାହାଘର ଅନୁଷ୍ଠିତ ହୋଇଥିଲା। ଭୋଜିଭାତର ଆସର ସହ ସାମିଲ୍ ହୋଇଥିଲେ ଆଖପାଖ ଗାଁର ଶତାଧିକ କୁଆଁରୀ ଝିଅଙ୍କ ସହ ମହିଳା ଓ ପୁରୁଷ। ଭାରତୀପୁର ଗ୍ରାମବାସୀମାନେ ଏଥିରେ ପୂର୍ଣ୍ଣ ସହଯୋଗ କରିଥିଲେ। କଣ୍ଢେଇ ବିବାହ ଉତ୍ସବ ସମାପନ ମୁଖ୍ୟତଃ ଯୌତୁକ ଦାବି ଭଳି ଘୃଣ୍ୟ ପ୍ରଥାକୁ ବିରୋଧ କରି ବିନା କୌଣସି ଦାବିରେ ପୁଅ-ଝିଅଙ୍କ ବାହାଘର କରାଯିବା ଉଚିତ୍ ବୋଲି ଏହାର ବିଶେଷତା ରହିଥିବା ସମସ୍ତେ ମତପ୍ରକାଶ କରିଛନ୍ତି। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ରୂପେ ପୁରୀ ଜିଲ୍ଲା ବିଜେଡି ସଭାପତି ତଥା ସତ୍ୟବାଦୀର ପୂର୍ବତନ ବିଧାୟକ ଉମାକାନ୍ତ ସାମନ୍ତରାୟ ଯୋଗ ଦେଇଥିବାବେଳେ ପିପିଲିର ପୂର୍ବତନ ବିଧାୟକ ରୁଦ୍ରପ୍ରତାପ ମହାରଥୀ, ଧରଣୀଧର ସାହୁ, ବିଶ୍ୱଜିତ ଦାଶଙ୍କ ସହ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଏଥିରେ ଯୋଗଦେଇ କଣ୍ଢେଇ ବିବାହ କାର୍ଯ୍ୟକ୍ରମ ଆୟୋଜକଙ୍କୁ ବହୁ ଉତ୍ସାହିତ କରିଥିଲେ।

**ଚାରିଛକ:** ନିମାପଡ଼ା ବ୍ଲକ୍ ତୁଳସୀପୁର ପଞ୍ଚାୟତ ସୁଧବାରିମୂଳ ଗ୍ରାମରେ କୁମାର ପୂର୍ଣ୍ଣିମା ଅବସରରେ ଉତ୍କଳୀୟ ପୁରାତନ ପରମ୍ପରା ନିଛକ ଗ୍ରାମାଞ୍ଚଳରେ ହଜିଯାଉଥିବା କଣ୍ଢେଇ ବାହାଘର ବଡ଼ ଧୁମ୍‌ଧାମ୍‌ରେ ପାଳିତ ହୋଇଯାଇଛି। ପ୍ରତିବର୍ଷ ଭଳି ଚଳିତବର୍ଷ କୁମାର ପୂର୍ଣ୍ଣିମାରେ କଣ୍ଢେଇ ବିବାହ ଅନୁଷ୍ଠିତ ହୋଇଯାଇଛି। ଏହି ଗ୍ରାମରେ ପ୍ରାୟ ୨୦ ବର୍ଷରୁ ଅଧିକ ହେବ କୁମାର ପୂର୍ଣ୍ଣିମାରେ କଣ୍ଢେଇ ବାହାଘର ପାଳିତ ହୋଇଆସୁଛି। ଓଡ଼ିଆ ଘରର ରୀତିନୀତି ଅନୁସାରେ ଦୁଇଟି ଝିଅ ବର ଓ କନ୍ୟା ବେଶ ସାଜିଥିଲେ। ବରପକ୍ଷ ବାଜା, ବାଣ ଓ ରୋଷଣୀ କରି ବରଯାତ୍ରୀ ଧରି କନ୍ୟା ଘରେ ପହଞ୍ଚିଥିଲେ। କନ୍ୟା ଘର ବରକୁ ବନ୍ଦାପନା କରି ବିବାହ ବେଦିକୁ ନେଇଥିଲେ। ପୁରୋହିତ ମନ୍ତ୍ରପାଠ କରିଥିଲେ। ଏହି ବିବାହରେ ଦିଅଁମଙ୍ଗୁଳା, ହସ୍ତଗଣ୍ଠି, ବନ୍ଦାପନା ସମସ୍ତ କର୍ମ ପରେ ବରକନ୍ୟାଙ୍କୁ ଗ୍ରାମ ପରିକ୍ରମା କରାଯାଇଥିଲା। ଉତ୍ସବରେ ସମ୍ପୂର୍ଣ୍ଣ ଗ୍ରାମ ଉତ୍ସବମୁଖର ହୋଇଥିଲା। ଶେଷରେ ଭୋଜିଭାତର ଆୟୋଜନ କରାଯାଇଥିଲା। ଏହି ବିବାହ ଉତ୍ସବରେ ଲିଜା ଦାସ କନ୍ୟା ଓ ଖୁସି ଦାସ ବର ସାଜିଥିବାବେଳେ ବିଶ୍ୱଜିତ ସାହୁ ପୁରୋହିତ ସାଜି ଏହି ବିବାହ ସମାପନ କରିଥିଲେ।



## ହୋ ଭାଷା ରେ ପ୍ରଥମ AI ଗବେଷଣାରେ ଐତିହାସିକ ସଫଳତା ସହିତ ବିକ୍ରମଙ୍କ ଡକ୍ଟରେଟ ଲାଭ



ସ୍କୁଲ ଅଫ୍ ଇଣ୍ଡିଜେନୋଓସ ନଲେଜ, ସାଇନ୍ସ ଆଣ୍ଡ ଟେକ୍ନୋଲୋଜିର କମ୍ପ୍ୟୁଟର ବିଜ୍ଞାନ ବିଭାଗର ଶ୍ରୀ ବିକ୍ରମ ବିରୁଲି କିସ୍ ବିଶ୍ୱବିଦ୍ୟାଳୟ, ଭୁବନେଶ୍ୱରରୁ କମ୍ପ୍ୟୁଟର ବିଜ୍ଞାନ ବିଭାଗରେ Doctor of Philosophy (Ph. D) ଉପାଧି ପାଇବା ନିମିତ୍ତ ଯୋଗ୍ୟ ବିବେଚିତ ହୋଇଛନ୍ତି। ସେ କିସ୍ ବିଶ୍ୱବିଦ୍ୟାଳୟର ଡ଼.ଯଶୋବନ୍ତ ଦାସ ଓ କିଟ୍ ବିଶ୍ୱବିଦ୍ୟାଳୟର ଡ. ସତ୍ୟ ରଞ୍ଜନ ଦାଶଙ୍କ ତତ୍ତ୍ୱାବଧାନରେ ଗବେଷଣା କରୁଥିଲେ । ଶ୍ରୀ ବିରୁଲିଙ୍କ ସନ୍ଦର୍ଭଟି "APPLICATION OF ARTIFICIAL INTELLIGENCE (AI) RECOGNITION FOR LANGUAGE MAINTENANCE IN HO LANGUAGE". ବିହାର ସ୍ଥିତ IIT PATNA ର କମ୍ପ୍ୟୁଟର ବିଜ୍ଞାନ ଏବଂ ଇଞ୍ଜିନିୟରିଂ ବିଭାଗର Profesor ଡ. ଶ୍ରିପର୍ନା ସାହା ଏବଂ ଶାର୍ଯାହ UAE ସ୍ଥିତ ଉନିଭର୍ଶିଟୀ ସିଟି ଓଫ୍ ଶାର୍ଯାହ୍ ର ଡ. ମାନସ ରଂଜନ ପ୍ରଧାନ (School of Information Technology)ଙ୍କ ଦ୍ୱାରା ପରୀକ୍ଷିତ ଏବଂ ଉଚ୍ଚ ପ୍ରଶଂସିତ ହୋଇଅଛି । ଡ. ବିକ୍ରମ ବିରୁଲି ମୟୂରଭଞ୍ଜ ଜିଲ୍ଲା ମାଟକାମ ସାହି ଗ୍ରାମର ପୁରୁଷୋତ୍ତମ ବିରୁଲି ଏବଂ ବିରେଙ୍ଗ ଦେଇଙ୍କ ମଝିଆ ପୁତ୍ର ଅଟନ୍ତି । ସେ ତାଙ୍କ ଏହି ସମ୍ମାନ ଏବଂ ସଫଳତାର ଶ୍ରେୟ କିଟ୍ ଓ କିସ୍ ର ପ୍ରତିଷ୍ଠାତା ପ୍ର.(ଡ଼.) ଅଚ୍ୟୁତ ସାମନ୍ତ ଙ୍କୁ ଅର୍ପଣ କରିବା ସହିତ ନିଜ ପିତାମାତା , ସମସ୍ତ ପରିବାର ବର୍ଗ , ସମସ୍ତ ସହକର୍ମୀ ଏବଂ ଶୁଭେଚ୍ଛୁ ମାନଙ୍କୁ ଆନ୍ତରିକ କୃତଜ୍ଞତା ଜ୍ଞାପନ କରୁଛନ୍ତି ।

# ସାର କଳାବଜାରୀ; ଡିଲର ଓ ଖୁଚୁରା ଦୋକାନୀ ମାଲେମାଲ୍

କାକଟପୁର,୭।୧୦(ସମିସ): ଚାଷୀଙ୍କ ପାଇଁ ସରକାର ଦେଇଥିବା ୟୁରିଆ ସାର ସରକାରୀ ସ୍ୱୀକୃତିପ୍ରାପ୍ତ ଡିଲର ପାଖରୁ ଛୁ ମନ୍ତର ହେଇଥିବାବେଳେ ଖୁଚୁରା ଦୋକାନୀଙ୍କ ହାତରେ ସେହି ସାରର ପାହାଡ଼ ଦେଖିବାକୁ ମିଳୁଛି। ସରକାରୀ ଧାର୍ଯ୍ୟ ମୂଲ୍ୟ ବସ୍ତା ପିଛା ୨୬୬.୫୦ ଟଙ୍କା ବ୍ୟୟରେ ମିଳିବାକୁ ଥିବା ସାର, ଘରୋଇ ବେପାରୀଙ୍କ ହାତରେ କେଉଁଠି ୫୦୦ କିମ୍ବା ୬୫୦ ଏମିତିକି ଆଉ କେଉଁଠି କିଲୋ ପିଛା ୧୭ ଟଙ୍କାରେ ବି ବିକ୍ରି ହେଉଛି। ଚାଷୀଙ୍କ ଦୁଃଖ ଦିନକୁ ଦିନ ବଢୁଛି। ସରକାରୀ ସ୍ୱୀକୃତିପ୍ରାପ୍ତ ଗୋଦାମକୁ ଯାଇଥିବା ଚାଷୀମାନେ ହତାଶ ହୋଇ ଫେରୁଛନ୍ତି। କିନ୍ତୁ ସେହି ସମୟରେ ଘରୋଇ ବେପାରୀଙ୍କ ଗୋଦାମରେ ଶହ ଶହ ବସ୍ତା ଗଦାମରା ଅବସ୍ଥାରେ ରହିଛି। ସରକାରଙ୍କ ପ୍ରଚାରପ୍ରସାର ତୁଳନାରେ ବାସ୍ତବିକ ଅବସ୍ଥା ଭିନ୍ନ। ଅନ୍ୟପଟରେ ସରକାର କହୁଛନ୍ତି, ଚାଷୀଙ୍କ ପାଇଁ ପୂର୍ଣ୍ଣ ମାତ୍ରାରେ ସାର ମହଜୁଦ ଅଛି। କିନ୍ତୁ ସତ୍ୟ ହେଲା ଡିଲର ଗୋଦାମ ଶୂନ୍ୟ ଓ ଖୁଚୁରା ବେପାରୀଙ୍କ ଗୋଦାମ ଭର୍ତ୍ତି। ଚାଷୀଙ୍କ ଅଭିଯୋଗ ବଢ଼ିବାରେ ଲାଗିଛି। ସାଧାରଣ ଚାଷୀଙ୍କ କଥାରେ ସ୍ୱୀକୃତିପ୍ରାପ୍ତ ଡିଲର ଓ ଘରୋଇ ବେପାରୀ ମିଳିତ ଭାବରେ ଏହି କଳାବଜାରୀରେ ଜଡ଼ିତ। ଚାଷୀଙ୍କୁ ଶୋଷଣ କରିବା ମୁଖ୍ୟ ଉଦ୍ଦେଶ୍ୟ ବୋଲି ସେମାନଙ୍କ ଅଭିଯୋଗ। ସରକାରୀ ପ୍ରଚାରପ୍ରସାର ଏବେ ସାଜିଛି ଚାଷୀଙ୍କ କଷ୍ଟ। ସରକାର ପ୍ରଚାର କରୁଛନ୍ତି, ଚାଷୀଙ୍କୁ ମିଳୁଛି ଶସ୍ତା ଦରରେ ଉଚ୍ଚମାନର ୟୁରିଆ ସାର। କିନ୍ତୁ ବାସ୍ତବରେ, ଚାଷୀ ବାଧ୍ୟତାମୂଳକ ଭାବରେ ଦୁଇ/ତିନି ଗୁଣା ଦରରେ ସାର କିଣିବାକୁ ବାଧ୍ୟ ହେଉଛି। ସତ୍ୟଟି ହେଉଛି ଏହା ଏକ ବିରାଟ ଷଡ଼ଯନ୍ତ୍ର, ଯେଉଁଥିରେ ସରକାରୀ ସ୍ୱୀକୃତିପ୍ରାପ୍ତ ଡିଲର ଓ କଳାବଜାରୀ ବେପାରୀମାନେ ଏକାଠି ହୋଇଛନ୍ତି। ଏଥିରେ ଶୋଷିତ ହେଉଛନ୍ତି କେବଳ ଚାଷୀ। ଆଧାର ନେଇ ହୋଲ୍‌ସେଲରେ ସାର ଦେଲାବେଳେ ସାର କଳାବଜାରୀ ହେଲା କେମିତି ତାହା ଏବେ ପ୍ରଶ୍ନବାଚୀ।

## ସାରର ଘୋର୍ ଅଭାବ; ଆଗେଇ ପାରୁନି ଚାଷ କାମ


ନିମାପଡ଼ା,୭।୧୦(ସମିସ): ନିମାପଡ଼ାରେ ୟୁରିଆ ସାରର ଘୋର୍ ଅଭାବ ଦେଖାଦେଇଥିବାରୁ ଚାଷୀମାନେ ଏକପ୍ରକାର ଚିନ୍ତାରେ ପଡ଼ିଯାଇଛନ୍ତି। ନିମାପଡ଼ା ଏକ ଚାଷବହୁଳ ଅଞ୍ଚଳ ହୋଇଥିବାରୁ ଏଠାକାର ଜନସାଧାରଣ କୃଷି ଉପରେ ନିର୍ଭର କରି ଚଳିଥା'ନ୍ତି। ରାଜ୍ୟ ସରକାର କୃଷକମାନଙ୍କୁ ରିଆତି ଦରରେ ସାର ଯୋଗାଇଦେବାକୁ ଡିଣ୍ଡିମ ପିଟୁଥିବାବେଳେ ନିମାପଡ଼ାରେ ଏହାର ବ୍ୟତିକ୍ରମ ଦେଖାଦେଇଛି। ଚାଷୀମାନେ ଧାର ଉଦ୍ଧାର କରି ଧାନ ଚାଷ କରିଥିବାବେଳେ ସାର ଅଭାବରୁ ଅନେକ ଚାଷୀ ଚାଷକାମ ଆଗେଇପାରୁ ନ ଥିବା ଅଭିଯୋଗ କରିଛନ୍ତି। ନିମାପଡ଼ା ବ୍ଲକ୍ ଅଞ୍ଚଳର ବଳଙ୍ଗା, ଚାରିଛକ, ଖେଲାର, ନିମାପଡ଼ା ଆଦି ଅଞ୍ଚଳରେ ସାରର ଘୋର୍ ଅଭାବ ଦେଖାଦେଇଛି। ନିମାପଡ଼ା ବ୍ଲକ୍‌ର ଅନେକ ସେବା ସମବାୟ ସମିତିରେ ସାର ବିକ୍ରୟ ପାଇଁ ଲାଇସେନ୍ସ ନ ଥିବାବେଳେ କେତେକ ସମବାୟ ସମିତି ଲାଇସେନ୍ସକୁ ନବୀକରଣ ନ କରିବା ଫଳରେ ସେମାନେ ସାର ବିକ୍ରୟ କରିପାରୁନାହାନ୍ତି। ଯାହା ଫଳରେ ଚାଷୀମାନେ ସାର ପାଇବାରେ ଅଭାବ ଦେଖାଦେଇଛି। ସାର ହୋଲ୍‌ସେଲରମାନଙ୍କୁ ଆବଶ୍ୟକ ମୁତାବକ ସାର ନ ଯୋଗାଇବା ଫଳରେ ସେମାନେ ଚାଷୀମାନଙ୍କୁ ଆବଶ୍ୟକତା ମୁତାବକ ସାର ଯୋଗାଇପାରୁ ନାହାନ୍ତି। ସମୁଦ୍ରକୁ ଶଙ୍ଖେ ଭଳି ବ୍ୟବସାୟୀମାନଙ୍କୁ ସାର ଦିଆଯାଉଛି। କେତେକ ସ୍ଥାନରେ ସାରର ଅଭାବ ଦେଖି କେତେକ ଅସାଧୁ ବ୍ୟବସାୟୀ ଚାଷୀମାନଙ୍କୁ ଚଢ଼ାଦରରେ ସାର ବିକ୍ରି କରୁଥିବା ଅନେକ ଚାଷୀଙ୍କଠାରୁ ଶୁଣିବାକୁ ମିଳୁଛି। ଅନେକ ସ୍ଥାନରେ ଚାଷୀମାନେ ମଧ୍ୟ ଆନ୍ଦୋଳନ କରୁଥିବାର ଜଣାପଡ଼ିଛି। ବିଭାଗୀୟ ଅଧିକାରୀମାନେ ଲୋକଦେଖାଣିଆ ଚଢ଼ଉ କରୁଥିବା ଫଳରେ ଚଢ଼ଉକୁ ଖାତିର୍ ନ କରି ଅନେକ ବ୍ୟବସାୟୀ ଉଚିତ୍ ଦରରେ ସାର ବିକ୍ରି ନ କରି ଉଚ୍ଚା ଦରରେ ସାର ବିକ୍ରି କରୁଛନ୍ତି। ଯଦି ତୁରନ୍ତ ସାର ସମସ୍ୟାର ସମାଧାନ ନ ହୁଏ ତେବେ ଖୁବ୍‌ଶୀଘ୍ର ଚାଷୀମାନେ ରାଜରାସ୍ତାକୁ ଓହ୍ଲାଇବେ ବୋଲି କୃଷକ ନେତା କୃଷ୍ଣଚନ୍ଦ୍ର ରାଉତ, ସନାତନ ପାତ୍ର ପ୍ରମୁଖ ଚେତାବନୀ ଦେଇଛନ୍ତି।

# ଶ୍ରୀକ୍ଷେତ୍ର ସିଟି

୭/୧୦/୨୦୨୫ (ମଙ୍ଗଳବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ

ଟ. ୫,୯୯,୭୫୯/- ସୁନା: ୦୩.୫୫୦ ଗ୍ରାମ୍ ରୁପା: ୫୭.୨୦୦ ଗ୍ରାମ୍





## ହବିଷ୍ୟାଳି ବ୍ରତର ଶୁଭାରମ୍ଭ

# 'କାର୍ତ୍ତିକ ବ୍ରତ ଓଡ଼ିଆ ଧର୍ମୀୟ ଭାବନାକୁ ଋଦ୍ଧିମନ୍ତ କରିଛି'

ପୁରୀ,୭।୧୦(ସମିସ): ଧର୍ମ ମାସ କାର୍ତ୍ତିକର ହବିଷ୍ୟାଳି ବ୍ରତ ଓଡ଼ିଆ ଧର୍ମୀୟ ଭାବନାକୁ ଋଦ୍ଧିମନ୍ତ କରିଛି। ଏହା ନିଷ୍ଠା ଓ ସମର୍ପଣର ପ୍ରତୀକ। ମା'ମାନଙ୍କର ପୁଣ୍ୟ ଆମ ସମସ୍ତଙ୍କୁ ଆଶୀର୍ବାଦ ଦେଇ ଚାଲିଥିବ ବୋଲି କହିଛନ୍ତି ଆଇନ, ପୂର୍ତ୍ତ ଓ ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ। ମଙ୍ଗଳବାର ବୃନ୍ଦାବତୀ ନିବାସ ହବିଷ୍ୟାଳି କେନ୍ଦ୍ର ପରିସରରେ କାର୍ତ୍ତିକ ବ୍ରତ-୨୦୨୫ର ଶୁଭାରମ୍ଭ ସମାରୋହ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟଅତିଥି ଭାବେ ଯୋଗଦେଇ ମନ୍ତ୍ରୀ ଶ୍ରୀ ହରିଚନ୍ଦନ କଷ୍ଟରେ କୃଷ୍ଣ ପ୍ରାପ୍ତି ହୁଏର ବାକ୍ୟକୁ ମା'ମାନେ ଅନୁପାଳନ କରିଛନ୍ତି ଏହି ପବିତ୍ର ମାସରେ। ଗୋଟିଏ ବେଳା ମହାପ୍ରସାଦ ସେବନ ସହ ମହାପ୍ରଭୁଙ୍କ ନିକଟରେ ନିଜକୁ ସମର୍ପଣ କରି ସେମାନେ ଅଶେଷ ପୁଣ୍ୟ ଅର୍ଜନ କରୁଛନ୍ତି। ମା'ମାନଙ୍କର ଏହି ଏକ ମାସର ରହଣୀକୁ ଶୃଙ୍ଖଳା, ସୁସ୍ଥ ଓ ସୁରକ୍ଷିତ ଭାବେ କରାଯିବା ପାଇଁ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ ରହିଛି। ପ୍ରଶାସନ ଏ ସମ୍ପର୍କରେ ବିସ୍ତୃତ ବ୍ୟବସ୍ଥା ଗ୍ରହଣ କରିଛନ୍ତି। ଏତେବଡ଼ କାର୍ଯ୍ୟରେ କେଉଁଠାରେ ଛୋଟ ଛୋଟ ତ୍ରୁଟି ଦେଖିଲେ ତାହାର ସମାଧାନ ପାଇଁ ପ୍ରଶାସନର ଦୃଷ୍ଟି ଆକର୍ଷଣ କରିବାକୁ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଅନୁରୋଧ କରିବା ସହ ଆଗାମୀ ପିଢ଼ି ମା'ମାନଙ୍କ ଏହି ବ୍ରତ ଦ୍ୱାରା ଅନୁପ୍ରାଣିତ ହେବେ ବୋଲି ଆଶାବ୍ୟକ୍ତ କରିଥିଲେ।



ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି, କ୍ରୀଡ଼ା ଓ ଯୁବ ସେବା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ବୈଶାଖରେ ଜଳଦାନ, ମାଘରେ ସ୍ନାହାନ ଓ କାର୍ତ୍ତିକରେ ଦୀପଦାନ ଶ୍ରେଷ୍ଠ ପୁଣ୍ୟ। ମା'ମାନଙ୍କ ହବିଷ ବ୍ରତ ପାଇଁ ରାଜ୍ୟ ସରକାର ଏବର୍ଷ ୩ କୋଟି ୩୦ ଲକ୍ଷ ଟଙ୍କାର ବ୍ୟବସ୍ଥା କରିଛନ୍ତି, ଯାହା ଗତବର୍ଷ ଅପେକ୍ଷା ୭୦ ଲକ୍ଷ ଟଙ୍କା ଅଧିକ। ତେବେ ମା'ମାନଙ୍କ ତ୍ୟାଗ ଓ ଆଶୀର୍ବାଦ ଆଗରେ ଏ ଅର୍ଥ କିଛି ନୁହେଁ ବୋଲି ସେ ମତ ଦେଇ କାର୍ତ୍ତିକ ମାସର ତାତ୍ପର୍ଯ୍ୟ ସମ୍ପର୍କରେ ସୂଚନା ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ସାଂସଦ ଡ. ସମ୍ବିତ ପାତ୍ର, ବିଧାୟକ ଆଶ୍ରିତ ପଟ୍ଟନାୟକ, ବିଧାୟକ ଓମ୍ ପ୍ରକାଶ ମିଶ୍ର, ବିଧାୟକ ସୁନୀଲ କୁମାର ମହାନ୍ତି ପ୍ରମୁଖ ଯୋଗଦେଇ ହବିଷ୍ୟାଳି ମା'ମାନଙ୍କର ମହାପ୍ରଭୁଙ୍କ ଉଦ୍ଦେଶ୍ୟରେ ଏକ ମାସର ପୁଣ୍ୟ ଓ ସମର୍ପଣ ସମଗ୍ର ଓଡ଼ିଶାବାସୀଙ୍କ ଉନ୍ନତି, ଶାନ୍ତି ଓ ପ୍ରଗତିରେ ସହାୟକ ହେବ ବୋଲି କହିଥିଲେ। ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ସ୍ୱାଗତ କରିବା ସହ ଓଡ଼ିଶାର ବିଭିନ୍ନ ଜିଲ୍ଲାରୁ ଆସିଥିବା ହବିଷ୍ୟାଳି ମା'ମାନଙ୍କର ଏକ ମାସର ଶୃଙ୍ଖଳିତ, ସୁରକ୍ଷିତ ଓ ସୁସ୍ଥ ରହଣୀ, ମନ୍ଦିର ଦର୍ଶନ, ମହାପ୍ରସାଦ ସେବନ ଇତ୍ୟାଦି ପାଇଁ ସମସ୍ତ ବ୍ୟବସ୍ଥା କରାଯାଇଛି। ଏଥିପାଇଁ ଅଧିକାରୀ, କର୍ମଚାରୀ ଓ ସ୍ୱେଚ୍ଛାସେବୀମାନଙ୍କୁ ଦାୟିତ୍ୱ ଦିଆଯାଇଛି। ଯେପରି ମା'ମାନେ ଘରକୁ ଫେରିବା ବେଳକୁ ସୁଖଦ ଅନୁଭୂତି ନେଇ ଯିବେ ସେଥିପାଇଁ ସମସ୍ତ ବ୍ୟବସ୍ଥା କରାଯାଇଛି ବୋଲି ଜିଲ୍ଲାପାଳ ସୂଚନା ଦେଇଛନ୍ତି। କାର୍ଯ୍ୟକ୍ରମରେ ଏସ୍‌ପି ପ୍ରତୀକ ସିଂ ଯୋଗଦେଇଥିଲେ। ଏହି ଅବସରରେ ହବିଷ୍ୟାଳି ମା'ମାନଙ୍କୁ ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର କିଟ୍ ପ୍ରଦାନ କରାଯାଇଥିଲା, ଯେଉଁଥିରେ ମାଳି, ହବିଷ ବ୍ରତ ପୁସ୍ତକ, ଶାଢ଼ି, ଉତ୍ତରୀୟ, ଶାଲ ଇତ୍ୟାଦି ରହିଛି। ଅତିରିକ୍ତ ଜିଲ୍ଲାପାଳ ଶରତ ଚନ୍ଦ୍ର ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

## ଶ୍ରୀମନ୍ଦିରରେ କୁମାର ପୂର୍ଣ୍ଣିମା ନୀତି

# ଜୁଆରେ ହାରି ବନ୍ଧା ରହିଲେ ମହାପ୍ରଭୁ

ପୁରୀ,୭।୧୦(ସମିସ)



ପବିତ୍ର କୁମାର ପୂର୍ଣ୍ଣିମା ଅବସରରେ ମଙ୍ଗଳବାର ଶ୍ରୀମନ୍ଦିରରେ ମହାପ୍ରଭୁ ଶ୍ରୀଜଗନ୍ନାଥ ଏବଂ ମହାଲକ୍ଷ୍ମୀଙ୍କ ମଧ୍ୟରେ ପଶା (ଜୁଆ) ଖେଳ ହୋଇଛି। ଏଥିରେ ମହାପ୍ରଭୁ ହାରିଯିବା ପରେ ମହାଲକ୍ଷ୍ମୀଙ୍କ ଜଗମୋହନରେ ବନ୍ଧା ହୋଇରହିଛନ୍ତି। ୭ଦିନ ଏହିଭଳି ବନ୍ଧାହୋଇ ରହିବା ପରେ ଅଷ୍ଟମ ଦିନରେ ମୁକୁଳିବେ ମହାପ୍ରଭୁ।

ଶ୍ରୀମନ୍ଦିରରେ ମଧ୍ୟାହ୍ନ ଧୂପ ପରେ ମହାଜନ ସେବକ ଶ୍ରୀଦେବୀ, ଭୂଦେବୀଙ୍କୁ ଖଟଶେଯ ଘରେ ବିଜେ କରାଇଥିଲେ। ପରେ ପୂଜାପଣ୍ଡା ମହାପ୍ରଭୁଙ୍କଠାରୁ ଆଜ୍ଞାମାଳ ଆଣି ଶ୍ରୀସୁଦର୍ଶନଙ୍କୁ ପ୍ରଦାନ କରିଥିଲେ। ଦଇତାପତିମାନେ ସୁଦର୍ଶନଙ୍କୁ ଜଗମୋହନସ୍ଥିତ ଚଉଦୋଳକୁ ବିଜେ କରାଇବା ପରେ ରୁନ୍ଧା ହୋଇ ପାଟପତନୀ ଏବଂ ଚୂଳ ଲାଗି ହୋଇଥିଲା। ଚକ୍ରରାଜ ସୁଦର୍ଶନ ବଡ଼ଦେଉଳ ଘେରାଏ ବୁଲି ସିଂହଦ୍ୱାର ଦେଇ ଭୃଗୁ ଆଶ୍ରମକୁ ବିଜେ କରିଥିଲେ। ସେଠାରେ ଭୋଗ ଓ ବନ୍ଦାପନା ପରେ ସୁଦର୍ଶନ ଆସି ପଶ୍ଚିମଦ୍ୱାର ଚକଡ଼ାରେ ବିଜେ କରିଥିଲେ। ପତିମହାପାତ୍ର ପ୍ରସାଦ ଲାଗି ଏବଂ ବନ୍ଦାପନା କରିବା ପରେ ସୁଦର୍ଶନଙ୍କୁ ରତ୍ନସିଂହାସନକୁ ବିଜେ କରାଯାଇଥିଲା। ଚାରିବାଡ଼ରେ ମହାସ୍ନାନ ପୂଜା ବଢ଼ି ଶ୍ରୀଦେବୀ, ଭୂଦେବୀ ସିଂହାସନକୁ ବିଜେ କରିଥିଲେ। ସନ୍ଧ୍ୟାଧୂପରେ ଚାରିଜଣ ପୂଜାପଣ୍ଡା ପୂଜାରେ ବସିଥିଲେ। ଏହି ଭୋଗରେ ସୁଦର୍ଶନଙ୍କ ବାଡ଼ରେ ପ୍ରସାଦ ଲାଗି ହୋଇ ବନ୍ଦାପନା ସରିଥିଲା। ମହାପ୍ରଭୁ ଦୁଇଟି ଆଜ୍ଞାମାଳ ଲାଗି ହୋଇଥିଲେ। ଭୋଗ ବଢ଼ିବା ପରେ ଦକ୍ଷିଣୀଘରୁ ମଦନମୋହନଙ୍କୁ ସିଂହାସନକୁ ଅଣାଯାଇଥିଲା। ମଦନମୋହନ ଏବଂ ଶ୍ରୀଦେବୀ (ଲକ୍ଷ୍ମୀ) ମହାପ୍ରଭୁଙ୍କଠାରୁ ଆଜ୍ଞାମାଳ ପାଇବା ପରେ ସାତପାହଚ ନିକଟରେ ଥିବା ପାଲିଙ୍କିକୁ ନିଆଯାଇଥିଲା। ବିମାନବଡୁମାନେ ବାହାର କୁଆଁର ନିମନ୍ତେ ଲକ୍ଷ୍ମୀ ମନ୍ଦିର ଜଗମୋହନ ଖଟ ଉପରେ ବିଜେ କରାଇଥିଲେ। ସେଠାରେ ହିଙ୍ଗୁଳ କଉଡ଼ି ୨୧ଟି, ରୁପା କଉଡ଼ି ୨୧ଟିରେ ପଶା ଶକଟା ଖେଳ ହୋଇଥିଲା। ଶୀତଳଭୋଗ ବନ୍ଦାପନା ହୋଇ ଶ୍ରୀଦେବୀ ସିଂହାସନକୁ ଏବଂ ମଦନମୋହନ ଦକ୍ଷିଣୀଘରକୁ ବିଜେ କରିଥିଲେ। ଏହାପରେ ମହାପ୍ରଭୁଙ୍କ ଚନ୍ଦନଲାଗି ହୋଇ ବଡ଼ସିଂହାର ବେଶ ବଢ଼ିଥିଲା।

ବଡ଼ସିଂହାର ଧୂପ ପରେ ଭିତରେ ପାଣି ପଡ଼ିଥିଲା। ଫଳ ଭୋଗ ଲାଗି ପରେ ରତ୍ନସିଂହାସନ ତଳେ ଜୁଆ, ଶକଟା, ପଶା ଓ କଉଡ଼ି ଖେଳ ହୋଇଥିଲା। ଏଥିସହିତ ସିଂହାସନ ଉପରେ ବି ଖେଳ ହୋଇଥିଲା। ଏହି ଖେଳରେ ଲକ୍ଷ୍ମୀ ଠାକୁରାଣୀଙ୍କଠାରୁ ମହାପ୍ରଭୁ ହାରିଯାଇଥିଲେ। ମହାଜନ ସେବକ ମାଧବ (ମହାପ୍ରଭୁଙ୍କ ପ୍ରତିନିଧି)ଙ୍କୁ ଲକ୍ଷ୍ମୀ ମନ୍ଦିରକୁ ବିଜେ କରାଇଥିଲେ। ମହାପ୍ରଭୁ ହାରିଥିବାରୁ ମହାଲକ୍ଷ୍ମୀଙ୍କ ଜଗମୋହନରେ ୭ଦିନ ବନ୍ଧା ହୋଇରହିବେ। ଅଷ୍ଟମ ଦିନ ଅବକାଶ ନୀତି ବେଳେ ମାଧବ ବନ୍ଧାରୁ ଫିଟି ସିଂହାସନକୁ ବିଜେ କରିବେ।

## ଜୁଆ ଆଡ୍ଡାରେ ଚଢ଼ଉ, ୨ ଗିରଫ

ପୁରୀ,୭।୧୦(ସମିସ): ଏକ ଜୁଆ ଆଡ୍ଡାରେ ଚଢ଼ଉ କରି ସମୁଦ୍ରକୂଳ ଥାନା ପୁଲିସ ୨ ଜଣଙ୍କୁ ଗିରଫ କରିଥିବାବେଳେ ଅନ୍ୟ ୨ ଜଣ ଖସିଯାଇଛନ୍ତି। ଗିରଫ ଅଭିଯୁକ୍ତ ଦ୍ୱୟ ହେଲେ ଗୌଡ଼ବାଡ଼ ସାହିର କେ. ଶ୍ୟାମ ବେହେରା ଏବଂ ରାମମନ୍ଦିର ଛକ ସାଲବେଗ ବସ୍ତିର ମଣ୍ଟୁ ଜାଲି। ଫେରାର୍ ଅଭିଯୁକ୍ତ ଦୁଇଜଣ ହେଲେ ଗୌଡ଼ବାଡ଼ ସାହି ମାଳତି ଲେନ୍‌ର ଦନଦାସୀ ବେହେରା ଓ ଗୌଡ଼ବାଡ଼ ସାହିର ବି. ଟିକି ବେହେରା। ପୁଲିସ ସୂଚନା ଅନୁଯାୟୀ, ମଙ୍ଗଳବାର ଅପରାହ୍ଣ ପ୍ରାୟ ୧ଟାରେ ପୁଲିସ ପାଟ୍ରୋଲିଂ କରୁଥିଲା। ଏହି ସମୟରେ ଗୌଡ଼ବାଡ଼ ସାହି ନୋଳିଆସାହି ତ୍ରିନାଥ ମନ୍ଦିର ସମ୍ମୁଖରେ କିଛି ଯୁବକ ତାସ୍‌ରେ ଜୁଆ ଖେଳୁଥିବା ପୁଲିସ ଖବର ପାଇଥିଲା। ସଙ୍ଗେ ସଙ୍ଗେ ପାଟ୍ରୋଲିଂରେ ଥିବା ପୁଲିସ କର୍ମଚାରୀ ସେଠାରେ ଚଢ଼ଉ କରି ଉକ୍ତ ଦୁଇଜଣଙ୍କୁ କାବୁ କରିଥିବାବେଳେ ଆଉ ୨ ଜଣ ଖସିଯାଇଥିଲେ। ପୁଲିସ ଘଟଣାସ୍ଥଳରୁ ଗୋଟିଏ ପ୍ୟାକେଟ୍ ତାସ୍ ଏବଂ ୮,୧୪୦ ଟଙ୍କା ଜବତ କରିଛି। ଏ ନେଇ ଥାନାରେ ଏକ ମାମଲା (ନଂ.୨୯୩/୨୫) ରୁଜୁ କରାଯାଇଥିବା ବେଳେ ଅଭିଯୁକ୍ତ ଦୁଇଜଣଙ୍କୁ କୋର୍ଟଚାଲାଣ କରିଛି।

## ସର୍ବଭାରତୀୟ ସ୍ତରରେ ପୁରୀ ଶିଶୁ ମଙ୍ଗଳ ସମିତି ସମ୍ମାନିତ

ପୁରୀ,୭।୧୦(ସମିସ): ପୁରୀ ଶିଶୁ ମଙ୍ଗଳ ସମିତିର ଅଧ୍ୟକ୍ଷ ଡ. ଅଜିତ କୁମାର ମହାପାତ୍ର ବାଳିକାମାନଙ୍କ ଅଧିକାର ସୁରକ୍ଷା ଓ ସଶକ୍ତିକରଣ କ୍ଷେତ୍ରରେ କରିଥିବା ଦୃଷ୍ଟାନ୍ତମୂଳକ କାର୍ଯ୍ୟ ପାଇଁ ସର୍ବଭାରତୀୟ ସ୍ତରରେ "ଅଷ୍ଟମ ପ୍ଲାନ ଇଣ୍ଡିଆ ଇମ୍ପାକ୍ଟ ଆୱାର୍ଡ ୨୦୨୫' ପ୍ରଥମ ରନର୍ସ ଅପ୍ ସମ୍ମାନରେ ସମ୍ମାନିତ ହୋଇଛନ୍ତି। ଏହି ଗୌରବମୟ ସଫଳତା ପାଇଁ ଡ. ମହାପାତ୍ରଙ୍କୁ ବିଭିନ୍ନ ସାମାଜିକ ସଂଗଠନ, ଶିଶୁ ଅଧିକାର କର୍ମୀ ଓ ପ୍ରମୁଖ ବ୍ୟକ୍ତିବିଶେଷ ଶୁଭେଚ୍ଛା ଜଣାଇଛନ୍ତି। ଗତବର୍ଷ, ଡ. ମହାପାତ୍ରଙ୍କ ସକ୍ରିୟ ନେତୃତ୍ୱରେ ପୁରୀ ଶିଶୁ ମଙ୍ଗଳ ସମିତି ଦେଶର ସମସ୍ତ ଶିଶୁ ମଙ୍ଗଳ ସମିତିଙ୍କ ମଧ୍ୟରେ ପ୍ରଥମ ସ୍ଥାନ ଅଧିକାର କରି, "ସପ୍ତମ ପ୍ଲାନ୍ ଇଣ୍ଡିଆ ଇମ୍ପାକ୍ଟ ଆୱାର୍ଡ ୨୦୨୪' ଜିତିଥିଲା, ଯାହା ପୁରୀ ଜିଲ୍ଲା ଓ ସମଗ୍ର ଓଡ଼ିଶା ପାଇଁ ଏକ ଅସାଧାରଣ ଗୌରବ ରୂପେ ପରିଗଣିତ ହୋଇଥିଲା। ରାଜ୍ୟସ୍ତରରେ ପୁରୀ ଶିଶୁ ମଙ୍ଗଳ ସମିତି ଓଡ଼ିଶା ରାଜ୍ୟ ଶିଶୁ ଅଧିକାର ସୁରକ୍ଷା ଆୟୋଗ, ଓଡ଼ିଶା ରାଜ୍ୟ ଶିଶୁ ସୁରକ୍ଷା ସମିତି, ରୋଟାରୀ ଇଣ୍ଟରନ୍ୟାଶନାଲ ଭଳି ଅନେକ ସରକାରୀ ଓ ବେସରକାରୀ ସଂଗଠନଙ୍କ ଦ୍ୱାରା ଉଚ୍ଚ ପ୍ରଶଂଶିତ ହୋଇ ବିଭିନ୍ନ ସମ୍ମାନପ୍ରାପ୍ତ କରିଛି।

## ୪୬ ତମ କୁମାର ଉତ୍ସବ ଉଦ୍‌ଯାପିତ

# ଆକର୍ଷଣ ସାଜିଲା ବାଲାନ୍ସିଂ ଆକ୍ଟ

ପୁରୀ,୭।୧୦(ସମିସ): ଶ୍ରୀକ୍ଷେତ୍ର ଯୁବ ସାଂସ୍କୃତିକ ସଂସଦ ଆନୁକୂଲ୍ୟରେ ଦୁଇଦିନ ଧରି ପୌରସଦନଠାରେ ଆୟୋଜିତ ୪୬ତମ କୁମାର ଉତ୍ସବ ମଙ୍ଗଳବାର ଉଦ୍‌ଯାପିତ ହୋଇଯାଇଛି। ଉଦ୍‌ଯାପନୀ ସନ୍ଧ୍ୟାରେ ମୁଖ୍ୟ ଆକର୍ଷଣ ସାଜିଥିଲା ଇଣ୍ଡିଆ ଗଟ୍ ଅଫ୍ ଟାଲେଣ୍ଟ ଅଂଶଗ୍ରହକାରୀ କୋଲକାତାର ରାଇବଂଶୀ ଗ୍ରୁପ୍ ପକ୍ଷରୁ ବାଲାନ୍ସିଂ ଆକ୍ଟ ଓ ଓଡ଼ିଆ ଏବଂ ହିନ୍ଦୀ ସିନେ ଜଗତର ନବାଗତ ପ୍ରଚ୍ଛଦପଟ୍ଟ କଣ୍ଠଶିଳ୍ପୀମାନଙ୍କ ଦ୍ୱାରା ଓଲିଉଡ୍ ଓ ବଲିଉଡ୍ ନାଇଟ୍ କାର୍ଯ୍ୟକ୍ରମ। ଅନୁଷ୍ଠାନର ସଭାପତି ବୀରେନ୍ଦ୍ର ନାରାୟଣ ଗୋଛିକାରଙ୍କ ସଭାପତିତ୍ୱରେ ଆୟୋଜିତ ଉଦ୍‌ଯାପନୀ ଦିବସରେ ଅତିଥି ଭାବେ ପୂର୍ବତନ ବିଧାୟକ ଜୟନ୍ତ କୁମାର ଷଡ଼ଙ୍ଗୀ, ପୌରସଂସ୍ଥାର କାର୍ଯ୍ୟନିର୍ବାହୀ ଅଧିକାରୀ ଅଭିମନ୍ୟୁ ବେହେରା ପ୍ରମୁଖ ଯୋଗଦେଇଥିଲେ। ସଭାକାର୍ଯ୍ୟ ପ୍ରାରମ୍ଭରେ ସମ୍ପାଦକ ସନ୍ତୋଷ କୁମାର ଶତପଥୀ ଅତିଥି ପରିଚୟ ସହ ସ୍ୱାଗତ ଭାଷଣ ଦେଇଥିଲେ। ଅତିଥିମାନେ ନିଜ ନିଜ ଅଭିଭାଷଣରେ ଦୀର୍ଘ ୪୬ ବର୍ଷ ଧରି ସାଂସ୍କୃତିକ କାର୍ଯ୍ୟକ୍ରମ ମାଧ୍ୟମରେ ଓଡ଼ିଶାର କଳା, ସଂସ୍କୃତି ଓ ଐତିହ୍ୟକୁ ବଜାଇ ରଖିଥିବାରୁ ଅନୁଷ୍ଠାନର ପ୍ରଶଂସା କରିଥିଲେ। ପ୍ରତିବର୍ଷ ଭଳି ଅନୁଷ୍ଠାନର ଆକର୍ଷଣୀୟ ପୁରସ୍କାର ଲିଟିଲ୍ ମିସ୍ ଭାବେ ଲକ୍‌ସିତା ପି. ଦାଶ ଓ ସଂକଳ୍ପ ପଣ୍ଡାଙ୍କୁ ଲିଟିଲ୍ ମାଷ୍ଟର ଭାବେ ଉତ୍ତରୀୟ ସହ କ୍ରାଉନ୍ ପ୍ରଦାନ କରାଯାଇଥିଲା। ଏହାପରେ ପ୍ରଶାନ୍ତି ନୃତ୍ୟ ସଙ୍ଗୀତ ପରିଷଦ ପକ୍ଷରୁ ମାହାରୀ ନୃତ୍ୟ, କୋଲକାତାର ରାଇବଂଶୀ ଗ୍ରୁପ୍ ପକ୍ଷରୁ ବାଲାନ୍ସିଂ ଆକ୍ଟ ପରିବେଷଣ କରାଯାଇଥିଲା। ପରିଶେଷରେ କାର୍ତ୍ତିକେ କୁମାରଙ୍କ ସଂଯୋଜନାରେ ଓଡ଼ିଆ ଏବଂ ହିନ୍ଦୀ ସିନେ ଜଗତର ନବାଗତ ପ୍ରଚ୍ଛଦପଟ୍ଟ କଣ୍ଠଶିଳ୍ପୀଙ୍କ ଦ୍ୱାରା ଓଲିଉଡ୍ ଓ ବଲିଉଡ୍ ନାଇଟ୍ କାର୍ଯ୍ୟକ୍ରମ ଦର୍ଶକଙ୍କୁ ମତୁଆଲା କରିଥିଲା। ଏହି ସମସ୍ତ କାର୍ଯ୍ୟକ୍ରମକୁ ସଞ୍ଜିବ ଓ ମିସ୍ ଶାଶ୍ୱତି ସଂଯୋଜନା କରିଥିଲେ। ସେହିପରି ପୂର୍ବାହ୍ଣରେ ଦୋଳବେଦୀକୋଣସ୍ଥିତ ସତ୍ୟନାରାୟଣ ମନ୍ଦିରଠାରେ ପ୍ରସାଦ ବଣ୍ଟନ କରାଯାଇଥିଲା। ଅନୁଷ୍ଠାନର ସମସ୍ତ ସଭ୍ୟସଭ୍ୟା କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।




## ସତ୍ କର୍ମ ହିଁ ଜୀବନ, ଶାନ୍ତି ଓ ମୁକ୍ତିର ମାର୍ଗ




ପୁରୀ,୭।୧୦(ସମିସ): ସ୍ଥାନୀୟ ବୁଦ୍ଧ ମନ୍ଦିରରେ ବୋଧିଚକ୍ର ଆନୁକୂଲ୍ୟରେ ମାସିକ ଆଲୋଚନାଚକ୍ର "ବୌଦ୍ଧ ଦର୍ଶନରେ କର୍ମମୟ ଜୀବନ ଓ ଶାନ୍ତି' ଶୀର୍ଷକ ଆଲୋଚନାଚକ୍ର ସଭାପତି ଇଂ. ଗିରିଜା ଶଙ୍କର ପାଢ଼ୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଆୟୋଜିତ ସଭାରେ ଇଂ. ପାଢ଼ୀ କହିଥିଲେ ଯେ, କର୍ମମୟ ଜୀବନରେ ଶୀଳଯୁକ୍ତ ସତ୍‌କର୍ମ ଓ ବିପାସନା ଧ୍ୟାନ ମାଧ୍ୟମରେ ମଣିଷ ଶାନ୍ତି ଓ ନିର୍ବାଣ ଲାଭ କରିପାରିବ। ପ୍ରାରମ୍ଭରେ ଉପାସକ ଉମେଶ ଚନ୍ଦ୍ର ଦାସ ବୁଦ୍ଧବନ୍ଦନା ଗାନ କରିଥିଲେ। ଉପସଭାପତି ଡ. ବଳରାମ ଦାଶ ସତ୍‌କର୍ମ ହିଁ ଜୀବନ, ଶାନ୍ତି ଓ ମୁକ୍ତିର ମାର୍ଗ। ସମର୍ପଣ ଦ୍ୱାରା ଈଶ୍ୱର ପ୍ରାପ୍ତି ମିଳିପାରିବ ବୋଲି ମତବ୍ୟକ୍ତ କରିଥିଲେ। ବରିଷ୍ଠ ଶିକ୍ଷାବିତ୍ ପୂର୍ଣ୍ଣ ଚନ୍ଦ୍ର ସାହୁ ଧମ୍ମପଦର ଜରାବର୍ଗ ବ୍ୟାଖ୍ୟା କରିଥିଲେ। ଆଲୋଚନାଚକ୍ରରେ କୃଷ୍ଣ ଚନ୍ଦ୍ର ତ୍ରିପାଠୀ, ନକୁଳ ଚରଣ ସ୍ୱାଇଁ, ରଞ୍ଜିତା ମହାପାତ୍ର, ରାଜ କିଶୋର ସାମଲ, ଏମ୍.ପଦ୍ମିନୀ ପାତ୍ର, କୋଟେସ ପାତ୍ର ପ୍ରମୁଖ ଉପସ୍ଥିତ ରହି ବୁଦ୍ଧ ଦର୍ଶନରେ ପ୍ରାସଙ୍ଗିକତା ସମ୍ପର୍କରେ ବ୍ୟାଖ୍ୟା କରିଥିଲେ। ଧନ୍ୟବାଦ ଅର୍ପଣ କରିଥିଲେ ଅଶୋକ କୁମାର ଆଡିୟ।

## • ଓଡ଼ିଶା ଯୁବ ଚେତନା ସଂଗଠନର ଦାବି

# ନିଶାସକ୍ତ ରୋଗୀଙ୍କୁ ଆର୍ଥିକ ସହଯୋଗ ବନ୍ଦ କରନ୍ତୁ ସରକାର

ପୁରୀ,୭।୧୦(ସମିସ): ରୋଗାଗ୍ରସ୍ତ, ଆହତ ଓ ମୃତ ନିଶାସକ୍ତ ବ୍ୟକ୍ତିକୁ ସରକାର ସମସ୍ତ ପ୍ରକାର ଆର୍ôଥକ ସହଯୋଗ ବନ୍ଦ ଘୋଷଣା କରିବାକୁ ସ୍ୱାସ୍ଥ୍ୟ ମନ୍ତ୍ରୀ ମୁକେଶ ମହାଲିଙ୍ଗଙ୍କ ନିକଟରେ ଦାବି କରିଛି ଓଡ଼ିଶା ଯୁବ ଚେତନା ସଂଗଠନ। ଏ ନେଇ ସଂଗଠନର ରାଜ୍ୟ ସଭାପତି ବଦ୍ରି ମିଶ୍ରଙ୍କ ନେତୃତ୍ୱରେ ଏକ ପ୍ରତିନିଧିମଣ୍ଡଳୀ ନିଶାମୁକ୍ତ ଓଡ଼ିଶା ଗଠନ ଦିଗରେ ସରକାର ଦୃଢ଼ ନିଷ୍ପତ୍ତି ନେବା ପାଇଁ ସ୍ମାରକପତ୍ର ପ୍ରଦାନ କରିଛନ୍ତି। ସେମାନେ ଜଣାଇଛନ୍ତି ଯେ ଆଜି ଗୁଟ୍‌ଖା, ସିଗାରେଟ୍ ଓ ମଦ ସେବନ କରି ଓଡ଼ିଶାର ହଜାର ହଜାର ଜନସାଧାରଣ କର୍କଟ, ହୃଦ୍‌ରୋଗ ଓ କିଡ୍‌ନୀ ରୋଗରେ ଆକ୍ରାନ୍ତ ହେଉଛନ୍ତି। ଏତଦ୍‌ଭିନ୍ନ ଏ ସବୁର କୁପ୍ରଭାବରେ ଅନେକ ପରିବାର ଭାଙ୍ଗିଯାଉଛି। ଅନେକ ସଡ଼କ ଦୁର୍ଘଟଣା ଘଟୁଛି ଓ ସମାଜରେ ଅପରାଧ ବୃଦ୍ଧି ପାଉଛି। ଅଥଚ ସରକାର ମଦ, ତମାଖୁ ଉତ୍ପାଦନ ବନ୍ଦ କରିପାରୁ ନ ଥିବାବେଳେ ନିଶାମୁକ୍ତ ଓଡ଼ିଶା ପାଇଁ ପଦଯାତ୍ରା କରୁଛନ୍ତି। ଅନେକ ଏନ୍‌ଜିଓ ମାଧ୍ୟମରେ ସାମାଜିକ ସଚେତନତା ପାଇଁ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି। ସବୁଠାରୁ ପରିତାପର ବିଷୟ ନିଶା ବିରୁଦ୍ଧରେ ସରକାର ଆଇନ ପ୍ରଣୟନ କରୁଥିବାବେଳେ ମଦ୍ୟପାନ କରି ପ୍ରାଣ ହରାଉଥିବା ବ୍ୟକ୍ତିଙ୍କୁ ରେଡ୍‌କ୍ରସ ପାଣ୍ଠିରୁ ଅର୍ଥ ଦେଉଛନ୍ତି। ସମାନ ଭାବେ ଗୁଟ୍‌ଖା ସେବନ କରି ରୋଗାକ୍ରାନ୍ତ ମଣିଷକୁ ଆୟୁଷ୍ମାନ କାର୍ଡ ମାଧ୍ୟମରେ ଚିକିତ୍ସା ପାଇଁ ଆର୍ଥିକ ସହାୟତା ଦେଇ ନିଶାକୁ ପରୋକ୍ଷରେ ପ୍ରୋତ୍ସାହନ ଦେଉଛନ୍ତି। ଏ ସମ୍ପର୍କରେ ଶ୍ରୀ ମିଶ୍ର କହିଛନ୍ତି, ନିଶା କିମ୍ବା ତମାଖୁ ସେବନ କରି ବଡ଼ ବଡ଼ ରୋଗ କିଣୁଥିବା ଲୋକଙ୍କ ପାଇଁ ଯଦି ସରକାର ରେଡ୍‌କ୍ରସ ପାଣ୍ଠି କି ଆୟୁଷ୍ମାନ କାର୍ଡ ଲାଗୁ ହେବ ନାହିଁ ବୋଲି ଘୋଷଣା କରନ୍ତେ ତେବେ ଆସ୍ତେ ଆସ୍ତେ ଲୋକେ ସଚେତନ ହୁଅନ୍ତେ ଓ ଭବିଷ୍ୟତରେ ନିଶାମୁକ୍ତ ଓଡ଼ିଶା ପାଇଁ ବାଟ ଫିଟିପାରନ୍ତା। ମାନବ ଅଧିକାର ନାମରେ ଓଡ଼ିଶାର ଯୁବଗୋଷ୍ଠୀଙ୍କୁ ନିଶାଯୁକ୍ତ ନ କରାଯାଉ ବୋଲି ସେ ମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି।

# ଅଭୟାରଣ୍ୟ ପାଲଟିଛି ଡମ୍ପିଂୟାର୍ଡ

ପୁରୀ,୭।୧୦(ସମିସ)



ବାଲୁଖଣ୍ଡ ଅଭୟାରଣ୍ୟ ପ୍ରକୃତିର ଏକ ସୁନ୍ଦର ସୃଷ୍ଟି। ପୁରୀ ସମୁଦ୍ରକୂଳରେ ଏହି ମନୁଷ୍ୟକୃତ ଅଭୟାରଣ୍ୟ ପୁରୀବାସୀଙ୍କ ପାଇଁ ସୁରକ୍ଷା କବଚ ସାଜିଛି। ପ୍ରାକୃତିକ ବିପର୍ଯ୍ୟୟରୁ ରୋକିବା ପାଇଁ ବାଲିସ୍ତୁପ ସାଙ୍ଗକୁ ହଜାର ହଜାର ଚିତ୍ରା ହରିଣ, ଗାଡ଼ ଭାଲୁ, କୁଟୁରା, ଠେକୁଆ ଆଦି ବନ୍ୟଜନ୍ତୁ ଏହି ଅଭୟାରଣ୍ୟର ଶୋଭା ବଢ଼ାଉଛନ୍ତି। କିନ୍ତୁ ପରିତାପର ବିଷୟ ପୁରୀ ସହର ଓ ଆଖପାଖ ଅଞ୍ଚଳବାସୀ ଏହାକୁ ଏବେ ଡମ୍ପିଂୟାର୍ଡ କରିସାରିଲେଣି। ଅଭୟାରଣ୍ୟ ଭିତରେ ଗଦା ହୋଇଛି କୁଢ଼ କୁଢ଼ ଆବର୍ଜନା। ତାଳବଣିଆ ସଂଲଗ୍ନ ମଧୁରଜଳ ସଂରକ୍ଷିତ ଅଞ୍ଚଳ ହେଉ କିମ୍ବା ପଲିଥିନ୍ ସାଙ୍ଗକୁ ଆବର୍ଜନା ଜମିଛି। ନା ବନ ବିଭାଗ ଏ ଦିଗରେ କୌଣସି କାର୍ଯ୍ୟାନୁଷ୍ଠାନ ନେଉଛି ନା ପ୍ରଶାସନ। ବାଲୁଖଣ୍ଡକୁ ସୁରକ୍ଷା ଦେବା ବଦଳରେ କେବଳ ପ୍ରଚାର ସର୍ବସ୍ୱ କାମରେ ମାତିଛନ୍ତି ସରକାରୀ ବାବୁ। ଫଳରେ ବାଲୁଖଣ୍ଡର ବନ୍ୟପ୍ରାଣୀଙ୍କ ଜୀବନ ପ୍ରତି ବିପଦ ସୃଷ୍ଟି ହୋଇଛି।

ବାଲୁଖଣ୍ଡ ଭୂଦାନ ଛକରୁ କେଳୁଣୀ ମୁହାଁଣ ପର୍ଯ୍ୟନ୍ତ ଲମ୍ବିଛି ବାଲୁଖଣ୍ଡ ଅଭୟାରଣ୍ୟ। ଏବେ ଚାଲିଛି ବନ୍ୟପ୍ରାଣୀ ସପ୍ତାହ। ହେଲେ ବନ୍ୟପ୍ରାଣୀଙ୍କୁ ସୁରକ୍ଷିତ ଭାବେ ସ୍ଥାନ ଦେବା ପାଇଁ ବାଲୁଖଣ୍ଡ କେତେ ପ୍ରସ୍ତୁତ ତାହାକୁ ନେଇ ଉଠିଛି ପ୍ରଶ୍ନ। ଅଭୟାରଣ୍ୟର ମଧୁର ଜଳ ଅଞ୍ଚଳ ଓ ଆଖପାଖରେ ବର୍ଷ ବର୍ଷ ଧରି ଆବର୍ଜନା ଗଦା କରାଯାଉଛି। କିଏ ନିଜ ଘରର ଭଙ୍ଗା ଆସବାବପତ୍ର ଆଣି ଏଠାରେ ପକାଉଛି ତ କେଉଁ ହୋଟେଲ ଅବା ଅନୁଷ୍ଠାନ ନଷ୍ଟ ହୋଇଯାଇଥିବା ଅଇଁଠା, ଅନ୍ୟାନ୍ୟ ଅଦରକାରୀ ବସ୍ତୁ ଆଣି ଏଠାରେ ପକାଉଛନ୍ତି। ଯେଉଁମାନେ ଏଠାରେ ରୋଷେଇବାସ କରୁଛନ୍ତି, ସେମାନେ ବି ଅଇଁଠା ପତ୍ର ଓ ଅନ୍ୟାନ୍ୟ ଅଦରକାରୀ ଜିନିଷ ଏଠାରେ ଫିଙ୍ଗି ପକାଉଛନ୍ତି। ଭଙ୍ଗା କାଚ ବି ଜଙ୍ଗଲ ଭିତରେ ଫିଙ୍ଗାଯାଉଛି। ୧୦ ନମ୍ବର ଚାମ୍ପରଠାରୁ ଆରମ୍ଭ କରି ଗ୍ରାମ୍ୟ ନ୍ୟାୟାଳୟ ପର୍ଯ୍ୟନ୍ତ ରାସ୍ତାର ଉଭୟ ପାର୍ଶ୍ୱରେ ଏଭଳି ଚିତ୍ର ଦେଖିବାକୁ ମିଳୁଛି। ଏହା ଅଭୟାରଣ୍ୟରେ ଥିବା ବନ୍ୟଜନ୍ତୁଙ୍କ ପାଇଁ ପ୍ରାଣଘାତକ ସାଜିଥିବାବେଳେ ପରିବେଶକୁ ପ୍ରଦୂଷିତ କରୁଛି। ସେହିପରି ମଲା ଗାଈଗୋରୁ, କୁକୁର ଆଦିଙ୍କୁ ବି ଏଠାରେ ଫିଙ୍ଗି ଦିଆଯାଉଛି। ଏହା ପଚି ପରିବେଶକୁ ପ୍ରଦୂଷିତ କରୁଛି। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ପୁରୀ ସହରବାସୀଙ୍କ ଜଳକଷ୍ଟକୁ ଦୂର କରିବା ଲାଗି ମଧୁର ଜଳ ସଂରକ୍ଷିତ ଅଞ୍ଚଳର ପରିକଳ୍ପନା କରାଯାଇଥିଲା। ତାଳବଣିଆ ଅଞ୍ଚଳରେ ୪୪୮ ଏକର ମଧୁର ଜଳ ସଂରକ୍ଷିତ ଅଞ୍ଚଳ ରହିଛି। ତେବେ ଏହି ଜଙ୍ଗଲ ମଧ୍ୟରେ ଦେଖିବାକୁ ମିଳିଛି ଅଭାବନୀୟ ଦୃଶ୍ୟ। ମଧୁର ଜଳ ସଂରକ୍ଷିତ ଅଞ୍ଚଳର ବିଭିନ୍ନ ସ୍ଥାନରେ ଅଳିଆ ଆବର୍ଜନା ଗଦା କରାଯାଇଛି।

ପରିତାପର ବିଷୟ ହେଉଛି ଜଙ୍ଗଲ ମଧ୍ୟରେ ଥିବା ଖାଲୁଆ ଜାଗା (ଯେଉଁଠି ପାଣି ଜମୁଛି) ତା' ମଧ୍ୟରେ ଆବର୍ଜନା ଗଦା କରାଯାଉଛି। ଫଳରେ ପାଣିରେ ଅଳିଆ ଆବର୍ଜନା ପଚି ପ୍ରବଳ ଦୁର୍ଗନ୍ଧ ହେଉଛି। ବେଳେବେଳେ ଏହି ଖାଲରୁ ହରିଣ ଆସି ପାଣି ପିଇଥା'ନ୍ତି। ହେଲେ ବର୍ତ୍ତମାନ ଏହି ପାଣି ହରିଣ କିମ୍ବା ବାଲୁଖଣ୍ଡର ଅନ୍ୟ ଜୀବଜନ୍ତୁଙ୍କ ଜୀବନଶୈଳୀକୁ ପ୍ରଭାବିତ କରିବା ଆଶଙ୍କା ସୃଷ୍ଟି ହୋଇଛି। ସେହିପରି ଏହି ଆବର୍ଜନା ପାଣି ଭୂତଳ ଜଳକୁ ପ୍ରଦୂଷିତ କରିବା ସମ୍ଭାବନା ବି ଅଧିକ ରହିଛି। ବାଲୁଖଣ୍ଡ ଅଭୟାରଣ୍ୟ ବିଶେଷକରି ମଧୁର ଜଳ ସଂରକ୍ଷିତ ଅଞ୍ଚଳରେ ଆବର୍ଜନା ଜମା କରାଯିବାକୁ ନେଇ ବିଭିନ୍ନ ମହଲରେ ଅସନ୍ତୋଷ ପ୍ରକାଶ ପାଇଛି। ପୁରୀ-କୋଣାର୍କ ରାସ୍ତାର ଉଭୟ ପାର୍ଶ୍ୱରେ ଥିବା ବ୍ୟବସାୟୀ ତାଙ୍କ ଦୋକାନର ଆବର୍ଜନା ମଧ୍ୟ ଜଙ୍ଗଲକୁ ଫିଙ୍ଗୁଛନ୍ତି। ସ୍ୱାମୀ ନାରାୟଣ ମନ୍ଦିର ସମ୍ମୁଖରେ ଅଟୋଚାଳକ ଓ ଯାତ୍ରୀ ଜଙ୍ଗଲ ଭିତରକୁ ଅବାଧରେ ପ୍ରବେଶ କରି ଆବର୍ଜନା ପକାଉଛନ୍ତି। ମିଲ୍କ ସିଟି ସମ୍ମୁଖ ଭାଗ ରାସ୍ତା ପାର୍ଶ୍ୱରେ ପ୍ରତ୍ୟେକ ଦିନ ପୁରୀରୁ ଗାଡ଼ିରେ ଆବର୍ଜନା ନିଆଯାଇ ପକାଯାଉଛି। ସେହି ସ୍ଥାନ ଏବେ ଡମ୍ପିଂୟାର୍ଡ ଭ୍ରମ ସୃଷ୍ଟି କରୁଛି। ଏଥିଯୋଗୁଁ ଜୀବଜନ୍ତୁଙ୍କ ଚଳପ୍ରଚଳରେ ବାଧକ ଏବଂ ଫିଙ୍ଗାଯାଉଥିବା ଆବର୍ଜନାରୁ ଖାଦ୍ୟ ଖାଇଁ ବନ୍ୟପ୍ରାଣୀ ରୋଗରେ ପଡ଼ିବା ସମ୍ଭାବନା ରହିଛି। ନୂଆନଈ ଏବଂ ରାମଚଣ୍ଡୀ ପର୍ଯ୍ୟଟନସ୍ଥଳୀରୁ ବାହାରୁଥିବା ପ୍ଲାଷ୍ଟିକ୍ ଆବର୍ଜନା ମଧ୍ୟ ବାଲୁଖଣ୍ଡ ପାଇଁ ବଡ଼ ବିପଦ ଆଣିଛି। ଏ ବିଷୟ କିମ୍ବା କୌଣସି ସମୟରେ ବନ୍ୟପ୍ରାଣୀ ଅସୁସ୍ଥ ବା ଆହତ ଖବର ନେଇ ସ୍ୱେଚ୍ଛାସେବୀ ଅଭିଯୋଗ କରିବାକୁ ଗଲେ ବନରକ୍ଷୀଙ୍କ କାର୍ଯ୍ୟାଳୟରେ କାହାକୁ ପାଉ ନ ଥିବା ଅଭିଯୋଗ ହେଉଛି। ବାଙ୍ଗର ବିଟ୍ ମଧ୍ୟରେ ଥିବା ବନରକ୍ଷୀଙ୍କ କାର୍ଯ୍ୟାଳୟ, ବାଲିଘାଇ ପିଆର୍‌ଏଫ୍, ଅସ୍ତରଙ୍ଗ ରେଞ୍ଜ ଅଫିସ ନିକଟ ବନପାଳ ଓ ବନରକ୍ଷୀଙ୍କ କାର୍ଯ୍ୟାଳୟରେ ବିଭିନ୍ନ ସମୟରେ ଅଧିକାରୀ ଅନୁପସ୍ଥିତ ରହୁଥିବା ଅଭିଯୋଗ ହେଉଛି।

## ଗଦା ହୋଇଛି ଆବର୍ଜନା, ବେଫିକର ବନ ବିଭାଗ ବିପଦରେ ବାଲୁଖଣ୍ଡ ବନ୍ୟପ୍ରାଣୀଙ୍କ ଜୀବନ

## • ଅନୁବାଦ ଶିଶୁ ଉପନ୍ୟାସ ପୁସ୍ତକ 'ନବୀନର ମୟୂର' ଉନ୍ମୋଚିତ

# ଶିଶୁ ସାହିତ୍ୟରେ ନକାରାତ୍ମକ ଭାବନା ରହିବା ଅନୁଚିତ୍



ପୁରୀ,୭।୧୦(ସମିସ): ଶିଶୁ ସାହିତ୍ୟିକ ପ୍ରଶାନ୍ତ କୁମାର ମଙ୍ଗରାଜଙ୍କ ଦ୍ୱାରା କନ୍ନଡ଼ରୁ ଓଡ଼ିଆ ଅନୁବାଦ ଶିଶୁ ଉପନ୍ୟାସ ପୁସ୍ତକ "ନବୀନର ମୟୂର' ପୁସ୍ତକ ଉନ୍ମୋଚିତ ହୋଇଯାଇଛି। ଶିକ୍ଷାଶ୍ରୀ ଶିଶୁ ପାଠାଗାର ପକ୍ଷରୁ ଅଠରନଳାସ୍ଥିତ ଭଗବତୀ ବିଦ୍ୟାନିକେତନ ସଭାଗୃହରେ ଆୟୋଜିତ ଏକ ସାରସ୍ୱତ ସମାରୋହରେ ଏହା ଉନ୍ମୋଚନ କରାଯାଇଥିଲା। ଶିଶୁ ସାହିତ୍ୟିକ ରମେଶ ଚନ୍ଦ୍ର ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଉତ୍ସବରେ ଜାତୀୟ ବାଲ୍‌ସାହିତ୍ୟ ପୁରସ୍କାରପ୍ରାପ୍ତ ପ୍ରଫେସର ଡ. ନରେନ୍ଦ୍ର ପ୍ରସାଦ ଦାଶ ମୁଖ୍ୟଅତିଥି, କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାରପ୍ରାପ୍ତ ଶିଶୁ ସାହିତ୍ୟିକ ବୀରେନ୍ଦ୍ର ମହାନ୍ତି ମୁଖ୍ୟବକ୍ତା, ବରିଷ୍ଠ ସାମ୍ବାଦିକ ବଙ୍କିମ ଚନ୍ଦ୍ର ନାୟକ, ଶ୍ରୀପର୍ଣ୍ଣାର ସମ୍ପାଦକ କବି ଉମାକାନ୍ତ ମହାପାତ୍ର ସମ୍ମାନିତ ଅତିଥି ରୂପେ ଯୋଗଦେଇଥିଲେ। ମହେନ୍ଦ୍ର ବିଶୋଇ ପ୍ରାରମ୍ଭିକ ସୂଚନା ଦେଇଥିବାବେଳେ ଅତିଥି ପରିଚୟ ପ୍ରଦାନ କରିଥିଲେ ନିର୍ଝରିଣୀର ସମ୍ପାଦକ ବିରଞ୍ଚି ନାରାୟଣ ଦାଶ। ଏଥିରେ ଉଦ୍‌ବୋଧନ ଦେଇ ଅତିଥିମାନେ ପ୍ରତିଟି ଶିଶୁ ସାହିତ୍ୟ ଶିଶୁ ମନଲାଖି ହେବା ସହିତ ସେଥିରେ ସ୍ଥାନିତ ଲେଖା ସମସ୍ତଙ୍କ ପାଇଁ ଉପାଦେୟ ଏବଂ ଗଠନମୂଳକ ହେବା ବାଞ୍ଛନୀୟ। ଶିଶୁ ସାହିତ୍ୟରେ ହିଂସା, କ୍ରୋଧ ଏବଂ ନକାରାତ୍ମକ ଭାବନା ରହିବା ଅନୁଚିତ ବୋଲି ମତବ୍ୟକ୍ତ କରିଥିଲେ। ଲେଖକ ପ୍ରଶାନ୍ତ ମଙ୍ଗରାଜ ପୁସ୍ତକ ପ୍ରକାଶନ ଉପରେ ନିଜର ମତାମତ ପ୍ରଦାନ କରିଥିବାବେଳେ ପୁସ୍ତକର ସମୀକ୍ଷା କରିଥିଲେ ରଶ୍ମୀ ରଞ୍ଜନ ସାହୁ। ପ୍ରଫେସର ଡ. ପ୍ରଭାତ କୁମାର ସାହୁ, ଡ. ରେଖା ଦାଶ, କୁଞ୍ଜ ବିହାରୀ ସାହୁ ଅନୁବାଦ ଶିଶୁ ସାହିତ୍ୟର ବିଭିନ୍ନ ଦିଗ ଉପରେ ଆଲୋଚନା କରିଥିଲେ। ଧନ୍ୟବାଦ ଅର୍ପଣ କରିଥିଲେ ଡ. ହେମନ୍ତ କୁମାର ଛୋଟରାୟ। କ୍ରିଷ୍ଣା ମହାପାତ୍ର, ଦୁର୍ଗାବତୀ ପ୍ରଧାନ, କବିତା ମିଶ୍ର, ରଶ୍ମୀ ବେହେରା, ଦେବସ୍ମିତା ପ୍ରଧାନ, ଲକ୍ଷ୍ମୀଧର ମାଝୀ, ଅନ୍ନପୂର୍ଣ୍ଣା ଦେବୀ, ମିନତୀ ପଟ୍ଟନାୟକ, ପର୍ଶୁରାମ ପାତ୍ର ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।

ସକାଳ
THE SAKALA



# ସମ୍ପାଦକୀୟ



କ୍ଷଣିକ ନିରାପତ୍ତା ପାଇଁ ଯେଉଁମାନେ ବ୍ୟକ୍ତି ସ୍ୱାଧୀନତାକୁ ଉତ୍ସର୍ଗ କରନ୍ତି, ସେମାନେ ସ୍ୱାଧୀନତା ଓ ନିରାପତ୍ତା ମଧ୍ୟରୁ କୌଣସିଟିକୁ ନ୍ୟାୟ ଦେଇପାରନ୍ତି ନାହିଁ।
-ବେଞ୍ଜାମିନ୍ ଫ୍ରାଙ୍କଲିନ୍

## ପ୍ରସ୍ତୁତି ଓ ପ୍ରଘଟ

ସମଗ୍ର ଦେଶରେ ଦିନକୁ ଦିନ ବେକାରଙ୍କ ସଂଖ୍ୟା ବୃଦ୍ଧି ପାଉଥିବାରୁ ଯୁବବର୍ଗଙ୍କ ମଧ୍ୟରେ ମୁଣ୍ଡ ଟେକିଥିବା ଅସନ୍ତୋଷ ବିସ୍ଫୋରଣର ରୂପ ନେବାକୁ ଯାଉଛି। ତେଣିକି ତାହା ଜେନ-ଜେଡ୍ ହେଉ କି ଆଉ କିଛି। ଅପରପକ୍ଷରେ ନିଯୁକ୍ତିକୁ ନେଇ ନାନା ସମସ୍ୟା ମୁଣ୍ଡ ଟେକିଛି। ବିଭିନ୍ନ ସମୟରେ ନିଯୁକ୍ତି ପରୀକ୍ଷା ପାଇଁ ସରକାର ବିଜ୍ଞପ୍ତି ଜାରି କରୁଛନ୍ତି। କିନ୍ତୁ ପ୍ରଶ୍ନପତ୍ର ପ୍ରଘଟ କିମ୍ବା ଅନ୍ୟାନ୍ୟ ଦୁର୍ନୀତି ସକାଶେ ସେସବୁ ସ୍ଥଗିତ ରହୁଛି। ଶେଷ ମୁହୂର୍ତ୍ତରେ ପରୀକ୍ଷା ବାତିଲ୍ ଏବଂ ବାରମ୍ବାର ପରୀକ୍ଷା ଘୁଞ୍ଚୁଥିବାରୁ ଆଶାୟୀ ପ୍ରାର୍ଥୀଙ୍କ ମଧ୍ୟରେ ନୈରାଶ୍ୟ ସୃଷ୍ଟି ହେଉଛି। ନିକଟରେ ଉତ୍ତରାଖଣ୍ଡର ଯୁବବର୍ଗ ସରକାରଙ୍କ ଏପ୍ରକାର କାର୍ଯ୍ୟକଳାପ ବିରୋଧରେ ସମ୍ମିଳିତ. ଧାରଣା ଓ ଆନ୍ଦୋଳନ କରିଥିଲେ। ଉତ୍ତରପ୍ରଦେଶ ଓ ବିହାରରେ ପ୍ରଶ୍ନପତ୍ର ପ୍ରଘଟ ଯୋଗୁଁ ପରୀକ୍ଷା ବାତିଲ ଏକ ନିୟମିତ ଘଟଣାରେ ପରିଣତ ହୋଇଛି। ଏହି ପରିସ୍ଥିତିକୁ ଅନୁଶୀଳନ କରୁଥିବା କିଛି ପର୍ଯ୍ୟବେକ୍ଷକଙ୍କ ମତ ହେଉଛି, ସରକାର ନିୟମିତ ନିଯୁକ୍ତି ଦେବାକୁ ଆଗ୍ରହୀ ଥିବା ଭଳି ମନେ ହେଉନାହିଁ। ବରଂ ଅତ୍ୟାବଶ୍ୟକ କ୍ଷେତ୍ରରେ ଠିକାରେ ନିଯୁକ୍ତି ଦେଇ କାମ ଚଳାଇନେବାକୁ ଅଧିକ ପସନ୍ଦ କରୁଛନ୍ତି। ନହେଲେ କ୍ରମାଗତ ପ୍ରଶ୍ନପତ୍ର ପ୍ରଘଟ ଭଳି ନିନ୍ଦିତ ଘଟଣାକୁ ରୋକିବାରେ ସରକାରଙ୍କ ଅସାମର୍ଥ୍ୟ ପଦାରେ ପଡ଼ି ଯାଉଥିଲେ ମଧ୍ୟ ଅବିଚାରିତ ଭାବେ ସେଥିପ୍ରତି ଉଦାସୀନ ହେଉ ନଥା'ନ୍ତେ।

ଆଜିକାଲି ସରକାରୀ ନିଯୁକ୍ତି ପ୍ରତି ସର୍ବାଧିକ ଆକର୍ଷଣ। ଅଭିଭାବକମାନେ ସବୁକିଛି ବିନିମୟରେ ତାଙ୍କ ପିଲା କିଭଳି ସରକାରୀ ଚାକିରିଟିଏ ପାଇଯିବେ ସେ ନେଇ ବ୍ୟସ୍ତ ଓ ବିବ୍ରତ। ଲିଖିତ ପରୀକ୍ଷା ପ୍ରସ୍ତୁତି ପାଇଁ ସହରରେ ଖୋଲିଥିବା କୋଚିଂ ସେଣ୍ଟରରେ ପିଲାଙ୍କୁ ପଢ଼ାଇବାରେ ସେମାନେ ହାତଖୋଲା ଖର୍ଚ୍ଚ କରି ଚାଲିଛନ୍ତି। ସ୍ୱାଭାବିକ ଭାବେ ଏକ୍ଷେତ୍ରରେ ନିଶ୍ଚିତ ନିଯୁକ୍ତି ସୁଯୋଗ ହାସଲ ପାଇଁ ଅର୍ଥକୁ ଆଉ ବାଧକ ରୂପେ ଗ୍ରହଣ କରିହେଉନି। ନିଜର ସମ୍ପତ୍ତିବାଡ଼ି ବିକ୍ରି କରି ଅଭିଭାବକ ଅର୍ଥ ଯୋଗାଡ଼ କରି ତଥାକଥିତ ଦଲାଲଙ୍କ ହାତରେ ଧରାଇ ଦେଉଛନ୍ତି। କିନ୍ତୁ କିନ୍ତୁ ଶେଷ ମୁହୂର୍ତ୍ତରେ ପ୍ରଶ୍ନପତ୍ର ପ୍ରଘଟ ହୋଇଗଲେ କିମ୍ବା କର୍ତ୍ତୃପକ୍ଷଙ୍କ ଦାୟିତ୍ୱହୀନତା କାରଣରୁ ପରୀକ୍ଷା ବାତିଲ୍ ହୋଇଗଲେ ପରୀକ୍ଷାର୍ଥୀଙ୍କ ପରିଶ୍ରମ ଓ ପ୍ରସ୍ତୁତି ପାଣିରେ ପଡ଼ିବା ସହ ଖର୍ଚ୍ଚାନ୍ତ ଅଭିଭାବକ ମୁଣ୍ଡରେ ହାତଦେଇ ବସୁଛନ୍ତି। ଏଭଳି ଘଟଣାର ସଦ୍ୟତମ ଉଦାହରଣ ଆମ ରାଜ୍ୟର ପୁଲିସ ଏସଆଇ ନିଯୁକ୍ତି ପରୀକ୍ଷା କ୍ଷେତ୍ରରେ ପରିଦୃଷ୍ଟ ହୋଇଛି।

ପ୍ରଶ୍ନପତ୍ର ପ୍ରଘଟ ଜନିତ ବିଳମ୍ବ ପାଇଁ ଅଯଥାରେ ଅପେକ୍ଷା କରିବାକୁ ପଡ଼ିବ ନାହିଁ- ଏହି ଉଦ୍ଦେଶ୍ୟରେ ପରୀକ୍ଷା ଓ ନିଯୁକ୍ତି ଦୁର୍ନୀତିର ଏକ ନୂଆ ଫନ୍ଦି କରାଯାଇଥିଲା। କିନ୍ତୁ ଏହି କେଳେଙ୍କାରୀ ପଦାରେ ପଡ଼ିଯିବା ପରେ ଅର୍ଥ ବିନିମୟରେ ନିଯୁକ୍ତି ଆଶାକରିଥିବା ୧୧୪ ଜଣ ପରୀକ୍ଷାର୍ଥୀଙ୍କୁ ଗିରଫ କରାଯାଇଛି। ଏହାଥିଲା ସେମାନଙ୍କ ପାଇଁ ଶେଷ ଭରସା। ଏହି ତଦନ୍ତର ଘଟଣାକ୍ରମ କେଉଁଆଡ଼କୁ ଯିବ ତାହା ଏବେ ଠାରୁ କହିବା କଷ୍ଟକର। କାରଣ ପଦପଦବୀରେ ଥିବାଅସଲ ଅଭିଯୁକ୍ତ ତଦନ୍ତ ପରିସର ବାହାରେ ଅଛନ୍ତି। ଏଠାରେ ସୂଚାଇ ଦିଆଯାଇ ପାରେକି ଏହି ନିଯୁକ୍ତି ପରୀକ୍ଷାରେ ଦୁର୍ନୀତିର ଗନ୍ଧ ବାରି ଓଡ଼ିଶା ପୁଲିସ୍ ରିକ୍ରୁଟମେଣ୍ଟ ବୋର୍ଡ( ଓପିଆରବି) ର ଅଧ୍ୟକ୍ଷ ପଦରୁ ଜଣେ ଅଧିକାରୀ ଓହରି ଯାଇଥିବା ଘଟଣା ଦୃଷ୍ଟିକୁ ଆସିଛି। ସବୁଠାରୁ ଉଲ୍ଲେଖଯୋଗ୍ୟ ଘଟଣା ହେଲା, ଏହି ପରୀକ୍ଷା ପରିଚାଳନା ଭାର କେନ୍ଦ୍ର ସରକାରଙ୍କ ପିଏସୟୁ ଗୁଜରାଟର ଆଇଟିଆଇ ଲିମିଟେଡ୍ ସଂସ୍ଥାକୁ ଦିଆଯାଥିଲା। ସେ ଅନ୍ୟଏକ ସଂସ୍ଥା ରିଡ୍‌ମାଇନ୍ସ ଡିଜିଟାଲକୁ ଦାୟିତ୍ୱ ହସ୍ତାନ୍ତର କଲା। ତାହା ପରେ ଭୁବନେଶ୍ୱରର ସିଲିକନ ଟେକ୍‌ଲାବ୍ ସଂସ୍ଥାକୁ ସବକଣ୍ଟ୍ରାକ୍ଟ ଦିଆଗଲା। କାର୍ଯ୍ୟପରିଚାଳନା ସକାଶେ ସେ ସଂସ୍ଥା ମଧ୍ୟ ପଞ୍ଚସଫ୍ଟ ଟେକ୍ନୋଲୋଜି ହାତକୁ ଦାୟିତ୍ୱ ଟେକିଦେଲା। ବିଚିତ୍ର ବ୍ୟବସ୍ଥା ଓ ବିଚିତ୍ର ଘଟଣା। ଏଥିପ୍ରତି ସରକାରୀ କଳର କାହାର ନିଘା ନାହିଁ। ସମଗ୍ର ଘଟଣାକ୍ରମକୁ ଅନୁଧ୍ୟାନ କଲେ ମନେ ହେଉଛି ଏବେ ଚାଲିଥିବା ତଦନ୍ତ କେବଳ ଧର୍ମକୁ ଆଖିଠାର।

୨୦୨୪ ଜୁନ ପରଠାରୁ କ୍ରମାଗତ ଭାବେ ୧୫ ମାସରେ ୧୬ଟି ବିଭିନ୍ନ ନିଯୁକ୍ତି ପରୀକ୍ଷା ବାତିଲ ହେବା ପରେ ନିକଟରେ ସରକାରଙ୍କ ନିଦ ଭାଙ୍ଗିଛି। ପରୀକ୍ଷା ବାତିଲ୍ ହେବାର କାରଣ ସଂପର୍କରେ ତଥ୍ୟ ସଂଗ୍ରହ ପାଇଁ ଦାୟିତ୍ୱରେ ଥିବା ବିଭିନ୍ନ ବିଭାଗ ଓ ସଂସ୍ଥାର ଅଧିକାରୀଙ୍କ ଠାରୁ ରିପୋର୍ଟ ମଗାଯାଇଛି। ରାଜ୍ୟର ଯେଉଁ ଯୋଗ୍ୟ ଓ ମେଧାବୀ ପରୀକ୍ଷାର୍ଥୀ ପ୍ରଶ୍ନପତ୍ର ପ୍ରଘଟ ଓ ଅନ୍ୟାନ୍ୟ କାରଣରୁ ସାକ୍ଷାତକାର ସ୍ଥଗିତ ଜନିତ ଭୟଙ୍କର ମାନସିକ ଦୁର୍ଦ୍ଦଶାର ସମ୍ମୁଖୀନ ହେଉଛନ୍ତି ସରକାରୀ କଳ କସରତରୁ ସେମାନଙ୍କୁ କ'ଣ ମିଳିବ? ●

## ପାଲେଷ୍ଟାଇନ ସାର୍ବଭୌମତ୍ୱକୁ ସ୍ୱୀକୃତିର ପ୍ରାସଙ୍ଗିକତା

ଡ. ପ୍ରଦୀପ କୁମାର ନାୟକ



ଗତ ସେପ୍ଟେମ୍ବର ମାସ ପ୍ରାରମ୍ଭରେ ମିଳିତ ଜାତିସଂଘର ୧୯୩ ସଦସ୍ୟ ରାଷ୍ଟ୍ରମାନଙ୍କ ମଧ୍ୟରୁ ୧୫୭ଟି ରାଷ୍ଟ୍ର ପାଲେଷ୍ଟାଇନକୁ ଏକ ସାର୍ବଭୌମ ରାଷ୍ଟ୍ର ଭାବେ ସ୍ୱୀକୃତି ଦେଇଛନ୍ତି। ଏକ ସ୍ୱାଧୀନ, ସାର୍ବଭୌମ ଓ ଅଖଣ୍ଡ ପାଲେଷ୍ଟାଇନ ରାଷ୍ଟ୍ର ଗଠନ ପାଇଁ ୧୯୪୮ ସାଲରୁ ନିରନ୍ତର ଜନଆନ୍ଦୋଳନ କରି ଆସୁଥିବା ଅଗଣିତ ପାଲେଷ୍ଟିନୀୟଙ୍କ ସ୍ୱପ୍ନ ସାକାର ହୋଇଛି। ମିଳିତ ଜାତିସଂଘର ସଂକଳ୍ପ ସଂଖ୍ୟା- ୧୮୧(୨), ଯାହାକି ୧୯୪୭ ସାଲ ନଭେମ୍ବର ୨୯ ତାରିଖରେ ଜାତିସଂଘର ସଧାରଣ ପରିଷଦ ଦ୍ୱାରା ଗୃହୀତ ହୋଇଥିଲା, ତାହା ଅନୁଯାୟୀ ପାଲେଷ୍ଟାଇନ ଅଞ୍ଚଳରୁ ଇହୁଦୀମାନଙ୍କ ପାଇଁ ଏକ ସ୍ୱତନ୍ତ୍ର ରାଷ୍ଟ୍ର ଇସ୍ରାଏଲ ୧୯୪୮ ମସିହା ମେ' ମାସ ୧୪ ତାରିଖରେ ସୃଷ୍ଟି କରା ଯାଇଥିଲା। ଉପରୋକ୍ତ ସଂକଳ୍ପରେ ପାଲେଷ୍ଟାଇନ ଅଞ୍ଚଳରେ ଦୁଇଟି ରାଷ୍ଟ୍ର, ଅର୍ଥାତ ଗୋଟିଏ ଇହୁଦୀ ରାଷ୍ଟ୍ର ଏବଂ ଆଉଗୋଟିଏ ଆରବୀୟ ମୁସଲିମ ରାଷ୍ଟ୍ର ସ୍ଥାପନ କରି ଜେରୁଜେଲମକୁ ଆନ୍ତର୍ଜାତିକ ପ୍ରଶାସନ ଦ୍ୱାରା ପରିଚାଳିତ ହେଉ ବୋଲି ଉଲ୍ଲେଖ ରହିଥିଲା। କିନ୍ତୁ ଆରବୀୟ ମୁସଲମାନ ଓ ପାଲେଷ୍ଟିନୀୟମାନେ ଇହୁଦୀ ରାଷ୍ଟ୍ର ଇସ୍ରାଏଲର ସ୍ଥାପନାକୁ ପ୍ରବଳ ବିରୋଧ କରି ମିଳିତ ଜାତିସଂଘର ଦୁଇ-ରାଷ୍ଟ୍ର ପ୍ରସ୍ତାବକୁ ପ୍ରତ୍ୟାଖ୍ୟାନ କରିଥିଲେ। ସେହିଦିନଠାରୁ ଏକ ସ୍ୱତନ୍ତ୍ର ଓ ସ୍ୱାଧୀନ ପାଲେଷ୍ଟାଇନର ସୃଷ୍ଟି ପାଇଁ ପାଲେଷ୍ଟିନୀୟମାନଙ୍କର 'ପାଲେଷ୍ଟାଇନ ଜାତୀୟତାବାଦୀ ଆନ୍ଦୋଳନ' ଆରମ୍ଭ ହୋଇଥିଲା।

ଦ୍ୱିତୀୟ ବିଶ୍ୱ ଯୁଦ୍ଧ ସମୟରେ (ପାଲେଷ୍ଟାଇନ ୧୯୩୬-୧୯୩୯ ମସିହା ପର୍ଯ୍ୟନ୍ତ) ବ୍ରିଟେନ ଅଧୀନରେ ଏକ ଆଦେଶଭିତ୍ତିକ ଅଞ୍ଚଳ(ମାଣ୍ଡେଟ୍ ଟେରିଟୋରି) ଥିଲା। ତେଣୁ ଏହି ଅଞ୍ଚଳରୁ ବ୍ରିଟେନ ଇସ୍ରାଏଲ ସୃଷ୍ଟି କରିଥିଲା। କିନ୍ତୁ ତତ୍କାଳୀନ ଆରବୀୟ ତୁଙ୍ଗ ନେତୃବୃନ୍ଦ ଯଥା- ମକ୍କାର ଅମୀର ସାରିଫ ହୁସେନ ବିନ ଅଲି ଏବଂ ଜେରୁଜେଲମର ଗ୍ରାଣ୍ଡ ମୁଫତି ମହମ୍ମଦ ଅମିନ ଅଲ ହୁସେନି ଇସ୍ରାଏଲର ସ୍ଥାପନା ବିରୁଦ୍ଧରେ କଡ଼ା ବିରୋଧ କରିଥିଲେ ଏବଂ ଏକ ସ୍ୱତନ୍ତ୍ର ଆରବୀୟ ରାଷ୍ଟ୍ର ପାଲେଷ୍ଟାଇନ ସ୍ଥାପନ ପାଇଁ ଦୃଢ଼ ଦାବି କରିଥିଲେ। ବିଭିନ୍ନ ଦେଶ, ବିଶେଷତଃ ୟୁରୋପରେ ବାସ କରୁଥିବା ପ୍ରବାସୀ ଇହୁଦୀମାନେ, ବ୍ୟାକୁଳ ହୋଇଥିଲେ ନିଜର ଏକ ମାତୃଭୂମି ପାଇଁ। ଥିଓଡର ହେରଜଲ ନାମକ ଜଣେ ହଙ୍ଗେରୀୟ ସାମ୍ବାଦିକ ତଥା ଆଇନଜ୍ଞ ୧୮ ୯୬ ସାଲରେ ଏକ ସ୍ୱତନ୍ତ୍ର ଇହୁଦୀ ରାଷ୍ଟ୍ରର ପରିକଳ୍ପନା କରିଥିଲେ ଏବଂ 'ବିଶ୍ୱ ଇହୁଦୀ କଂଗ୍ରେସ'ର ସ୍ଥାପନା କରିଥିଲେ। ବିଂଶ ଶତାବ୍ଦୀର ପ୍ରାରମ୍ଭରେ ଇହୁଦୀ ଜାତିବାଦ ଆନ୍ଦୋଳନ ସାରା ବିଶ୍ୱରେ ଏକ ଶକ୍ତିଶାଳୀ ଜନଆନ୍ଦୋଳନର ରୂପ ନେଇଥିଲା, ଯାହାର ମୁଖ୍ୟ ଉଦ୍ଦେଶ୍ୟ ଥିଲା ପାଲେଷ୍ଟାଇନ ଅଞ୍ଚଳରେ ଏକ ସ୍ୱତନ୍ତ୍ର ଇହୁଦୀ ରାଷ୍ଟ୍ର ଇସ୍ରାଏଲ ଗଠନ।

ସେହି ସମୟରେ ଆରବୀୟ ମୁସଲମାନଙ୍କ ପାଇଁ ଏକ ସ୍ୱତନ୍ତ୍ର ରାଷ୍ଟ୍ର ପାଲେଷ୍ଟାଇନ ଗଠନ ଦାବି ଜୋର ଧରିଥିଲା ଏବଂ ପାଲେଷ୍ଟେନୀୟ ଜାତୀୟତାବାଦ ଆନ୍ଦୋଳନର ବସ୍ତୁତଃ ଆରମ୍ଭ ହୋଇଥିଲା କହିଲେ ଭୁଲ ହେବନି। ପାଲେଷ୍ଟିନୀୟ ଜାତୀୟବାଦୀ ନେତା ଅହମ୍ମଦ ସୁକେରି ୧୯୬୪ ସାଲରେ 'ପାଲେଷ୍ଟାଇନ ମୁକ୍ତି ସଂଗଠନ' ପ୍ରତିଷ୍ଠା କରିଥିଲେ ଏବଂ ୧୯୬୪ ସାଲରୁ ୧୯୬୭ ସାଲ ପର୍ଯ୍ୟନ୍ତ ଏହାର ଅଧ୍ୟକ୍ଷ ରୂପେ ଦାୟିତ୍ୱ ନିର୍ବାହ କରିଥିଲେ। କିନ୍ତୁ କ୍ଷୋଭର ବିଷୟ ୧୯୬୯ ସାଲରୁ ୟାସେର ଆରାଫତ ପାଲେଷ୍ଟାଇନ ମୁକ୍ତି ସଂଗଠନର ଅଧ୍ୟକ୍ଷ ହେବା ପରେ ସ୍ୱତନ୍ତ୍ର ପାଲେଷ୍ଟାଇନ ଗଠନ ପାଇଁ ହିଂସାକାଣ୍ଡ, ରକ୍ତପାତ ଓ ଆତଙ୍କବାଦର ସୂତ୍ରପାତ ହୋଇଥିଲା। ଆନ୍ଦୋଳନ କ୍ରମଶଃ ସଶସ୍ତ୍ର ସଂଗ୍ରାମରେ ପରିଣତ ହୋଇଥିଲା।

୧୯୭୦ ମସିହାରେ ସ୍ଥାପିତ ଏକ ଉଗ୍ରବାଦୀ ସଂଗଠନ 'ବ୍ଲାକ ସେପ୍ଟେମ୍ବର' ଇସ୍ରାଏଲ ଉପରେ ଚାପ ପକେଇ ବିଶ୍ୱବାସୀଙ୍କ ଦୃଷ୍ଟି ଆକର୍ଷଣ କରିବା ପାଇଁ ୧୯୭୨ ମସିହା ସେପ୍ଟେମ୍ବର ମାସରେ ପଶ୍ଚିମ ଜର୍ମାନୀର ମ୍ୟୁନିକଠାରେ ଅଲିମ୍ପିକ ଖେଳ ଚାଲିଥିବା ବେଳେ ୧୧ ଜଣ ଇସ୍ରାଏଲୀ ଖେଳାଳିଙ୍କୁ ଅପହରଣ କରି ନେଇ ସେମାନଙ୍କୁ ହତ୍ୟା କରିଥିଲା। ୧୯୪୮ ମସିହାଠାରୁ ଇସ୍ରାଏଲ ଓ ପାଲେଷ୍ଟିନୀୟଙ୍କ ମଧ୍ୟରେ ଯେଉଁ ତିକ୍ତତା ଥିଲା ତାହା ଏହି ଘଟଣା ପରେ ତୀବ୍ର ଶତ୍ରୁତାରେ ପରିଣତ ହେଲା। ୧୯୭୬ ମସିହା ଜୁନ ମାସ ୨୭ ତାରିଖରେ ୨୪୮ ଯାତ୍ରୀଙ୍କୁ ନେଇ ଇସ୍ରାଏଲ୍‌ର ତେଲଆଭିବରୁ ପ୍ୟାରିସ ଯାଉଥିବା ଏୟାର ଫ୍ରାନ୍ସର ଏକ ବିମାନକୁ ପାଲେଷ୍ଟିନୀୟ ଉଗ୍ରବାଦୀମାନେ ଅପହରଣ କରି ଉଗାଣ୍ଡା ଦେଶର ଏନ୍ତେବେ ବିମାନ ବନ୍ଦରକୁ ନେଇ ଯାଇଥିଲେ। ୪୦ ଜଣ ପାଲେଷ୍ଟିନୀୟ ବନ୍ଦୀଙ୍କୁ ଇସ୍ରାଏଲ ମୁକ୍ତି ଦେଉ ବୋଲି ଦାବି କରିଥିଲେ। ଇସ୍ରାଏଲ କମାଣ୍ଡୋମାନେ ସେହି ଅପହୃତ ଯାତ୍ରୀମାନଙ୍କୁ ଶେଷରେ ମୁକୁଳାଇ ଥିଲେ।

ଇତିମଧ୍ୟରେ ଆରାଫାତଙ୍କ ନେତୃତ୍ୱରେ ଆନ୍ତର୍ଜାତିକ ସ୍ୱୀକୃତି ନ ଥାଇ ଏକ 'ପାଲେଷ୍ଟାଇନ ଅଥରିଟି' ମଧ୍ୟ ଘୋଷିତ ହୋଇଥିଲା, ଯାହାର ରାଷ୍ଟ୍ରପତି ସେ ନିଜେ ୨୦୦୪ ସାଲ ଯାଏଁ ନିଜର ମୃତ୍ୟୁ ପର୍ଯ୍ୟନ୍ତ ଥିଲେ। ସେ ୧୯୮୮ ମସିହାରେ ଇସ୍ରାଏଲ ଇହୁଦୀ ରାଷ୍ଟ୍ର ରୂପେ ଅଧିକାରରେ ପ୍ରତିକ୍ରିୟା ପ୍ରକାଶ କରି ପୁଣି ଥରେ ପାଲେଷ୍ଟାଇନ ଅଞ୍ଚଳରେ ଦୁଇଟି ରାଷ୍ଟ୍ର ରହିବାର ଅଧିକାରକୁ ଦାବି କଲେ।

ଏକ ସ୍ୱାଧୀନ, ସ୍ୱତନ୍ତ୍ର ଓ ଆନ୍ତର୍ଜାତିକ ସ୍ୱୀକୃତିପ୍ରାପ୍ତ ପାଲେଷ୍ଟାଇନ ସ୍ଥାପିତ ହେଉ ବୋଲି ଇଜିପ୍ଟର ତତ୍କାଳୀନ ରାଷ୍ଟ୍ରପତି ଗାମେଲ ନାସେର, ଜୋର୍ଡାନର ରାଜା ହୁସେନ, ଆରବ ଲିଗ/ ସଂଗଠନ, ଆମେରିକୀୟ -ପାଲେଷ୍ଟିନୀୟ ବୁଦ୍ଧିଜୀବୀ ଏଡୱାର୍ଡ ସେଡ, ଆମେରିକୀୟ ବୁଦ୍ଧିଜୀବୀ ନୋଆମ ଚମସ୍କି, ପାଲେଷ୍ଟିନୀୟ ରାଜନୀତିଜ୍ଞ କର୍ମା ନାବୁଲସି, ଆମେରିକୀୟ ରାଜନୀତି ବିଶେଷଜ୍ଞ ନର୍ମାନ ଫିନକେଲଷ୍ଟେଇନ, ପାଲେଷ୍ଟିନୀୟ ଐତିହାସିକ ରସିଦ ଖାଲିଦି ଓ ଇସ୍ରାଏଲ ଐତିହାସିକ ଇଲାନ ପାପେ ଦୃଢ଼ ସମର୍ଥନ ପ୍ରକାଶ କରିଥିଲେ। କିନ୍ତୁ ଇସ୍ରାଏଲର ବର୍ତ୍ତମାନ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁ ଜୋର୍ଡାନ ନଦୀର ପଶ୍ଚିମରେ କୌଣସି ପାଲେଷ୍ଟାଇନ ତିଷ୍ଠି ରହିବାକୁ ଦିଆଯିବନି ବୋଲି ଜିଦ୍‌ରେ ଅଟଳ ଅଛନ୍ତି। ଅନେକ ବୁଦ୍ଧିଜୀବୀ ମତ ପ୍ରକାଶ କରନ୍ତି ଯେ ଏକ ପାଲେଷ୍ଟାଇନ ଦେଶକୁ ସ୍ୱୀକୃତି ଦେଲେ ହମାସ, ହେଜବୋଲା ଓ ପିଏଲଓ ପରି ଉଗ୍ରବାଦୀ ସଂଗଠନମାନଙ୍କୁ ପ୍ରୋତ୍ସାହିତ କଲା ଭଳି ହେବ। ୨୦୧୨ ମସିହାରେ ମିଳିତ ଜାତିସଂଘର ସଦସ୍ୟମାନେ ସଂଖ୍ୟାଧିକ ଭୋଟ ଦ୍ୱାରା ପାଲେଷ୍ଟାଇନକୁ ଏକ 'ପର୍ଯ୍ୟବେକ୍ଷକ ରାଷ୍ଟ୍ର'ର ମାନ୍ୟତା ଦେଇଥିଲେ। ସେଥିପାଇଁ ପାଲେଷ୍ଟାଇନକୁ ପୂର୍ଣ୍ଣ ରାଷ୍ଟ୍ରର ମର୍ଯ୍ୟାଦା ଦେବା ବିଷୟ ଏକ ନିର୍ଦ୍ଦିଷ୍ଟ ଜାତିର ସ୍ୱପ୍ନକୁ ସାକାର କରିବ। କିନ୍ତୁ ଏହାର ବିରୋଧୀ ରାଷ୍ଟ୍ରମାନଙ୍କୁ ସବୁବେଳେ କ୍ରୋଧାନ୍ୱିତ କରିବ। ●

(ଅବସରପ୍ରାପ୍ତ ଅଧ୍ୟକ୍ଷ)
ଭୁବନେଶ୍ୱର, ମୋ: ୯୪୩୭୬୪୪୩୪୧

## ସାର କଷଣର ସଂକେତ

ଜୟନ୍ତ ପଟ୍ଟନାୟକ



ଗତ କିଛିଦିନ ହେଲା ଆମ ଚାଷ ଓ ଚାଷୀର ଅତ୍ୟାବଶ୍ୟକ ପଦାର୍ଥ 'ସାର'କୁ ନେଇ ରାଜ୍ୟ ରାଜନୀତି ସରଗରମ ରହିଛି। ଠିକ୍ ସମୟରେ ପର୍ଯ୍ୟାପ୍ତ ପରିମାଣର ସାର ନ ମିଳିବାରୁ ଆମ ରାଜ୍ୟର ଚାଷୀମାନେ ଆନ୍ଦୋଳନ/ବିକ୍ଷୋଭ କରିଆସୁଛନ୍ତି। ସାର ସଂଗ୍ରହ କେନ୍ଦ୍ର ଆଗରେ ଜୋତା, ଆଧାର କାର୍ଡ ବା ଅନ୍ୟ କିଛି ସାମଗ୍ରୀ ଧାଡ଼ିରେ ରଖାଯାଇଥିବା ପରି ଦୃଶ୍ୟ ଦେଖିବାକୁ ମିଳିଛି। ଏଥିରୁ ଚାଷୀମାନଙ୍କର ଆତୁରତା ଓ ଅସହାୟତା ବାରି ହୋଇପଡୁଛି। ମାସ ମାସ ଧରି ଲହୁଲୁହ ଢାଳି ଫଳାଇଥିବା ଫସଲ ଯେତେବେଳେ ସାର ମୁଠାଏ ପାଇଁ ଦୁର୍ବଳ ହୋଇଯାଉଥିବ ସେ କଥା କେବଳ ଚାଷୀ ହିଁ ହୃଦୟଙ୍ଗମ କରିପାରିବ। କିନ୍ତୁ ରାଜନେତା, ପ୍ରଶାସନ ସମସ୍ତେ ନିର୍ବିକାର।

ରାଜନେତାମାନଙ୍କୁ ସାମ୍ବାଦିକମାନେ ଯେତେବେଳେ ପ୍ରଶ୍ନ କଲେ ଉତ୍ତର ମିଳିଲା, ସାର ଯଥେଷ୍ଟ ପରିମାଣରେ ଅଛି। କିନ୍ତୁ ସାଧାରଣ ଚାଷୀର ସାର ବସ୍ତାଏ ପାଇଁ ପ୍ରତୀକ୍ଷାର ଅନ୍ତ ନାହିଁ। ଇଏ ସବୁ ବ୍ୟାପାର ଅନ୍ୟପ୍ରକାର। କଳାବଜାରୀ/କିଳାପୋତେଇ ପାଇଁ ରାସ୍ତା ସଫା କରିବାକୁ ପଡ଼ିବ ନା! ତେଣିକି ଚାଷୀକୁଳର ସମସ୍ୟାର ଯାଏ ଆସେ କେତେ? ଏ ସମସ୍ୟା କେବଳ ଆମ ରାଜ୍ୟର ନୁହେଁ। ସାରା ଦେଶରେ ଶୀତତାପ ନିୟନ୍ତ୍ରିତ କୋଠରି ଭିତରେ କୃଷକକୁଳର ଭାଗ୍ୟ ନିର୍ଦ୍ଧାରଣ ହୁଏ, ସୁଟବୁଟ ପିନ୍ଧା ବାବୁମାନଙ୍କ ଦ୍ୱାରା, ଯିଏ ଦିନେ ଜମି କେମିତି ଦେଖି ନଥା'ନ୍ତି। ତେଣୁ ଯାହା ହେବା କଥା ହୁଏ। ଗତ ୨୨ ସେପ୍ଟେମ୍ବର ୨୦୨୫ରେ ଗଞ୍ଜାମ ଜିଲ୍ଲା ଦିଗପହଣ୍ଡି ବ୍ଲକ ମଉଳାଭଣଜା ଗ୍ରାମରେ ପଞ୍ଚାୟତ ଘରେ ପଶି ଲୋକମାନେ ୩୦ ବସ୍ତା ସାର ବୋହି ନେଲେ। ବିନା ପଇସାରେ ନୁହେଁ, ପଇସାଦେଇ। ଏକଥା ହେଲା କାହିଁକି? ସାର ଦେଇ ଦେଇଥିଲେ ତ କାମ ସରିଥା'ନ୍ତା। ବୋହିନେବା ଯାଏଁ କଥା ଯାଇଥା'ନ୍ତା କାହିଁକି? ଏଥିପାଇଁ ପ୍ରଶାସନ/କର୍ତ୍ତୃପକ୍ଷ/ପୁଲିସ ସମସ୍ତେ ଦାୟୀ କହିଲେ ଭୁଲ୍ ହେବ ନାହିଁ। ସେଇ ଜିନିଷ ହୋଇଥା'ନ୍ତା। ଖାଲି ଯାହା ନାଁ ପଡ଼ିଲା। ତେଣୁ ବେଳହୁଁ ସାବଧାନ ହେବା ଉଚିତ୍। ଉଲ୍ଲେଖଯୋଗ୍ୟ କେବଳ ଗଞ୍ଜାମ ଜିଲ୍ଲାରେ ୨୭ ମେଟ୍ରିକ୍ ଟନ୍ ସାର ଆବଶ୍ୟକ ହେଉଥିବା ବେଳେ ମାତ୍ର ୦୯ ଟନ୍ ସାର ଉପଲବ୍ଧ ଅଛି।ଏଣେ ସରକାରୀ ହିସାବ ଅନୁଯାୟୀ ରାଜ୍ୟରେ ୭, ୯୪, ୦୦୦ ଟନ୍ ସାର ଉପଲବ୍ଧ ଅଛି। ତା'ହେଲେ ସାରର ଏପ୍ରକାର ଅଭାବୀ ବିକ୍ରୀ କାହିଁକି? ସାର କେନ୍ଦ୍ର ବା ସମବାୟ କାର୍ଯ୍ୟାଳୟରେ ସାର କ୍ରେତାଙ୍କର ଏ ବିକଳ ଧାରଣା କ'ଣ ପାଇଁ?

ଆଜିକାଲି ଆଉ ସେ ଯୁଗ ନାହିଁ ଯେ କେଉଁଠି କ'ଣ ହେଉଛି ବାକି ଲୋକ ଜାଣିପାରିବେ ନାହିଁ। ଆଜିକାଲି ଡିଜିଟାଲର ଦୁନିଆ। ମୋବାଇଲ ଚିପିଲେ ସାରାଦୁନିଆ ଆଖିଆଗରେ ଦିଶିବ। ଯଦି ଅନ୍ନଦାତାଙ୍କ ସହିତ ପାତରଅନ୍ତର କରାଯିବ, ଟାଳଟୁଳ ନୀତି ଆପଣାଯିବ, ତା'ର ଫଳ ଭୟଙ୍କର ହେବ। ସାର ଜବରଦସ୍ତ ନେଇଯିବା କେବଳ ଏକ ସଂକେତ ମାତ୍ର। କଥାରେ ଅଛି, ଉପରେ ପଡ଼ିଲେ ପ୍ରମାଦ, ଗୁରୁ ବ୍ରାହ୍ମଣ ଶିରଚ୍ଛେଦ।' ଅର୍ଥାତ୍ ନିଜ ଉପରକୁ ବିପଦ ଆସିଲେ କେହି ଆଉ ଭଲ-ମନ୍ଦ, ଉଚ୍ଚ-ନୀଚକୁ ଅପେକ୍ଷା ରଖି ପାରେ କି ? ଆପେ ବଞ୍ଚିଲେ ବାପର ନାଁ।

ଭାରତ ସରକାର ଆଜିପର୍ଯ୍ୟନ୍ତ ତାଳଚେର ସାର କାରଖାନାରୁ ଉତ୍ପାଦନ ଦିଗରେ ମନ ଦେଲେ ନାହିଁ।୨୦୧୮ରୁ ୭ବର୍ଷରୁ ଅଧିକ ହୋଇଗଲାଣି। ଅଭାବୀ ଯୋଗାଣ ହେତୁରୁ ସମବାୟ କର୍ମଚାରୀ ଓ ଜନସାଧାରଣଙ୍କ ମଧ୍ୟରେ କଳହର ସୂତ୍ରପାତ ହେଉଛି। ଅନ୍ୟ ଉତ୍ସରୁ ପର୍ଯ୍ୟାପ୍ତ ସାର ଆସିବାର ବ୍ୟବସ୍ଥା ହୋଇପାରିଲା ନାହିଁ। ଯାହା ବା ଅଛି ତା' ଚାଷୀକୁ ସୁବିଧାରେ ନ ଦେଇ କଳାବଜାରୀ ହେଲା। ଟ୨୭୦/ ହେଉଥିବା ସାରବସ୍ତା ଟ୭୦୦ -୮୦୦/-ରେ ବିକ୍ରୀ ହେଲା। ସବୁବେଳେ ତ ଚାଷୀ ଭାଇ ଉପରେ ମାଡ଼। ବର୍ଷସାରା କଷ୍ଟରେ ନିଜ ପିଲାଛୁଆଙ୍କ ମୁହଁରେ ଆହାର ଦେଲା ପରେ ଆଉ କେତେ ବଳିବ ଯେ ଏତେ ଅଧିକ ଦେଇ ସାର କିଣି ପାରିବ?

ସାର ପ୍ରସଙ୍ଗ ଆଗରୁ ଦାଣ୍ଡରେ ପଡ଼ି ହାଟରେ ଗଡୁଥିବା ବେଳେ କଥା ଯାଇ ବିଧାନସଭାରେ ଉଠିଲା। ବିରୋଧୀଦଳ ନେତା ଏଇ ପରିପ୍ରେକ୍ଷୀରେ କେନ୍ଦ୍ର ସାର ମନ୍ତ୍ରୀଙ୍କୁ ରାଜ୍ୟର ସାର ଯୋଗାଣକୁ ସ୍ୱଚ୍ଛଳ କରିବାକୁ ଚିଠି ଲେଖିଛନ୍ତି। ଯେପରି ରାଜ୍ୟର କୃଷକସମାଜ ଠିକଣା ସମୟରେ ସାର ପାଇ କୃଷି କାର୍ଯ୍ୟକୁ ସଠିକ୍ ଭାବରେ ଆଗେଇ ନେବେ ସେଥିଲାଗି ଦୃଷ୍ଟି ଦେବାକୁ ଅନୁରୋଧ କରିଛନ୍ତି। ●

ଭୁବନେଶ୍ୱର, ମୋ: ୯୦୯୦୧ ୯୦୦୬୯

## ରାଇ-ଜଗନ୍ନାଥ ବିବାହ

ସ୍ୱପ୍ନେଶ୍ୱର

### ଲୋକକଥାରେ ଲୋକଦେବତା

ବଡ଼ପଣ୍ଡା ମହାପ୍ରଭୁଙ୍କର ଜଣେ ସମର୍ପିତ ସେବାୟତ ସହିତ ଥିଲେ ଜଣେ ଅନନ୍ୟ ଭକ୍ତ। ତାଙ୍କର ସାଥୀ ସେବକମାନେ କୁହାକୁହି ହେଉଥିଲେ ଯେ ବଡ଼ପଣ୍ଡାଙ୍କ ସହ ମହାପ୍ରଭୁ ସାଙ୍ଗ ପରି କଥାଭାଷା ହେଉଥିଲେ। ମହାପ୍ରଭୁଙ୍କ କରୁଣାରୁ ବଡ଼ପଣ୍ଡା ଏକ ଅପୂର୍ବ ସୁନ୍ଦରୀ କନ୍ୟା ସନ୍ତାନ ଲାଭ କଲେ। ସେ ସେହି କନ୍ୟାର ନାମ ମହାପ୍ରଭୁ ସବୁଠାରୁ ବେଶୀ ଭଲ ପାଉଥିବା ନାରୀ ଚରିତ୍ର(ରାଧା) ନାମାନୁସାରେ 'ରାଇ'ରଖିଲେ।

ଦିନେ ବଡ଼ପଣ୍ଡା ବାପାଙ୍କ ବାର୍ଷିକ ଶ୍ରାଦ୍ଧ ପୂର୍ବ ଦିନ ସେବା ପରେ ଘରକୁ ଯିବା ପୂର୍ବରୁ ମହାପ୍ରଭୁଙ୍କୁ ପ୍ରାର୍ଥନା କଲେ- 'ସାଆନ୍ତେ! ଆପଣଙ୍କଠାରୁ ବଡ଼ ବନ୍ଧୁ ମୋର ଆଉ କିଏ ଅଛି! ଆପଣଙ୍କ ପାଦ କାଲି ମୋ ଦୁଆରେ ପଡ଼ିଲେ ମୁଁ କୃତାର୍ଥ ମନେ କରନ୍ତି।' ଭକ୍ତବତ୍ସଳ ମହାବାହୁ ତା' ପରଦିନ ଠିକ ସମୟରେ ଭାଇ, ଭଉଣୀ ଓ ଭାରିଯାଙ୍କୁ ନ ଜଣେଇ ପଣ୍ଡାଙ୍କ ଘରେ ପହଞ୍ଚିଗଲେ ଏବଂ ପସନ୍ଦ ମୁତାବକ ଭୁରିଭୋଜନ କଲେ। ବିଶ୍ରାମ ନେବା ବେଳେ ପାଦ ପାଖରେ ବଡ଼ପଣ୍ଡା ହାତ ଯୋଡ଼ି ଠିଆ ହୋଇଥିବାର ଦେଖି ପଚାରିଲେ- 'ପଣ୍ଡାଏ! ଭୋଜନ ତ ବଢ଼ିଆ ହେଲା। ଆଉ କ'ଣ କିଛି କହୁଛ?' ବଡ଼ପଣ୍ଡା କହିଲେ- 'ମହାପ୍ରଭୁ! ମୋର ଏକମାତ୍ର କନ୍ୟା ରାଇ ସୁନ୍ଦରୀ ଯେମିତି ଗୁଣର ସେମିତି। ତା'ର ବିବାହ ବୟସ ହେଲାଣି। ମୁଁ ଆପଣଙ୍କୁ ତା'ର ବର ରୂପେ ମନେମନେ ବରଣ କରିଛି। ଆପଣଙ୍କଠାରୁ ବଡ଼ ବନ୍ଧୁ ମୁଁ ଆଉ କୋଉଠୁ ପାଇବି ସାଆନ୍ତେ?' ତହୁଁ ପ୍ରଭୁ କହିଲେ- 'ଆହେ ପଣ୍ଡାଏ! ମୁଁ ସେ କଥା ଜାଣେ। ତୁମର କନ୍ୟା ଲକ୍ଷ୍ମୀଙ୍କ କଳା ନେଇ ଜନ୍ମ ନେଇଛି। ତାକୁ ମୋ ବ୍ୟତୀତ ଆଉ କେହି ବାହା ହୋଇ ପାରିବେ ନାହିଁ।'

ଭଲ ତିଥିବାର ଦେଖି ରାଇ ସହ ମହାପ୍ରଭୁଙ୍କର ବିବାହ ସମ୍ପନ୍ନ ହୋଇଗଲା। ମନ୍ଦିରରୁ ଲୁଚିଛପି ଯାଇ ପ୍ରଭୁ ରାଇ ସହ ସମୟ ଅତିବାହିତ କରୁଥିବାରୁ ଭାଇ, ଭଉଣୀ ଓ ଲକ୍ଷ୍ମୀ ଏ କଥା ଜାଣି ପାରୁ ନ ଥିଲେ। ସମୟକ୍ରମେ ରାଇ ଗର୍ଭବତୀ ହେଲା। ମହାପ୍ରଭୁ ଜାଣିଥିଲେ ଯେ ମର୍ତ୍ତ୍ୟର ମହିଳାମାନେ ଗର୍ଭବତୀ ଥିବା ବେଳେ ସୁସ୍ୱାଦୁ ଖାଇବାକୁ ଭଲ ପାଆନ୍ତି। ତେଣୁ ଥରେ ସେ ରାଇକୁ ସରାଗରେ ସେ କଥା ପଚାରି ଦେଲେ। ରାଇ କହିଲା- 'ସାଆନ୍ତେ! ସମୁଦ୍ର କୂଳରେ ଆପଣଙ୍କ କୋଳରେ ବସି ଗଜା ମୁଗ, କଦଳୀ ଓ ନଡ଼ିଆ ଚକଟା ଖାଇବାକୁ ମୋର ମନ ହେଉଛି।' ସମୁଦ୍ର କୂଳରେ ରାଇକୁ ଧରି ସାଦ ଖୁଆଇଲେ କଥାଟା ଲକ୍ଷ୍ମୀଙ୍କ କାନକୁ ଚାଲିଯିବ। ତେଣୁ ମହାପ୍ରଭୁ କହିଲେ- 'ରାଇ! ଲକ୍ଷ୍ମୀଙ୍କ ଅଜାଣତରେ ତୋ ସହ ମୋର ବିବାହ ହୋଇଛି। ତୁ ତାଙ୍କୁ ପୂଜା କରି ସନ୍ତୁଷ୍ଟ କରି ତା'ର ଅନୁମତି ନେଇ ଆସିଲେ ଆମର ବେଳାଭୂମି ଲୀଳା ସମ୍ଭବ ହେବ।'

ମହାପ୍ରଭୁଙ୍କ ଆଦେଶାନୁସାରେ ରାଇ ଅଚଳା ଭକ୍ତି ଓ ନିଷ୍ଠାର ସହ ମହାଲକ୍ଷ୍ମୀଙ୍କୁ ଆରାଧନା କଲା। ତା'ର ପୂଜାରେ ଲକ୍ଷ୍ମୀ ସନ୍ତୁଷ୍ଟ ହୋଇ ସ୍ୱଦେହରେ ତା' ସମ୍ମୁଖରେ ଉଭା ହୋଇ ବର ଦେବାକୁ ଇଚ୍ଛା ପ୍ରକାଶ କଲେ। ରାଇ କହିଲା- 'ମାଆ! ଆପଣଙ୍କ ଅଜାଣତରେ ମହାପ୍ରଭୁ ମୋତେ ବିବାହ କରିଛନ୍ତି। ମୁଁ ବର୍ତ୍ତମାନ ଅନ୍ତସତ୍ତ୍ୱା। ମୋତେ ଆପଣଙ୍କ ପରିବାର ସହ ରହିବାକୁ ଅନୁମତି ଦିଅନ୍ତୁ।' ମହାଲକ୍ଷ୍ମୀ ଜାଣିଥିଲେ ଯେ ରସିକପଣିଆ ମହାପ୍ରଭୁଙ୍କର ପୁରୁଷୋତ୍ତମ ତତ୍ତ୍ୱର ଏହା ଏକ ବିଶିଷ୍ଟ ଅଙ୍ଗ। କଥାଟାକୁ ଘାଣ୍ଟଚକଟ କଲେ ତାହା ଜଣେ ନିରୀହା ଯୁବତୀର ପ୍ରଭୁଙ୍କ ପ୍ରତି ଥିବା ଭକ୍ତିକୁ ପ୍ରଭାବିତ କରିବାର ଆଶଙ୍କା ରହିଛି। ତେଣୁ ସେ କହିଲେ- 'ତୋ ସହ ପ୍ରଭୁଙ୍କର ବିବାହ ଏକ ସ୍ଥାନୀୟ ଘଟଣା। ସଚରାଚର ବିଶ୍ୱ ଜାଣେ ଯେ ଭୂଦେବୀ ଓ ମୁଁ ମହାପ୍ରଭୁଙ୍କର ଦୁଇ ପତ୍ନୀ। ତୁମକୁ ପରିବାରରେ ସ୍ଥାନ ଦେଇ ସାରା ବିଶ୍ୱର ବିଶ୍ୱାସକୁ ଆଘାତ ଦେବା ଉଚିତ ହେବ ନାହିଁ। କିନ୍ତୁ ମୁଁ ତୋତେ ବର୍ଷର ବାର ମାସରୁ ମାସେ ପ୍ରଭୁଙ୍କ ସାନ୍ନିଧ ପ୍ରାପ୍ତିର ବର ଦାନ କରୁଛି। ଆଶ୍ୱିନ ମାସର ଶେଷ ପାଞ୍ଚଦିନ ଓ କାର୍ତ୍ତିକ ମାସର ପଞ୍ଚକ ପାଞ୍ଚ ଦିନକୁ ଛାଡ଼ି ପ୍ରଥମ ପଚିଶ ଦିନ ତୁ ମହାପ୍ରଭୁଙ୍କ ସାନ୍ନିଧ ପାଇବୁ। ସେ ସମୟରେ ପ୍ରଭୁ ତୋତେ ସାଦ ଦେଇ ଆପ୍ୟାୟିତ କରିବେ। ପରବର୍ତ୍ତୀ କାଳରେ ହବିଷ୍ୟାଳୀମାନେ ତୋତେ ମହାପ୍ରଭୁଙ୍କ ସହ 'ରାଇଦାମୋଦର ବ୍ରତ' ପାଳନ ନାମରେ ପୂଜା କରିବେ।' ତା'ପରଠାରୁ ଆଶ୍ୱିନ ଶୁକ୍ଳ ଏକାଦଶୀଠାରୁ କାର୍ତ୍ତିକ ଶୁକ୍ଳ ଦଶମୀ ପର୍ଯ୍ୟନ୍ତ ଶ୍ରୀକ୍ଷେତ୍ରରେ ରାଇ ଦାମୋଦର ବ୍ରତ ପାଳନ କରାଯାଉଛି ଏବଂ ମହାପ୍ରଭୁ ରାଇଦାମୋଦର ବେଶରେ ଦର୍ଶନ ଦେଉଛନ୍ତି। -

(ଶ୍ରୀମନ୍ଦିର ପରମ୍ପରାରେ ରାଧାଙ୍କ ଗୁରୁତ୍ୱକୁ ହ୍ରାସ ପାଇଁ ଏ ଲୋକକଥା ରଚିତ ହୋଇ ଥାଇପାରେ) ●

ମୋ: ୯ ୯୦୦୦୮ ୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com


THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଥାନା ଭିତରେ ପଶି ପୁଲିସକୁ ପିଟିଲେ

ଗୋପ,୭।୧୦(ସିମିସ): ଗୋପ ଥାନା ଭିତରେ ପଶି ଦୁଇ ପୁଲିସ ଅଧିକାରୀଙ୍କୁ ପିଟିଲେ ଯୁବକ। ଏଥରେ ଜଣେ ପୁଲିସ ଅଧିକାରୀ ଗୁରୁତର ହୋଇଥିବାବେଳେ ଆଉ ଜଣେ ଆହତ ହୋଇଛନ୍ତି। ଏହି ଘଟଣାରେ ସମ୍ପୃକ୍ତ ଦୁଇ ଜଣଙ୍କୁ ପୁଲିସ ଗିରଫ କରିଛି। ଅଭିଯୁକ୍ତ ଦ୍ୱୟ ହେଲେ ସୋରିଶିଆପଦା ଗ୍ରାମର ପ୍ରଦୀପ ବେହେରା ଓ ଗଣେଶ୍ୱରପୁର ଅଞ୍ଚଳର ସୁଶାନ୍ତ ନାୟକ।


ଆହତ ବୁଲୁ


ଗିରଫ ପ୍ରଦୀପ


ଗିରଫ ସୁଶାନ୍ତ

ମଙ୍ଗଳବାର ସନ୍ଧ୍ୟାରେ ଗୋପ ଥାନା ବାୟାକୁଦା ଗ୍ରାମରେ ଦୁଇ ଗୋଷ୍ଠୀଙ୍କ ମଧ୍ୟରେ ଗଣ୍ଡଗୋଳ ଲାଗିଥିଲା। ପୁଲିସ ଖବର ପାଇ ଘଟଣାସ୍ଥଳରେ ପହଞ୍ଚି ବେଗୁନିଆ ଅଞ୍ଚଳର ଦୁଇ ଜଣଙ୍କୁ ଥାନାକୁ ଆଣିବା ସମୟରେ ଏକ ଗାଡ଼ି ରାସ୍ତା ଉପରେ ଥିଲା। ପୁଲିସ ଗାଡ଼ିଟିକୁ ଥାନାକୁ ଆଣି ରଖିବା ପରେ ସେଇ ଗାଡ଼ିଟିକୁ ନେଉଥିବାବେଳେ ଗୋପ ଥାନା ସୋରିଶିଆପଦା ଗ୍ରାମର ପ୍ରଦୀପ ବେହେରା ଓ ଗଣେଶ୍ୱରପୁର ଅଞ୍ଚଳର ସୁଶାନ୍ତ ନାୟକ ଥାନାରେ ପହଞ୍ଚି ଗାଡ଼ିଟିକୁ ଜୋର୍‌ଜବରଦସ୍ତ ନେଇଯିବାକୁ ଉଦ୍ୟମ କରିଥିଲେ। ଏହି ସମୟରେ ଥାନା ଅଧିକାରୀ ବୁଲୁ ସେଠୀ କହିଥିଲେ ଗାଡ଼ିର କାଗଜପତ୍ର ଦେଖାଇ ନେଇଯାଅ। କିନ୍ତୁ ଦୁଇ ଯୁବକ କୌଣସି କଥା ନ ଶୁଣି ଗାଡ଼ିଟିକୁ ନେଇଯିବା ସମୟରେ ବୁଲୁ ସେଠୀ ଗାଡ଼ି କାହିଁକି ନେଇଯାଉଛ ବୋଲି ପଚାରିଥିଲେ। ପ୍ରଦୀପ ବେହେରା ହଠାତ୍ ବୁଲୁଙ୍କୁ ଏକ ଶକ୍ତ ଚାପୁଡ଼ା ମାରି ତଳେ ପକାଇ ଦେଇଥିଲେ। ମାଡ଼ରେ ବୁଲୁ ଗୁରୁତର ହୋଇଥିବାବେଳେ ଆଉ ଜଣେ ପୁଲିସ ଅଧିକାରୀ ବୁଧରାୟ ମାଝୀ ଘଟଣାସ୍ଥଳରେ ପହଞ୍ଚି ବୁଲୁଙ୍କୁ ଉଦ୍ଧାର କରିବା ସମୟରେ ପ୍ରଦୀପ ତାଙ୍କୁ ମଧ୍ୟ ମାଡ଼ ମାରିଥିଲେ। ଦୁଇ ଅଧିକାରୀ ଗୁରୁତର ହୋଇ ଗୋପ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଚିକିତ୍ସିତ ହୋଇଛନ୍ତି। ଦୁଇ ଯୁବକଙ୍କୁ ପୁଲିସ ଅଟକ ରଖିବା ସହିତ ଏକ ମାମଲା ରୁଜୁ କରିଛି। ଘଟଣାକୁ ସମଗ୍ର ଅଞ୍ଚଳରେ ନିନ୍ଦା କରାଯାଇଛି।

## ସମଲେଶ୍ୱରୀ ମନ୍ଦିରର ବଂଶାନୁକ୍ରମିକ ସେବାୟତଙ୍କୁ ଥଇଥାନ ପାଇଁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ, ୭।୧୦ (ସମିସ): ବଲାଙ୍ଗୀର ଜିଲ୍ଲାର ସମଲେଶ୍ୱରୀ ଦେବୀ ମନ୍ଦିରରେ ବଂଶାନୁକ୍ରମିକ ଭାବେ ନିତି ପୂଜା କରିଆସୁଥିବା ଜଣେ ସେବାୟତଙ୍କୁ ମନ୍ଦିର ପୁନରୁଦ୍ଧାର କାର୍ଯ୍ୟ ଶେଷ ପର୍ଯ୍ୟନ୍ତ ମନ୍ଦିର ସନ୍ନିକଟ ଅଞ୍ଚଳରେ ଥଇଥାନ କରିବା ପାଇଁ ସରକାରଙ୍କୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଅକ୍ଷୟ ଦିଶ୍ରିଙ୍କ ପକ୍ଷରୁ ରୁଜୁ ଆବେଦନର ଶୁଣାଣିରେ ପୂର୍ଣ୍ଣଚ୍ଛେଦ ପକାଇବା ସହ ଡ. ଜଷ୍ଟିସ ସଂଜୀବ କୁମାର ପାଣିଗ୍ରାହୀ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଭକ୍ତମାନଙ୍କୁ ସହାୟତା କରିବାରେ ସେବାୟତଙ୍କ ଅତ୍ୟାବଶ୍ୟକ ଭୂମିକାକୁ ସ୍ୱୀକାର କରି ଅଦାଲତ କହିଛନ୍ତି ଯେ ଆବେଦନକାରୀଙ୍କୁ ଉଚ୍ଛେଦ ପୂର୍ବରୁ ଦେବୋତ୍ତର କର୍ତ୍ତୃପକ୍ଷ ଉପଯୁକ୍ତ ଥଇଥାନ ସୁନିଶ୍ଚିତ କରିବାକୁ ପଡ଼ିବ। ସେହିଭଳି ନିର୍ମାଣ କାର୍ଯ୍ୟ ସମାପ୍ତ ନ ହେବା ପର୍ଯ୍ୟନ୍ତ ଆବେଦନକାରୀଙ୍କୁ ନିକଟସ୍ଥ ସ୍ଥାନରେ ଥଇଥାନ କରିବା ପାଇଁ ବଲାଙ୍ଗିର ଉପ ଜିଲ୍ଲାପାଳଙ୍କୁ ସକାରାତ୍ମକ ପଦକ୍ଷେପ ନେବାକୁ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି। ଥଇଥାନ କରାନଯିବା ପର୍ଯ୍ୟନ୍ତ ଆବେଦନକାରୀଙ୍କୁ ବର୍ତ୍ତମାନର ସ୍ଥାନରୁ ସମ୍ପୃକ୍ତ କର୍ତ୍ତୃପକ୍ଷ ବାହାର କରିବେ ନାହିଁ ବୋଲି ହାଇକୋର୍ଟ ସ୍ପଷ୍ଟ କରିଛନ୍ତି।

■ ଚର୍ଚ୍ଚାରେ କମାଣ୍ଡର୍‌ଙ୍କ ଚିଠି

## ଅସ୍ତ୍ରଶସ୍ତ୍ର ଛାଡ଼ି ସାଧାରଣ ଜୀବନ ଜିଇଁବାକୁ ଆହ୍ୱାନ

ମାଲକାନଗିରି, ୭।୧୦ (ସମିସ): ମାଓବାଦୀଙ୍କ ଗଡ଼ ଛତିଶଗଡ଼ର 'ମାଡ୍' ମାଓ ଡିଭିଜନ୍‌ର କମାଣ୍ଡର୍‌ଙ୍କ ଏକ ଚିଠି ଏବେ ଚର୍ଚ୍ଚାକୁ ଆସିଛି। ମାଓ କମାଣ୍ଡର 'ରଣୀତା' ସେଥିରେ ମାଓବାଦୀଙ୍କୁ ଅସ୍ତ୍ରଶସ୍ତ୍ର ତ୍ୟାଗ କରି ସାଧାରଣ ଜୀବନ ଯାପନ କରିବାକୁ ଆହ୍ୱାନ ଦେଇଛନ୍ତି। ଚିଠିରେ ସେ ଉଲ୍ଲେଖ କରିଛନ୍ତି ଯେ ବର୍ତ୍ତମାନ ସ୍ଥିତିରେ ସମସ୍ତଙ୍କୁ ଶାନ୍ତି ଓ ଆଲୋଚନାର ପଥ ଅନୁସରଣ କରିବା ଉଚିତ। ତେବେ ରଣୀତାଙ୍କ ଦ୍ୱାରା ଜାରି ହୋଇଥିବା ଏହି ପତ୍ରର ସତ୍ୟତା ସ୍ପଷ୍ଟ ହୋଇନାହିଁ।

## ଜିରା ବ୍ରିଜ୍ ନିକଟରୁ ୨ ଡକାୟତ ଗିରଫ

ବରଗଡ଼, ୭।୧୦ (ସମିସ): ଅମ୍ବାପାଳି ଜିରାନଦୀ ବ୍ରିଜ୍ ନିକଟରୁ ମଙ୍ଗଳବାର ବରଗଡ଼ ପୁଲିସ ୨ଜଣ ଡକାୟତଙ୍କୁ ଗିରଫ କରିବା ସହ ସେମାନଙ୍କଠାରୁ ଗୋଟିଏ ପିସ୍ତଲ ଜବତ କରିଛି। ପୁଲିସ୍‌କୁ ଚକ୍‌ମା ଦେଇ ୩ଜଣ ଫେରାର୍ ହୋଇଯାଇଛନ୍ତି। ଗିରଫ ୨ ଡକାୟତ ହେଲେ, କେନ୍ଦ୍ରାପଡ଼ା ଜିଲ୍ଲା ଟାଉନ ଥାନା ଜୟପୁରାର ଏସ୍.କେ ୱାଇଦ ଅଲ୍ଲୀ (୩୫) ଓ ସୋନପୁର ଜିଲ୍ଲା ଏସ୍.ରାମପୁର ଥାନା ବ୍ରହ୍ମାଣୀପାଲିର ତନ୍ମୟ ବାଗ (୨୫)। ଆଜି ସକାଳ ପ୍ରାୟ ୧୧ଟାରେ ଜିରା ନଦୀ ବ୍ରିଜ୍ ନିକଟରେ ୫ ଜଣ ଡକାୟତି ପାଇଁ ଯୋଜନା କରୁଥିବା ନେଇ ଏକ ବିଶ୍ୱସ୍ତ ସୂତ୍ରରୁ ବରଗଡ଼ ଏସ୍‌ପି ପ୍ରହ୍ଲାଦ ସାହାଇ ମୀନା ଜାଣିବାକୁ ପାଇଥିଲେ। ଏ ସଂପର୍କରେ ସେ ଟାଉନ୍ ଥାନା ଅଧିକାରୀ ସୁରେନ୍ଦ୍ର ଛତ୍ରିଆଙ୍କୁ ସୂଚନା ଦେବା ପରେ ପୁଲିସର ଏକ ସ୍ୱତନ୍ତ୍ର ଟିମ୍ ଉକ୍ତ ବ୍ରିଜ୍ ନିକଟରେ ଚଢ଼ଉ କରିଥିଲା। ପୁଲିସକୁ ଦେଖି ୩ଜଣ ଫେରାର୍ ହୋଇଯାଇଥିବା ବେଳେ ୱାଇଦ୍ ଓ ତନ୍ମୟଙ୍କୁ ପୁଲିସ କାବୁ କରିଥିଲା। ସେମାନଙ୍କଠାରୁ ପୁଲିସ୍ ଗୋଟିଏ ପିସ୍ତଲ, ଗୋଟିଏ ମାଗାଜିନ, ୩ଟି ମୋବାଇଲ ସହ ଅନ୍ୟ ସାମଗ୍ରୀ ଜବତ କରିଥିଲା। ଗିରଫ ୨ ଅଭିଯୁକ୍ତଙ୍କ ନାମରେ ପୂର୍ବରୁ ବିଭିନ୍ନ ଥାନାରେ ଅନେକ ମାମଲା ରହିଥିବା ଏବଂ ଘଟଣାର ଅଧିକ ତଦନ୍ତ ଜାରି ଥିବା ପୁଲିସ ପକ୍ଷରୁ ପ୍ରକାଶ। ଅପରପକ୍ଷେ, ଦୁଇଦିନ ମଧ୍ୟରେ ସହର ମଧ୍ୟରୁ ୬ଟି ଦେଶୀ ବନ୍ଧୁକ ଜବତ ହେବା ଘଟଣା ଚର୍ଚ୍ଚାର ବିଷୟ ହୋଇଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଆଜିଠୁ ଫେସ୍ ସ୍କାନ...

ଡାଟା ମାଧ୍ୟମରେ କରାଯିବ। ଅର୍ଥାତ ୟୁଜର୍ସଙ୍କ ଫେସ୍ କିମ୍ବା ଫିଙ୍ଗରପ୍ରିଣ୍ଟ ସେମାନଙ୍କ ଆଧାର ତଥ୍ୟ ସହ ମେଳ କରାଯିବ। ଏହାପରେ ଯାଇ ପେମେଣ୍ଟକୁ ଅନୁମତି ମିଳିପାରିବ। ବର୍ତ୍ତମାନ ୟୁପିଆଇରେ ୟୁଜର୍ସଙ୍କୁ କାରବାର କରିବା ପାଇଁ ୪ କିମ୍ବା ୬ ଅଙ୍କର ପିନ୍ ଦେବାକୁ ପଡୁଛି। ନୂଆ ସିଷ୍ଟମ୍‌ଲାଗୁ ହେବା ପରେ ଫେସ୍ ସ୍କାନ କିମ୍ବା ଫିଙ୍ଗରପ୍ରିଣ୍ଟ ସେନ୍ସର ଜରିଆରେ ପେମେଣ୍ଟ ତୁରନ୍ତ ଅଥେଣ୍ଟିକେସନ ବା ଭେରିଫାଏ ହୋଇଯିବ। ଏହାଦ୍ୱାରା ଅଥେଣ୍ଟିକେସନ ସମୟ କମିବ, ସୁରକ୍ଷା ବଢ଼ିବ ଏବଂ ୟୁଜର ଏକ୍ସପିରିଏନ୍ସ ଆହୁରି ସହଜ ହେବ। ବିଶେଷଜ୍ଞଙ୍କ କହିବା ଅନୁସାରେ ବାୟୋମେଟ୍ରିକ ଅଥେଣ୍ଟିକେସନ ଫଳରେ ଠକେଇ ସମ୍ଭାବନା ମଧ୍ୟ କମ୍ ରହିବ। କାରଣ କାହାର ଚେହେରା ଏବଂ ଫିଙ୍ଗରପ୍ରିଣ୍ଟକୁ କପି କରିବା ମୁସ୍କିଲ। ଅବଶ୍ୟ ଡାଟା ସୁରକ୍ଷା ଏବଂ ଗୋପନୀୟତା ସୁନିଶ୍ଚିତ କରିବା ପାଇଁ ଏନପିସିଆଇ ଏବଂ ୟୁଆଇଡିଏଆଇ ମଧ୍ୟରେ ମଜଭୁତ ବୈଷୟିକ ନବାଚାର ପାଳନ କରାଯିବ।

### ସୀମା ଟପିଲାଣି...

ଡକାୟତି, ୨,୫୮୨ ଛିନ୍ତାଇ, ୬,୪୦୮ ଚୋରି, ୧୭,୮୦୫ ଚୋରି, ୬,୩୦୭ ଠକେଇ, ୧୪୭୧ ଦଙ୍ଗା, ୩୦୫୪ ବଳାତ୍କାର ଘଟିଛି। ଗତ ୧୦ ମାସରେ ରାଜ୍ୟରେ ସାଢେ ୪ହଜାର ଉପରେ ଦୁଷ୍କର୍ମ ମାମଲା ରାଜ୍ୟର ବିଭିନ୍ନ ଥାନାରେ ରୁଜୁ ହୋଇଛି। ଗୋପାଳପୁର ଗଣଦୁଷ୍କର୍ମ ଘଟଣା ସାରା ଦେଶର ଆତ୍ମାକୁ ଦୋହଲାଇ ଦେଇଥିବା ବେଳେ ପୁରୀ ଜିଲ୍ଲାର ବାଲିହରଚଣ୍ଡୀ ପୀଠ ନିକଟରେ କିଛି ଦୁର୍ବୃତ୍ତ ବନ୍ଧୁଙ୍କୁ ଗଛରେ ବାନ୍ଧି ତାଙ୍କ ସାମ୍ନାରେ ତାଙ୍କର ବାନ୍ଧବୀକୁ ଗଣଦୁଷ୍କର୍ମ ଘଟଣା ରାଜ୍ୟରେ ପୁଣି ଆଲୋଡ଼ନ ସୃଷ୍ଟି କରିଛି । ଖୋଦ ରାଜଧାନୀର ଛାତି ଉପରେ ଚନ୍ଦ୍ରଶେଖରପୁର ଥାନା ଅଞ୍ଚଳରେ ଜଣେ ଯୁବତୀଙ୍କୁ ନିଶା ବଟିକା ଦେଇ ୩ ଜଣ ଦୁଷ୍କର୍ମ କରିଥିବା ଅଭିଯୋଗ ହୋଇଛି। ସେପ୍ଟେମ୍ବର ୭ରେ ଅନୁଗୋଳର ଭାଲୁଖାଇ ନାଳରୁ ନିଖୋଜ ନାବାଳିକାର ମୃତଦେହ ମିଳିବା ପଛରେ ଗଣଦୁଷ୍କର୍ମ ହୋଇଥିବା ଅଭିଯୋଗ ହୋଇଛି। ଅଗଷ୍ଟ ୩୧ରେ ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅଞ୍ଚଳରେ ଜଣେ ଯୁବତୀଙ୍କୁ ଗାଡ଼ି ଭିତରେ ଗଣଦୁଷ୍କର୍ମ କରି ରାସ୍ତାରେ ଫୋପାଡ଼ି ଦେଇଛନ୍ତି ଦୁର୍ବୃତ୍ତ। ଅଗଷ୍ଟ ୧୮ ରେ ସମ୍ବଲପୁର ଯୁଯୁମୁରା ଥାନା ଅଞ୍ଚଳରେ ଜଣେ ନାବାଳିକା ଗଣଦୁଷ୍କର୍ମର ଶିକାର ହୋଇଥିବା ବେଳେ ଅଗଷ୍ଟ ୧୩ରେ ରାଜନଗରରେ ଜଣେ ଦଶମ ଶ୍ରେଣୀ ଛାତ୍ରୀ ଗଣଦୁଷ୍କର୍ମ ଶିକାର ହୋଇଥିବା ଅଭିଯୋଗ ହୋଇଛି।

### କ୍ଷୋଭ ପ୍ରକାଶ...

ନବୀନ କହିଛନ୍ତି। ସାମାଜିକ ଗଣମାଧ୍ୟମ ଏକ୍ସରେ ଏନେଇ ପୋଷ୍ଟ କରି ନବୀନ କହିଛନ୍ତି ଯେ ରାଜ୍ୟରେ ପାର୍ବଣ ଉତ୍ସବର ପରିବେଶ ମଧ୍ୟରେ ଭୟର ବାତାବରଣ, ଲୋକେ ନିଜକୁ ଅସୁରକ୍ଷିତ ଭାବିବା ଆରମ୍ଭ କଲେଣି। ନିଜ ଘର ସାମ୍ନାରେ ଠିଆ ହୋଇଥିବା ସମୟରେ ଗଞ୍ଜାମର ବରିଷ୍ଠ ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ଯେପରି ଗୁଳି କରି ହତ୍ୟା କରାଗଲା ତାହା ଅତ୍ୟନ୍ତ ଜଘନ୍ୟ ଓ ଦୁଃଖଦାୟକ। ଦୁଃଖରେ ଭାଙ୍ଗି ପଡ଼ିଥିବା ପରିବାରବର୍ଗଙ୍କ ପ୍ରତି ସମବେଦନା ଜଣାଇବା ସହ ନବୀନ ଉଲ୍ଲେଖ କରିଛନ୍ତି ଯେ ଏହି ଖବର ସାଧାରଣ ଲୋକଙ୍କୁ ଭୟଭୀତ କରିଦେଇଛି। ସେହିପରି ରାଉରକେଲାରେ ଦୁଷ୍କର୍ମ, କଣାସରେ ଲକ୍ଷ୍ମୀ ବସ୍ ଭିତରେ ଘଟିଥିବା ଅଭାବନୀୟ କାଣ୍ଡ ସାଙ୍ଗକୁ ବାଲେଶ୍ୱରରେ ରାତ୍ରିକାଳୀନ କଟକଣା ସହ ଭାଇଚାରାର ସହର କଟକରେ ସାମ୍ପ୍ରଦାୟିକ ସ୍ଥିତି ଅତ୍ୟନ୍ତ ଚିନ୍ତାଜନକ।

ଅନ୍ୟପକ୍ଷରେ ପୁଲିସ ଏସ୍‌ଆଇ ନିଯୁକ୍ତିରେ ମହାଘୋଟାଲା ଆଶାୟୀ ଯୁବଗୋଷ୍ଠୀଙ୍କ ମନୋବଳ ଭାଙ୍ଗି ଦେଇଥିବା ବେଳେ ସରକାରୀ ନିଯୁକ୍ତିରେ ସ୍ୱଚ୍ଛତା ଓ ଉତ୍ତରଦାୟିତ୍ୱ ବଜାୟ ରଖିବାରେ ମଧ୍ୟ ରାଜ୍ୟର ବିଜେପି ସରକାର ଅସମର୍ଥ ବୋଲି ନବୀନ କ୍ଷୋଭ ପ୍ରକାଶ କରିଛନ୍ତି। ଅପରାଧ ରୋକିବା ପାଇଁ ସରକାର କାହିଁକି ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରୁନାହାନ୍ତି ବୋଲି ନବୀନ ପ୍ରଶ୍ନ କରିବା ସହ ଲୋକଙ୍କ ସ୍ୱାର୍ଥ ପାଇଁ ସରକାର ତତ୍ପର ଓ ସଜାଗ ହେବା ଜରୁରୀ ବୋଲି ପରାମର୍ଶ ଦେଇଛନ୍ତି।

### ତଥ୍ୟ ମାଗିଲେ...

ତେବେ କିଛି ପୁରୁଣା ଭୋଟର ବି ରହିଛନ୍ତି। କୋର୍ଟ କହିଲେ, ତାହା ହେଲେ ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ସେମାନଙ୍କ ସଂପର୍କରେ ମଧ୍ୟ ତଥ୍ୟ ଦେବାକୁ ପଡ଼ିବ। ସେପ୍ଟେମ୍ବର ୩୦ ତାରିଖରେ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ ପାଇଛି ଏବଂ ସମସ୍ତ ତଥ୍ୟ କମିସନଙ୍କ ପାଖ।।ରେ ରହିବା ସ୍ୱାଭାବିକ। ତେଣୁ ଆସନ୍ତା ୯ତାରିଖ ସୁଦ୍ଧା ତୁଳନାତ୍ମକ ତଥ୍ୟ ଦାଖଲ କରାଯିବା ଆବଶ୍ୟକ। ଜଷ୍ଟିସ ବାଗଚି କହିଲେ ଯେ ଏସ୍‌ଆଇଆର୍ ମାମଲାରେ କୋର୍ଟ ହସ୍ତକ୍ଷେପ କରିବା ପରେ ସ୍ୱଚ୍ଛତା ବଢ଼ିଛି, କିନ୍ତୁ ବିଭ୍ରାନ୍ତି ରହିଛି। ବିଶେଷ କରି ଯେଉଁମାନଙ୍କର ନାମ ଯୋଡ଼ାଯାଇଛି, ସେମାନଙ୍କୁ ନେଇ ଦ୍ୱନ୍ଦ୍ୱ ରହିଛି। ତେଣୁ ଯୋଡ଼ି ହୋଇଥିବା ଭୋଟରଙ୍କ ନାମ ସହିତ ସେମାନଙ୍କର ପରିଚୟ ସଂପର୍କରେ ତଥ୍ୟର ଯାଞ୍ଚ ଜରୁରି ହୋଇପଡ଼ିଛି।

ଚୂଡ଼ାନ୍ତ ଭୋଟର ତାଲିକାର ବିଶ୍ଳେଷଣରୁ ଜଣାପଡ଼ିଛି ଯେ ମଗଧ ଡିଭିଜନରେ ସର୍ବାଧିକ ଭୋଟର ଯୋଡ଼ି ହୋଇଥିବା ବେଳେ ମୁସଲିମ ବହୁଳ ସୀମାଞ୍ଚଳ ଅଞ୍ଚଳରେ ସର୍ବାଧିକ ଭୋଟରଙ୍କ ନାମ କଟାଯାଇଛି। ଏସ୍‌ଆଇଆର୍‌କୁ ଚାଲେଞ୍ଜ କରି ପିଟିସନ ଦାଖଲ କରିଥିବା ବିଭିନ୍ନ ଦଳ ଓ ସଂଗଠନ ଅଭିଯୋଗ କରିଛନ୍ତି ଯେ ଦଳିତ, ଗରିବ ଓ ମୁସଲିମ ଭୋଟରଙ୍କ ନାମ କାଟିବା ଉଦ୍ଦେଶ୍ୟରେ କ୍ଷମତାସୀନ ଦଳ ଇଙ୍ଗିତରେ ନିର୍ବାଚନ କମିସନ ଏଭଳି ପ୍ରକ୍ରିୟା ଆରମ୍ଭ କରିଥିଲେ। ଶୁଣାଣି ସମୟରେ ସର୍ବୋଚ୍ଚ ଅଦାଲତ ସ୍ପଷ୍ଟ କରିଦେଇଥିଲେ ଯେ ଏସ୍‌ଆଇଆର୍ ପ୍ରକ୍ରିୟାରେ ଟିକିଏ ବି ତ୍ରୁଟି ହୋଇଥିବା ଧରାପଡ଼ିଲେ, ସମଗ୍ର ପ୍ରକ୍ରିୟାକୁ ରଦ୍ଦ କରିଦିଆଯିବ।

ସୂଚନାଯୋଗ୍ୟ ଯେ ଏସ୍‌ଆଇଆର୍‌କୁ ନେଇ ମାମଲା ସୁପ୍ରିମ କୋର୍ଟଙ୍କ ବିଚାରାଧୀନ ଥିବା ବେଳେ ନିର୍ବାଚନ କମିସନ ଗତକାଲି ବିହାର ବିଧାନସଭା ନିର୍ବାଚନ ଲାଗି ତାରିଖ ଘୋଷଣା କରିଛନ୍ତି। ଆସନ୍ତା ନଭେମ୍ବର ୬ ଓ ୧୧ ତାରିଖରେ ଦୁଇଟି ପର୍ଯ୍ୟାୟରେ ମତଦାନ ହେବ ଏବଂ ୧୪ ତାରିଖରେ ଫଳାଫଳ ଘୋଷଣା କରାଯିବ।

### ପୁଲିସ ସ୍କାନରରେ...

କିଛି ସମୟ ପୂର୍ବରୁ ପୀତବାସଙ୍କ ଫୋନ୍‌କୁ ୪ଟି ନମ୍ବରରୁ କଲ୍ ଆସିଥିଲା। ସେହି ୪ଜଣ ବ୍ୟକ୍ତି କିଏ? ସେମାନଙ୍କ ସହିତ କ'ଣ କଥା ହୋଇଥିଲେ? ଏହି ୪ଜଣଙ୍କ ମଧ୍ୟରେ ରହିଛି କି ଗୁଳିକାଣ୍ଡର ମାଷ୍ଟରମାଇଣ୍ଡ? ଏଭଳି ବହୁ ଦିଗକୁ ଦୃଷ୍ଟିରେ ରଖି ପୁଲିସ ସ୍ୱତନ୍ତ୍ର ଟିମ୍ ଗଠନ କରି ବିଭିନ୍ନ ସ୍ଥାନରେ ଚଢ଼ଉ କରି ସମ୍ପୃକ୍ତ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ପ୍ରୟାସ ଜାରି ରଖିଛି। ଘଟଣାରେ ପୁଲିସ ଏକାଧିକ ଯୁବକଙ୍କୁ ସନ୍ଦେହରେ ଅଟକ ରଖି ଜେରା କରୁଛି। ପୀତବାସଙ୍କ ହତ୍ୟା ପଛରେ କାରଣ କ'ଣ ତାହା ସ୍ପଷ୍ଟ ହୋଇପାରୁନି। ବୃତ୍ତିଗତ ନା ରାଜନୈତିକ କିମ୍ବା ବ୍ୟକ୍ତିଗତ ଅଥବା ପୂର୍ବଶତ୍ରୁତାରୁ ହତ୍ୟା କରାଗଲା ସେନେଇ ପୁଲିସ ଖୋଳତାଡ଼ ଚଳାଇଛି। ଏପରିକି ସେ ସୂଚନା ଅଧିକାର କର୍ମୀ ଭାବେ ଅନେକ ଦୁର୍ନୀତିର ପର୍ଦ୍ଦାଫାସ୍ କରୁଥିବାରୁ ସେ ଦିଗକୁ ନେଇ ମଧ୍ୟ ପୁଲିସ ତଦନ୍ତ କରୁଛି।

ସୋମବାର ବିଳମ୍ବିତ ରାତି ପ୍ରାୟ ୩ଟାରେ ପୀତବାସଙ୍କ ମୃତଦେହକୁ ଏମକେସିଜି ମେଡ଼ିକାଲରେ ବ୍ୟବଚ୍ଛେଦ କରାଯାଇଥିଲା। ବ୍ୟବଚ୍ଛେଦ ସମୟରେ ଅନେକ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ସାମ୍ନାକୁ ଆସିଛି। ଗୁଳିମାଡ଼ ଯୋଗୁଁ ନୁହେଁ ବରଂ ଛାତିରେ ଗୁଳିମାଡ଼ ପରେ ସେ ଛାନିଆଁ ହୋଇଯାଇଥିଲେ ଏବଂ ଅତ୍ୟଧିକ ରକ୍ତସ୍ରାବ ଯୋଗୁ ତାଙ୍କର ମୃତ୍ୟୁ ଘଟିଛି। ପୀତବାସଙ୍କ ଡ଼ାହାଣ ଛାତିର ଉପର ଭାଗରେ ଗୁଳି ଭେଦ କରି ସ୍ପାଇନାଲ କଲମ ନିକଟରେ ଅଟକି ରହିଥିଲା। ତାହାକୁ ବ୍ୟବଚ୍ଛେଦ ସମୟରେ ବାହାର କରାଯାଇଥିବା କହିଛନ୍ତି ଏମ୍‌କେସିଜି ମେଡ଼ିକାଲ ଏଫ୍‌ଏମ୍‌ଟି ବିଭାଗୀୟ ମୁଖ୍ୟ ପ୍ରଫେସର ଡ଼ାକ୍ତର ସୁଦୀପା ଦାସ। ଜଣେ ଆଇନଜୀବୀଙ୍କୁ ଏଭଳି ବିଚ୍ ରାସ୍ତାରେ ଗୁଳିମାଡ଼ କରିବା ଘଟଣାକୁ ତୀବ୍ର ନିନ୍ଦା କରାଯାଇଛି। ଏହାକୁ ନେଇ ବୁଧବାର ରାଜ୍ୟବ୍ୟାପୀ ଓକିଲଙ୍କ ପକ୍ଷରୁ କଲମ ଛାଡ ଆନ୍ଦୋଳନର ଡାକରା ଦିଆଯାଇଛି। ଆସନ୍ତା ୪୮ ଘଣ୍ଟା ମଧ୍ୟରେ ଅଭିଯୁକ୍ତଙ୍କୁ ଗିରିଫ କରିବା ସହ ବିଚାର ବିଭାଗୀୟ ତଦନ୍ତ ପାଇଁ ମହଲତ ଦିଆଯାଇଥିବା କହିଛନ୍ତି ରାଜ୍ୟ ଆଇନଜୀବୀ ପରିଷଦର ଅଧ୍ୟକ୍ଷ ସୀତାଂଶୁ ମହୋନ ଦ୍ୱିବେଦୀ।

ଛାତ୍ର ଜୀବନରୁ କମ୍ୟୁନିଷ୍ଟ ଚିନ୍ତାଧାରରେ ପ୍ରଭାବିତ ହୋଇ ପୀତବାସ ଅଖିଳ ଭାରତୀୟ ଛାତ୍ର ଫେଡେରେସନର ଜଣେ ସକ୍ରିୟ କର୍ମୀ ଓ କର୍ମକର୍ତ୍ତା ଭାବେ କାର୍ଯ୍ୟ କରୁଥିଲେ। ଜଣେ ଆଗ ଧାଡ଼ିର ଛାତ୍ରନେତା ଭାବେ ବିଭିନ୍ନ ଶିକ୍ଷାନୁଷ୍ଠାନର ସମ୍ପାଦକ ନିର୍ବାଚିତ ହୋଇଥିଲେ। ପରେ ସକ୍ରିୟ ରାଜନୀତିରେ ପ୍ରବେଶ କରି କଂଗ୍ରେସରେ ସାମିଲ ହୋଇ ଜିଲ୍ଲା କାର୍ଯ୍ୟକାରୀ ସଭାପତି ଓ ରାଜ୍ୟ ମୁଖପାତ୍ର ଭଳି ଗୁରୁତ୍ୱପୂର୍ଣ୍ଣ ପଦବୀରେ ରହିଥିଲେ। ଗତ ନିର୍ବାଚନରେ ସର୍ବାଧିକ ଭୋଟ ପାଇ ରାଜ୍ୟ ଆଇନଜୀବୀ ପରିଷଦର ସଦସ୍ୟ ଭାବେ ନିର୍ବାଚିତ ମଧ୍ୟ ହୋଇଥିଲେ। ଗତ ସାଧାରଣ ନିର୍ବାଚନ ସମୟରେ ପୀତବାସ ବିଜେପିରେ ଯୋଗଦେଇ ଗୋପାଳପୁର ବିଧାୟକ ତଥା ଖଣିମନ୍ତ୍ରୀ ବିଭୂତି ଭୂଷଣ ଜେନାଙ୍କ ପାଇଁ ପ୍ରଚାର କରି ତାଙ୍କ ନିକଟତର ହୋଇଥିଲେ।

### ରାଜ୍ୟରେ ଆଇନଜୀବୀଙ୍କ...

କ୍ଷତିପୂରଣ ରାଶି ପ୍ରଦାନ ଏବଂ ଏହି ଘଟଣାର ବିଚାର ବିଭାଗୀୟ ତଦନ୍ତ ପାଇଁ କାଉନସିଲ ତରଫରୁ ଦାବି କରାଯାଇଛି।

ଅନ୍ୟପଟେ, ଜଣେ ଆଇନଜୀବୀଙ୍କୁ ତାଙ୍କ ଘର ସମ୍ମୁଖରେ ଯେପରି ହତ୍ୟା କରାଗଲା, ତାହା ଦୁର୍ଭାଗ୍ୟଜନକ। ଏଣୁ ଆଇନଜୀବୀ ସୁରକ୍ଷା ଆଇନ ଅନୁସାରେ ଆଇନଜୀବୀମାନଙ୍କ ସୁରକ୍ଷା ଦିଗରେ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବା ପାଇଁ ସରକାରଙ୍କ ନିକଟରେ କାଉନସିଲ ଦାବି ଉପସ୍ଥାପନ କରିଛି। ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ମୁଖ୍ୟ ବିଚାରପତି, ଆଇନ ମନ୍ତ୍ରୀ ଓ ବାର କାଉନସିଲ ଅଫ୍ ଇଣ୍ଡିଆର ଅଧ୍ୟକ୍ଷଙ୍କୁ ରାଜ୍ୟ ବାର କାଉନସିଲ ପକ୍ଷରୁ ଗୃହୀତ ହୋଇଥିବା ପ୍ରସ୍ତାବ ସଂକ୍ରାନ୍ତରେ ଅବଗତ କରଯାଇଛି। ରାଜ୍ୟ ବାର କାଉନସିଲର ଅଧ୍ୟକ୍ଷ ସୀତାଂଶୁ ମୋହନ ଦ୍ୱିବେଦୀଙ୍କ ନେତୃତ୍ୱରେ ସମସ୍ତ ସଦସ୍ୟ ସ୍ୱର୍ଗତ ପଣ୍ଡାଙ୍କ ବାସଭବନକୁ ଯାଇ ଶୋକସନ୍ତପ୍ତ ପରିବାରକୁ ସମବେଦନା ମଧ୍ୟ ଜ୍ଞାପନ କରିଛନ୍ତି। ଏହି ହତ୍ୟା ଘଟଣାକୁ ବାର କାଉନସିଲ ଅଫ ଇଣ୍ଡିଆ (ବିସିଆଇ) ମଧ୍ୟ ନିନ୍ଦା କରିଛି। ଏନେଇ ବିସିଆଇ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖାଯାଇଛି। ରାଜ୍ୟ ବାର କାଉନସିଲର ଜଣେ ସଦସ୍ୟଙ୍କୁ ଗୁଳି କରି ହତ୍ୟା କରାଯିବା ନେଇ ସମଗ୍ର ଦେଶରେ ଆଇନଜୀବୀ ମାନେ ସ୍ତବ୍ଧ। ଏଣୁ ଏହି ଘଟଣାରେ ତ୍ୱରିତ କାର୍ଯ୍ୟାନୁଷ୍ଠାନ ପୂର୍ବକ ଦୋଷୀକୁ ଗିରଫ କରିବା ସହ ୭୨ଘଣ୍ଟା ମଧ୍ୟରେ ଏହାର ସ୍ଥିତି ସମ୍ପର୍କରେ ଜଣାଇବାକୁ ବିସିଆଇ କହିଛି।

### ଘାସିରାମ କଂଗ୍ରେସର...

ପ୍ରାର୍ଥିତ୍ୱ ସମ୍ପର୍କରେ ବିଧିବଦ୍ଧ ସୂଚନା ଦିଆଯାଇଛି। ଗତ ନିର୍ବାଚନରେ ସ୍ୱାଧୀନ ପ୍ରାର୍ଥୀ ଭାବେ ଘାସିରାମ ମାଝୀ ୫୦ ହଜାର ୯୪୧ ଖଣ୍ଡ ଭୋଟ ପାଇଥିଲା ବେଳେ କଂଗ୍ରେସ ପ୍ରାର୍ଥୀ ତଥା ତତ୍‌କାଳୀନ ପିସିସି ସଭାପତି ଶରତ ପଟ୍ଟନାୟକ ୧୫ ହଜାର ଭୋଟ ପାଇଥିଲେ। ଏହି ଦୁଇଜଣଙ୍କ ଭୋଟ୍ ମିଶାଇଲେ ୬୫ ହଜାର ଭୋଟ୍ ହେଉଛି। ମାତ୍ର ଏହି ଆସନରୁ ୨୦୨୪ରେ ନିର୍ବାଚନ ଜିତିଥିବା ରାଜେନ୍ଦ୍ର ଢୋଲକିଆ ୬୧ ହଜାର ଭୋଟ ପାଇ ବିଜୟୀ ହୋଇଥିଲେ। କଂଗ୍ରସ ଘାସିରାମଙ୍କୁ ଏଠାରୁ ପ୍ରାର୍ଥୀ କରିବା ସହ ପ୍ରଥମ ରାଜନୈତିକ ଦଳ ଭାବେ ଏହି ଆସନ ପାଇଁ ପ୍ରାର୍ଥୀ ଘୋଷଣା କରିଛି। ଅନ୍ୟପଟେ ଗତ କିଛି ଦିନ ପୂର୍ବରୁ ଘାସିରାମ ମାଝୀଙ୍କୁ ନୂଆପଡ଼ା ଜିଲ୍ଲା କଂଗ୍ରେସ ସଭାପତି ଭାବେ ମଧ୍ୟ ନିଯୁକ୍ତ କରାଯାଇଛି। ଏହିସବୁ ଦିଗକୁ ଆଧାର କରି କଂଗ୍ରେସ ଏହି ଆସନ ଦଖଲ କରିବା ନେଇ ସମ୍ପୂର୍ଣ୍ଣ ଆଶାବାଦୀ ରହିଛି।

ଘାସିରାମଙ୍କୁ ପ୍ରାର୍ଥୀ କରିବା ସହ ଦଳ ସୋମବାର ସେଠାରେ ନ୍ୟାୟ ସମାବେଶ କରିଛି। ସେଠାରେ ପିସିସି ସଭାପତି ଆଗୁଆ ଘାସିରାମଙ୍କ ସପକ୍ଷରେ ଭୋଟ୍‌ଭିକ୍ଷା ମଧ୍ୟ କରିଦେଇଛନ୍ତି। ଏହି ସମାବେଶରେ ଭକ୍ତ କହିଛନ୍ତି ଯେ ଅନ୍ୟ ଦଳ ଭଳି କଂଗ୍ରେସ କୋଟି କୋଟି ଟଙ୍କା ଖର୍ଚ୍ଚ କରି ନିର୍ବାଚନ ଲଢ଼ିବ ନାହିଁ। ଘାସିରାମ ମାଝୀ ଜଣେ ଅତ୍ୟନ୍ତ ପରୋପକାରୀ ଏବଂ ସାମାଜିକ ନ୍ୟାୟ ପାଇଁ ସଂଘର୍ଷଶୀଳ ନେତା। ଆମେ ସମସ୍ତେ ମିଶି ଲଢେଇ କରି ଜନସାଧାରଣଙ୍କ ପ୍ରିୟ ଭାଜନ ହୋଇ କଂଗ୍ରେସକୁ ଜୟଯୁକ୍ତ କରିବୁ।

### କାତ ପାଉନାହିଁ...

ବ୍ୟବସ୍ଥା କରାଯାଇଛି; ଅଥବା ପରୀକ୍ଷା ପରିଚାଳନାକୁ ଆଇଟିଲିମିଟେଡ଼୍‌କୁ ପ୍ରଦାନ କରି ଓପିଆର୍‌ବି ଏହାର ତତ୍ତ୍ୱାବଧାନରେ ଅତ୍ୟନ୍ତ ଦାୟିତ୍ୱହୀନ ଆଚରଣ ପ୍ରଦର୍ଶନ କରିଛି। ପରୀକ୍ଷା ପ୍ରଶ୍ନ ଅଭ୍ୟାସ ପାଇଁ ଯାଉଥିବା ପରୀକ୍ଷାର୍ଥୀମାନଙ୍କଠାରୁ ଏଯାଏ ଯେଉଁ ତଥ୍ୟ ମିଳିଛି ତାହା କ୍ରାଇମବ୍ରାଞ୍ଚକୁ କେବଳ ଶଙ୍କର ପୃଷ୍ଟି ଓ ମୁନା ମହାନ୍ତି ପର୍ଯ୍ୟନ୍ତ ପହଞ୍ଚାଇବାକୁ ସମର୍ଥ ହୋଇଛି । ମାତ୍ର କାହା ଛତ୍ରଛାୟାରେ ଥାଇ ଶଙ୍କର ଓ ମୁନା ଏପରି ଏକ ଜଘନ୍ୟ କାଣ୍ଡ ଘଟାଇବାକୁ ସମର୍ଥ ହୋଇଛନ୍ତି, ସେ ସମ୍ପର୍କରେ କ୍ରାଇମବ୍ରାଞ୍ଚ ସୂଚନା ପାଇନାହିଁ । ତେବେ ଏହି ଘଟଣାରେ ସମ୍ପୃକ୍ତ କୁହାଯାଉଥିବା ଆଉ ୨ ଜଣଙ୍କୁ କ୍ରାଇମବ୍ରାଞ୍ଚ ବ୍ରହ୍ମପୁର ଓ ଭୁବନେଶ୍ୱରରୁ ଉଠାଇ ଆଣିଛି। ଏମାନେ ଚାକିରି ପାଇଁ ପିଲା ଯୋଗାଡ଼ ଦାୟିତ୍ୱ ନେଇଥିବା ସୂଚନା ମିଳିଛି । ତେବେ ପରୀକ୍ଷା ପରିଚାଳନା ଦାୟିତ୍ୱ ନେଇଥିବା ସଂସ୍ଥା ସହ ଓପିଆର୍‌ବିର କିଛି କର୍ମଚାରୀଙ୍କ ସମ୍ପର୍କ ଥିବା ସଂକ୍ରାନ୍ତରେ କ୍ରାଇମବ୍ରାଞ୍ଚ ସୁରାକ ପାଇଛି। ପରୀକ୍ଷା ପରିଚାଳନା ଦାୟିତ୍ୱ ପାଇଥିବା ସିଲିକନ୍ ଟେକ୍ ଏବଂ ପଞ୍ଚସଫ୍ଟ ଟେକ୍ନୋଲୋଜିର ଅଫିସକୁ କିଛି ପୁଲିସ ଅଧିକାରୀ ନିୟମିତ ଯାଉଥିବା ସଂକ୍ରାନ୍ତ ସୂଚନା ଉପରେ ମଧ୍ୟ କ୍ରାଇମବ୍ରାଞ୍ଚ ତଦନ୍ତ କରୁଛି।

ସରକାରୀ ନିଯୁକ୍ତି ପରୀକ୍ଷା ପରିଚାଳନା ଦାୟିତ୍ୱ ଆଉଟସୋର୍ସିଂ କମ୍ପାନୀକୁ ନ ଦେବା ଲାଗି ଗତ ମାସ ୨୨ ତାରିଖରେ ରାଜ୍ୟ ସରକାର ନିର୍ଦ୍ଦେଶ ଜାରି କରିଥିଲେ। ଏହି ସମୟରେ ଓପିଆର୍‌ବି ପରୀକ୍ଷା ପରିଚାଳନା ଦାୟିତ୍ୱ ନେଇଥିବା ସିଲିକନ୍ ଟେକ୍‌ଲାବ ଓ ପଞ୍ଚ ସଫ୍ଟ ସମ୍ପର୍କରେ କାହିଁକି ସମୀକ୍ଷା କଲାନାହିଁ ବୋଲି ପ୍ରଶ୍ନ ଉଠିଛି । ସେହିପରି ପୁଲିସ ସବ୍ ଇନ୍ସପେକଟର ପାଇଁ ଥିବା ପରୀକ୍ଷା ଢାଞ୍ଚାକୁ ନେଇ ସାଧାରଣରେ ପ୍ରଶ୍ନ ଉଠିଛି। ପୂର୍ବରୁ ଓଡିଶା ଷ୍ଟାଫ୍ ସିଲେକସନ୍ କମିଶନ ଏସ୍‌ଆଇ ପରୀକ୍ଷା କରୁଥିଲା। ଏଥିରେ ପ୍ରିଲିମନାରୀ, ଫିଜିକାଲ ଟେଷ୍ଟ , ମେନ୍ ପରେ ମୌଖିକ ଏବଂ ଭଏସ କରାଯାଇ ଫାଇନାଲ ତାଲିକା ପ୍ରକାଶ କରାଯାଉଥିଲା। ମାତ୍ର ଏବେ କେବଳ ଗୋଟିଏ ଲିଖିତ ପରୀକ୍ଷା ପରେ ଶାରିରୀକ ପରୀକ୍ଷା କରାଯାଇ ଏସଆଇ ନିଯୁକ୍ତିକୁ ନେଇ ପ୍ରଶ୍ନ ଉଠିଛି ।

### ହଟିଲା କର୍ଫ୍ୟୁ...

ରଖାଯାଇଛି। ସହରରେ ଶାନ୍ତି ଓ ଭାଇଚାରା ବଜାୟ ରଖିବାକୁ ପୁଲିସ କମିଶନର ଏସ. ଦେବଦତ୍ତ ସିଂ ନିବେଦନ କରିଛନ୍ତି। ଡିସିପିଙ୍କ କାର୍ଯ୍ୟାଳୟରେ ପୁଲିସ କମିଶନର ଦେବଦତ୍ତ ସିଂ କହିଛନ୍ତି ଯେ କଟକରେ ଏବେ ସ୍ଥିତି ସମ୍ପୂର୍ଣ୍ଣ ନିୟନ୍ତ୍ରଣାଧୀନ ରହିଛି। ଏହାକୁ ଦୃଷ୍ଟିରେ ରଖି କର୍ଫ୍ୟୁକୁ ହଟାଇ ଦିଆଯାଇଛି। ୩୬ଘଣ୍ଟା ସମ୍ପୂର୍ଣ୍ଣ ଭାବେ ଶାନ୍ତିପୂର୍ଣ୍ଣ ଭାବେ ବିତିଛି। ପରିସ୍ଥିତିର ଅନୁଧ୍ୟାନ କରାଯାଉଛି। ବିଭିନ୍ନ ସ୍ଥାନଗୁଡ଼ିକରେ ପୁଲିସର ପାଟ୍ରୋଲିଂ ଜାରି ରହିବ। ସୋସିଆଲ ମିଡିଆକୁ ସ୍ୱତନ୍ତ୍ର ଭାବେ ମନିଟରିଂ କରାଯାଉଛି। ଯେକୌଣସି ସ୍ଥାନରେ ଆଇନଶୃଙ୍ଖଳା ପରିସ୍ଥିତି ବିଗିଡ଼ିଲେ, ତୁରନ୍ତ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି କମିଶନର ଶ୍ରୀ ସିଂ ଚେତାବନୀ ଦେଇଛନ୍ତି।

ଡିସିପିଙ୍କ କାର୍ଯ୍ୟାଳୟରେ ଏକ ସ୍ୱତନ୍ତ୍ର ସେଲ୍ କାର୍ଯ୍ୟକ୍ଷମ ହେଉଛି। ସେଠାରେ ଫେସବୁକ୍, ଇନ୍‌ଷ୍ଟାଗ୍ରାମ, ହ୍ୱାଟସଆପ୍ ଏବଂ ଏକ୍ସ ଆକାଉଣ୍ଟଗୁଡ଼ିକୁ ଯାଞ୍ଚ କରାଯାଉଛି। ଅପପ୍ରଚାରକାରୀଙ୍କ ଉପରେ ପୁଲିସ ସ୍ୱତନ୍ତ୍ର ଦୃଷ୍ଟି ରଖିଛି। ଡିସିପି ଖିଲାରୀ ଋଷିକେଶ ଦ୍ୟାନଦେଓଙ୍କ କହିବା ଅନୁଯାୟୀ, ଆଗକୁ କାଳୀପୂଜା ଓ କାର୍ତ୍ତିକେଶ୍ୱର ପୂଜା ଆସୁଥିବା ବେଳେ ଏହାକୁ ଶାନ୍ତିପୂର୍ଣ୍ଣ ଭାବେ କରାଯିବା ନେଇ କଟକ ମହାନଗର ଶାନ୍ତି କମିଟି ଓ ପୂଜା କମିଟିଗୁଡ଼ିକ ସହ ଆଲୋଚନା କରାଯିବ। ଯେପରି ଏଭଳି ପରିସ୍ଥିତି କେବେ ନ ଉପୁଜେ, ସେଥିପାଇଁ ସମସ୍ତ ପ୍ରସ୍ତୁତି କରାଯିବ ବୋଲି ଡିସିପି କହିଛନ୍ତି।

### ସରକାରଙ୍କ ସିନ୍ଦୁକରେ...

ମାତ୍ର ୭.୬ ପ୍ରତିଶତ ରହିଛି। ପଞ୍ଚାୟତିରାଜ ଓ ପାନୀୟ ଜଳ, ଶିଳ୍ପ, ଏମଏସଏମଇ, ଗ୍ରାମ୍ୟ ଉନ୍ନୟନ ଇସ୍ପାତ ଓ ଖଣି, ବିଜ୍ଞାନ ଓ ପ୍ରଯୁକ୍ତିବିଦ୍ୟା, ଇଲେକ୍ଟ୍ରୋନିକ୍ସ ଓ ଆଇଟି, ଜଳସମ୍ପଦ, ବାଣିଜ୍ୟ, ପର୍ଯ୍ୟଟନ ପରି ବିଭାଗ ଗୁଡ଼ିକର ଖର୍ଚ୍ଚ ୨୫ ପ୍ରତିଶତରୁ କମ୍ ରହିଛି। ଏହିସବୁ ବିଭାଗ ଗୁଡ଼ିକ ରାଜ୍ୟ ସରକାରଙ୍କ ବିଭିନ୍ନ ଜନମଙ୍ଗଳକାରୀ ଯୋଜନା କାର୍ଯ୍ୟାନ୍ୱୟନ ସହ ଭିତ୍ତିଭୂମି ବିକାଶ ଏବଂ ସାମାଜିକ କ୍ଷେତ୍ରରେ ବ୍ୟୟ ବୃଦ୍ଧି ପାଇଁ ବଡ଼ ଭୂମିକା ଗ୍ରହଣ କରିଥାନ୍ତି। ମାତ୍ର ଏସବୁ ବିଭାଗ ଗୁଡ଼ିକର ପ୍ରଦର୍ଶନ ଆଦୌ ସନ୍ତୋଷଜନକ ନୁହେଁ। ସରକାରଙ୍କୁ ଯଥାଶୀଘ୍ର ଏଦିଗରେ ଆତ୍ମସମୀକ୍ଷା ଜରୁରୀ ବୋଲି ବୁଦ୍ଧିଜୀବି ମହଲରେ ମତପ୍ରକାଶ ପାଇଛି। ତେବେ ଏହି ଅବଧି ମଧ୍ୟରେ ଅର୍ଥ, ପୂର୍ତ୍ତ, ଅବକାରୀ, ସ୍କୁଲ ଓ ଗଣଶିକ୍ଷା, କୃଷି, ମହିଳା ଓ ଶିଶୁ ବିକାଶ, ମତ୍ସ୍ୟ ଓ ପଶୁ ସମ୍ପଦ ବିକାଶ ପରି ବିଭାଗ ଗୁଡ଼ିକ ଭଲ ପ୍ରଦର୍ଶନ କରିଛନ୍ତି। ଏପରିକି କେତେକ ବିଭାଗ ନିର୍ଦ୍ଧାରିତ ୪୦ ପ୍ରତିଶତ ଅର୍ଥ ଖର୍ଚ୍ଚ ସୀମାକୁ ମଧ୍ୟ ଅତିକ୍ରମ କରିଥିବା ଜଣାପଡ଼ିଛି। ଆସନ୍ତା ଡିସେମ୍ବର ସୁଦ୍ଧା ସରକାର ମୋଟ ବଜେଟ ଆବଣ୍ଟିତ ଅର୍ଥର ୬୦ ପ୍ରତିଶତ ଅର୍ଥ ଖର୍ଚ୍ଚ କରିବାକୁ ଲକ୍ଷ୍ୟ ରଖିଛନ୍ତି। ଏଯାବତ୍ ମାତ୍ର ୨୭ ପ୍ରତିଶତ ଅର୍ଥ ଖର୍ଚ୍ଚ ହୋଇଥିବା ବେଳେ ଆସନ୍ତା ୪ ମାସରେ ୩୩ ପ୍ରତିଶତ ଅର୍ଥ କିପରି ଖର୍ଚ୍ଚ ହୋଇପାରିବ, ସେନେଇ ଅର୍ଥନୀତି ବିଶେଷଜ୍ଞ ଚିନ୍ତା ପ୍ରକଟ କରିଛନ୍ତି। ମୁଖ୍ୟମନ୍ତ୍ରୀ ଅର୍ଥ ବିଭାଗ ସମ୍ଭାଳୁଥିବାରୁ ପ୍ରତିଟି ବିଭାଗର ପ୍ରଦର୍ଶନକୁ ନିଜେ ତଦାରଖ କରିବା ଜରୁରୀ। ବିଶେଷକରି ବିଭାଗଗୁଡ଼ିକ ଅର୍ଥ ଖର୍ଚ୍ଚ କରିବାରେ କେଉଁଠି ପ୍ରତିବନ୍ଧକର ସାମ୍ନା କରୁଛନ୍ତି, ତାହାର ଚିହ୍ନଟ ସହ ନିରାକରଣ ଯଥାସମ୍ଭବ ହେବା ଆବଶ୍ୟକ। ନହେଲେ ବଜେଟ ଆକାର ବୃଦ୍ଧିର କୌଣସି ଅର୍ଥ ରହିବ ନାହିଁ ବୋଲି ଅର୍ଥନୀତି ମହଲରେ ମତପ୍ରକାଶ ପାଇଛି।

AFFIDAVIT
I RADHA NARAYANSETTY, W/O.: SANTOSH KUMAR NARAYANSETTY, AT-SHRIDISAI NAGAR, PO/PS/DIST- NABARANGPU-764059, DECLARE BY THIS AFFIDAVIT NO - 33160, DATE- 06.10.2025. THAT NOW ONWARDS, I SHALL BE KNOWN AS **RADHA GEMBALI** FOR ALL FUTURE PURPOSES.

AFFIDAVIT
I, Priti Ranjan Das, S/o- Kshirod Prasad Das, resident at Naulo, Po/ Arodai,Ps- Tirtol, Dist- Jagatsinghpur, Pin-754138 Odisha declare by this affidavit No. 1577, dtd-06/10/2025 that my wrong name in passport is corrected from Pritiranajan das to **Priti Ranjan Das.**

AFFIDAVIT
By virtue of an affidavit sworn before Notary Public, Bhubaneswar, on dated 06.10.2025, I Daka Behera S/o- Sibaram Behera resident at Haladipadia Basti, Po-Laxmisagar, Bhubaneswar, Dist- Khurda, Odisha, PIN-751006, declare that I have changed my name from Dak Behera to Daka Behera. Henceforth, He shall be known as **DAKA BEHERA** for all future purposes.

AFFIDAVIT
I, Ajaya Kumar Chhotaray, aged about 45 years, S/o-nimei Charan Chhotray, resident of At-Kadalibari, Po- Daleiput, Ps- Khurda Sadar, Dist-Khurda, Odisha, Pin-752056 declare by this affidavit No. 2023, dtd-06/10/2025, that now onwards I shall be known as **AJAY KUMAR CHHOTRAY** for all future purposes.

AFFIDAVIT
By virtue of an affidavit before The Executive Magistrate, Titilagarh, on dated- 24/03/2025. I, **Sushree Sangita Mishra,** aged about 33 years, W/O-Babuli Kumar Sarangi, D/O-Naba Kishor Mishra, resident of AT/PO/PS: Titilagarh (Hatpada Pada), Dist- Bolangir, (Odisha), PIN- 767033 declare that I have changed my name from **Sangita Sarangi** (old name) to **Sushree Sangita Mishra** (new name). Henceforth, I shall be known as **Sushree Sangita Mishra** (new name) for all purposes.
**Sushree Sangita Mishra**

ପୂର୍ବ ତଟ ରେଳପଥ
ଇ-ଟେଣ୍ଡର ବିଜ୍ଞପ୍ତି ସଂ.ETCECONIBBS 2025044, ତା.25.09.2025ରିଖ
କାର୍ଯ୍ୟର ନାମ : ପୂର୍ବ ତଟ ରେଳପଥର ଖୋର୍ଦ୍ଧା ରୋଡ଼ ମଣ୍ଡଳ ଅଧୀନସ୍ଥ କଟକ ରେଳ ଷ୍ଟେସନ ଠାରେ ୟାର୍ଡ଼ R1 ଠାରୁ R5 ପର୍ଯ୍ୟନ୍ତ ବାଲାଷ୍ଟ ବିହୀନ (Ballast less)ଟ୍ରାକ୍‌ର ନିର୍ମାଣ।
କାର୍ଯ୍ୟର ଆନୁମାନିକ ମୂଲ୍ୟ (ଟଙ୍କାରେ) : 1999.38 ଲକ୍ଷ, EMD (ଟଙ୍କାରେ): 11,49,700/-, କାର୍ଯ୍ୟଶେଷ ହେବା ଅବଧି: 12 ମାସ।
ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ତା.28.10.2025 ରିଖ 1200 ଘଟିକାରେ।
ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।
ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ। ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି। ଟେଣ୍ଡରଦାତା/ବିଡ୍‌ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ। କେବଳ ପଞ୍ଜୀକୃତ ଟେଣ୍ଡରଦାତା/ବିଡ୍‌ରମାନେ ଇ-ଟେଣ୍ଡରିଙ୍ଗ୍‌ରେ ଅଂଶଗ୍ରହଣ କରିପାରିବେ।
ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ଚାର୍ଟର୍ଡ଼ ଆକାଉଣ୍ଟାଣ୍ଟଙ୍କ ଦ୍ୱାରା ବିଧିବଦ୍ଧ ଭାବେ ଯାଞ୍ଚ ଏବଂ ସ୍ୱାକ୍ଷର ହୋଇଥିବା ଅନୁଲଗ୍ନକ-B ର ଦାଖଲ ସହିତ, ଟେଣ୍ଡର ନଥିପତ୍ର ଭଲ୍ୟୁମ 2 ର ଅନୁଲଗ୍ନକ-I, ଟେଣ୍ଡର ଫର୍ମ (ଦ୍ୱିତୀୟ ସିଟ୍) ର ଯାଞ୍ଚ ସୂଚୀ, ପାରା 3.1 (ଅତିରିକ୍ତ ଯାଞ୍ଚ ସୂଚୀ) ସହିତ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକୁ ଅନୁପାଳନ କରିବା ଆବଶ୍ୟକ।
ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର
PR-123/CI/25-26

AFFIDAVIT
I ALLHADINI DASH, W/o. RADHA KRISHNA DASH resident of Main Road, PO.- Kolnara, Ps.- Chandili, Dist.- Rayagada, Pin - 765017, Odisha declare by this Affidavit No. 1467, Dated - 03/10/2025, that now onwards I shall be known as **ALHADINI DASH** for all future purpose.

Notice (for Minor)
By virtue of an affidavit sworn before Executive Magistrate, Keonjhar, dated 10th September 2025. I, **Deepak Dehury,** Address: At/Po-Khuntapada, Ps-Telkoi, Dist-Keonjhar, Odisha, India, Pin Code-758019 declare that I have changed the name of my daughter from **Ruby Dehury** to **Khusi Dehury.** Henceforth, she shall be known as Khusi Dehury for all purposes.
**Sd/- Deepak Dehury**

PUJA OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

AFFIDAVIT
By virtue of an affidavit vide No.3734, sworn before the Executive Magistrate and Tahasildar, Basta, Balasore, on dtd- 25/09/2025, I, Husani Khan W/O- Mahibu Khan of At/Po-Lachhmankhunta, Ps- Basta, Dist- Balasore, declare that in ROR vide Mouza-Lachhmankhunta, Ps- Basta Khata No. 341 mentioned as Hossain Khan, W/O- Majabu Khan. Both Husani Khan W/O-Mahibu Khan and Hossain Khan W/O- Majabu Khan of above mentioned address is same and one person for all future propose.

AFFIDAVIT
I, Shaik Haidar Ali, S/o-Sekh Ajagar Alli, resident of At/Po-Rasulpur, Dist-Jagatsinghpur, PIN-754104, Odisha declared by this affidavit No. 70AA 787471, dtd-03/10/2025 that now onwards I shall be known as **SK HAIDER ALI** for all future purposes.

AFFIDAVIT
I, Shaik Didar Ali, S/o-Sk Haider Ali, resident of At/Po- Rasulpur, Dist-Jagatsinghpur, PIN-754104, Odisha declared by this affidavit No. 70AA 787470, dtd-03/10/2025 that now onwards I shall be known as **SHAIKH DIDAR ALI** for all future purposes.

## ପଞ୍ଚାମାଳରେ ମା' ମଙ୍ଗଳାଙ୍କ ଝାମୁ ଯାତ୍ରା



**ଦଶପଲ୍ଲା,୭।୧୦(ସମିସ):** ଦଶପଲ୍ଲା ଏନ୍‌ଏସି ଅନ୍ତର୍ଗତ ପଞ୍ଚାମାଳ ଗ୍ରାମ ଅଧିଷ୍ଠାତ୍ରୀ ମା'ମଙ୍ଗଳାଙ୍କ ପୀଠରେ ଆଜି ପାରମ୍ପରିକ ଝାମୁଯାତ୍ରା ଅନୁଷ୍ଠିତ ହୋଇଯାଇଛି। ପବିତ୍ର କୁମାର ପୂର୍ଣ୍ଣିମା ତିଥିରେ ପ୍ରତିବର୍ଷ ଭଳି ଏଥର ପ୍ରତ୍ୟୁଷରୁ ମା'ଙ୍କ ସ୍ନାନନୀତି ଅନୁଷ୍ଠିତ ସହିତ ବାଜା ବାଣ ପଟୁଆରରେ ସହର ପରିକ୍ରମା ହୋଇଥିଲା।ମଧ୍ୟାହ୍ନରେ ମା'ଙ୍କ ମନ୍ଦିର ସମ୍ମୁଖରେ ମା'ଙ୍କ ଚଳନ୍ତି ବିଗ୍ରହକୁ ଧରି ମାନସିକଧାରି ମାନେ ୧୨ ହାତ ଅଗ୍ନି କୁଣ୍ଡରେ ଝାମୁ ଚାଲିଥିଲେ। ଏଥିରେ ଏକ ହଜାରରୁ ଉଜାର ଭକ୍ତଙ୍କ ସମାଗମ ହୋଇଥିଲା। ପୂର୍ବତନ ବ୍ଲକ ଅଧ୍ୟକ୍ଷ ଉପେନ୍ଦ୍ର ସାହୁ, କାଉନସିଲର ଶୁକଦେବ ମିଶ୍ର, ମାନିନୀ ସେଠୀ, ପ୍ରମୁଖ ଏଥିରେ ଯୋଗ ଦେଇଥିବା ବେଳେ ଗ୍ରାମ୍ୟ କମିଟି ସଭାପତି ଯଦୁନାଥ ନାୟକ ଏହାକୁ ସଫଳ ସଂଯୋଜନା କରିଥିଲେ।

## ୧୦ କ୍ୱିଣ୍ଟାଲ ଭାଙ୍ଗ ସହ ପିକ୍‌ଅପ୍ ଭ୍ୟାନ୍ ଜବତ



**ନୟାଗଡ଼,୭।୧୦(ସମିସ):** ନୟାଗଡ଼ ଜିଲ୍ଲା ଇଟାମାଟି ଥାନା ପୁଲିସ ଖୋର୍ଦ୍ଧା ବଲାଙ୍ଗୀର ଜାତୀୟ ରାଜପଥ ପାଶ୍ୱର୍ ମୟୁର ଢାବା ନିକଟରୁ ଗତକାଲି ରାତିରେ ସନ୍ଦେହ ଜନକ ଅବସ୍ଥାରେ ଥୁଆ ହୋଇଥିବା ଏକ ପିକ୍‌ଅପ୍ ଭ୍ୟାନକୁ ଜବତ କରିଛି। ଉକ୍ତ ଗାଡ଼ିରୁ ୩୩ ବସ୍ତା ଭାଙ୍ଗ ଜବତ କରାଯାଇଛି। ଏହି ଭାଙ୍ଗର ଓଜନ ୧୦ କ୍ୱିଣ୍ଟାଲ ୨୩ କେଜି ବୋଲି ପୁଲିସ ନିକଟରୁ ସୂଚନା ମିଳିଛି। ଜବତ ଭାଙ୍ଗର ମୂଲ୍ୟ ୧୦ ଲକ୍ଷ ଟଙ୍କା ହେବ ବୋଲି ଅନୁମାନ କରାଯାଉଛି। ଢାବା ନିକଟରେ ଏହି ଗାଡ଼ି ରଖା ଯାଇଥିବା ନେଇ କୌଣସି ବ୍ୟକ୍ତି ସୂଚନା ପାଇ ପୁଲିସକୁ ଖବର ଦେଇଥିଲେ। ଇଟାମାଟି ଥାନା ଅଧିକାରୀଙ୍କ ନିର୍ଦ୍ଦେଶରେ ପୁଲିସ ଚଢ଼ଉ କରି ଉକ୍ତ ଗାଡ଼ିକୁ ଜବତ କରିଥିବା ଜଣାପଡ଼ିଛି। ଏହି ଭାଙ୍ଗ କେଉଁଠାରୁ କେଉଁ ଆଡ଼େ ଚାଲାଣ କରାଯାଉଥିଲା, ତାହାର ତଦନ୍ତ ଚାଲିଥିବା ସୂଚନା ମିଳିଛି।

## ପଥର ବୋଝେଇ ଟ୍ରାକ୍ଟର ଜବତ; ୨ ଗିରଫ



**ଓଡ଼ଗାଁ,୭ ।୧୦(ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ବନାଞ୍ଚଳ ଓଡ଼ଗାଁ ସେକ୍ସସନର ଶୁଳିଆ ସଂରକ୍ଷିତ ଜଙ୍ଗଲ କାଣିପଡା ଗ୍ରାମ ନିକଟ ଧାଡ଼ି ପ୍ରସ୍ତାବିତ ସଂରକ୍ଷିତ ଜଙ୍ଗଲ ମଧ୍ୟରୁ ଓଡ଼ଗାଁ ବନ ବିଭାଗ ଡିମା ପଥର ବୋଝେଇ ଟ୍ରାକ୍ଟରକୁ ବନବିଭାଗ ଜବତ କରିଛି। ଏଥିସହିତ ଟ୍ରାକ୍ଟର ଚାଳକ ସ୍ଥାନୀୟ ବାଉଁଶ ଗାଡ଼ିଆ ନିକଟସ୍ଥ ମଦନଗାଡ଼ିଆ ଗାଁର ମାନସ ପ୍ରଧାନ ଏବଂ ବଡ଼ ଭାଇ ରମେଶ ପ୍ରଧାନକୁ ମଧ୍ୟ ଗିରଫ କରିଛନ୍ତି। ମଙ୍ଗଳବାର ସକାଳେ କୌଣସି ସୂତ୍ରରୁ ଖବର ପାଇ ଓଡ଼ଗାଁ ବନାଞ୍ଚଳ ଅଧିକାରୀ ଅଭିମନ୍ୟୁ ମଲ୍ଲିକଙ୍କ ନିର୍ଦ୍ଦେଶ କ୍ରମେ ବନପାଳ ସରିତା ବରାଳଙ୍କ ନେତୃତ୍ୱରେ ବନରକ୍ଷୀ ସୌମ୍ୟରଞ୍ଜନ ଦଳେଇ, ପ୍ରୋଟେକ୍ସନ ସ୍କ୍ୱାର୍ଡ ବିନୟ ରଞ୍ଜନ ମିଶ୍ର, ରବି ନାରାୟଣ ସାହୁ ଘଟଣା ସ୍ଥଳରେ ପହଞ୍ଚି ପ୍ରସ୍ତାବିତ ସଂରକ୍ଷିତ ଜଙ୍ଗଲ ଭିତରୁ ପାହାଡ଼ ତାଡ଼ି ଟ୍ରାକ୍ଟରରେ ଡିମା ପଥର ଉତ୍ତୋଳନ କରୁଥିବା ସମୟରେ ଟ୍ରାକ୍ଟରକୁ ଜବତ୍ କରିବା ସହିତ ଚାଳକ ଏବଂ ତାର ବଡ଼ ଭାଇକୁ ଧରି ବନବିଭାଗ କାର୍ଯ୍ୟାଳୟକୁ ଆଣିଥିଲେ। ଏହାକୁ ନେଇ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରାଯାଉଛି।

### ମୁଖ୍ୟମନ୍ତ୍ରୀଙ୍କ ପ୍ରତିଶ୍ରୁତିକୁ ୭ ମାସ

# ନୟାଗଡ଼ବାସୀଙ୍କ ପାଇଁ ସ୍ୱପ୍ନ ପାଲଟିବ ଚିନିକଳ


ନୟାଗଡ଼,୭।୧୦(ସମିସ)

ପୁରୀ ସାଂସଦ ସମ୍ବିତ ପାତ୍ର ନିର୍ବାଚନ ମଇଦାନରେ ନୟାଗଡ଼ବାସୀଙ୍କୁ ଶହେ ଦିନ ମଧ୍ୟରେ ଚିନିକଳ ଚାଲିବା ନେଇ ପ୍ରସ୍ତୁତି ଶେଷ କରିବାକୁ ପ୍ରତିଶ୍ରୁତି ଦେଇଥିଲେ। ନିର୍ବାଚନ ଫଳାଫଳ ବାହାରିବାକୁ ଦେଢ଼ବର୍ଷ ବିତିଥିବା ବେଳେ ସାଂସଦଙ୍କ ପ୍ରତିଶ୍ରୁତି କୁଆଡ଼େ ଗଲା ବୋଲି ନୟାଗଡ଼ ଜିଲ୍ଲା କଣ୍ଟାବଣିଆ ଗ୍ରାମ ଆଖୁଚାଷୀମାନେ ପ୍ରଶ୍ନ କରିଛନ୍ତି। ଚିନିକଳ ଚାଲିବାକୁ ନେଇ ଅନେକ ସନ୍ଦେହ ରହିଥିବା ବେଳେ ଲୋକଙ୍କୁ ସାଂସଦଙ୍କ ପକ୍ଷରୁ ଦିଆଯାଇଥିବା ପ୍ରତିଶ୍ରୁତି ପାଣିର ଗାର ବୋଲି ସାଧାରଣ ଲୋକେ କହିଛନ୍ତି। ସମାନ ଭାବେ ଗତ ଡିସେମ୍ବର ମାସରେ ଅନୁଷ୍ଠିତ ଜିଲ୍ଲା ମହୋତ୍ସବ ଉଦ୍‌ଘାଟନ ସନ୍ଧ୍ୟାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗ ଦେଇ ନୟାଗଡ଼ରେ ନୂତନ ଚିନିକଳ ପ୍ରତିଷ୍ଠା ପାଇଁ କ୍ଷେତ୍ର ପ୍ରସ୍ତୁତ କରିବେ ବୋଲି କହିଥିଲେ। ଏହା ମଧ୍ୟରେ ୭ ମାସ ବିତି ସାରିଥିବା ବେଳେ ନୂତନ ଚିନିକଳ ସ୍ଥାପନ ପାଇଁ କି ପଦକ୍ଷେପ ଗ୍ରହଣ କରାଯାଇଛି ବୋଲି ଜିଲ୍ଲାବାସୀଙ୍କ ମଧ୍ୟରେ ଦ୍ୱନ୍ଦ ଉପୁଜିଲାଣି। ନୟାଗଡ଼ ଜିଲ୍ଲାବାସୀଙ୍କୁ ନେତାମାନେ ଚିନିକଳ ନାଁରେ ମିଛ ଆଶ୍ୱାସନ କରୁଛନ୍ତି ବୋଲି ସାଧାରଣରେ ପ୍ରଶ୍ନ ଉଙ୍କି ମାରିଛି।

ନୟାଗଡ଼ ଜିଲ୍ଲା ପାଣିପୋଇଲାଠାରେ ଅବସ୍ଥିତ ଚିନିଶିଳ୍ପ ୨୦୧୫ ମସିହାରୁ ତାଲା ଝୁଲୁଛି। ଚିନିଶିଳ୍ପର ୯୦ ପ୍ରତିଶତ ଯନ୍ତ୍ରାଂଶ ଚୋରି ହୋଇସାରିଛି। ଏଭଳି ସ୍ଥିତିରେ ଚିନିଶିଳ୍ପକୁ ନେଇ କୋର୍ଟରେ ଅନେକ ମାମଲା ଚାଲିଛି। ଚିନିଶିଳ୍ପକୁ କିଣିଥିବା ମାଲିକ ତ୍ରୈଲୋକ୍ୟ ମିଶ୍ର ସରକାରଙ୍କ ନାଁରେ ୧୫ ଶହ କୋଟିରୁ ଉର୍ଦ୍ଧ୍ୱ ଟଙ୍କାର ମାମଲା କରିଥିବା ବେଳେ ଶ୍ରମିକ ଓ କର୍ମଚାରୀଙ୍କ ପକ୍ଷରୁ ବକେୟା ଦରମାକୁ ନେଇ ମାମଲା ରହିଛି। ସମବାୟ ଦ୍ୱାରା ପ୍ରତିଷ୍ଠା ହୋଇଥିବା ଚିନିଶିଳ୍ପ ନାଁରେ ୟୁକୋ ବ୍ୟାଙ୍କରୁ ଅନେକ ଟଙ୍କାର ଋଣ ରହିଛି। ଏଭଳି ସ୍ଥିତିରେ କିଛିଦିନ ତଳେ ଚିନିଶିଳ୍ପ ମାଲିକ ତ୍ରୈଲୋକ୍ୟ ମିଶ୍ର, ନୟାଗଡ଼ ସୁଗାର କମ୍ପ୍ଲେକ୍ସ ଲିଃ ଏମ୍‌ଡି ପ୍ରମୁଖ ସାଂସଦଙ୍କୁ ସାକ୍ଷାତ କରିଥିଲେ। ଏହାକୁ ନେଇ ଲୋକଙ୍କ ମନରେ କିଛି ଆଶା ସଂଚାର ହୋଇଥିଲା। ଏହାର କିଛି ଦିନ ପରେ ଜିଲ୍ଲାପାଳ ବିଭିନ୍ନ ବିଭାଗ ଅଧିକାରୀଙ୍କୁ ଡାକି ଚିନିଶିଳ୍ପ ଉପରେ ଏକ ସମୀକ୍ଷା ବୈଠକ ମଧ୍ୟ କରିଥିଲେ। ଏହି ସମୀକ୍ଷା ବୈଠକରେ ବିଭିନ୍ନ ଅଧିକାରୀ ଉପସ୍ଥିତ ରହିଥିବା ବେଳେ ସମବାୟ ବିଭାଗ ପକ୍ଷରୁ ଚିନିଶିଳ୍ପ ଦାୟିତ୍ୱରେ ରହିଥିବା ଏମ୍‌ଡି ସବୀର ପଣ୍ଡା ଅନୁପସ୍ଥିତ ରହିଥିଲେ। ସବୀର ପଣ୍ଡାଙ୍କ ଦାୟିତ୍ୱରେ ଚିନିଶିଳ୍ପର ସମସ୍ତ କାଗଜପତ୍ର ଏବଂ କୋର୍ଟରେ ଚାଲିଥିବା ମାମଲାର ତଥ୍ୟ ରହିଥିବା ବେଳେ ତାଙ୍କ ଅନୁପସ୍ଥିତି ପାଇଁ ଅନ୍ୟ ଏକ ସମୀକ୍ଷା ବୈଠକ କରାଯିବ ବୋଲି ଆଲୋଚନା ହୋଇଥିଲା। ଚିନିଶିଳ୍ପ ଅବସ୍ଥା, କୋର୍ଟ ମାମଲାକୁ ଲକ୍ଷ୍ୟ କଲେ ତାହା ପୁନଃ କାର୍ଯ୍ୟକ୍ଷମ ହେବା ସମ୍ଭାବନା ଦେଖାଯାଉନାହିଁ। ୨୦୧୩-୧୪ ଆର୍ଥିକ ବର୍ଷରେ ଆଖୁଚାଷୀ ଏବଂ ପରିବହନ ବାବଦରେ ୭ କୋଟି ଟଙ୍କା ବାକି ରହିଛି। ୨୦୧୫ ମସିହାରୁ ଚିନିଶିଳ୍ପରେ ତାଲା ଝୁଲୁଛି। ଶେଷ ସମୟରେ ଚିନି କାରଖାନାରେ କାମ କରୁଥିବା ୨୩୧ ଜଣ କର୍ମଚାରୀଙ୍କ ମଧ୍ୟରୁ ଅନେକ ବେକାର ହୋଇ ବସିଥିବା ବେଳେ, କେତେକ ଚାଷବାସ କରି ଗୁଜୁରାଣ ମେଣ୍ଟାଉଛନ୍ତି। ଉପରପାହ୍ୟାର ଅନେକ କର୍ମଚାରୀ ରାଜ୍ୟ ବାହାର ଚିନିଶିଳ୍ପରେ ଅଧିକ ବେତନରେ ନିଯୁକ୍ତି ପାଇଥିବା ବେଳେ ଚିନିକଳ ନିକଟବର୍ତ୍ତୀ ଅଞ୍ଚଳର ତଳପାହ୍ୟା କର୍ମଚାରୀମାନେ ପେଟକୁ ମୁଠାଏ ଦାନା ଯୋଗାଡ଼ କରିବା କଷ୍ଟକର ହୋଇପଡ଼ିଛି। ଚିନିକଳ ଶ୍ରମିକଙ୍କର ୬ କୋଟି ୬୭ ଲକ୍ଷ ଟଙ୍କା ବେତନ ବାକିଥିବା ନେଇ ଶ୍ରମ ଅଦାଲତରେ କେଶ ଚାଲୁଥିବା ବେଳେ କମ୍ପାନୀ ମାଲିକ ଧରାଛୁଆଁ ଦେଉନାହାନ୍ତି। ଏଭଳି ସମସ୍ୟା ଭିତରେ ଚିନିକଳ ଚାଲିବା ସମ୍ଭବ ପର ନଥିବା ଜଣାପଡ଼ିବା ପରେ ନୂତନ ଚିନିକଳ ସ୍ଥାପନ ନେଇ ପ୍ରଶାସନ ଓ ସାଂସଦ ଆଲୋଚନା କରିଥିଲେ। ଏହାକୁ ନେଇ ଜମି ଚିହ୍ନଟ ଆରମ୍ଭ ହୋଇଥିବା ବେଳେ ମିଳିତ କ୍ରିୟାନୁଷ୍ଠାନ କମିଟି ପୁରୁଣା ଚିନକଳ ନିକଟବର୍ତ୍ତୀ ସ୍ଥାନରେ ଚିନିକଳ ସ୍ଥାପନ ପାଇଁ ଦାବି କରୁଛି। କ୍ରିୟାନୁଷ୍ଠାନ କମିଟି ପୁରୁଣା ଚିନିକଳ ସଂଲଗ୍ନ ରାସୋଳ ମୌଜା, ଖାତା ନଂ-୨, ପ୍ଲଟ ନମ୍ବର ୧,୨,୩ ମୋଟ ଏରିଆ ୧୧୧.୩୭ ଏକର ସ୍ଥାନର ସ୍କେଚ୍ ମ୍ୟାପ ଜିଲ୍ଲାପାଳଙ୍କୁ ଗତ ସେପ୍ଟେମ୍ବର ୨୬ ତାରିଖରେ ପ୍ରଦାନ କରାଯାଇଥିଲା।

ପୁନର୍ବାର ଗତ ଡିସେମ୍ବର ୩ ତାରିଖରେ କୃଷିମନ୍ତ୍ରୀ ତଥା ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କୁ କ୍ରିୟାନୁଷ୍ଠାନ କମିଟି ସାକ୍ଷାତ କରିଥିଲେ। ସେ ଏଥିପାଇଁ କୌଣସି ଲିଖିତ ପ୍ରସ୍ତାବ ପାଇ ନଥିବା କହିଥିଲେ। ବାରମ୍ବାର ଏ ଦିଗରେ କ୍ରିୟାନୁଷ୍ଠାନ କମିଟି ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଥିଲେ ମଧ୍ୟ ପ୍ରଶାସନ ତରଫରୁ କୌଣସି ଆଖିଦୃଶିଆ ପଦକ୍ଷେପ ନିଆଯାଉନାହିଁ। ନୟାଗଡ଼ରେ ପୁଣି ଚିନିକଳ ପ୍ରତିଷ୍ଠା ହେବ ନାଁ ନୟାଗଡ଼ବାସୀଙ୍କ ପାଇଁ ତାହା ସ୍ୱପ୍ନ ପାଲଟିବ ବୋଲି ପ୍ରଶ୍ନ ଉଠିଛି।

## ବିଶ୍ୱର ସର୍ବଶ୍ରେଷ୍ଠ ବୈଜ୍ଞାନିକ ତାଲିକାରେ ପ୍ରଦ୍ୟୁମ୍ନ



**ଖଣ୍ଡପଡ଼ା,୭।୧୦(ସମିସ):** ବିଶ୍ୱର ସର୍ବଶ୍ରେଷ୍ଠ ବୈଜ୍ଞାନିକ ତାଲିକାରେ ପୁର୍ନବାର ଖଣ୍ଡପଡ଼ା ମାଟି ସୁଯୋଗ୍ୟ ସନ୍ତାନ ଡ. ପ୍ରଦ୍ୟୁମ୍ନ କୁମାର ସାହୁଙ୍କ ନାମ ସ୍ଥାନ ପାଇଥିବା ଜଣାପଡିଛି। ବିଶ୍ୱର କାଲିଫର୍ଣ୍ଣିଆସ୍ଥିତ ଷ୍ଟାନଫୋର୍ଡ ବିଶ୍ୱବିଦ୍ୟାଳୟର ଏକ ଗବେଷଣା ସଂସ୍ଥା ପକ୍ଷରୁ ପରମାଣୁ ଓ କଣିକା ପଦାର୍ଥ ବିଜ୍ଞାନ ଉପରେ ସର୍ଭେକ୍ଷଣ କରାଯାଇଥିଲା। ବିଶ୍ୱର ସର୍ବଶ୍ରେଷ୍ଠ ୨ ପ୍ରତିଶତ ବୈଜ୍ଞାନିକ ତାଲିକାରେ ବୈଜ୍ଞାନିକ ପ୍ରଫେସର ପ୍ରଦ୍ୟୁମ୍ନଙ୍କ ନାମ ସ୍ଥାନିତ ହେବା ପରେ ସମଗ୍ର ନୟାଗଡ ଜିଲ୍ଲା ସମେତ ଖଣ୍ଡପଡ଼ା ଅଞ୍ଚଳରେ ଆନନ୍ଦ ପ୍ରକାଶ ପାଇଛି। ଖାଲି ସେତିକି ନୁହେଁ ଲଗାତାର ୬ ବର୍ଷ ଧରି ବୈଜ୍ଞାନିକ ଶ୍ରୀ ସାହୁ ଏହି ବିରଳ ସମ୍ମାନର ଅଧିକାରୀ ହୋଇ ପାରି ଅଞ୍ଚଳବାସୀଙ୍କ ପାଇଁ ଗୌରବ ଆଣିଛନ୍ତି। ମିଳିଥିବା ସୂଚନା ଅନୁଯାୟୀ ବୈଜ୍ଞାନିକ ଶ୍ରୀ ସାହୁ ତେଲେଙ୍ଗାନା ରାଜ୍ୟର ହାଇଦ୍ରାବାଦସ୍ଥିତ ବିର୍ଲା ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଟେକ୍ନୋଲୋଜି ଆଣ୍ଡ ସାଇନ୍ସରେ ଏବେ ପ୍ରଫେସର ଭାବେ କାର୍ଯ୍ୟ କରୁଛନ୍ତି। ଛାତ୍ର ଜୀବନରୁ ଜଣେ ମେଧାବୀ ଛାତ୍ର ଭାବେ ଜଣାଶୁଣା ବୈଜ୍ଞାନିକ ପ୍ରଦ୍ୟୁମ୍ନଙ୍କ ଘର ନୟାଗଡ ଜିଲ୍ଲା ଅଧୀନ ଖଣ୍ଡପଡ଼ା ବ୍ଲକର ଜଗନ୍ନାଥପ୍ରସାଦ ପଞ୍ଚାୟତ କୁହାରା ଗ୍ରାମରେ ଅଟେ। ଲଗାତର ୬ ବର୍ଷ ଧରି ବିରଳ ସମ୍ମାନର ଅଧିକାରୀ ହୋଇଥିବା ବୈଜ୍ଞାନିକ ପ୍ରଦ୍ୟୁମ୍ନଙ୍କୁ ନେଇ କୁହାରା ଗ୍ରାମବାସୀ ବେଶ ଗର୍ବ ଅନୁଭବ କରୁଥିବା ବେଳେ ବିଭିନ୍ନ ମହଲରୁ ତାଙ୍କ ନିକଟକୁ ଅଭିନନ୍ଦନ ଓ ଶୁଭେଚ୍ଛାର ସୁଅ ଛୁଟିବାରେ ଲାଗିଛି। ଖଣ୍ଡପଡ଼ା ନିର୍ବାଚନମଣ୍ଡଳୀର ବହୁ ମାନ୍ୟଗଣ୍ୟ ବ୍ୟକ୍ତିବିଶେଷ ବୈଜ୍ଞାନିକ ଶ୍ରୀସାହୁଙ୍କୁ ଶୁଭେଚ୍ଛା ଜଣାଇବା ସହ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି।

## ଭାପୁର ଓ ଗଣିଆ ତହସିଲଦାରଙ୍କ ବଦଳି

**ଭାପୁର/ଗଣିଆ,୭।୧୦(ସମିସ):** ନୟାଗଡ଼ ଜିଲ୍ଲା ଭାପୁର ତହସିଲଦାର ଅର୍ଜ୍ଜନ ପ୍ରଧାନଙ୍କ ବଦଳି ହୋଇଛି। ତାଙ୍କର ମାଲକାନଗିରି ଜିଲ୍ଲା ମୋଟୁ ତହସିଲକୁ ତହସିଲଦାର ଭାବେ ବଦଳି ହୋଇଛି। ତାଙ୍କ ସ୍ଥାନରେ ଗଞ୍ଜାମ ଜିଲ୍ଲା ଛତ୍ରପୁରରେ କାର୍ଯ୍ୟରତ ଡେପୁଟି କଲେକ୍ଟର ଲୋପାମୁଦ୍ରା ରଥ ଭାପୁର ତହସିଲଦାର ଭାବେ ଯୋଗ ଦେବେ। ସମାନ ଭାବେ ଗଣିଆ ତହସିଲରେ କାର୍ଯ୍ୟରତ ତହସିଲଦାର ପ୍ରୀତିବାଳା ରଣାଙ୍କର ବଦଳି ହୋଇଛି। ତାଙ୍କୁ ପଞ୍ଚାୟତରାଜ ବିଭାଗକୁ ବଦଳି କରାଯାଇଛି। ତାଙ୍କ ସ୍ଥାନରେ ସମ୍ବଲପୁର ଡେପୁଟି କଲେକ୍ଟର ଐଶ୍ୱର୍ଯ୍ୟା ପୃଷ୍ଟେଠ୍‌ଙ୍କୁ ଗଣିଆ ତହସିଲଦାର ଭାବେ ବଦଳି କରାଯାଇଥିବା ଜଣାପଡ଼ିଛି। ଗଣିଆ ତହସିଲଦାର ପ୍ରୀତିବାଳା ରଣା ଗଣିଆରେ ବିଡିଓ ଦାୟିତ୍ୱରେ ଥିଲେ ମଧ୍ୟ ନୂତନ ଭାବେ ବିଡିଓ ନିଯୁକ୍ତ କରାଯାଇନାହିଁ।

### ଗଣିଆରେ ପ୍ରବଳ ବର୍ଷା

## ଦୋକାନ ଭିତରେ ପଶିଲା ବର୍ଷା ପାଣି



**ଗଣିଆ,୭।୧୦(ସମିସ):** ମଙ୍ଗଳବାର ସନ୍ଧ୍ୟା ସମୟରେ ଘଡ଼ଘଡି ସହିତ ଗଣିଆରେ ପ୍ରବଳ ବର୍ଷା ହୋଇଛି। ଗଣିଆ ବଜାର ରାସ୍ତା ଉପରେ ୨ଫୁଟର ପାଣି ପ୍ରବାହିତ ହୋଇଛି। ଅଚାନକ ବର୍ଷା ହେବା ଫଳରେ ଜନଜୀବନ ଅସ୍ତବ୍ୟସ୍ତ ହୋଇପଡିଛି। ଗଣିଆ ତଳବଜାରରେ ଚା ଦୋକାନ କରିଥିବା ସୁରେନ୍ଦ୍ର ରାଉତଙ୍କ ଦୋକାନ ଭିତରେ ପଶିଛି ବର୍ଷା ପାଣି। ରାସ୍ତା ଉପରେ ଚାଲିଥିବା ଅପରିଷ୍କାର ବର୍ଷା ଜଳ ଦୋକାନ ଭିତରେ ପଶି ଦୋକାନର କ୍ଷୟକ୍ଷତି ଘଟିଛି। ଗଣିଆ ବଜାରରେ ଥିବା ଡ୍ରେନ ପୋତି ହୋଇଯିବାରୁ ଏଭଳି ସମସ୍ୟା ଦେଖାଦେଉଛି। ଏ ସମ୍ପର୍କରେ ବିଭାଗୀୟ ଅଧିକାରୀଙ୍କୁ ବାରମ୍ବାର ଅଭିଯୋଗ କଲେ ମଧ୍ୟ କିଛି ବି ଫରକ ପଡୁନାହିଁ। ସାମାନ୍ୟ ବର୍ଷାରେ ରାସ୍ତାରେ ପାଣି ଲହଡ଼ି ମାରିବା ସହିତ ଅଳିଆ ଆବର୍ଜ୍ଜନା ଗଦା ହୋଇ ରହୁଛି। ତେବେ ମଙ୍ଗଳବାର ଏଭଳି ଅଚାନକ ବର୍ଷା ଯୋଗୁଁ ଦୋକାନ ଭିତରେ ପାଣି ପଶିବା ଯୋଗୁଁ ଦୋକାନ ମାଲିକ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହୋଇଛନ୍ତି। ଦୋକାନ ଭିତରୁ ଜଳ ନିଷ୍କାସନ କରିବା ପାଇଁ ନାକେଦମ ହୋଇଛନ୍ତି। ତେବେ ବିଭାଗୀୟ ଅଧିକାରୀ ଏଥିପ୍ରତି ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ଶ୍ରୀନୀଳମାଧବ ଦର୍ଶନ ଧାରା ପୁସ୍ତିକା ଉନ୍ମୋଚିତ




**କଣ୍ଟିଲୋ,୭।୧୦(ସମିସ):** ପର୍ଯ୍ୟଟନ କେନ୍ଦ୍ର ନୀଳମାଧବ ପୀଠ କଣ୍ଟିଲୋରେ ପର୍ଯ୍ୟଟକ ମାନଙ୍କ ସୁବିଧା ଦର୍ଶନ ପାଇଁ ଏକ ଶ୍ରୀନୀଳମାଧବ ଦର୍ଶନ ଧାରା ନାମକ ଏକ ପୁସ୍ତିକା କଟକ ଲୋକସଭା ସାଂସଦ ଭର୍ତ୍ତୃହରି ମହତାବ ଓ ଖଣ୍ଡପଡା ବିଧାୟକ ଦୁଷ୍ମନ୍ତ କୁମାର ସ୍ୱାଇଁଙ୍କ ଉପସ୍ଥିତିରେ ଉନ୍ମୋଚିତ ହୋଇଯାଇଛି। ଏହି ଅବସରରେ ପୁସ୍ତିକାର ରଚୟିତା ଅଧାପିକା ଜ୍ୟୋତ୍ସ୍ନା ମହାରଣା ଓଡ଼ିଆ, ହିନ୍ଦୀ ଓ ଇଂରାଜୀ ଭାଷାରେ ଲିଖିତ ଏହି ପୁସ୍ତିକା ବିଭିନ୍ନ ଅଞ୍ଚଳରୁ ଆସୁଥିବା ପ୍ରାତ୍ୟେକ ପର୍ଯ୍ୟଟକ ମାନଙ୍କ ପାଇଁ ଠାକୁର ଦର୍ଶନ ଓ ପରିକ୍ରମା ବିନା ଗାଇଡ୍‌ରେ ହୋଇପାରିବ ବୋଲି କହିଥିଲେ। ଏହି ଅବସରରେ ସମାଜସେବୀ ଅଖିଳ ମହାରଣା, ସାଂସଦଙ୍କ ପ୍ରତିନିଧି ଚନ୍ଦ୍ରକାନ୍ତ ବଳିୟାର ସିଂଙ୍କ ସମେତ ଅବସରପ୍ରାପ୍ତ ବରିଷ୍ଠ ପ୍ରଧାନ ଶିକ୍ଷକ ରାମଚନ୍ଦ୍ର କାଣ୍ଡି, ଜିଲ୍ଲା ପରିଷଦ ସଭ୍ୟା ଉଜ୍ଜ୍ୱଳ ମହାରଣା ଓ ଅବସର ପ୍ରାପ୍ତ ଶିକ୍ଷକ ସୁଦର୍ଶନ ସାହୁଙ୍କୁ ପୁସ୍ତିକା ରଚୟିତା ଜ୍ୟୋସ୍ନା ମହାରଣା ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ।

## ଚକ୍ରରାଜ ସୁଦର୍ଶନଙ୍କ ଗ୍ରାମ ପରିକ୍ରମା



**କଣ୍ଟିଲୋ, ୭।୧୦(ସମିସ):** ଶ୍ରୀଜଗନ୍ନାଥ ମନ୍ଦିରର ଆଦିପୀଠ ଭାବେ ପରିଚିତ ଶ୍ରୀନୀଳମାଧବ ମନ୍ଦିରରେ ଶ୍ରୀଜୀଉଙ୍କ କୁମାର ପୂର୍ଣ୍ଣିକା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସନ୍ଧ୍ୟା ଆଳତି ପରେ ଶ୍ରୀଜୀଉ ଚକ୍ରରାଜ ବେଶ ହୋଇ ମଣିବିମାନରେ ଚାରି ଆଶ୍ରମଙ୍କୁ ଯାଆନ୍ତି। ସେଠାରେ ଶୀତଳ ଭୋଗ ମଣୋହି ହୋଇ ଶ୍ରୀମନ୍ଦିରକୁ ପ୍ରତ୍ୟାବର୍ତ୍ତନ କରନ୍ତି। ଲୋକକଥା ଅଛି ଗ୍ରାମରେ ହଇଜା ବାଡ଼ିରୁ ରକ୍ଷା ପାଇଁ ଚକ୍ରରାଜ ସୁଦର୍ଶନ ବୁଲନ୍ତି। ସୁଦର୍ଶନ ଫେରିବା ପରେ ସନ୍ଧ୍ୟା ଧୂପ ବଢ଼େ। ତା' ପରେ ମହାଲକ୍ଷ୍ମୀ ଓ ମହାପ୍ରଭୁ ରୁପା କଉଡ଼ିରେ ପଶା ଖେଳିଥିଲେ। ଏଥିରେ ମହାପ୍ରଭୁ ମା'ଙ୍କ ନିକଟରୁ ହାରି ଯାଇ ୭ ଦିନ ମନ୍ଦିରରେ ବନ୍ଧା ପଡ଼ିବେ।

### ଏନ୍‌ଏସି ମଧ୍ୟରେ ଉପାନ୍ତ ଗାଁ ଗୋଲାପୋଖରୀ

# ନା ଅଛି ରାସ୍ତା; ନା ହୋଇଛି ବିକାଶ

ନୟାଗଡ଼,୭।୧୦(ସମିସ)





ନୟାଗଡ଼ ଜିଲ୍ଲା ଖଣ୍ଡପଡ଼ା ବିଜ୍ଞାପିତ ଅଞ୍ଚଳ ପରିଷଦ ମାନ୍ୟତା ପାଇବାକୁ ଦୀର୍ଘ ୩୬ ବର୍ଷରୁ ବିତି ସାରିଛି। ବିକାଶଠାରୁ ବହୁ ପଛରେ ରହି ଅବହେଳିତ ଅବସ୍ଥାରେ ପଡ଼ିରହିଛି ଖଣ୍ଡପଡ଼ା ସହରାଞ୍ଚଳ। ସହରାଞ୍ଚଳ ଅଧୀନ ୧୨ନଂ. ୱାର୍ଡ ଗୋଲାପୋଖରୀ ଗ୍ରାମକୁ ଦେଖିଲେ ବିକାଶର ନଗ୍ନଚିତ୍ର ସମ୍ପୂର୍ଣ୍ଣ ରୂପେ ବାରି

**ଖଲିପତ୍ର ଓ ଦାନ୍ତକାଠି ଦ୍ୱାରା ଚଳୁଛି ପରିବାର**

**ଖୁଣ୍ଟ ଅଛି ଓ ତାର ଝୁଲୁଛି; ଏଲ୍‌ଇଡି ନାହିଁ**

ହୋଇ ପଡୁଛି। ସେଠାକାର ଲୋକମାନେ ସହରାଞ୍ଚଳ ବାସିନ୍ଦା ହୋଇ ମଧ୍ୟ ଆଜି ବି ଜଙ୍ଗଲ ଜୀବନ ଯାପନ ଜୀଉଁଛନ୍ତି। ଗୋଲାପୋଖରୀ ଲୋକମାନେ ଖଲିପତ୍ର, ଦାନ୍ତକାଠି ଓ କାଠ ସଂଗ୍ରହ କରି ବଜାରରେ ବିକ୍ରି କରି ନିଜ ପରିବାର ଚଳାଇଥାନ୍ତି। ଆଉ କିଛି ଯୁବଗୋଷ୍ଠୀ ଦିନ ମଜୁରିଆ ଭାବେ କାମ କରୁଥିବା ଜଣାପଡିଛି। ସରକାରଙ୍କ ପକ୍ଷରୁ ସହରାଞ୍ଚଳରେ କାର୍ଯ୍ୟକାରୀ ହେଉଥିବା କିଛି ଜନକଲ୍ୟାଣକାରୀ ଯୋଜନାରୁ ବଞ୍ଚିତ ରହିଛନ୍ତି ଗୋଲପୋଖରୀ ବାସିନ୍ଦା। ବିଶେଷ କରି ପାନୀୟ ଜଳ, ଶିକ୍ଷା ଓ ସ୍ୱାସ୍ଥ୍ୟ ଏମାନଙ୍କ ପାଇଁ ସ୍ୱପ୍ନ ପାଲଟିଥିବା ଅଭିଯୋଗ ହୋଇଛି। ଅନ୍ୟପକ୍ଷରେ ଗମନାଗମନ ନିମନ୍ତେ ସ୍ଥାୟୀ ରାସ୍ତା ଲୋକମାନଙ୍କ ପାଇଁ ସାତସପନ ପାଲଟିଛି। ରାଜ୍ୟ ସରକାର ସହରାଞ୍ଚଳରେ ବସବାସ କରୁଥିବା ଗରିବ ଲୋକଙ୍କୁ ବିଭିନ୍ନ ମୌଳିକ ସୁବିଧା ଯୋଗାଇ ଦେଉଥିବା ବେଳେ କିଛି କର୍ମଠ କର୍ମଚାରୀଙ୍କ ମନମୁଖୀ କାର୍ଯ୍ୟକଳାପ ଯୋଗୁଁ ପ୍ରକୃତ ଯୋଗ୍ୟ ହିତାଧିକାରୀ ବିଭିନ୍ନ ଯୋଜନାରୁ ବଞ୍ଚିତ ହେଉଥିବା ଜଣାପଡିଛି। ରାସନ ସାମଗ୍ରୀ ଓ ଦୈନିକ ସଉଦା ପାଇଁ ପ୍ରତ୍ୟେହ ପ୍ରାୟ ୫ କିଲୋମିଟର ଜଙ୍ଗଲ ରାସ୍ତା ଦେଇ ଯାତାୟାତ କରିଥାନ୍ତି ଗ୍ରାମବାସୀ। ଉକ୍ତ ରାସ୍ତା ମଧ୍ୟରେ ଏକ ନାଳ ଯାଇଥିବାରୁ ବର୍ଷା ଦିନ ଯାତାୟାତ ନିମନ୍ତେ ବହୁ ଅସୁବିଧାର ସମ୍ମୁଖୀନ ହେଉଥିବାରୁ ଏକପ୍ରକାର ଜଳବନ୍ଦୀ ଜୀବନ ଯାପନ କରୁଥିବା ଅତ୍ୟନ୍ତ ଦୁଃଖରେ ପ୍ରକାଶ କରିଛନ୍ତି ସ୍ଥାନୀୟ ବାସିନ୍ଦା। ପୂର୍ବରୁ ନିର୍ବାଚନ ସମୟରେ ବହୁ ରାଜନେତା



ଆସି ବିଭିନ୍ନ ପ୍ରତିଶ୍ରୁତି ଦେଇ ସେମାନଙ୍କୁ ଠକିଥିବା କହିଛନ୍ତି ୱାର୍ଡ ବାସିନ୍ଦା। ସେହିପରି ସେମାନଙ୍କ ସ୍ୱାସ୍ଥ୍ୟବସ୍ଥା ଖରାପ ହେଲେ ଜଙ୍ଗଲ ରାସ୍ତା, ନଦୀ ନାଳ ଅତିକ୍ରମ କରି ଖଣ୍ଡପଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଆସିବା ସେମାନଙ୍କୁ ଅତି କଷ୍ଟକର ହେବା ସହ ପ୍ରସୂତି ମହିଳାଙ୍କ ସ୍ୱାସ୍ଥ୍ୟ ବସ୍ଥା ସମ୍ପୂର୍ଣ୍ଣ ବିଗିଡ଼ି ଯାଉଥିବା ଅଭିଯୋଗ ହେଉଛି। ଖଣ୍ଡପଡ଼ା ଏନ୍‌ଏସି ପକ୍ଷରୁ ଏହି ଗାଁକୁ ଆଲୋକିକରଣ ବ୍ୟବସ୍ଥା କରାଯାଇଥିଲା। ଏବେ ସବୁ ସ୍ଥାନରେ ଖୁଣ୍ଟ ଓ ତାର ରହିଥିବା ବେଳେ ଏଲଇଡି ଗୁଡ଼ିକ ସେଥିରେ ନଥିବା ଦେଖିବାକୁ ମିଳିଛି। ତୁରନ୍ତ ଗୋଲାପୋଖରୀ ବାସୀଙ୍କ ମୌଳିକ ସୁବିଧା ଯୋଗାଇଦେବା ଦିଗରେ ଏନ୍‌ଏସି କର୍ତ୍ତୃପକ୍ଷ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ସଦର ଥାନାରୁ ଅଭିଯୁକ୍ତ ଚମ୍ପଟ ଅଭିଯୋଗ

**ନୟାଗଡ଼,୭।୧୦(ସମିସ):** ନୟାଗଡ଼ ସଦରଥାନାରୁ ଜଣେ ଡକାୟତି ଘଟଣାର ଅଭିଯୁକ୍ତ ଚମ୍ପଟ ମାରିଥିବା ନେଇ ଆଜି ଦିନତମାମ ସହରରେ ଜୋରଦାର ଚର୍ଚ୍ଚା ହୋଇଛି। କିଛି ପୁଲିସ କର୍ମଚାରୀ ମଧ୍ୟ ଘଟଣା ସତ ବୋଲି କହୁଛନ୍ତି। ମାତ୍ର ଘଟଣାକୁ ନୟାଗଡ଼ ଏସ୍‌ଡିପିଓ ଜ୍ୟୋତିରଞ୍ଜନ ସାମନ୍ତରାୟ ଖଣ୍ଡନ କରିଛନ୍ତି। ସଦରଥାନା ଅଞ୍ଚଳର ଜଣେ ଯୁବକକୁ ଅପହରଣ ହୋଇଥିବା ଘଟଣାର ତଦନ୍ତ ଚାଲିଥିବା ସୂଚନା ଦେଇଛନ୍ତି। ନୟାଗଡ଼ ଜିଲ୍ଲା ଇଟାମାଟି ଥାନା ଅଞ୍ଚଳର ଜଣେ ବିବାହିତ ମହିଳା ସଦରଥାନା ପଥୁରିପଡ଼ା ଗ୍ରାମର ଜଣେ ଯୁବକଙ୍କ ସହ କିଛିଦିନ ତଳେ ଚାଲି ଯାଇଥିଲେ। ପୁଲିସ ସେମାନଙ୍କୁ ଉଦ୍ଧାର କରିଥିଲା। ଉକ୍ତ ମହିଳା ଓ ତାଙ୍କ ପ୍ରେମିକ ଗତକାଲି ପୁଣିଥରେ କେଉଁଆଡ଼େ ଫେରାର ହୋଇଯାଇଥିବା ଜଣାପଡ଼ିଛି। ପ୍ରେମିକଙ୍କ ଭାଇକୁ ମହିଳାଙ୍କ ସ୍ୱାମୀ ଓ ବାପଘର ପରିବାର ଅପହରଣ କରି ନେଇଛନ୍ତି। ଏହି ଘଟଣାରେ ଅଭିଯୁକ୍ତକୁ ଧରିବା ପାଇଁ ପୁଲିସ ଚଢ଼ଉ କରିବା ସମୟରେ ପୁଲିସକୁ ଦେଖି ଅଭିଯୁକ୍ତ ସାଇକଲ ଛାଡ଼ି ଖସି ଯାଇଥିବା ସୂଚନା ମିଳିଛି। ଯାହାକୁ ନେଇ ଥାନାରୁ ଅଭିଯୁକ୍ତ ଫେରାର ଥିବା ଚର୍ଚ୍ଚା ହୋଇଛି। ପୁଲିସ ଅପହରଣ ଘଟଣାର ଛାନଭିନ୍ ଚଳାଇଥିବା ବେଳେ ଖୁବଶୀଘ୍ର ସେମାନଙ୍କୁ ଧରାଯିବ ବୋଲି ଏସ୍‌ଡିପିଓ ସୂଚନା ଦେଇଛନ୍ତି।

## ଛଣଗିରି ଅଳଙ୍କାର ଦୋକାନ ଲୁଟ୍ ଘଟଣା

# ୧୨୦ ଗ୍ରାମ୍ ସୁନା ଓ ୯୪୬ ଗ୍ରାମ୍ ରୁପା ଜବତ, ୨ ଗିରଫ

ନିରାକାରପୁର,୭।୧୦(ସମିସ)

ଖୋର୍ଦ୍ଧା ଜିଲ୍ଲା ଜଂକିଆ ଥାନା ଅନ୍ତର୍ଗତ ଛଣଗିରିସ୍ଥିତ ସାଇ ସୋନୁ ଅଳଙ୍କାର ଦୋକାନରୁ ଗତ ଅଗଷ୍ଟ ମାସ ୨୪ ତାରିଖ ଦିନ ୨ଟା ସମୟରେ ଲୁଟ୍ ହୋଇଥିବା ସୁନାରୁ ପୂର୍ବରୁ ପ୍ରାୟେ ୧ କେଜି ସୁନା ଉଦ୍ଧାର କରାଯାଇଥିବାବେଳେ ୪ ଗିରଫ ହୋଇଥିଲେ। ଗତ ମାସ ୧୨ ତାରିଖରେ ଆଉ କେଜିଏ ସୁନା ମିଳିଥିବାବେଳେ ଦୁଇ ଜଣଙ୍କୁ ଗିରଫ କରିଥିଲେ। ଏହା ପରେ ମଙ୍ଗଳବାର ଆଉ ଦୁଇଜଣଙ୍କୁ ଗିରଫ କରିବା ସହିତ ଆଉ ୧୨୦ ଗ୍ରାମ୍ ସୁନା ଓ ୯୪୬ ଗ୍ରାମ୍ ରୁପା ଉଦ୍ଧାର ହୋଇଥିବା ଜଂକିଆ ଥାନା ଆଇଆଇସି ସୁଶାନ୍ତ ବେହେରା ଜଣାଇଛନ୍ତି। ଗିରଫଦ୍ୱୟ ହେଲେ ନୟାଗଡ଼ ଜିଲ୍ଲା ଓଡ଼ଗାଁର ସଞ୍ଜୟ ନାୟକ ଓ ବାଣପୁର ଥାନା ନୀଳାଦ୍ରି ପ୍ରସାଦର ଅମିତ୍ ଓରଫ ସିଦ୍ଧାନ୍ତ ନାୟକ ବୋଲି ଜଣାପଡ଼ିଛି।



ପ୍ରକାଶଥାଉ କି, ଗତ ଅଗଷ୍ଟ ମାସ ୨୪ ତାରିଖରେ ଛଣଗିରିସ୍ଥିତ ସାଇ ସୋନୁ ଅଳଙ୍କାର ଦୋକାନରୁ ୮ ଜଣ ଲୁଟେରା ଆସି ବନ୍ଧୁକ ଓ ବୋମା ଫୁଟାଇ ଲକ୍ଷାଧିକ ଟଙ୍କାର ସୁନା ଓ ରୁପା ଅଳଙ୍କାର ଲୁଟ୍ କରି ନେବା ସହିତ ନଗଦ ଟଙ୍କା ନେଇଯାଇଥିଲେ। ପୁଲିସ କେନ୍ଦ୍ରାଞ୍ଚଳ ଡିଆଇଜି ଡ. ସତ୍ୟଜିତ୍ ନାୟକ ଓ ଖୋର୍ଦ୍ଧା ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ବିବେକାନନ୍ଦ ଶର୍ମାଙ୍କ ନେତୃତ୍ୱରେ ସମୁଦାୟ ୫ ଟିମ୍ ଗଠନ କରାଯାଇ ବିଭିନ୍ନ ଦିଗକୁ ତର୍ଜମା କରି ଚଢ଼ଉ କରାଯାଇଥିଲା। ସମ୍ପୃକ୍ତ ଫେରାର୍ ଅଭିଯୁକ୍ତମାନଙ୍କୁ ଗିରଫ ଓ ଆଉ ଲୁଟ୍ ସାମଗ୍ରୀକୁ ଉଦ୍ଧାର କରିବା ପାଇଁ ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଇଥିବାବେଳେ ଗତ ମାସ ୨ ତାରିଖରେ ୩୧୯.୭୩୦ ଗ୍ରାମ୍ ସୁନା, ୯୬୮ ଗ୍ରାମ୍ ରୁପା, ଗୋଟିଏ ଦେଶୀ ବନ୍ଧୁକ, ଗୋଟିଏ ଭୁଜାଲି ଓ ନଗଦ ୮ ଲକ୍ଷ ଟଙ୍କା ଜବତ ହୋଇଥିଲା। ଉକ୍ତ ଦିନ ୩ ଜଣ ଡକାୟତ ଓ ଜଣେ କ୍ରେତାଙ୍କୁ ଗିରଫ କରାଯାଇଥିବାବେଳେ ଅନ୍ୟ ୬ ଜଣଙ୍କ ମଧ୍ୟରୁ ୨ ଜଣଙ୍କ ଠିକଣା ସ୍ପଷ୍ଟ ଜଣାପଡୁ ନ ଥିବାବେଳେ ନୟାଗଡ଼ ଅଞ୍ଚଳର ଦୁଇ ଜଣ, ଖୋର୍ଦ୍ଧା ଜିଲ୍ଲା ନିରାକାରପୁର ଅଞ୍ଚଳର ଜଣେ, ପୁରୀ ଜିଲ୍ଲା କଣାସ ଅଞ୍ଚଳର ଜଣେ ସନ୍ଦିଗ୍ଧ ଥିବା ପୁଲିସ ସୂଚନା ଦେଇଥିଲା। ପୁଣି ପୁଲିସ ଡିଆଇଜି ଡ. ସତ୍ୟଜିତ୍ ନାୟକ ଓ ଏସ୍‌ପି ବିବେକାନନ୍ଦ ଶର୍ମାଙ୍କ ନେତୃତ୍ୱରେ ଆଉ କେଜିଏ ସୁନା, ଦୁଇ କେଜି ରୁପା ଜବତ କରାଯାଇଥିବାବେଳେ ଦୁଇ ଜଣ ଡକାୟତଙ୍କୁ ଗିରଫ କରାଯାଇଥିଲା।

ପ୍ରକାଶଥାଉ କି, ଗତ ଅଗଷ୍ଟ ୨୪ ତାରିଖ ଦିନ ୨ଟା ବେଳେ ୪ଟି ବାଇକ୍‌ରେ ୮ ଜଣ ଡକାୟତ ଖୋର୍ଦ୍ଧା ଜିଲ୍ଲା ଛଣଗିରିସ୍ଥିତ ସାଇ ସୋନୁ ଅଳଙ୍କାର ଦୋକାନକୁ ଆସିଥିଲେ। ସେମାନେ ସମସ୍ତେ ମୁଣ୍ଡରେ ହେଲ୍‌ମେଟ ଓ ମୁହଁରେ ମାସ୍କ ପିନ୍ଧିବା ସହିତ ଦୁଇ ଜଣ ଦୋକାନ ବାହାରେ ରହି ସମସ୍ତ ଘଟଣା ଅନୁଧ୍ୟାନ କରୁଥିବାବେଳେ ଦୋକାନ ମଧ୍ୟକୁ ୬ଜଣ ଡକାୟତ ପଶି ବନ୍ଧୁକ ଦେଖାଇ କର୍ମଚାରୀମାନଙ୍କୁ ଭୟଭୀତ କରାଇ ଏକ ବସ୍ତାରେ ସମସ୍ତ ଗହଣା ଭର୍ତ୍ତି କରିଥିଲେ। ବାହାରେ ବୋମା ଫୁଟାଇ ପୂର୍ବ ପ୍ରସ୍ତୁତି ମୁତାବକ ଟାଙ୍ଗୋଳ ଦେଇ ଫେରାର୍ ହେବାରେ ସକ୍ଷମ ହୋଇଥିଲେ।

## ଶ୍ରୀରଙ୍ଗନାଥ ଦେବଙ୍କ ରାଧାଦାମୋଦର ବେଶ



ବାଲୁଗାଁ,୭।୧୦(ସମିସ): ଭଗବତୀ କ୍ଷେତ୍ର ବାଣପୁରର ଆରାଧ୍ୟ ଦେବ ଶ୍ରୀରଙ୍ଗନାଥ ଦେବ ବିଭିନ୍ନ ପର୍ବରେ ଭିନ୍ନ ବେଶରେ ଶ୍ରଦ୍ଧାଳୁମାନଙ୍କୁ ଦର୍ଶନ ଦେଉଥିବାବେଳେ ତନ୍ମଧ୍ୟରୁ ରାଧାଦାମୋଦର ବେଶ ଅନ୍ୟତମ। କୁମାର ପୂର୍ଣ୍ଣିମାଠାରୁ କାର୍ତ୍ତିକ ଶୁକ୍ଳ ଦଶମୀ ପର୍ଯ୍ୟନ୍ତ ଶ୍ରୀଜୀଉମାନେ ଅତ୍ୟନ୍ତ ମନୋରମ ବେଶ ଗାଇ ତଥା ରାଧାଦାମୋଦରବେଶରେ ଶ୍ରଦ୍ଧାଳୁମାନଙ୍କୁ ଦର୍ଶନ ଦେଉଥା'ନ୍ତି। ଏହି ବେଶରେ ଶ୍ରୀଜୀଉମାନେ ମଥାରେ ଶିରିପାଚୁକ ସହିତ ମଥାଚନ୍ଦ୍ରିକା, ଓଡ଼ିଆଣୀ, ଚିତା, କର୍ଣ୍ଣରେ ମକରକୁଣ୍ଡଳ, ବାହୁରେ ନଳିଭୁଜ ଓ ହୃଦୟରେ ପଲ୍ଲବ ପରିଧାନ ସହିତ ବିଭିନ୍ନ ପୁଷ୍ପମାଳାରେ ଶୋଭା ପାଉଥା'ନ୍ତି। ପ୍ରତ୍ୟହ ଗୋପାଳବଲ୍ଲଭ ପରେ ରାଧାଦାମୋଦର ବେଶରେ ଶ୍ରୀଜୀଉମାନେ ଦର୍ଶନ ଦିଅନ୍ତି। ମା' ଭଗବତୀଙ୍କ ୧୮ ଦିନ ଶାରଦୀୟ ମହୋତ୍ସବରେ ବାଣପୁର ଉତ୍ସବମୁଖର ହୋଇପଡ଼ିଥିବା ସ୍ଥଳେ କୁମାର ପୂର୍ଣ୍ଣିମାଠାରୁ ଶ୍ରୀରଙ୍ଗନାଥଦେବଙ୍କ ରାଧାଦାମୋଦର ବେଶ ଓ ହବିଷ୍ୟାଳିଙ୍କ ପ୍ରତ୍ୟହ ଶ୍ରୀଜୀଉମାନଙ୍କ ଦର୍ଶନ ଲାଗି ଭିଡ଼ ଲାଗିରହି ଆଧ୍ୟାତ୍ମିକ ପରିବେଶ ସୃଷ୍ଟି ହେବା ସହ ବାଣପୁର ସହର ଉତ୍ସବମୁଖର ହୋଇପଡ଼ିଛି।

## ରେଳ ଧାରଣାରୁ ଅଜଣା ବ୍ୟକ୍ତିଙ୍କ ମୃତଦେହ ଉଦ୍ଧାର

ଜଟଣୀ,୭।୧୦(ସମିସ): ଖୋର୍ଦ୍ଧା-ବଲାଙ୍ଗିର ରେଳପଥ ଅଧୀନ ଅରଗୁଲ ରେଳ ଷ୍ଟେସନ୍ ନିକଟ ରେଳ ଧାରଣା କଡ଼ରୁ ଜଣେ ଅଜଣା ବ୍ୟକ୍ତିଙ୍କ ମୃତଦେହ ଉଦ୍ଧାର କରିଛି ପୁଲିସ। ମୃତକଙ୍କ ପରିଚୟ ମିଳିପାରି ନ ଥିବାବେଳେ ବୟସ ପାଖା ପାଖି ୪୫ ବର୍ଷ ହେବ ବୋଲି ପୁଲିସ ଅନୁମାନ କରୁଛି। ଖବରପାଇ ଜିଆର୍‌ପି ଓ ଆର୍‌ପିଏଫ୍ ଥାନା ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ମୃତଦେହକୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ଚିକିତ୍ସାଳୟକୁ ପଠାଇବା ସହ ଏ ନେଇ ଥାନାରେ କେସ୍ ନଂ ୬୦/୨୫ରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି ପୁଲିସ। ଶବ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ଘଟଣାର ସଠିକ୍ କାରଣ ଜଣାପଡ଼ିବ ବୋଲି ପୁଲିସ ସୂଚନା ଦେଇଛି। ମୃତ ଯୁବକ ଜଣକ ଏକ ଧଳା ରଙ୍ଗର ଜିନ୍ ପ୍ୟାଣ୍ଟ ପିନ୍ଧିଥିବାବେଳେ ଅନତି ଦୂରରେ ତାଙ୍କର ଏକ କଳା ରଙ୍ଗର ସାର୍ଟ ପଡ଼ିଥିବା ଦେଖିବାକୁ ମିଳିଛି।

## ରାସ୍ତାକଡ଼ ଅନାବନା ଗଛକଟାକୁ ନେଇ ଚାଷୀ ଅସନ୍ତୋଷ

ଟାଙ୍ଗୀ,୭।୧୦(ସମିସ): ଟାଙ୍ଗୀ-ମଙ୍ଗଳାଯୋଡ଼ି ପୂର୍ତ୍ତ ବିଭାଗ ରାସ୍ତାର ଉଭୟ ପାର୍ଶ୍ୱରେ ଅନାବନା ଗଛ ଉଠି ବାଇକ୍ ଆରୋହୀଙ୍କ ପାଇଁ ଅନେକ ସମୟରେ ଦୁର୍ଘଟଣାର କାରଣ ହେଉଥିଲା। ଏହାକୁ କାଟି ରାସ୍ତା ସଫା କରିବାକୁ ବିଭିନ୍ନ ମହଲରେ ଦାବି ହୋଇଥିଲା। ଫଳରେ ତୁରନ୍ତ ପଦକ୍ଷେପ ନେଇ ପୂର୍ତ୍ତ ବିଭାଗ ଏହାକୁ ହଟାଇବାକୁ ସଫେଇ କାର୍ଯ୍ୟ ଆରମ୍ଭ କରିଦେଇଥିଲେ। ଏଥିପାଇଁ ଯାତ୍ରୀମାନେ ସନ୍ତୋଷ ପ୍ରକାଶ କରିଥିଲେ ମଧ୍ୟ ଚାଷୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଦେଇଥିଲା। କାମ କରୁଥିବା ଲୋକଙ୍କୁ ଧମକଚମକ ଦେଇ ମାଡ଼ ମାରିବାକୁ ପଛେଇ ନ ଥିଲେ। ଏହାକୁ ସଫା କରିବା ହେତୁ ବୁଲା ଗାଈଗୋରୁ କୃଷିକ୍ଷେତ୍ରରେ ପଶି ଧାନ ଫସଲ ନଷ୍ଟ କରିଦେବାର ସମ୍ଭାବନା ରହିଛି। ତେଣୁ ପୂର୍ତ୍ତ ବିଭାଗ ହରଡ଼ଘଣାରେ ପଡ଼ିଯାଇଥିବା ସୂଚନା ମିଳିଛି। ଏପରି ମାନସିକତାକୁ ନେଇ ପୂର୍ତ୍ତ ବିଭାଗ କିପରି କାମ କରିବ ବୋଲି ଦ୍ୱିଧାରେ ପଡ଼ିଥିବା ଲକ୍ଷ୍ୟ କରାଯାଉଛି।

## ଭୂଷଣ୍ଡପୁର ସେବା ସମବାୟ ସମିତିରେ ସାର ବଣ୍ଟନ



ଭୂଷଣ୍ଡପୁର/ଟାଙ୍ଗୀ,୭।୧୦(ସମିସ): ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀ ବ୍ଲକ୍‌ର ଭୂଷଣ୍ଡପୁରଠାରେ ଥିବା ବହୁ ପୁରାତନ ସେବା ସମବାୟ ସମିତିରେ ସୋମବାର ସାର ବଣ୍ଟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଭୂଷଣ୍ଡପୁର ଏବଂ ବାଲିପାଟପୁର ଗ୍ରାମ ପଞ୍ଚାୟତର ସମସ୍ତ ଚାଷୀ ଅନେକ ଦିନ ଅପେକ୍ଷା ପରେ ସୋମବାର ଶୃଙ୍ଖଳାର ସହିତ ସାର ନେଇଥିଲେ। ଉକ୍ତ ସାର ମାସକ ପୂର୍ବରୁ ମିଳିଥିଲେ ଉତ୍ପାଦନ ଭଲ ହୋଇଥାନ୍ତା ବୋଲି ଚାଷୀଙ୍କଠାରୁ ପ୍ରକାଶ। ସୋମବାର ସାର ବଣ୍ଟନ କାର୍ଯ୍ୟକ୍ରମରେ ସମବାୟ ସମିତି ସଭାପତି ଦଣ୍ଡପାଣି ବେହେରା, ବରିଷ୍ଠ ସଭ୍ୟ ପ୍ରଶାନ୍ତ ସାହୁ, ସମ୍ପାଦିକା ଶ୍ରଦ୍ଧାଞ୍ଜଳି ସାହୁ, କର୍ମଚାରୀ ଶିବ ପ୍ରସାଦ ପଲାଇ, ସୁରେନ୍ଦ୍ର ବେହେରା, ସୁକାନ୍ତ ବେହେରା ଏବଂ ଚାଷୀ କୃଷ୍ଣ ଚନ୍ଦ୍ର ସାହୁ ଉପସ୍ଥିତ ଥିଲେ।

## ଓସିଏସ୍ ପରୀକ୍ଷାରେ ଶର୍ମିଷ୍ଠାଙ୍କ ସଫଳତା



ନିରାକାରପୁର,୭।୧୦(ସମିସ): ଖୋର୍ଦ୍ଧା ଜିଲ୍ଲା ଗୋଳବାଇ ଗ୍ରାମର ନିମାଇଁ ଚରଣ ତୋଷ ଓ ସଂଯୁକ୍ତା ଦେଈଙ୍କ ଝିଅ ଶର୍ମିଷ୍ଠା ତୋଷ ୧୨୮ ତମ ସ୍ଥାନରେ ରହି ଓଡ଼ିଶା ସିଭିଲ୍ ସର୍ଭିସ୍ ପରୀକ୍ଷାରେ କୃତିତ୍ୱ ଅର୍ଜନ କରିଛନ୍ତି। ତାଙ୍କ ଜେଜେ ବାପା ଡ. ଗୌରଚରଣ ତୋଷ ଥିଲେ ଜଣେ କୃଷି ବୈଜ୍ଞାନିକ। ତାଙ୍କର ଏହି କୃତିତ୍ୱ ପାଇଁ ଗ୍ରାମରେ ଖୁସିର ଲହରୀ ଖେଳିଯାଇଛି। ତାଙ୍କୁ ବିଭିନ୍ନ ମହଲରୁ ଶୁଭେଚ୍ଛା ଜଣାଯାଇଛି।

## ଭସାଣି ପରର ଦୁଃଖ: ଅସ୍ୱାସ୍ଥ୍ୟକର ହେଉଛି ପରିବେଶ

ନିରାକାରପୁର,୭।୧୦(ସମିସ): ଖୋର୍ଦ୍ଧା ଜିଲ୍ଲା ସାନରାଉତପଡ଼ା ଗ୍ରାମ ପଞ୍ଚାୟତର ଦର୍ପଦଳଣୀ ପୋଖରୀଟି ନୂଆଗଡ଼ଠାରୁ ସାନରାଉତପଡ଼ା ପଞ୍ଚାୟତ ରାସ୍ତାରେ ଗଲାବେଳେ ରାସ୍ତାରେ ପଡ଼େ। ମୂଳିଝର, ରାଉତରପୁର, ବୃନ୍ଦାବନପୁର, କୁସୁମୀ ମୌଜାର ଲୋକେ ଏହି ପୋଖରୀ ଉପରେ ଭସାଣି କାର୍ଯ୍ୟ ହେଉ ବା ଯଜ୍ଞ କାର୍ଯ୍ୟ, ଶୁଦ୍ଧିକ୍ରିୟା, ଗାଧୋଇବା ପାଇଁ ଏହି ପୋଖରୀ ଉପରେ ନିର୍ଭର କରୁଛନ୍ତି। କିନ୍ତୁ ଭସାଣି ପରେ ମୃଣ୍ମୟ ମୂର୍ତ୍ତିଗୁଡ଼ିକ ଏ ଭଳି ଭାସୁଥିବାର ଦେଖାଦେଇଛି। ଖାଲି ଏଇ ଗୋଟିଏ ପୋଖରୀ ନୁହେଁ ଖୋର୍ଦ୍ଧା ଜିଲ୍ଲାର ଅନେକ ସ୍ଥାନରେ ଏପରି ଦୃଶ୍ୟ ଦେଖିବାକୁ ମିଳୁଛି। ସଚେତନତା ଅଭାବରୁ ଏଭଳି କାର୍ଯ୍ୟ ହେଉଛି କିଛି ବୁଦ୍ଧିଜୀବୀ ମତବ୍ୟକ୍ତ କରିଛନ୍ତି। କାରଣ ଲୋକେ ଚାହିଁଲେ ଅଲଗା ସ୍ଥାନରେ ତଥା ଜନବସତି ଦୂରରେ ପାଣି ଥିବା ସ୍ଥାନରେ ମୂର୍ତ୍ତିକୁ ବିସର୍ଜନ କରିପାରନ୍ତେ, କିନ୍ତୁ ଲୋକେ ଯେତେ ଶିକ୍ଷିତ ହେଲେ ମଧ୍ୟ ସଚେତନତା ଅଭାବରୁ ଏଭଳି ଅସ୍ୱାସ୍ଥ୍ୟକର ପରିବେଶ ସୃଷ୍ଟି ହେଉଛି। କେନ୍ଦ୍ର ତଥା ରାଜ୍ୟ ସରକାରଙ୍କ ଦ୍ୱାରା ଦିଆଯାଇଥିବା ସ୍ଲୋଗାନ ସ୍ୱଚ୍ଛ ଭାରତ ଅଭିଯାନ ଏଠି ଫେଲ୍ ମାରୁଛି ବୋଲି କିଛି ବୁଦ୍ଧିଜୀବୀ ମତବ୍ୟକ୍ତ କରିଛନ୍ତି।



## ମା' ଭଗବତୀଙ୍କ ପୀଠରେ ଦୁର୍ଲଭ କଉଡ଼ି ଖେଳ

ବାଣପୁର,୭।୧୦(ସମିସ): ମା' ଭଗବତୀଙ୍କ ଶାରଦୀୟ ପାର୍ବଣ ଶେଷ ପର୍ଯ୍ୟାୟ କୁମାର ପୂର୍ଣ୍ଣମୀ ତିଥିରେ ପ୍ରତିବର୍ଷ ପରି ଚଳିତ ବର୍ଷ ସୋମବାର ନିଶାର୍ଦ୍ଧରେ ମା' କନକ ଦୁର୍ଗାଙ୍କ ସହ ମା' ଭଗବତୀଙ୍କ ମୁଖ୍ୟ ବଳି ସେବକ ବଳିଜେନାଙ୍କ ଦୁର୍ଲଭ କଉଡ଼ି ଖେଳର ନିଆରା ପରମ୍ପରା ଅନୁଷ୍ଠିତ ହୋଇଯାଇଛି। ଏହି କଉଡ଼ି ଖେଳରେ ବଳିଜେନା ହାରିଯାଇ ଆଗାମୀ ବର୍ଷ ମା'ଙ୍କ ସେବାରେ ନିଜକୁ ନିୟୋଜିତ କରିବାକୁ ପ୍ରତିଶ୍ରୁତି ଦେଇ ବଳିଜେନା ସ୍ୱଗୃହକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ପୂର୍ବରୁ ପ୍ରଚଳିତ ହୋଇ ଆସୁଥିବା ବିଧି ପରମ୍ପରା ଅନୁସାରେ ଆଶ୍ୱିନ କୃଷ୍ଣାଷ୍ଟମୀଠାରୁ ମା' ଭଗବତୀଙ୍କ ଷୋଡ଼ଶ ଦିନବ୍ୟାପୀ ଦୁର୍ଗାସ୍ତୋବ ମା'ଙ୍କ ତଥାକଥିତ ୬ ଭଉଣୀ ବିରଜାଇ, କାଳିଜାଇ, ନାରାୟଣୀ, ସିଦ୍ଧାମ୍ବରୀ, କନକଦୁର୍ଗା ଓ ବୁଢ଼ୀଠାକୁରାଣୀଙ୍କୁ ନେଇ ଅନୁଷ୍ଠିତ ହୋଇ ମହାନବମୀ ଦିନ ଗୁପ୍ତ ନୀତିରେ ମହାପୂଜା ପରେ ଏହା ସମାପନ ହୋଇଥିଲା। ଦଶହରା ବିଜୟା ଦଶମୀ ନିଶାର୍ଦ୍ଧରେ ସତବଖରା ପର୍ବ ଗୃହରୁ ମା' ଭଗବତୀ ପାଞ୍ଚ ଭଉଣୀଙ୍କୁ ମେଲାଣି ଦେଇଥିବାବେଳେ କେବଳ ଭଉଣୀ କନକଦୁର୍ଗାଙ୍କୁ ଶେଷ ପର୍ବ କୁମାର ପୂର୍ଣ୍ଣମୀ ପର୍ଯ୍ୟନ୍ତ ମା' ଭଗବତୀଙ୍କ ନିଜ ମନ୍ଦିରରେ ଛାଡ଼ିଥିବାବେଳେ ମା' କନକଦୁର୍ଗା ସେଠାରେ ପୂଜା ପାଇ ଶ୍ରଦ୍ଧାଳୁମାନଙ୍କୁ ଦର୍ଶନ ଦେଉଥିଲେ। ଦଶହରାଠାରୁ ବଳିଜେନାଙ୍କର ମନ୍ଦିରରେ କୌଣସି ସେବା ନ ଥିଲେ ମଧ୍ୟ ସେ ଶାରଦୀୟ ପାର୍ବଣର ଅନ୍ତିମ ପର୍ବ କୁମାର ପୂର୍ଣ୍ଣିମା ପର୍ଯ୍ୟନ୍ତ ମା'ଙ୍କ ପିତ୍ରାଳୟ ଦକ୍ଷପ୍ରଜାପତି ଦେବ ମନ୍ଦିରରେ ରହିଥା'ନ୍ତି। ସୋମବାର କୁମାର ପୂର୍ଣ୍ଣିମା ଅବସରରେ ମନ୍ଦିରରେ ସମସ୍ତ ନୀତି ସମ୍ପନ୍ନ ପରେ ନିଷାର୍ଦ୍ଧ ରାତ୍ରରେ ବଳିଜେନା ମା' କନକଦୁର୍ଗାଙ୍କ ସହ କଉଡ଼ି ଖେଳିଥିଲେ। କଉଡ଼ି ଖେଳରେ ବଳିଜେନା ହାରିଯିବା ପରେ ଆଗାମୀ ବର୍ଷ ମା'ଙ୍କ ନିକଟରେ ସେବା ଲାଗି ନିୟୋଜିତ ହେବାକୁ ପ୍ରତିଶ୍ରୁତି ଦେଇଥିଲେ। ପରେ ବଳିଜେନା ମା' ଭଗବତୀଙ୍କ ପାଖରେ ଛତିଶା ନିଯୋଗ ସେବକମାନଙ୍କୁ ପ୍ରସାଦ ବିତରଣ କରିଥିଲେ, ଯାହା ଠେଙ୍ଗା ଭୋଜି ଭାବରେ ସେବକମାନଙ୍କ ମଧ୍ୟରେ ବେଶ୍ ପରିଚିତ।



## ଶୂନ୍ୟ ସହନଶୀଳତା ନୀତିକୁ ନେଇ ଶିକ୍ଷକଙ୍କ ମଧ୍ୟରେ ଚାପା ଗୁଞ୍ଜରଣ

ନିରାକାରପୁର,୭।୧୦(ସମିସ): ଜିଲ୍ଲାର ଅନେକ ଶିକ୍ଷକ-ଶିକ୍ଷୟିତ୍ରୀ ଇଲେକ୍ସନ କାର୍ଯ୍ୟ ତଥା ବୁଥ୍ କାର୍ଯ୍ୟ କରିବା ପାଇଁ ଅନିଚ୍ଛୁକ। ଅନେକ ସମୟରେ ଶିକ୍ଷକମାନେ ଅନେକ ବାହାନା ଦେଖାଇ ପ୍ରାୟତଃ ମେଡିକାଲ କାରଣ ଦେଖାଇ ବୁଥ୍ କାର୍ଯ୍ୟରୁ ନିବୃତ ରହିବା ପାଇଁ ପ୍ରୟାସ କରନ୍ତି। ଏହାକୁ ଦୃଷ୍ଟିରେ ରଖି ରାଜ୍ୟ ସରକାରଙ୍କ ତରଫରୁ ଚିଫ୍ ଇଲେକ୍ସନ ଅଫିସର ଲୋକ ସେବା ଭବନ ତରଫରୁ ଚିଠି ନମ୍ବର- ୫୦୪୯/୨୬.୯.୨୦୨୫ରେ ସୁଶାନ୍ତ କୁମାର ମିଶ୍ର ସ୍ପେସାଲ ସେକ୍ରେଟାରୀ ବୁଥ୍ ଲେବେଲ୍ ଅଫିସର ଡ୍ୟୁଟି କରିବା ପାଇଁ ଅନିଚ୍ଛା ପ୍ରକାଶ କରୁଛନ୍ତି ତାହାକୁ ସମ୍ପୂର୍ଣ୍ଣ ଅଗ୍ରହଣୀୟ ବୋଲି କହି ସମସ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଏବଂ ଜିଲ୍ଲାପାଳଙ୍କୁ କଡ଼ା ନିର୍ଦ୍ଦେଶ ଦେଇଛନ୍ତି। କୌଣସି ଜିଲ୍ଲା ଶିକ୍ଷା ଅଧିକାରୀ ଏ ସବୁ କାରଣକୁ ଗ୍ରହଣ ନ କରିବା ସହ ରାଜ୍ୟ ସରକାରଙ୍କ ଉଚ୍ଚପଦସ୍ଥ ଅଧିକାରୀଙ୍କ ନିକଟକୁ ଖବର ପଠାଇବା ନିମନ୍ତେ ନିର୍ଦ୍ଦେଶ ଦେଇଛନ୍ତି। ଯେଉଁମାନେ ମେଡିକାଲ କାରଣ ଦେଖାଇ ବୁଥ୍ ଲେବେଲ୍ କାର୍ଯ୍ୟରୁ ନିବୃତ ହେବାକୁ ଚାହୁଁଛନ୍ତି ତାହାକୁ ଜିଲ୍ଲାସ୍ତରୀୟ ମେଡିକାଲ ବୋର୍ଡ ଜରିଆରେ ପରୀକ୍ଷା କରିବା ସହ ଯଦି ସେମାନେ ଅନ୍‌ଫିଟ୍ ହୁଅନ୍ତି ତେବେ ସେମାନଙ୍କୁ ଇଲେକ୍ସନ କାର୍ଯ୍ୟରୁ ବହିଷ୍କାର କରିବା ସହ ସମ୍ପୂର୍ଣ୍ଣ କାର୍ଯ୍ୟରୁ ବହିଷ୍କାର କରିବା ନିମନ୍ତେ ସମସ୍ତ ଜିଲ୍ଲା ଅଧିକାରୀଙ୍କୁ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ତରଫରୁ ଆଦେଶ ଦିଆଯାଇଛି। ଯାହାକୁ ନେଇ ଚାଞ୍ଚଲ୍ୟକର ପରିସ୍ଥିତି ସୃଷ୍ଟି ହୋଇଯାଇଛି। ସରକାରଙ୍କ ଏଭଳି ଶୂନ୍ୟ ସହନଶୀଳତା ନୀତିକୁ ନେଇ ଶିକ୍ଷକ ସମାଜରେ ମଧ୍ୟ ଚପା ଗୁଞ୍ଜରଣ ସୃଷ୍ଟି ହୋଇଛି। ଏ ନେଇ କିଛି ଶିକ୍ଷକ ନେତାଙ୍କୁ ଯୋଗାଯୋଗ କରିବାରେ ସେ ନିଜ ନାମ ଗୋପନ ରଖି ଏହା ତାଙ୍କ ଉପରେ ଏକ ବୋଝ ସଦୃଶ ଜବରଦସ୍ତ ଲଦି ଦିଆଯାଉଛି ବୋଲି କହୁଛନ୍ତି। ସେମାନଙ୍କ କହିବା ଅନୁସାରେ ପାଠ ପଢ଼ାଇବା ସହିତ ଯେତିକି ଚଳିବ ସେ କାର୍ଯ୍ୟ ଦେବା କଥା। କିନ୍ତୁ ଛୁଟିରେ ବି ସେମାନେ ବହୁ କଷ୍ଟ କରି ନିଜ ପରିବାରକୁ ସମୟ ନ ଦେଇ ଏହି କାର୍ଯ୍ୟ କରିବାକୁ ବାଧ୍ୟ ହେଉଛନ୍ତି।

## ୫ ଜୁଆଡ଼ି ଗିରଫ, ତଥାପି ଡର ନାହିଁ

ଟାଙ୍ଗୀ,୭।୧୦(ସମିସ): ଚାନ୍ଦପୁର ଅଞ୍ଚଳରେ ବ୍ୟାପକ ଭାବେ ଜୁଆ ଖେଳ ହେଉଥିବା ସମ୍ପର୍କରେ ଅଭିଯୋଗ ପରେ ଚାନ୍ଦପୁର ଆଇଆଇସି ଦିଲ୍ଲୀପ କୁମାର ସ୍ୱାଇଁଙ୍କ ନିର୍ଦ୍ଦେଶରେ ଚଢ଼ଉ କରାଯାଇ ୫ଜଣ ଜୁଆଡ଼ି ଗିରଫ ହୋଇଥିଲେ ମଧ୍ୟ ପୁଲିସର ଏଭଳି ପଦକ୍ଷେପକୁ ଉପେକ୍ଷା କରି ପୁଣି ଏହି ଖେଳ କରାଯାଉଥିବା ଜଣାପଡ଼ିଛି। ମଙ୍ଗଳବାର ଚାନ୍ଦପୁର ପୁଲିସ ୨୫ ହଜାର ୬ଶହ ଟଙ୍କା, ତାସ୍, ପାଲି ଜବତ କରିଥିବାବେଳେ ଏ ସମ୍ପର୍କରେ ରାଜକିଶୋର ସାହୁ, ପ୍ରକାଶ ନାୟକ, ଭାଲୁ ନାୟକ, ରବି ସେନାପତି, ଟୁଲୁ ବେହେରାଙ୍କୁ ଗିରଫ ପରେ ବ୍ୟକ୍ତିଗତ ମୁଚାଲିକାରେ ଜାମିନରେ ଛାଡ଼ ପାଇଥିବା ଜଣାପଡ଼ିଛି। ତେବେ ଉଭୟ ଟାଙ୍ଗୀ, ଚାନ୍ଦପୁର ପୁଲିସ ଏହି ସମ୍ବେଦନଶୀଳ ଜୁଆ ଖେଳ ପ୍ରତି ଦୃଷ୍ଟି ଦେବାକୁ ବୁଦ୍ଧିଜୀବୀ ମହଲରେ ଦାବି ହେଉଛି।

## ଖୋଲିଲା ଓସ୍ତପୁର-କୋଟପଲା ବଜାର

ବେଗୁନିଆ,୭।୧୦(ସମିସ): ବାଘମାରୀ ଥାନା ଅନ୍ତର୍ଗତ କୋଟପଲା-ଓସ୍ତପୁର ବଜାର ନାମକରଣ ବିବାଦକୁ ନେଇ ଦୀର୍ଘ ଅଢ଼େଇ ମାସରୁ ଊର୍ଦ୍ଧ୍ୱ ବିତିଯାଇଥିଲେ ମଧ୍ୟ ବ୍ୟାବସାୟିକ ପ୍ରତିଷ୍ଠାନଗୁଡ଼ିକ ବନ୍ଦ ରହିଥିଲା। ଏପରିକି ପ୍ରଶାସନ ପକ୍ଷରୁ ଭାରତୀୟ ନ୍ୟାୟ ସଂହିତାର ୧୬୩ ଧାରା ଲାଗୁ ହୋଇଥିବାରୁ ଜନସାଧାରଣ ଦୋକାନବଜାର ବନ୍ଦ ରହିଥିବାରୁ ବହୁ ଅସୁବିଧାର ସମ୍ମୁଖୀନ ହେଉଥିଲେ। ଏହାକୁ ଦୃଷ୍ଟିରେ ରଖି ୬୦ ଦିନ ହୋଇଯାଇଥିବାରୁ ଜିଲ୍ଲା ପ୍ରଶାସନ ଓ ତହସିଲ୍ କାର୍ଯ୍ୟାଳୟକୁ ବାଘମାରୀ ଥାନା ଅଧିକାରୀ ଶମ୍ଭୁନାଥ ନାୟକ ଅବଗତ କରିବା ପରେ ବଜାର ଖୋଲିବା ପାଇଁ ପ୍ରାରମ୍ଭିକ ନିଷ୍ପତ୍ତି ନେଇଥିଲେ। ଏହି ନିଷ୍ପତ୍ତି ଅନୁଯାୟୀ ମଙ୍ଗଳବାର ପୂର୍ବାହ୍ଣ ୯ଟାରୁ ଅପରାହ୍ଣ ୧ଟା ପର୍ଯ୍ୟନ୍ତ ଶାନ୍ତିପୂର୍ଣ୍ଣ ଭାବରେ ଖୋଲାଯାଇଥିବାରୁ ବ୍ୟବସାୟୀମାନଙ୍କ ମଧ୍ୟରେ ଖୁସିର ଲହରୀ ଖେଳିଯାଇଛି।

## ସେଞ୍ଚୁରିଅନରେ 'ସ୍କୁଲ ଅଫ୍ ମେରିଟାଇମ୍ ଷ୍ଟଡିଜ୍' ଉଦ୍‌ଘାଟିତ



ଜଟଣୀ,୭।୧୦(ସମିସ): ସେଞ୍ଚୁରିଅନ୍ ବିଶ୍ୱବିଦ୍ୟାଳୟର ଜଟଣୀ କ୍ୟାମ୍ପସ୍‌ରେ 'ସ୍କୁଲ୍ ଅଫ୍ ମେରିଟାଇମ୍ ଷ୍ଟଡିଜ୍' ଉଦ୍‌ଘାଟିତ ହୋଇଯାଇଛି। କାର୍ଯ୍ୟକ୍ରମରେ କେନ୍ଦ୍ର ସରକାରଙ୍କ ଦକ୍ଷତା ବିକାଶ ଓ ଉଦ୍ୟମିତା ବିଭାଗର ମନ୍ତ୍ରୀ ଜୟନ୍ତ ଚୌଧୁରୀ ଯୋଗଦେଇ ଉଦ୍‌ଘାଟନ କରିଥିଲେ। ଏହି ଅବସରରେ ମନ୍ତ୍ରୀ ଶ୍ରୀ ଚୌଧୁରୀ କହିଛନ୍ତି ଯେ ସେଞ୍ଚୁରିଅନ୍ ବିଶ୍ୱବିଦ୍ୟାଳୟ ସମଗ୍ର ଭାବରେ ଅସାଧାରଣ କାର୍ଯ୍ୟ କରିଛି। ବିଶ୍ୱବିଦ୍ୟାଳୟର ନେତୃତ୍ୱ, ଦକ୍ଷତା ଆଧାରିତ ଶିକ୍ଷାକୁ ପ୍ରାୟୋଗିକ ଭାବରେ ଏକତ୍ରୀକରଣ କରିବାରେ ଗଭୀର ପ୍ରତିବଦ୍ଧ। ବିଶ୍ୱବିଦ୍ୟାଳୟ କୃଷି, ଇଲେକ୍ଟ୍ରିକ୍ ଭେଇକିଲ୍, ଆଟୋମୋଟିଭ୍ ଇଞ୍ଜିନିୟରିଂ, ମ୍ୟାନୁଫାକ୍‌ଚରିଂ ଓ ଫ୍ୟାସନ୍ ଡିଜାଇନ୍ ପରି ବିଭିନ୍ନ କ୍ଷେତ୍ରରେ ସ୍ୱତନ୍ତ୍ର କେନ୍ଦ୍ର ସ୍ଥାପନ କରିଛି। ୧୨୦୦ ଛାତ୍ରଛାତ୍ରୀ ପ୍ରଶିକ୍ଷଣ ପାଇଁ ସେଣ୍ଟର ଅଫ୍ ମେରିଟାଇମ୍ ଷ୍ଟଡିଜ୍ ଉଦ୍‌ଘାଟନ କରାଗଲା। ଏଠାରେ ମେରିଟାଇମ୍ ଲଜିଷ୍ଟିକ୍ସ, ପୋର୍ଟ ଅପରେସନ୍ସ, ସିପ୍‌ବିଲ୍ଡିଂ, ସିପ୍ ରିପେୟାର ଓ ଏଲ୍‌ଏନ୍‌ଜି ଟର୍ମିନାଲ୍ ମ୍ୟାନେଜମେଣ୍ଟ ପାଠ୍ୟକ୍ରମ ପ୍ରଦାନ କରିବ। ମନ୍ତ୍ରୀ ଆହୁରି କହିଛନ୍ତି ଯେ, ଭାରତ ସରକାରଙ୍କ ପକ୍ଷରୁ ମୁଖ୍ୟ ବନ୍ଦର ଓ ଇନ୍‌ଲ୍ୟାଣ୍ଡ ୱାଟର୍‌ୱେ ବିକାଶ ପଦକ୍ଷେପ ଫଳରେ ଏହି କ୍ଷେତ୍ର ଦ୍ରୁତ ବିକାଶ ଅଭିମୁଖୀ ହେଉଛି। ଓଡ଼ିଶାର ସମୃଦ୍ଧ ନୌବାଣିଜ୍ୟର ଐତିହ୍ୟକୁ ସ୍ମରଣ କରି ରାଜ୍ୟର ଯୁବ ସମାଜକୁ ଏହି କ୍ଷେତ୍ର ସହ ଜଡ଼ିତ ହେବା ଓ ଦେଶର ଉନ୍ନତିରେ ଅଂଶ ନେବାକୁ ଆହ୍ୱାନ କରିଛନ୍ତି। କାର୍ଯ୍ୟକ୍ରମରେ ସେଞ୍ଚୁରିଅନ୍ ବିଶ୍ୱବିଦ୍ୟାଳୟର ଭାଇସ୍ ଚାନ୍ସେଲର ସୁପ୍ରିୟା ପଟ୍ଟନାୟକ, ଅଧ୍ୟକ୍ଷ ମୁକ୍ତି ମିଶ୍ର, ପ୍ରୋ ଭାଇସ୍ ଚାନ୍ସେଲର (ଆଡ୍‌ମିନିଷ୍ଟ୍ରେସନ୍) ପ୍ରଫେସର ଅଜୟ କୁମାର ନାୟକଙ୍କ ସହ ବିଶ୍ୱବିଦ୍ୟାଳୟର ଛାତ୍ରଛାତ୍ରୀ ଓ ଅଧ୍ୟାପକ ଅଧ୍ୟାପିକା ଉପସ୍ଥିତ ଥିଲେ।

## ବାର୍‌ହା ନଷ୍ଟ କରୁଛି ଧାନ ଫସଲ; ଚିନ୍ତାରେ ଚାଷୀ

ବେଗୁନିଆ,୭।୧୦(ସମିସ): ଚାଷୀମାନଙ୍କର ଧାନ ଫସଲ ଅମଳ କିଛି ଦିନ ପରେ ହେବାକୁ ଥିବାବେଳେ ଜଙ୍ଗଲୀ ବାର୍‌ହା ଖାଦ୍ୟ ଅନ୍ୱେଷଣରେ ଆସି ଫସଲ ନଷ୍ଟ କରୁଥିବାର ଦେଖିବାକୁ ମିଳୁଛି। ଯାହାକି ବେଗୁନିଆ ବ୍ଲକ୍‌ର ୨୧ଟି ପଞ୍ଚାୟତର ବିଭିନ୍ନ ରାଜସ୍ୱ ଗ୍ରାମର ଜମିରେ ଅମଳ ଧାନ ଫସଲ ନଷ୍ଟ ହେଉଥିବା ଯୋଗୁଁ ଚାଷୀ ମନସ୍ତାପ କରୁଛି। ଏପରିକି ନିଜର ଫସଲ ସୁରକ୍ଷା ପାଇଁ ରାତିରେ ଛୋଟ ସ୍ପିକର ସହ ଉଜାଗର ରହି ଫସଲ ଜମିକୁ ସୁରକ୍ଷା ଦେବା ପାଇଁ ଚେଷ୍ଟା କରିବାରେ ଲାଗିଛି। ତେବେ ଖୋର୍ଦ୍ଧା ବରୁଣେଇ ପୀଠରେ ଜଙ୍ଗଲୀ ବାର୍‌ହା ଆକ୍ରମଣର ଶିକାରରେ ଆହତ ଓ ମୃତ୍ୟୁ ହୋଇଥିବା ଘଟଣାକୁ ଶୁଣି ଚାଷୀ ମନରେ ଭୟର ବାତାବରଣ ସୃଷ୍ଟି ହୋଇଛି। ଏହି ଘଟଣାରେ ବେଗୁନିଆ ବ୍ଲକ୍ ଅନ୍ତର୍ଗତ ପୋଡ଼ାଡିହ ଗ୍ରାମର ଶ୍ରୀହରି ଶ୍ରୀଚନ୍ଦନଙ୍କ ପ୍ରାୟ ୧ ଏକରରୁ ଊର୍ଦ୍ଧ୍ୱ ଜମି ବାର୍‌ହା ନଷ୍ଟ କରିଥିବାବେଳେ ଖୋର୍ଦ୍ଧା ଘଟଣାକୁ ନେଇ ଭୟଭୀତ ହୋଇ ରାତିରେ ବିଲକୁ ଯିବାକୁ ଉଚିତ୍ ମଣୁନାହାନ୍ତି ବୋଲି କହିଛନ୍ତି। ଏଥିରେ ବନ ବିଭାଗ ତତ୍ପରତା ପ୍ରକାଶ କରି ବିଭିନ୍ନ ଗ୍ରାମକୁ ଯାଇ ବାର୍‌ହା କ୍ଷତି ଘଟାଇଥିବା ଚାଷୀଙ୍କ ଜମିକୁ ଚିହ୍ନଟ କରି କ୍ଷତିପୂରଣ ପ୍ରଦାନ ପାଇଁ ବିହିତ ପଦକ୍ଷେପ ଗ୍ରହଣ କରିବାକୁ ଦାବି କରିଛନ୍ତି।



# ଅସରାଏ ବର୍ଷାରେ ରାସ୍ତାରେ ଲହଡ଼ି ମାରୁଛି ଆବର୍ଜନା ପାଣି

ଖୋର୍ଦ୍ଧା,୭।୧୦(ସମିସ)




ବର୍ଷା ହେଲେ ଚିନ୍ତାରେ ସହରବାସୀ। କେଉଁଠି ଡ୍ରେନ୍ ପୋତି ହୋଇଯାଇଛି ତ ଆଉ କେଉଁଠି କାମ ଶେଷ ହେବାର ନାଁ ଧରୁନି। ଏପରିକି ଆଉ କେତେକ ସ୍ଥାନରେ ଅଳିଆ ଆବର୍ଜନାରେ ପୋତି ହୋଇଛି। ତେଣୁ ଅସରାଏ ବର୍ଷା ହେଲେ ରାସ୍ତାଘାଟ ଓ ଘରେ ପାଣି ଜମୁଛି। ଖୋର୍ଦ୍ଧା ଜିଲ୍ଲାର ମୁଖ୍ୟ ଦପ୍ତର ହୋଇଥିବାବେଳେ ୨୨ଟି ୱାର୍ଡକୁ ନେଇ ଖୋର୍ଦ୍ଧା ପୌର ପରିଷଦ ଗଠିତ। ପୌର ପରିଷଦର ଜନସଂଖ୍ୟା ପ୍ରାୟ ୫୦ହଜାରରୁ ଊର୍ଦ୍ଧ୍ୱ ହେବ। କ୍ରମବର୍ଦ୍ଧିଷ୍ଣୁ ଜନସଂଖ୍ୟା ଅନୁସାରେ କୋଠା, ମଲ୍, ବ୍ୟାବସାୟିକ ପ୍ରତିଷ୍ଠାନ, ହୋଟେଲ ମଧ୍ୟ ସେହି ସେମାନଙ୍କ ଅଳିଆ ଆର୍ବଜନାକୁ ଡ୍ରେନ୍‌ରେ ପକାଉଛନ୍ତି। ଯାହା ଫଳରେ ପାଣି ନିଷ୍କାସନରେ ସମସ୍ୟା ଦେଖାଦେବା ସହିତ ସାମାନ୍ୟ ବର୍ଷାରେ ଡ୍ରେନ୍‌ର ନର୍ଦ୍ଦମା ପାଣି ରାସ୍ତା ଉପରେ ଲହଡ଼ି ମାରୁଛି। ଆଉ ଦୁର୍ଗନ୍ଧମୟ ପରିବେଶ ସୃଷ୍ଟି କରୁଛି। କିଛିଦିନ ହେଲେ ନର୍ଦ୍ଦମା ପାଣି ରାସ୍ତାରେ ଯାଉଛି। ଅନେକ ଡ୍ରେନ୍ ବର୍ଷା ପୂର୍ବରୁ ଠିକ୍ ଭାବେ ସଫା କରାଯାଉନାହିଁ। ଡ୍ରେନ୍‌ରୁ ମଇଳା ପାଣି ଓ ବର୍ଜ୍ୟବସ୍ତୁ ଭାସି ଆସି ରାସ୍ତାକଡ଼ରେ ଜମି ରହି ପରିବେଶକୁ ଦୂଷିତ କରୁଛି। ଯାହା ଫଳରେ ଉକ୍ତ ଆବର୍ଜନା ପାଣିରେ ମଶାବଂଶ ବୃଦ୍ଧି ସହ ଅସ୍ୱାସ୍ଥ୍ୟକର ପରିବେଶ ସୃଷ୍ଟି ହେଉଛି। ସେହିପରି ଅନେକ ୱାର୍ଡରେ କୃତ୍ରିମ ହ୍ରଦ ସୃଷ୍ଟି ହେଉଥିବା ଦେଖାଯାଇଛି। ପୌର ପ୍ରଶାସନ ପକ୍ଷରୁ ସହରର ସଫେଇ

- ଡ୍ରେନ୍ ପାଲଟିଛି ବ୍ୟବସାୟୀଙ୍କ ଡଷ୍ଟବିନ୍
- ଅଧିକାଂଶ ଡ୍ରେନ୍ ଉପରେ ଗଢ଼ିଉଠିଛି ଦୋକାନ

ଘରୋଇ ଡ୍ରେନ୍‌ରୁ ନିର୍ଗତ ମଇଳା ପାଣି ସଠିକ୍ ଭାବେ ନିଷ୍କାସିତ ହେଉ ନ ଥିବା ଏବଂ ମୁଖ୍ୟ ଡ୍ରେନ୍ ସହ ସଂଯୋଗ ନ ଥିବାରୁ ଆବର୍ଜନା ପାଣି ସାହି ରାସ୍ତାରେ ପ୍ରବାହିତ ହେଉଛି। ସହର ମଧ୍ୟରେ ଥିବା ମନ୍ଦିର, ସ୍କୁଲ ନିକଟରେ ମଧ୍ୟ ଏପରି ସମସ୍ୟା ଦେଖାଦେଇଛି। ଏପରିକି ଅସରାଏ ବର୍ଷା ହେଲେ ବହୁ ସରକାରୀ କାର୍ଯ୍ୟାଳୟ ଆଗରେ ଦାୟିତ୍ୱ ଏକ ଠିକାସଂସ୍ଥାକୁ ଦିଆଯାଇଛି। ମାତ୍ର ବାସ୍ତବରେ ଠିକ୍ ଭାବେ ଅଳିଆ ଉଠୁଛି କି ନାହିଁ ତା'ର ତଦାରଖ କରାଯାଉ ନ ଥିବା ଅଭିଯୋଗ ହେଉଛି। ତେଣୁ ଯଥାଶୀଘ୍ର ସହରର ପ୍ରମୁଖ ଡ୍ରେନ୍‌ଗୁଡ଼ିକୁ ସଫା କରିବା ସହ ଜବରଦଖଲରେ ଥିବା ଡ୍ରେନ୍‌ଗୁଡ଼ିକୁ ମୁକ୍ତ କରିବାକୁ ବିଭିନ୍ନ ମହଲରୁ ଦାବି ହେଉଛି।

# ହବିଷ୍ୟାଳି ଯୋଜନା ଅନୁଦାନ ବଢ଼ିଲା; ବ୍ରତଧାରୀଙ୍କ ସଂଖ୍ୟା ବଢ଼ିଲାନି

ପୁରୀ, ୭।୧୦ (ସମିସ): ଆରମ୍ଭ ହୋଇଛି ଧର୍ମ ମାସ କାର୍ତ୍ତିକ। ଶ୍ରୀକ୍ଷେତ୍ରରେ ରହି ହବିଷ କରିବାକୁ ଆସିଛନ୍ତି ହଜାରହଜାର ବ୍ରତଧାରୀ। ରାଜ୍ୟ ସରକାରଙ୍କ ହବିଷ୍ୟାଳି ଯୋଜନାରେ ମଧ୍ୟ ମା'ମାନଙ୍କୁ ରଖାଯାଇଛି। କିନ୍ତୁ ଉଦ୍‌ବେଗର ବିଷୟ ହେଲା, ଗତବର୍ଷ ଅପେକ୍ଷା ଏବର୍ଷ ହବିଷ୍ୟାଳି ଯୋଜନାର ଅନୁଦାନ ବଢ଼ିଥିବା ବେଳେ ହବିଷ୍ୟାଳିଙ୍କ ସଂଖ୍ୟା କମିଛି। ଗତବର୍ଷ ଅପେକ୍ଷା ଏଥର କମ୍ ବ୍ରତଧାରୀଙ୍କୁ ଯୋଜନାରେ ସାମିଲ କରାଯାଇଛି। ଅନେକ ହବିଷ୍ୟାଳି ହବିଷ ବ୍ରତ କରିବାକୁ ବିନା ପଞ୍ଜୀକରଣରେ ପୁରୀ ଆସିଥିବା ବେଳେ ସେମାନଙ୍କୁ ପୁଣି ମନ ଦୁଃଖରେ ଘରକୁ ଫେରିଯିବାକୁ ପଡ଼ିଛି।

ପ୍ରତିବର୍ଷ କାର୍ତ୍ତିକ ବ୍ରତ ପାଳନ ନିମନ୍ତେ ରାଜ୍ୟର ବିଭିନ୍ନ ଜିଲ୍ଲାରୁ ହବିଷ୍ୟାଳି ମା'ମାନେ ପୁରୀ ଆସିଥା'ନ୍ତି। ପରିଣତ ବୟସରେ ହବିଷ

## ବିଭାଗୀୟ ମନ୍ତ୍ରୀ ଜାଣିନାହାନ୍ତି କେତୋଟି କେନ୍ଦ୍ର ହୋଇଛି

କରିବାକୁ ଆସୁଥିବା ବ୍ରତଧାରୀମାନେ ନିଜସ୍ୱ ଖର୍ଚ୍ଚରେ ବିଭିନ୍ନ ମଠ, ମନ୍ଦିର, ଧର୍ମଶାଳା ଏବଂ କେହି କେହି ସମ୍ପର୍କୀୟଙ୍କ ଘରେ ରହିଥା'ନ୍ତି। ଅନେକ ହବିଷ୍ୟାଳି ଆସନ୍ତି, ଯେଉଁମାନେ କେବଳ ପଞ୍ଚକ ପାଞ୍ଚଦିନ ଶ୍ରୀକ୍ଷେତ୍ରରେ ରହି ହବିଷ କରିଥା'ନ୍ତି। ଏମିତି ବି ଅନେକ ବ୍ରତଧାରୀ ରହିଥା'ନ୍ତି ଯେଉଁମାନେ ପୁରୀରେ ରହି ବ୍ରତ ପାଳିବାକୁ ଇଚ୍ଛା କରିଥିଲେ ହେଁ ଆର୍ଥିକ ସ୍ଥିତି ସେମାନଙ୍କୁ ପଛକୁ ଟାଣିଥାଏ। ଫଳରେ ଶ୍ରୀକ୍ଷେତ୍ରରେ ରହି ବ୍ରତ ପାଳନ କରିବାର ଇଚ୍ଛାକୁ ସେମାନେ ମନ ଭିତରେ ଚାପି ଦିଅନ୍ତି। ଏହିଭଳି ବାସ୍ତବତାକୁ ଉପଲବ୍ଧି କରିଥିଲେ ପୂର୍ବର ବିଜେଡି ସରକାର। ହବିଷ୍ୟାଳି ମା'ମାନେ କିପରି ମାଗଣାରେ ରହି ବ୍ରତ ପାଳନ କରିବେ, ସେଥିଲାଗି ୨୦୧୬ରେ ତତ୍କାଳୀନ ନବୀନ ସରକାର ଆରମ୍ଭ କରିଥିଲେ ହବିଷ୍ୟାଳି ଯୋଜନା। ପ୍ରତିବର୍ଷ ଏହି ଯୋଜନାର ଚାହିଦା ବଢ଼ୁଥିବା ବେଳେ ସମାନ ଭାବେ ବ୍ରତଧାରୀଙ୍କ ସଂଖ୍ୟା ବି ବୃଦ୍ଧି ପାଇଥିଲା। ୨୦୨୩ରେ ପ୍ରାୟ ୩,୨୦୦ ବ୍ରତଧାରୀ ଏହି ଯୋଜନାରେ ସାମିଲ ହୋଇଥିଲା ବେଳେ ଦୁଇବର୍ଷ ଧରି ଏହି ସଂଖ୍ୟା ହ୍ରାସ ପାଇଛି।

ଗତବର୍ଷ ନୂଆ ସରକାର ହବିଷ୍ୟାଳିଙ୍କ ସଂଖ୍ୟା ୨,୫୦୦ରେ ସୀମିତ ରହିବ ବୋଲି ଘୋଷଣା କରିଥିଲେ। ମାତ୍ର ବିନା ପଞ୍ଜୀକରଣରେ ୪୦୦ରୁ ଊର୍ଦ୍ଧ୍ୱ ବତ୍ରଧାରୀ ପହଞ୍ଚିବା ପରେ ଅଚଳାବସ୍ଥା ସୃଷ୍ଟି ହୋଇଥିଲା। ଦୁଇଦିନ ଧରି ହୋ-ହଲ୍ଲା, ବଡ଼ଦାଣ୍ଡରେ ଧାରଣା ପରେ ପ୍ରାୟ ୨,୭୦୦ ଜଣଙ୍କୁ ଯୋଜନାରେ ରଖାଯାଇଥିଲ। ଗତବର୍ଷ ଏଥିପାଇଁ ରାଜ୍ୟ ସରକାର ୨ କୋଟି ୬୦ ଲକ୍ଷ ଟଙ୍କା ପ୍ରଦାନ କରିଥିଲେ। ଏ ବର୍ଷ ଅନୁଦାନ ବଢ଼ିଛି। ଅର୍ଥାତ୍ ଚଳିତ ବର୍ଷ ୭୦ ଲକ୍ଷ ଟଙ୍କା ବୃଦ୍ଧି କରାଯାଇ ୩ କୋଟି ୩୦ ଲକ୍ଷ ଟଙ୍କାର ବ୍ୟବସ୍ଥା କରିଛନ୍ତି ସରକାର। ହେଲେ ବ୍ରତଧାରୀଙ୍କ ସଂଖ୍ୟା ସେହି ୨,୫୦୦ରେ ସୀମିତ ରଖାଯାଇଛି। ସୋମବାର ବିନା ପଞ୍ଜୀକରଣରେ ପ୍ରାୟ ୨୦୦ରୁ ଅଧିକ ବ୍ରତଧାରୀ ଆସିଥିବା ବେଳେ ସେମାନଙ୍କୁ ବୁଝାସୁଝା କରି ଘରକୁ ଫେରିଯିବାକୁ କୁହାଯାଇଥିଲା। ସେମାନଙ୍କ ମଧ୍ୟରୁ କେତେଜଣ ମନଦୁଃଖରେ ଫେରିଥିଲେ। ଯଦିଓ ପ୍ରଶାସନ କେତେଜଣଙ୍କୁ ସୁଯୋଗ ଦେଇଛି କିନ୍ତୁ ସଂଖ୍ୟା ୨,୭୦୦ ଭିତରେ ସୀମିତ ଥିବା ସୂଚନା ମିଳିଛି।

ଏଠାରେ ପ୍ରଶ୍ନ ଉଠୁଛି, ଏହି ଯୋଜନା ପ୍ରତି ଚାହିଦା ବଢ଼ୁଥିବା ବେଳେ ନୂଆ ସରକାର ବ୍ରତଧାରୀଙ୍କ ସଂଖ୍ୟାରେ କାହିଁକି ବ୍ରେକ୍ ଲଗାଇ ମା'ମାନଙ୍କ ମନରେ କଷ୍ଟ ଦେଉଛନ୍ତି?

ଅନ୍ୟପକ୍ଷରେ, ମଙ୍ଗଳବାର ହବିଷ୍ୟାଳି ଯୋଜନାର ଶୁଭାରମ୍ଭ ଅବସରରେ ବିଭାଗୀୟ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମା'ମାନଙ୍କ ପାଇଁ କେତୋଟି କେନ୍ଦ୍ର ହୋଇଛି, ତାହା ଜାଣିନାହାନ୍ତି। ଚଳିତବର୍ଷ ବ୍ରତଧାରୀଙ୍କ ଲାଗି ୪ଟି ରହଣି କେନ୍ଦ୍ର ବୃନ୍ଦାବତୀ ନିବାସ (ସ୍ଥାୟୀ କେନ୍ଦ୍ର), ବଗଲା ଧର୍ମଶାଳା, ରେଲ୍‌ୱେ ଟୁରିଷ୍ଟ କମ୍ପ୍ଲେକ୍ସ ଏବଂ ମୋଚିସାହି କଲ୍ୟାଣ ମଣ୍ଡପରେ ବ୍ୟବସ୍ଥା କରାଯାଇଥିବାବେଳେ ମନ୍ତ୍ରୀ ୫ଟି କେନ୍ଦ୍ର କରାଯାଇଥିବା କହିଥିଲେ। ନିଜ ବିଭାଗରୁ ଅର୍ଥ ମଞ୍ଜୁର ହୋଇଥିଲେ ହେଁ ମନ୍ତ୍ରୀଙ୍କ ପାଖରେ କେନ୍ଦ୍ରର ସଠିକ୍ ସୂଚନା ନ ରହିବା ବେଶ୍ ଚର୍ଚ୍ଚାର ବିଷୟ ପାଲଟିଛି।

# ଆରମ୍ଭ ହେଲା କାର୍ତ୍ତିକ ବ୍ରତ



■ ମହାପ୍ରଭୁଙ୍କୁ ଦର୍ଶନ କଲେ ହବିଷ୍ୟାଳି
■ ଚଉରାମୂଳେ ରାଇଦାମୋଦର ପୂଜା

ପୁରୀ, ୭।୧୦(ସମିସ): ଆରମ୍ଭ ହୋଇଛି ପବିତ୍ର କାର୍ତ୍ତିକ ବ୍ରତ। ଏହି ପୁଣ୍ୟ ମାସରେ ହବିଷ୍ୟାଳିମାନେ କାର୍ତ୍ତିକ ବ୍ରତ ଆରମ୍ଭ କରିଛନ୍ତି। ପୁରୀରେ ରହି କାର୍ତ୍ତିକ ବ୍ରତ ପାଳିବା ପାଇଁ ରାଜ୍ୟର ବିଭିନ୍ନ ପ୍ରାନ୍ତରୁ ବ୍ରତଧାରୀ ପହଞ୍ଚିଛନ୍ତି। ପ୍ରତ୍ୟୁଷରୁ ହବିଷ୍ୟାଳିମାନେ ବିଭିନ୍ନ ତୀର୍ଥ ପୁଷ୍କରିଣୀରେ ସ୍ନାନ କରି ମହାପ୍ରଭୁଙ୍କୁ ଦର୍ଶନ କରିଛନ୍ତି। ପରେ ସଂକଳ୍ପ କରି ବ୍ରତ ଆରମ୍ଭ କରିବା ସହ ତୁଳସୀ ଚଉରା ମୂଳେ ରାଇଦାମୋଦରଙ୍କ ପୂଜା କରିଛନ୍ତି। ରାଜ୍ୟ ସରକାରଙ୍କ ହବିଷ୍ୟାଳି ଯୋଜନାରେ ଆସିଥିବା ବ୍ରତଧାରୀଙ୍କ ଲାଗି ୪ଟି ରହଣି କେନ୍ଦ୍ର ବୃନ୍ଦାବତୀ ନିବାସ (ସ୍ଥାୟୀ କେନ୍ଦ୍ର), ବଗଲା ଧର୍ମଶାଳା, ରେଲ୍‌ୱେ ଟୁରିଷ୍ଟ କମ୍ପ୍ଲେକ୍ସ ଏବଂ ମୋଚିସାହି କଲ୍ୟାଣ ମଣ୍ଡପରେ ବ୍ୟବସ୍ଥା କରାଯାଇଛି। ଓଡ଼ିଶାର ବିଭିନ୍ନ ଜିଲ୍ଲାରୁ ପ୍ରାୟ ୨,୫୦୦ ହବିଷ୍ୟାଳି ରହଣୀ କେନ୍ଦ୍ରରେ ଅବସ୍ଥାନ କରିଛନ୍ତି। ଏହାବ୍ୟତୀତ ବ୍ୟକ୍ତିଗତ ଭାବେ ଏଥର ଅନେକ ହବିଷ୍ୟାଳି ପୁରୀର ବିଭିନ୍ନ ମଠ, ମନ୍ଦିର, ଧର୍ମଶାଳା ଆଦିରେ ରହି କାର୍ତ୍ତିକ ବ୍ରତ ଆରମ୍ଭ କରିଛନ୍ତି।

# ରେଳଧାରଣାରେ ମହିଳାଙ୍କୁ ଦୁଷ୍କର୍ମ

ରାଉରକେଲା, ୭।୧୦(ସମିସ): ରାଉରକେଲା ସହରର ରଘୁନାଥପାଲ୍ଲୀ ଥାନା ରେଳ ଧାରଣା ଉପରେ ଜଣେ ବିବାହିତା ମହିଳାଙ୍କୁ ଦୁଷ୍କର୍ମ ଅଭିଯୋଗରେ ରଘୁନାଥପାଲୀ ଥାନା ପୁଲିସ ଆଜି ଜଣେ ଯୁବକକୁ ଗିରଫ କରି କୋର୍ଟଚାଲାଣ କରିଛି। ଏହାସହ ଅନ୍ୟ ୨ ଜଣଙ୍କୁ ଅଟକ ରଖି ପଚରାଉଚରା କରୁଥିବା ଜଣାପଡ଼ିଛି। ଗିରଫ ଅଭିଯୁକ୍ତ ହେଉଛି, ପାନପୋଷ କୋଏଲ ବ୍ୟାଙ୍କ ଅଞ୍ଚଳର କାହ୍ନୁଚରଣ ଜେନା(୩୨)। ସୋମବାର ରାତିରେ ପାନପୋଷସ୍ଥିତ ଖରିଆବାହାଲ ନିକଟ ରେଳଲାଇନ୍ ଦେଇ ନିଜ ଘରକୁ ଫେରୁଥିବା ବେଳେ କାହ୍ନୁ ଦୁଷ୍କର୍ମ କରିଥିଲା। ପୁଲିସ ଏହି ମାମଲାରେ ସହଯୋଗ କରିଥିବା ଅନ୍ୟ ଦୁଇଜଣଙ୍କୁ ଅଟକ ରଖି ଅଧିକ ତଦନ୍ତ ଜାରି ରଖିଛି ବୋଲି ଜଣାପଡ଼ିଛି। ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତରେ ଡାକ୍ତରୀମାଇନା କରାଯାଇଛି। ଅଭିଯୁକ୍ତ କାହ୍ନୁଚରଣ କୋଏଲ ବ୍ୟାଙ୍କ ବସ୍ତିରେ ରହୁଥିବା ବେଳେ ସେ ପାଣିପାଇପ୍ ମିସ୍ତ୍ରୀ ଭାବେ କାମ କରେ।

# ଚାଲୁଚାଲୁ ଜଳିଗଲା ବାଇକ୍

ଢେଙ୍କାନାଳ, ୭।୧୦(ସମିସ): ଢେଙ୍କାନାଳ ସହରସ୍ଥିତ ଚନ୍ଦନ ବଜାରରେ ହଠାତ ଏକ ଚଳନ୍ତା ବାଇକ୍‌ରେ ନିଆଁ ଲାଗିଯାଇଥିବା ବେଳେ ଚାଳକ ଅଳ୍ପକେ ବର୍ତ୍ତି ଯାଇଛନ୍ତି। ଚନ୍ଦନ ବଜାର ଦେଇ ଜଣେ ବାଇକ୍ ଆରୋହୀ ନିଜ ଗାଡ଼ି ଚଳାଇ ଯାଉଥିବା ସମୟରେ ହଠାତ୍ ଗାଡ଼ିରେ ନିଆଁ ଲାଗିଯାଇଥିଲା। ରାସ୍ତାପାର୍ଶ୍ୱରେ ଛିଡ଼ା ହୋଇଥିବା ଲୋକମାନେ ପାଟି କରିବାରୁ ସୌଭାଗ୍ୟବଶତଃ ଆରୋହୀଜଣକ ବାଇକ୍‌ଟିକୁ ରାସ୍ତାକଡ଼ରେ ଅଟକାଇ ଓହ୍ଲାଇ ପଡ଼ିଥିଲେ। ରାସ୍ତା ଉପରେ



## ଅଳ୍ପକେ ବର୍ତ୍ତିଲେ ଚାଳକ

ହୁତୁହୁତୁ ହୋଇ ବାଇକ୍‌ଟି ଜଳୁଥିବା ବେଳେ ଦୁଇ ପାର୍ଶ୍ୱରେ ଗାଡ଼ିମଟର ଚଳାଚଳ ବନ୍ଦ ହୋଇଯାଇଥିଲା। ଖବର ପାଇ ଅଗ୍ନିଶମ ବିଭାଗ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ।

# ଅପରାଧୀଙ୍କୁ ପ୍ରୋତ୍ସାହନ ଦେଉଛନ୍ତି ପୁରୀ ସାଂସଦ: ଆପ୍

ପୁରୀ, ୭।୧୦(ସମିସ): ରାଜ୍ୟରେ ଆଇନ ଶୃଙ୍ଖଳା ରସାତଳଗାମୀ। ପୁଲିସକୁ ଭୟ କରୁନାହାନ୍ତି ଅପରାଧୀ। ପ୍ରତିଦିନ ରାଜ୍ୟର ବିଭିନ୍ନ ଅଞ୍ଚଳରେ ଅପରାଧ ମାତ୍ରା ବଢ଼ିବାରେ ଲାଗିଛି। କେଉଁଠି ହତ୍ୟା ତ ପୁଣି କେଉଁଠି ରାହାଜାନି, ଡକାୟତି ଭଳି ଘଟଣା ଘଟୁଛି। ଏକଦା ଶାନ୍ତିପ୍ରିୟ ରାଜ୍ୟ ଭାବେ ସୁନାମ ଆଣିଥିବା ଓଡ଼ିଶା ଆଜି ଅପରାଧ କ୍ଷେତ୍ରରେ ଜାତୀୟସ୍ତରରେ ବଦ୍‌ନାମ ହେଲାଣି। ଏଭଳି ଏକ ଘଡ଼ିସନ୍ଧି ମୁହୂର୍ତ୍ତରେ ପୁରୀ ସାଂସଦ ଡ. ସମ୍ବିତ୍ ପାତ୍ର ଗୁଣ୍ଡା ପୋଷୁଛନ୍ତି ବୋଲି ସାଂଘାତିକ ଅଭିଯୋଗ ଆଣିଛି ପୁରୀ ଜିଲ୍ଲା ଆମ୍ ଆଦ୍‌ମୀ ପାର୍ଟି (ଆପ୍)। ମଙ୍ଗଳବାର ଆପ୍ ଜିଲ୍ଲା କାର୍ଯ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏଭଳି ଅଭିଯୋଗ କରିଛନ୍ତି ଆପ୍ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି।

ଶ୍ରୀ ମହାନ୍ତି କହିଛନ୍ତି ଯେ ପୁରୀରେ ଆଇନଶୃଙ୍ଖଳା ବିପର୍ଯ୍ୟସ୍ତ, ପବିତ୍ର ସହରରେ ଅପରାଧ ବଢୁଛି। ଜିଲ୍ଲାରେ ପୁଲିସର ଅଭାବ ଥାଇ ମଧ୍ୟ ବିଭାଗ ନିଜର ସାମର୍ଥ୍ୟ ବଢ଼େଇ ପାରୁନାହିଁ। ସମସ୍ତ ଜିଲ୍ଲାରେ ହୋମ୍‌ଗାର୍ଡ ପରୀକ୍ଷା ସରିଥିବାବେଳେ ପୁରୀରେ ଘୁଞ୍ଚିଘୁଞ୍ଚି ଚାଲିଛି। ତେବେ ଏଭଳି ସ୍ଥିତିରେ ପୁରୀ ସାଂସଦ ଡ. ସମ୍ବିତ ପାତ୍ର ଅପରାଧୀଙ୍କ ସହ ଫଟୋ ଉଠାଇ ନିଜର ସୋସିଆଲ ମିଡିଆରେ



ପୋଷ୍ଟ କରିଛନ୍ତି। ବାଲିମାଫିଆ ଭାବେ ବେଶ୍ ଜଣାଶୁଣା ସମ୍ପୃକ୍ତ ବ୍ୟକ୍ତିଙ୍କ ନାମରେ ହତ୍ୟା, ଗୁଣ୍ଡାରାଜ୍ ଭଳି ସଙ୍ଗିନ ଅଭିଯୋଗ ରହିଛି। ପୂର୍ବରୁ ପୁଲିସ ତାଙ୍କୁ ଏନ୍‌କାଉଣ୍ଟର କରିଥିଲା। ତାଙ୍କ ସହ ସାଂସଦ ନିଜେ ଫଟୋ ଉଠାଇ ନିଜର ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରିବାର ମାନେ କ'ଣ ଓ ସାଂସଦ ଅପରାଧୀଙ୍କ ସହ ଭାବ ରଖିବା କି ବାର୍ତ୍ତା ଦେଉଛି ବୋଲି ପ୍ରଶ୍ନ କରିଛନ୍ତି। ସାଂସଦ ଏହା ଉପରେ ସ୍ପଷ୍ଟୀକରଣ ଦେବା ଉଚିତ୍ ବୋଲି କହିଛନ୍ତି ସଞ୍ଜୀବ। ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଆପ୍ ପୁରୀ ସଦର ନିର୍ବାଚନମଣ୍ଡଳୀର ମହିଳା ସମ୍ପାଦିକା ସନ୍ଧ୍ୟା କୁମାରୀ ଦାଶ ଓ ଉପସଭାପତି ସମିନା ନାୟକ ଉପସ୍ଥିତ ଥିଲେ।

# ରାଉରକେଲାରୁ ବୃହତ୍ ଠକ ଗିରଫ

ରାଉରକେଲା, ୭।୧୦ (ସମିସ): ସୁଟ୍‌ବୁଟ୍ ସାଙ୍ଗକୁ ବଡ଼ଲୋକୀ ଠାଣି। ମୁହଁ ଖୋଲିଲେ ବାହାରୁଥିଲା ଅନର୍ଗଳ ଇଂରାଜୀ। ଖାଲି ସେତିକି ନୁହେଁ, ପଞ୍ଚତାରକା ହୋଟେଲରେ ରହଣି, ବଡ଼ବଡ଼ ସପିଙ୍ଗ୍ ମଲ୍‌ରୁ ବ୍ରାଣ୍ଡେଡ୍ ସାମଗ୍ରୀ କିଣାକିଣି ସାଙ୍ଗକୁ ଆହୁରି କେତେ କ'ଣ ମଉଜ ମଜଲିସ୍। ହେଲେ ଏସବୁ କେବଳ ଲୋକଙ୍କୁ ଠକି, ଭୁଆଁ ବୁଲାଇ। ଏପରି ଜଣେ ଧୂର୍ତ୍ତକୁ ଆଜି ରାଉରକେଲା ଉଦିତନଗର ଥାନା ପୁଲିସ ଗିରଫ କରିଛି। ସେ ହେଲା, ଆନ୍ଧ୍ରପ୍ରଦେଶ ରାଜ୍ୟ ବିଶାଖାପାଟଣା ଜିଲ୍ଲା ଅନ୍ତର୍ଗତ ଆରିଲୋଭା ଥାନା ପୁରୁଣା ଡାଏରୀ ଫାର୍ମ ଅଞ୍ଚଳର ବରୋଦା ସୁଧୀର (୨୫)। ବରୋଦାର ଶିକ୍ଷାଗତ ଯୋଗ୍ୟତା ଯୁକ୍ତ ୨, କିନ୍ତୁ ଠକେଇରେ ସେ ପିଏଚ୍‌ଡି କରିଛି। ନିଜକୁ ରାଷ୍ଟ୍ରପତିଙ୍କ ଏନ୍‌ଏସ୍‌ଜି କମାଣ୍ଡୋ ପରିଚୟ ଦେଇ ସେ ରାଜ୍ୟରୁ ରାଜ୍ୟ ଘୂରି ବୁଲିବା ସହ ସପିଂ ମଲ୍, ହୋଟେଲ ଓ ବିଭିନ୍ନ ବ୍ୟାବସାୟିକ ପ୍ରତିଷ୍ଠାନକୁ ଚୂନ ମାରୁଥିଲା। ନକଲି ୟୁପିଆଇ ପେମେଣ୍ଟର ସ୍କ୍ରିନ୍-ସଟ୍ ଦେଖାଇ ବଡ଼ ଆରାମରେ ଠକୁଥିଲା। ତା' ନିକଟରୁ ପୁଲିସ ଡେବିଟ୍ କାର୍ଡ, ମୋବାଇଲ ଫୋନ୍, ନଗଦ ୭୦୦ଟଙ୍କା, ନକଲି ୟୁନିଫର୍ମ, ପୁଲିସ ଜୋତା, ବେଲ୍ଟ, ବ୍ରାଣ୍ଡେଡ୍ ପୋଷାକ, କୋଟ୍, ଚଷମା ଏବଂ ଅନ୍ୟ ବହୁ ସାମଗ୍ରୀ ପୁଲିସ ଜବତ କରିଛି।

■ ହୋଟେଲ, ଶୋ'ରୁମ୍, ରେଲୱେକୁ ମାରୁଥିଲା ଚୂନ
■ ନକଲି ସ୍କ୍ରିନ୍‌ସଟ୍ ଦେଖାଇ ଠକୁଥିଲା ଲକ୍ଷଲକ୍ଷ ଟଙ୍କା
■ ରାଷ୍ଟ୍ରପତିଙ୍କ ଏନ୍‌ଏସ୍‌ଜି କମାଣ୍ଡୋ କହି ଠକୁଥିଲା

ସୂଚନା ମୁତାବକ, ବରୋଦା ନିଜକୁ ବାଲୋଭାଡ଼ା ସାଇଶିବା ବୋଲି ପରିଚୟ ଦେଇ ସ୍ଥାନୀୟ ଛେଣ୍ଡସ୍ଥିତ ମେ' ଫେୟାର୍ ଭିଲେଜ ହୋଟେଲରେ ଗତକାଲିଠାରୁ ଆସି ରହିଥିଲା। ନିଜକୁ ରାଷ୍ଟ୍ରପତିଙ୍କ ଜଣେ ଏନ୍‌ଏସ୍‌ଜି କମାଣ୍ଡୋ ଅଧିକାରୀ ବୋଲି ହୋଟେଲରେ ପରିଚୟ ଦେଇଥିଲା। ଚେକ୍-ଇନ୍ ବେଳେ ୟୁପିଆଇ ଦ୍ୱାରା ୯୩୪୪ଟଙ୍କା ମଧ୍ୟ ପେମେଣ୍ଟ କରିଥିଲା। ତା'ର ଅନର୍ଗଳ ଇଂରାଜୀରୁ ସେ ଜଣେ ବୃହତ୍ ଠକ ବୋଲି ହୋଟେଲ କର୍ମଚାରୀଙ୍କ ଟିକିଏ ବି ସନ୍ଦେହ ହୋଇନଥିଲା। ପରେ ସେ ଜୟସ୍ୱାଲ ଟ୍ରାଭେଲସ୍‌ରୁ ଏକ ଟ୍ୟାକ୍ସି ବୁକ୍ କରି ସହରରେ ବୁଲିବା ସହ ଏକ ସ୍ପା'କୁ ଯାଇ ସେଠାରେ ଚୁଳ କାଟି ୟୁପିଆଇ ଦ୍ୱାରା ୩ହଜାର ଟଙ୍କା ପେମେଣ୍ଟ କରିଥିଲା। ସେହିପରି, ରାଉରକେଲା ମେନ୍ ମାର୍କେଟ୍‌ର ଏକ ଶୋ'ରୁମ୍‌ରୁ ଏକ ସୁଟ୍ କ୍ରୟ କରି ୟୁପିଆଇ ପେମେଣ୍ଟ କରିଥିଲା। ଏହାସହ ଅନ୍ୟ ଏକ ମଲ୍‌କୁ ଯାଇ ସେଠାରେ କିଛି ସାମଗ୍ରୀ କ୍ରୟ କରିଥିଲା। ତେବେ ସେ ୟୁପିଆଇ ପେମେଣ୍ଟ କରି ପେମେଣ୍ଟ 'ସକ୍‌ସେସଫୁଲ' ହୋଇଥିବା ସ୍କ୍ରିନ୍‌ସଟ୍ ଦେଖାଇଥିଲେ ମଧ୍ୟ ତାହା ଫେକ୍ ମେସେଜ୍ ଥିଲା ବୋଲି ପରେ ତଦନ୍ତରୁ ଜଣାପଡ଼ିଥିଲା।



ଏହା ପୂର୍ବରୁ ସେ ରାୟପୁର ଏବଂ ରାଞ୍ଚିରେ ତାରକା ହୋଟେଲରେ ରହି ଅନୁରୂପ ଭାବେ ୟୁପିଆଇ ଠକେଇ କରିବା ପରେ ଗତକାଲି ରାଉରକେଲା ଆସିଥିଲା। ସେଠାରେ ସେ ୟୁପିଆଇ ପେମେଣ୍ଟରେ ଫେକ୍ ମେସେଜ ଦେଖାଇ ହଜାର ହଜାର ଟଙ୍କା ଠକିଥିବା ନେବା ଜଣାପଡ଼ିବା ପରେ ରାୟପୁର ଓ ରାଞ୍ଚି ପୁଲିସ ତାକୁ ଟ୍ରାକିଂ କରିବା ସହ ଏ ସମ୍ପର୍କରେ ରାଉରକେଲା ପୁଲିସକୁ ସୂଚନା ଦେଇଥିଲା। ଯାହାକୁ ଆଧାର କରି ଏସ୍‌ପି ନିତେଶ ୱାଧୱାନୀଙ୍କ ନିର୍ଦ୍ଦେଶକ୍ରମେ ଆଜି ଉଦିତନଗର ପୁଲିସ ଏହି ଠକକୁ ଗିରଫ କରି କୋର୍ଟ ଚାଲାଣ କରିଛି।

ଏ ସଂପର୍କରେ ଜୋନାଲ ଡିଏସ୍‌ପି ଅମରେନ୍ଦ୍ରେ ନାଥ ଷଣ୍ଢ କହିଛନ୍ତି ଯେ ମେ' ଫେୟାର୍ ଭିଲେଜ ହୋଟେଲର ଅଫିସ ସୁପରଭାଇଜର କୌଶିକ ଚକ୍ରବର୍ତ୍ତୀଙ୍କ ରିପୋର୍ଟ ମୁତାବକ ଗିରଫ ବି. ସୁଧୀର ଜଣେ ପେସାଦାର ଠକ। ସେ ନିଜକୁ ଜଣେ ଏନ୍‌ଏସଜି କମାଣ୍ଡୋ ପରିଚୟ ଦେଇ ତାଙ୍କ ହୋଟେଲରେ ଗତକାଲି ଚେକ୍-ଇନ୍ କରିଥିଲା। ତେବେ ସେ ରହିବାର ପ୍ରାୟ ୧ ଘଣ୍ଟା ପରେ ଜାମସେଦପୁରର ତାଜ୍ ଭିଭାନ୍ତା ହୋଟେଲର ମ୍ୟାନେଜର ଭୂପେନ୍ଦ୍ର ରାଠୋର ତା'ର କାରନାମା ସଂପର୍କରେ ମେ' ଫେୟାର୍ ହୋଟେଲ ଭିଲେଜର ଅଫିସ୍ ସୁପରଭାଇଜର୍ କୌଶିକ ଚକ୍ରବର୍ତ୍ତୀଙ୍କୁ ଫୋନ୍ କରି ଜଣାଇଥିଲେ। ବରୋଦା ଜଣେ ଠକ ଓ ସେ ପୂର୍ବରୁ ତାଙ୍କ ହୋଟେଲରେ ରହି ବିଲ ପୈଠ ନ କରି ଫେକ୍ ଟ୍ରାଞ୍ଜାକ୍ସନ ରିପୋର୍ଟ ଦେଖାଇ ଫେରାର ହୋଇଯାଇଥିଲା। ପରେ ଏ ସଂପର୍କରେ ଶ୍ରୀ ଚକ୍ରବର୍ତ୍ତୀ ଉଦିତନଗର ପୁଲିସକୁ ଖବର ଦେଇଥିଲେ।

ତଦନ୍ତରୁ ଜଣାଯାଇଛି ଯେ ବରୋଦା ଟ୍ରେନ୍‌ର ପ୍ରଥମ ଶ୍ରେଣୀରେ ଯାତ୍ରା କରିବା ସହ ବିଭିନ୍ନ ବିଳାସପୂର୍ଣ୍ଣ ହୋଟେଲରେ ରହୁଥିଲା। ହୋଟେଲ ପେମେଣ୍ଟଠାରୁ ଆରମ୍ଭ କରି ଟ୍ରେନ ଟିକେଟ, ବ୍ରାଣ୍ଡେଡ ସାମଗ୍ରୀ କ୍ରୟ ଆଦି ସବୁ କ୍ଷେତ୍ରରେ ସେ ୟୁପିଆଇ ପେମେଣ୍ଟରେ କାରସାଦି କରି ଠକୁଥିବା ଅଭିଯୋଗ ହୋଇଛି। ରାୟପୁର ଓ ରାଞ୍ଚି ପୁଲିସର ସୂଚନା ଆଧାରରେ ତାକୁ ଗିରଫ କରାଯାଇଥିବା ଡିଏସ୍‌ପି କହିଛନ୍ତି। ରାଉରକେଲା ପୁଲିସ୍ ଏବେ ପଚରାଉଚରା କରିବା ସହ ତା'ର ନେଟୱର୍କ ଏବଂ ଅନ୍ୟାନ୍ୟ ସମ୍ଭାବ୍ୟ ଠକେଇ ସମ୍ପର୍କରେ ତଦନ୍ତ କରୁଛି।

# ବିଜେପି ସରକାରରେ ନିଜ ଦଳର ଲୋକେ ବି ଅସୁରକ୍ଷିତ: କଂଗ୍ରେସ

ଭୁବନେଶ୍ୱର, ୭।୧୦(ସମିସ): ଗତ କିଛିଦିନ ଭିତରେ ରାଜ୍ୟରେ ଆଇନଶୃଙ୍ଖଳା ଭୁଶୁଡ଼ି ପଡିଛି। ଏପରି ଶାସନ ବ୍ୟବସ୍ଥାକୁ କେହି ଡରୁନାହାନ୍ତି। ଗତକାଲି ବିଜେପିର ବରିଷ୍ଠ ନେତା ତଥା ରାଜ୍ୟ ବାର୍ କାଉନସିଲର ବରିଷ୍ଠ ସଦସ୍ୟ ଆଇନଜୀବୀ ପୀତବାସ ପଣ୍ଡାଙ୍କୁ ତାଙ୍କର ଘର ସମ୍ମୁଖରେ ଗୁଳିକରି ଅତି ନିର୍ମମ ଭାବରେ ହତ୍ୟା କରାଯାଇଛି। ଆଜି ରାଜ୍ୟର ଏପରି ଅବସ୍ଥା କୌଣସି ଜାଗାରେ କିଛି ବି ଅଘଟଣ ଘଟିଯାଇପାରେ ବୋଲି କହିଛନ୍ତି କଂଗ୍ରେସ ମୁଖପାତ୍ର ଦେବାଶିଷ ପଟ୍ଟନାୟକ।

ଦଳ ପକ୍ଷରୁ ଏକ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ପଟ୍ଟନାୟକ କହିଛନ୍ତି ଯେ ବିଜେପି ନିଜ ବରିଷ୍ଠ ନେତାଙ୍କୁ ସୁରକ୍ଷା ଦେଇପାରୁନି। ଏଥିରେ ସାଧାରଣ ଲୋକଙ୍କ ସୁରକ୍ଷା କେମିତି ସୁନିଶ୍ଚିତ ହେବ। ଏଠି ମୁଖ୍ୟମନ୍ତ୍ରୀଙ୍କୁ ଦିଲ୍ଲୀରୁ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟରୁ କାମ କରିବାକୁ ଦିଆ ଯାଉନାହିଁ ଓ ମୁଖ୍ୟମନ୍ତ୍ରୀ ପଦରେ ରହି ଯଦି ନ୍ୟାୟ ଦେବାରେ ଅସମର୍ଥ ତେବେ ମୁଖ୍ୟମନ୍ତ୍ରୀ ସମ୍ମାନର ସହ ଇସ୍ତଫା ଦେଇଦେବା ଦରକାର । ଯଦି ସରକାର ଆଇନ ଶୃଙ୍ଖଳା ପରିସ୍ଥିତି ପ୍ରତି ଧ୍ୟାନ ନଦିଅନ୍ତି, ଦୋଷୀଙ୍କୁ ଦଣ୍ଡ ବିଧାନ ନକରନ୍ତି ତେବେ ସାଧାରଣ ଲୋକଙ୍କ ସହ କଂଗ୍ରେସ ରାଜ ରାସ୍ତାରେ ଲଢେଇ କରିବ। ଖୋଦ୍ ମୁଖ୍ୟମନ୍ତ୍ରୀ ନିଜ ଅଧୀନରେ ଗୃହ ବିଭାଗ ରଖିଥିବା ବେଳେ ବର୍ତ୍ତମାନ ଆଇନ ଶୃଙ୍ଖଳା ପରିସ୍ଥିତି ଯେପରି ହୋଇଛି ତାଙ୍କ ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି ବୋଲି ଖୋର୍ଦ୍ଧା ଜିଲ୍ଲା କଂଗ୍ରେସ କମିଟିର ସଭାପତି ରାଜୀବ ପଟ୍ଟନାୟକ ମତବ୍ୟକ୍ତ କରିଛନ୍ତି। ସେ କହିଛନ୍ତି ଗତକାଲି ବ୍ରହ୍ମପୁରର ବିଜେପି ନେତା ତଥା ବରିଷ୍ଠ ଆଇନଜୀବୀ, ଯିଏ ସର୍ବୋଚ୍ଚ ଭୋଟରେ ରାଜ୍ୟ ବାର୍ କାଉନସିଲକୁ ନିର୍ବାଚିତ ହେଇଥିଲେ ତାଙ୍କୁ ଗୁଳିକରି ହତ୍ୟା



## କେନ୍ଦ୍ର କାମ କରିବାକୁ ଦେଉ ନ ଥିଲେ ମୁଖ୍ୟମନ୍ତ୍ରୀ ଓହରିଯାଆନ୍ତୁ

କରିବା , ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀ ଏବିଭିପି ନେତ୍ରୀ ସୌମ୍ୟାଶ୍ରୀଙ୍କ ଆତ୍ମଦାହ, ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡାଙ୍କ ନିର୍ବାଚନ ମଣ୍ଡଳୀ ନିମାପଡା ବଳଙ୍ଗା ଛାତ୍ରୀଙ୍କୁ ଜାଳି ମାରିଦେବା ହେଉ ଅବା ଖୋର୍ଦ୍ଧା ଜିଲ୍ଲାପାଳଙ୍କ ସମ୍ମୁଖରେ ପ୍ରକାଶ ରଣବିଜୁଳିଙ୍କୁ ମରଣାନ୍ତକ ଆକ୍ରମଣ ଘଟଣାମାନରୁ ବିଜେପି ସରକାରର ଅପାରଗତା ଜଣାପଡୁଛି ବୋଲି ସେ କହିଛନ୍ତି।

ହଜାର ବର୍ଷର ଭାଇଚାରାର ସହର କଟକରେ ଯେଉଁଭଳି ଦଙ୍ଗା ହେଲା ଓ କର୍ଫ୍ୟୁ ହେଲା ତାହା ସରକାର ଓ ପୁଲିସର ନିଷ୍କ୍ରିୟତାକୁ ପଦାରେ ପକାଉଛି। ଭୁଲ୍ କାହାର ତାକୁ ଦଣ୍ଡ ମିଳିବା ଦରକାର କିନ୍ତୁ ଏଠି ଏତେବଡ଼ ଦଙ୍ଗା ହେଇଯାଉଛି, ହଜାର ହଜାର ଲୋକ ରାସ୍ତାକୁ ଆସୁଛନ୍ତି ଏଥିପାଇଁ ସରକାର ଓ ପୋଲିସ ଗୁଇନ୍ଦା ବିଭାଗର ଦାୟୀ। କଂଗ୍ରେସ ଗୃହ ବିଭାଗ ଦାୟିତ୍ୱରେ ଥିବା ମୁଖ୍ୟମନ୍ତ୍ରୀଙ୍କ ସହ ଡିଜିପିଙ୍କ ଇସ୍ତଫା ଦାବି କରିଛି।

# ପଞ୍ଚାୟତ ଅଫିସ୍‌ରେ କୁଟୁରା ମାଂସ ଭୋଜି



ଆଠଗଡ଼, ୭।୧୦(ସମିସ): ମହାକାଳବସ୍ତ ପଞ୍ଚାୟତ କାର୍ଯ୍ୟାଳୟରେ ଚଢ଼ଉ କରି ଆଠଗଡ଼ ବନ ବିଭାଗ କୁଟୁରା ମାଂସ ଜବତ କରିବା ସହ ଜଣଙ୍କୁ ଗିରଫ କରିଛି। ବେଆଇନ ଭାବେ କୁଟୁରା ଶିକାର କରାଯାଇ ତାହାର ମାଂସକୁ ରନ୍ଧାଯାଉଥିଲା। ତେବେ ଏହି ଘଟଣାରେ ସଂପୃକ୍ତ ଥିବା ନାଏବ ସରପଞ୍ଚ ଅଶୋକ କୁମାର ରାଉଳ ଓ ଅରକ୍ଷିତ ବେହେରା ଫେରାର୍ ହୋଇଯାଇଥିବା ଆଠଗଡ଼ ରେଞ୍ଜର ସୁଷମା ସାହୁ ସୂଚନା ଦେଇଛନ୍ତି।

ସୂଚନାନୁଯାୟୀ, ମହାକାଳବସ୍ତ ଗ୍ରାମର କୃପାସିନ୍ଧୁ ରାଉତ ଓ ଅନ୍ୟ କେତେକ ସହଯୋଗୀ କୁଟୁରା ଶିକାର କରି ପଞ୍ଚାୟତ କାର୍ଯ୍ୟାଳୟଠାରେ ଭୋଜି କରୁଥିଲେ। ସଦର ବନରକ୍ଷୀ ପ୍ରିୟମ୍ବଦା ମହାନ୍ତି ଏ ସଂପର୍କରେ ବିଶ୍ୱସ୍ତ ସୂତ୍ରରୁ ଖବର ପାଇଥିଲେ। ଶ୍ରୀମତୀ ମହାନ୍ତି, ବନପାଳ ସୁଶୀଲ କୁମାର ଜେନା ଓ ଅନ୍ୟ କର୍ମଚାରୀଙ୍କ ସହ ଅତର୍କିତ ଭାବେ ପଞ୍ଚାୟତ କାର୍ଯ୍ୟାଳୟରେ ଚଢ଼ଉ କରିଥିଲେ। ଏହି ସମୟରେ ସେଠାରେ ଉପସ୍ଥିତ ଥିବା ସମସ୍ତେ କୌଶଳକ୍ରମେ ଖସି ପଳାଇ ଯାଇଥିବା ବେଳେ କୃପାସିନ୍ଧୁଙ୍କୁ ବନବିଭାଗ କର୍ମଚାରୀ କାବୁ କରିନେଇଥିଲେ। ଘଟଣାସ୍ଥଳରୁ

■ ରନ୍ଧା ମାଂସ ଜବତ; ଜଣେ ଗିରଫ
■ ନାଏବ ସରପଞ୍ଚ ଫେରାର୍

ରନ୍ଧା କୁଟୁରା ମାଂସ ଜବତ ହୋଇଥିଲା। କୃପାସିନ୍ଧୁଙ୍କୁ ବନ ବିଭାଗ କର୍ମଚାରୀମାନେ ବନାଞ୍ଚଳ କାର୍ଯ୍ୟାଳୟକୁ ଆଣି ପଚରାଉଚରା କରିବା ପରେ ଗିରଫ କରାଯାଇଛି। ଉକ୍ତ କୁଟୁରାଟି ନିକଟସ୍ଥ ଜଙ୍ଗଲରୁ ଶିକାର ହୋଇଥିବା ବନ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ତଦନ୍ତରେ ବାଧା ସୃଷ୍ଟି କାରଣରୁ ଅନ୍ୟ ଅଭିଯୁକ୍ତମାନଙ୍କ ନାମ ଘୋଷଣା ହୋଇନାହିଁ।

ବନ୍ୟଜନ୍ତୁ ସୁରକ୍ଷା ସପ୍ତାହ ପାଳନ ଅବସରରେ ପଞ୍ଚାୟତ ଅଫିସରେ ବନ୍ୟପ୍ରାଣୀ ଶିକାର ଓ ଭୋଜି ଘଟଣା ଅଞ୍ଚଳରେ ଚର୍ଚ୍ଚାର ବିଷୟ ପାଲଟିଛି। ଆଠଗଡ଼ ଏସିଏଫ୍ ମନୋଜ ପାତ୍ର କହିଛନ୍ତି, ପଞ୍ଚାୟତ କାର୍ଯ୍ୟାଳୟରେ ଲାଗିଥିବା ସିସିଟିଭିର ଫୁଟେଜ୍‌କୁ ଜବତ କରିବା ସହ କାର୍ଯ୍ୟାଳୟକୁ ସିଲ କରିବା ପାଇଁ ଆଠଗଡ଼ ଉପଜିଲ୍ଲାପାଳ ଓ ପୁଲିସକୁ ବନବିଭାଗ ପକ୍ଷରୁ ଚିଠି ଲେଖାଯାଇଛି।

# ୧୩ରେ ଦିଲ୍ଲୀରେ ହେବ ମହାନଦୀ ସଂସଦ

ଭୁବନେଶ୍ୱର, ୭।୧୦(ସମିସ): ମହାନଦୀ ବଞ୍ଚାଅ ଆନ୍ଦୋଳନ ପକ୍ଷରୁ ଦିଲ୍ଲୀର ସମ୍ବିଧାନ କ୍ଲବରେ ଆସନ୍ତା ଅକ୍ଟୋବର ୧୩ରେ ମହାନଦୀ ସଂସଦ ବସିବ। ଭୁବନେଶ୍ୱରସ୍ଥିତ ହୋଟେଲ କେଶରୀର ସମ୍ମିଳନୀ

■ ଯୋଗଦେବେ ଓଡ଼ିଶା, ଛତିଶଗଡ଼ ଓ ଜାତୀୟ ନଦୀ ଅଧିକାର କର୍ମୀ ଏବଂ ଅନ୍ୟ ବିଶେଷଜ୍ଞ
■ ମହାନଦୀ ଜଳ ବିବାଦର ଆପୋସ ସମାଧାନ ସଂକ୍ରାନ୍ତରେ ହେବ ଆଲୋଚନା



କକ୍ଷରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ମହାନଦୀ ବଞ୍ଚାଓ ଆନ୍ଦୋଳନ ପକ୍ଷରୁ ଏହି ଘୋଷଣା କରାଯାଇଛି। ଓଡ଼ିଶା, ଛତିଶଗଡ଼ରୁ ପ୍ରତିନିଧିମାନଙ୍କ ସହ ଦେଶର ବିଭିନ୍ନ ନଦୀର ସୁରକ୍ଷା ନେଇ କାର୍ଯ୍ୟରତ ନେତୃତ୍ୱ, ମହାନଦୀ ଟ୍ରିବ୍ୟୁନାଲରେ ନିଯୁକ୍ତ ଅଧିବକ୍ତା, ଓଡ଼ିଶା ହାଇକୋର୍ଟ ଓ ସୁପ୍ରିମକୋର୍ଟର ଓକିଲ ତଥା ଦେଶର ବିଶିଷ୍ଟ ନଦୀ ବେଶଷଜ୍ଞମାନେ ଏଥିରେ ଯୋଗଦେବେ। ବିଜେପି, ବିଜେଡି, କଂଗ୍ରେସ ତଥା ଅନ୍ୟାନ୍ୟ ରାଜନୈତିକ ଦଳର ନେତାମାନଙ୍କୁ ମଧ୍ୟ ଏଥିରେ ଯୋଗ ଦେବାକୁ ନିବେଦନ କରାଯାଇଛି ବୋଲି ଜଳ ମାନବ ଡ. ରାଜେନ୍ଦ୍ର ସିଂ କହିଛନ୍ତି।

ମହାନଦୀ ଜଳ ବିବାଦର ଆପୋସ ସମାଧାନ ପାଇଁ ସମ୍ପ୍ରତି କେନ୍ଦ୍ର ଓ ଦୁଇ ରାଜ୍ୟ ସରକାର ମଧ୍ୟସ୍ଥତା ଭିତ୍ତିରେ ପ୍ରକ୍ରିୟା ଆରମ୍ଭ କରିଛନ୍ତି। ମହାନଦୀ ବଞ୍ଚାଅ ଆନ୍ଦୋଳନ ଏହାକୁ ସ୍ୱାଗତ କରୁଛି। ମାତ୍ର ଏହି ପ୍ରକ୍ରିୟାକୁ କେବଳ ସରକାରୀ ବାବୁ ଓ ମୁଖ୍ୟମନ୍ତ୍ରୀଙ୍କ ସ୍ତରରେ ସୀମାବଦ୍ଧ କଲେ ସୁଫଳ ମିଳିବ ନାହିଁ। ମହାନଦୀର ଜଳ ଓ ଏହାର ବେସିନ୍ ସହ ଜଡ଼ିତ ବିଭିନ୍ନ ବର୍ଗ ଓ ଗୋଷ୍ଠୀ, ସାମାଜିକ ସଂଗଠନ,ରାଜନୈତିକ ଦଳ ଓ ବିଶେଷଜ୍ଞମାନଙ୍କ ଭିତରେ ମଧ୍ୟ ସହମତି ଆସିବା ଦରକାର। ସେଥିପାଇଁ ଉଭୟ ଓଡ଼ିଶା ଓ ଛତିଶଗଡ଼ ସରକାର ପଦକ୍ଷେପ ନେବା ଜରୁରୀ ବୋଲି ଡ. ସିଂ କହିଛନ୍ତି।

ଦିଲ୍ଲୀରେ ଅନୁଷ୍ଠିତ ହେବାକୁ ଥିବା ମହାନଦୀ ସଂସଦରେ ଆପୋସ ସମାଧାନର ବିଭିନ୍ନ ଦିଗ ବିଷୟରେ ଆଲୋଚନା ହେବ ଓ ଏହାର ସୁପାରିଶଗୁଡ଼ିକୁ କେନ୍ଦ୍ର ଓ ଉଭୟ ରାଜ୍ୟ ସରକାରଙ୍କୁ ପ୍ରଦାନ କରାଯିବ। ଓଡ଼ିଶା ହାଇକୋର୍ଟର ପୂର୍ବତନ ମୁଖ୍ୟ ବିଚାରପତି ତଥା ସୁପ୍ରିମ କୋର୍ଟର ପୂର୍ବତନ ନ୍ୟାୟମୂର୍ତ୍ତି ଏଥିରେ ଅଧ୍ୟକ୍ଷତା କରିବେ ବୋଲି ଆବାହକ ସୁଦର୍ଶନ ଦାସ ଜଣାଇଛନ୍ତି। ଇଣ୍ଡିଆନ୍ ପେନିନସୁଲାର ରିଭର ବେସିନ୍ ଓ ହିମାଳୟାନ ରିଭର ବେସିନ କାଉନସିଲ, ଛାତିଶଗଡ଼ ନଦୀଘାଟି ମୋର୍ଚ୍ଚା, ଗୋଦାବରୀ ଓ କୃଷ୍ଣା କୁଟୁମ୍ବ, ଜଳ ଜନ ଯୋଡ଼ ଅଭିଯାନ ପ୍ରମୁଖ ସଂଗଠନଗୁଡ଼ିକ ଏଥିରେ ଯୋଗ ଦେବେ ବୋଲି ଶ୍ରୀ ଦାସ ସୂଚନା ପ୍ରଦାନ କରିଛନ୍ତି।

## ଆଜିର ରାଶିଫଳ

**ମେଷ:** ଅଚାନକ ଖୁସି ଖବର ପାଇପାରନ୍ତି । ଆୟ ଅନୁସାରେ ବ୍ୟୟ ହେବ । ପେଟ ଜନିତ ସମସ୍ୟା ଦେଖା ଦେବ । ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ । ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ଦେଖାଦେବ ।

**ବୃଷ:** ପାରିବାରିକ ଜୀବନ ସୁଖମୟ ହେବ । ଭାଇ ଭଉଣୀଙ୍କ ସହଯୋଗ ମିଳିବ । ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି । ସନ୍ଧ୍ୟାରେ ବନ୍ଧୁଙ୍କ ସହ ବୁଲିବାକୁ ଯିବେ । ନିବେଶ କରିବା ପାଇଁ ଉପଯୁକ୍ତ ସମୟ ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତିତ ରହିପାରନ୍ତି । ପରିବାର ପାଇଁ ସମୟ ବାହାର କରିବେ । ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତଭେଦ ସୃଷ୍ଟି ହେବ । ନିବେଶରୁ ଲାଭ ପାଇବେ । ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି ।

**କର୍କଟ:** ଧାର୍ମିକ ସ୍ଥାନକୁ ଯାତ୍ରା ଯୋଗ ଅଛି । ମନ ପ୍ରସନ୍ନ ରହିବ । ମାନସିକ ଚିନ୍ତା ଦୂର ହେବ । ନୂଆ କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ । ଦୀର୍ଘ ଦିନର ଆଶା ପୂରଣ ହେବ ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିବେ । ଅର୍ଥ ନିବେଶରୁ ଦୂରେଇ ରହିବେ । ନୂଆ କାମ ପାଇଁ ଉପଯୁକ୍ତ ସମୟ । କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ । । ଅଫିସ୍ ସହକର୍ମୀଙ୍କ ସହଯୋଗ ପାଇବେ ।

**କନ୍ୟା:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ । କର୍ମ ଚଞ୍ଚଳ ରହିବେ । ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ । ନୂଆ ବ୍ୟବସାୟ ଆରମ୍ଭ କରିବେ । ଲୋକସମ୍ପର୍କ ବୃଦ୍ଧି ପାଇବ ।

**ତୁଳା:** ଦିନଟି ଶୁଭଫଳ ପ୍ରଦାନ କରିବ । ବ୍ୟବହାରରେ ସଂଯମତା ରକ୍ଷା କରିବେ । ମନରୁ ନକାରାତ୍ମକ ଚିନ୍ତାଧାର ଦୂର ହେବ । ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ । କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ ।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ । ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ । ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ । ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି । ନିଜ ଲୋକ ଶତ୍ରୁ ସାଜି ପାରନ୍ତି । ଖର୍ଚ୍ଚ ବଢ଼ିପାରେ ।

**ଧନୁ:** ଘର ପାଇଁ ନୂଆ ଜିନିଷ କିଣିବେ । ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ । ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ । ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ । ଯୁକ୍ତିତର୍କ ହୋଇପାରେ ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ । ନୂଆ ଗାଡ଼ି କିଣିବେ । ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ । ଭଗବାନ ଶିବଙ୍କୁ ପୂଜା କରିବେ । ପରିବାର ସଦସ୍ୟଙ୍କ ସହ ହସ ଖୁସିରେ ସମୟ ଅତିବାହିତ କରିବେ ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ । ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ । ପଡ଼ୋଶୀଙ୍କ ସହ ମତାନ୍ତର ହେବ । ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ । ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ ହେବ ।

**ମୀନ:** ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ । ଗୀତ, ନାଚରେ ସମୟ ଅତିବାହିତ କରିବେ । ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ । ଘରେ ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ । ସମସ୍ତ ଇଚ୍ଛା ପୂରଣ ହେବ ।

## ଆଜିର ଇତିହାସ

- ୧୯୩୬- ହିନ୍ଦୀ ସାହିତ୍ୟ ଜଗତର କିମ୍ବଦନ୍ତୀ ଲେଖକ ମୁନ୍‌ସୀ ପ୍ରେମଚନ୍ଦଙ୍କ ଦେହାନ୍ତ ।
- ୧୯୬୨ : ଆଲଜେରିଆ ଜାତିସଂଘରେ ଯୋଗଦେଲା ।
- ୧୯୮୦ : ରୁଷ୍-ସିରିୟା ମଧ୍ୟରେ ଶାନ୍ତି ଚୁକ୍ତି ସ୍ୱାକ୍ଷରିତ ।
- ୧୯୮୨ : ପୋଲାଣ୍ଡ ୬ଟି ରାଷ୍ଟ୍ର ସହ ବ୍ୟବସାୟିକ ସମ୍ପର୍କ ଛିନ୍ନ କଲା ।
- ୧୯୯୮ - ଭାରତ ଫ୍ଲାଇଟ୍ ସେଫ୍ଟି ଫାଉଣ୍ଡେସନ୍‌ର ସଦସ୍ୟ ହେଲା ।
- ୨୦୦୫- ପାକିସ୍ତାନରେ ରିଆକ୍ଟର ସ୍କେଲରେ ୭.୫ ତୀବ୍ରତାର ଭୂମିକମ୍ପ ହେବାରୁ ୭୦ ହଜାର ଲୋକଙ୍କ ପ୍ରାଣହାନି ।

## ପରିବେଶ ଅନୁକୂଳ ପ୍ଲାଷ୍ଟିକ୍



ପରିବେଶ ପାଇଁ ବିପଦ ପ୍ଲାଷ୍ଟିକ୍ । ସେହିପରି ପ୍ଲାଷ୍ଟିକ୍ ପ୍ରଦୂଷଣ ଏବେ ଏକ ବଡ଼ ସମସ୍ୟା ଭାବେ ଉଭା ହୋଇଛି । ତେବେ ଜାପାନର କୋବେ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏମିତି ଏକ ଜିନିଷ ବିକଶିତ କରିଛନ୍ତି, ଯାହାକି ପାରମ୍ପରିକ ପ୍ଲାଷ୍ଟିକ୍‌ରେ ବ୍ୟବହାର କରାଯାଉଥିବା ହାନିକାରକ ତତ୍ତ୍ୱଗୁଡ଼ିକର ସ୍ଥାନ ନେଇପାରେ । ବୈଜ୍ଞାନିକମାନେ ପାଇରିଡିନଡାଇକାର୍ବୋକ୍ସିଲିକ୍ ଏସିଡ୍ (ପିଡିସିଏ) ନାମକ ଏକ ସାମଗ୍ରୀ ବିକଶିତ କରିଛନ୍ତି, ଯାହାକି ପାରମ୍ପରିକ ପ୍ଲାଷ୍ଟିକ୍‌ରେ ବ୍ୟବହାର କରାଯାଉଥିବା ହାନିକାରକ ରସାୟନ ଟେରେଫଥେଲିକ୍ ଏସିଡ୍‌ର ସ୍ଥାନ ନେଇପାରେ । ପିଡିସିଏର ବିଶେଷତ୍ତ୍ୱ ହେଉଛି, ଏହା ମାଟିରେ ସହଜରେ ମିଶିଯାଏ । ତା'ସହ ଏଥିରେ ନାଇଟ୍ରୋଜେନ୍ ଥିବାରୁ ଏହା ପରିବେଶ ଲାଗି ସୁରକ୍ଷିତ । ତେବେ ପ୍ରଥମେ ଯେତେବେଳେ ପିଡିସିଏ ତିଆରି କରିବାକୁ ଚେଷ୍ଟା କରାଗଲା ଉତ୍ପାଦନ ଖୁବ୍ କମ୍ ହେଉଥିଲା ଏବଂ ବିଷାକ୍ତ ଜୈବ ଉତ୍ପାଦ ବାହାରୁ ଥିଲା । ତେଣୁ ଜାପାନୀ ବୈଜ୍ଞାନିକ ଦଳ ଏଶ୍ଚେରିଆ କୋଲାଇ ଜୀବାଣୁକୁ ସଂଶୋଧିତ କରି ଏହି ସମସ୍ୟାର ସମାଧାନ ବାହାର କଲେ । ବୈଜ୍ଞାନିକମାନେ ଜୀବାଣୁଗୁଡ଼ିକୁ ଗ୍ଲୁକୋଜ ଦେବା ସହିତ କିଛି ଏନ୍‌ଜାଇମ୍‌ର ବ୍ୟବହାର କରିବାରୁ ଉତ୍ପାଦନ ସାତ ଗୁଣ ବୃଦ୍ଧି ପାଇଥିଲା । ଏପରିକି ବିଷାକ୍ତ ଜୈବ ଉତ୍ପାଦ ମଧ୍ୟ ଏଥିରୁ ବାହାରିଲା ନାହିଁ । ଅନ୍ୟପଟେ ପରିବେଶ ଅନୁକୂଳ ପ୍ଲାଷ୍ଟିକ୍ ତିଆରି ଦିଗରେ ଏହାକୁ ବଡ଼ ଉପଲବ୍ଧି ବୋଲି କୁହାଯାଉଛି । ପ୍ଲାଷ୍ଟିକ୍ ପ୍ରଦୂଷଣ ସଙ୍କଟ ସମାଧାନ ଦିଗରେ ଏହା ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇପାରେ ବୋଲି ବୈଜ୍ଞାନିକମାନେ କହିଛନ୍ତି । ଅନ୍ୟପଟେ ଏହି ଗବେଷଣା ମେଟାବୋଲିକ୍ ଇଞ୍ଜିନିୟରିଂ ପତ୍ରିକାରେ ପ୍ରକାଶ ପାଇଛି ।

## ସଞ୍ଜୟଙ୍କ ସହ କାମ କରିବେ ଅହାନ୍



ଅହାନ୍ ପାଣ୍ଡେ 'ସୈୟାରା' ଫିଲ୍ମରୁ ବଲିଉଡ୍ ଡେବ୍ୟୁ କରିଛନ୍ତି । ତାଙ୍କର ପ୍ରଥମ ଫିଲ୍ମ ହିଁ ବକ୍ସ ଅଫିସ୍‌ରେ ବ୍ଲକ୍‌ବଷ୍ଟର୍ ସାବ୍ୟସ୍ତ ହୋଇଛି । ସବୁଠୁ ବଡ଼ କଥା ହେଲା ଅହାନ୍‌ଙ୍କ ଅଭିନୟ ଦର୍ଶକଙ୍କ ହୃଦୟକୁ ଛୁଇଁଛି । ଦର୍ଶକେ ଏବେ ତାଙ୍କର ଆଗାମୀ ଫିଲ୍ମକୁ ଅପେକ୍ଷା କରିଛନ୍ତି । ନିକଟରେ ଅହାନ୍‌ଙ୍କୁ ବଲିଉଡ୍‌ର ଆଗଧାଡ଼ିର ନିର୍ଦ୍ଦେଶକ ସଞ୍ଜୟ ଲୀଳା ଭଁସାଲୀଙ୍କ ଅଫିସ୍ ଆଗରେ ଦେଖାଯାଇଥିଲା । ଏଥିରୁ ସେ ସଞ୍ଜୟଙ୍କ କୌଣସି ଫିଲ୍ମରେ କାମ କରିପାରନ୍ତି ବୋଲି ଚର୍ଚ୍ଚା ହେଉଛି । ଯଦି ଅହାନ୍ ସଞ୍ଜୟଙ୍କ ଫିଲ୍ମରେ ହିରୋ ଭାବେ ଅଭିନୟ କରୁଛନ୍ତି ଏହା ତାଙ୍କ କ୍ୟାରିୟର ପାଇଁ ବେଶ୍ ଭଲ ହେବ ବୋଲି କୁହାଯାଉଛି । କାରଣ ସଞ୍ଜୟଙ୍କ ଫିଲ୍ମରେ ବଲିଉଡ୍‌ର ଆଗଧାଡ଼ିର କଳାକାରମାନଙ୍କୁ ହିଁ କାମ କରିବାର ସୁଯୋଗ ମିଳିଥାଏ । ସବୁଠୁ ବଡ଼ କଥା ହେଲା, ତାଙ୍କ ଫିଲ୍ମଗୁଡ଼ିକ ବ୍ଲକବଷ୍ଟର ସାବ୍ୟସ୍ତ ହୋଇଥାଏ । ସଞ୍ଜୟ ଏବେ 'ଲଭ୍ ଆଣ୍ଡ ୱାର୍'ର ସୁଟିଂରେ ବ୍ୟସ୍ତ ଅଛନ୍ତି । ଏହି ଫିଲ୍ମଟି ତ୍ରିକୋଣୀୟ ପ୍ରେମ କାହାଣୀ ଉପରେ ଆଧାରିତ ।

## ଭିନ୍ନ ମଣିଷ

### ୧୦ ବର୍ଷ ଧରି ପତ୍ର ଖାଇ ବଞ୍ଚିଛନ୍ତି

କର୍ଣ୍ଣାଟକ, ବେଲାଗାଭି ଅଞ୍ଚଳର ଉଗାରାଗୋଲାର ୩୪ ବର୍ଷୀୟ ବୁଦାନ ମାଲିକ ହୋସାମାନି ଏବେ ତାଙ୍କ ଅଜବ ଖାଦ୍ୟାଭ୍ୟାସ ପାଇଁ ଚର୍ଚ୍ଚାରେ ଅଛନ୍ତି । ବୁଦାନ ଜଣେ ଯୋଗ ପ୍ରଶିକ୍ଷକ । ଦୀର୍ଘ ୧୦ ବର୍ଷ ହେଲାଣି ସେ ହେଗୋଲା ପାହାଡ଼ ଉପରେ ରହୁଛନ୍ତି । ଖାଦ୍ୟ ବଦଳରେ ସେ ବିଭିନ୍ନ ପ୍ରକାର ଗଛ ଲତାର ପତ୍ର ଖାଇଥାନ୍ତି । ଝରଣାର ପାଣି ପିଇ ଶୋଷ ମେଣ୍ଟାଇଥାନ୍ତି । ଏଭଳି ଖାଦ୍ୟ ଖାଇ ମଧ୍ୟ ତାଙ୍କର ବେଶ୍ ବଳିଷ୍ଠ ଶରୀର ରହିଛି । ପ୍ରତିଦିନ ରାତି ୧୧ଟାରେ ଶୋଇ ଭୋର ୩ଟାରେ ବୁଦାନ ଉଠନ୍ତି । ଘଣ୍ଟାଏ ଯୋଗାଭ୍ୟାସ କରନ୍ତି । ଏହାପରେ ସେ ଦୁଇ ପ୍ଲେଟ୍ ପତ୍ର ଖାଇ ପାହାଡ଼ରୁ ଆସୁଥିବା ପାଣି ପିଅନ୍ତି । କିଛି ସମୟ ବିଶ୍ରାମ କରି ସେ ସ୍ନାନ କରନ୍ତି । ମଧ୍ୟାହ୍ନ ଭୋଜନରେ ବି ସେ ପତ୍ର ଖାଆନ୍ତି । ରାତି ୮ଟାରେ ଘଣ୍ଟାଏ ଯୋଗ କରି ପରେ ଏକ ପ୍ଲେଟ୍ ପତ୍ର ଖାଆନ୍ତି । କେବେକେବେ ବୁଦାନ ଭାତ ମଧ୍ୟ ଖାଆନ୍ତି । ଦୈନିକ ସେ ସାଢ଼େ ଚାରି ଘଣ୍ଟା ଶୁଅନ୍ତି । ତେବେ ମାଙ୍କଡ଼ମାନଙ୍କ ଜୀବନଚର୍ଯ୍ୟାରୁ ପ୍ରେରିତ ହୋଇ ସେ ଏପରି କରୁଥିବା ବୁଦାନ କହିଛନ୍ତି । ବର୍ତ୍ତମାନ ସେ ପାଖାପାଖି ୮୦ ପ୍ରକାରର ଗଛର ପତ୍ର ଖାଉଛନ୍ତି । ଏଥିପାଇଁ ତାଙ୍କୁ କେବେ ଜ୍ୱର କିମ୍ବା ଥଣ୍ଡା କାଶ ହୋଇନାହିଁ ବୋଲି ସେ କହିଛନ୍ତି । ସେ ତାଙ୍କ ଜୀବନରେ ମାତ୍ର ୩ ଥର ହସ୍‌ପିଟାଲ ଯାଇଥିବା କହିଛନ୍ତି ।

ତେବେ ପିଲାଟି ଦିନରୁ ବୁଦାନ ଅଧିକ ସମୟ ପାହାଡ଼ରେ କାଟୁଥିଲେ । ସନ୍ଧ୍ୟା ହେଲେ ହିଁ ଘରକୁ ଫେରୁଥିଲେ । ୧୦ ବର୍ଷ ପୂର୍ବରୁ ସେ ଭାତ, ରୁଟି, ଚିକେନ୍, ମଟନ୍ ଆଦି ସବୁ ଖାଉଥିଲେ । ଏବେ ସେ ଗଛର ପତ୍ରଗୁଡ଼ିକୁ ଦିବ୍ୟ ଭୋଜନ ମନେ କରୁଛନ୍ତି । ତେବେ ସବୁଜ ପତ୍ର ଖାଇବା ସତ୍ତ୍ୱେ ତାଙ୍କର ପେଟଜନିତ କୌଣସି ରୋଗ ନାହିଁ । ବୁଦାନ ନିୟମିତ ୫୦ ପ୍ରକାର ଆସନ କରିଥାନ୍ତି । ଦିନସାରା ସେ ପାହାଡ଼ରେ ବୁଲନ୍ତି । ମୋବାଇଲରେ ପ୍ରତିଦିନ ଗରୁଡ଼ ଓ ଶିବ ପୁରାଣ ପଢ଼ନ୍ତି । ତାଙ୍କୁ ଟଙ୍କାର ଆବଶ୍ୟକତା ହେଲେ ସେ ରାଜମିସ୍ତ୍ରୀ କାମ କରନ୍ତି । ପାହାଡ଼କୁ ସେ ତାଙ୍କ ଘର କୁହନ୍ତି । ଏହା ତାଙ୍କୁ ସ୍ୱର୍ଗ ଭଳି ସୁଖ ଦେଇଥାଏ ବୋଲି ବୁଦାନ କହିଛନ୍ତି । ବୁଦାନଙ୍କ ପରିବାର କଥା କହିଲେ, ପିତାଙ୍କ ମୃତ୍ୟୁ ପରେ ମା' ତାଙ୍କ ଭାଇ ସହ ବେଙ୍ଗାଲୁରୁରେ ରୁହନ୍ତି । ଉଗାରାଗୋଲାରେ ତାଙ୍କର ଆହୁରି ଦୁଇ ଜଣ ଭାଇ ରହୁଛନ୍ତି । ତେବେ ବୁଦାନ ସାରା ଜୀବନ ଏକାକୀ ରହିବାକୁ ନିଷ୍ପତ୍ତି ନେଇଛନ୍ତି । ୫.୯ ଫୁଟ ଉଚ୍ଚତା ବିଶିଷ୍ଟ ବୁଦାନଙ୍କ ଓଜନ ୬୦ କେଜି । ଗଛର ପତ୍ରକୁ ଖାଇ ହଜମ କରିବାର ଶକ୍ତି ଭଗବାନ ପଶୁପକ୍ଷୀମାନଙ୍କୁ ଦେଇଥିବାବେଳେ ବୁଦାନ ଏସବୁ ଖାଇ ହଜମ କରିବା ନିହାତି ଆଶ୍ଚର୍ଯ୍ୟକର ଘଟଣା ବୋଲି ଚିକିତ୍ସକମାନେ କହିଛନ୍ତି ।



# ସମ୍ଭାବନା



## ଲାଙ୍ଗୁଏଜ୍ କୋର୍ସର ଲାଭ



ଆଜିର ସମୟରେ କୌଣସି ନୂଆ ଭାଷା ଶିଖିବା କେବଳ ଏକ ସଉକ ନୁହେଁ, ବରଂ ସଫଳତାର ପାହାଚ ପାଲଟିଛି । ନୂଆ ଭାଷା ଶିଖୁଥିବା ଲୋକଙ୍କୁ ନିଯୁକ୍ତିର ଭଲ ଅବସର ମିଳିଥାଏ । ବିଶେଷକରି ମଲଟିନ୍ୟାସନାଲ କମ୍ପାନି ଏବଂ ଆନ୍ତର୍ଜାତୀୟ ବ୍ୟବସାୟରେ । ଏହା ଭିଡ଼ ଭିତରେ ଭିନ୍ନ ଏକ ପରିଚୟ ପ୍ରଦାନ କରେ । ଗବେଷଣା କୁହେ, ନୂଆ ଭାଷା ଶିଖିବା ଦ୍ୱାରା ମସ୍ତିଷ୍କର ଚିନ୍ତା କରିବା କ୍ଷମତା, ମନେ ରଖିବାର କ୍ଷମତା ଏବଂ ସମସ୍ୟା ସମାଧାନ କରିବାର କଳା, କୌଶଳ ସୁଦୃଢ଼ ହୁଏ । ସେହିପରି କୌଣସି ନୂଆ ଭାଷା ଶିଖିଲେ, ସେହି ସ୍ଥାନର ଲୋକଙ୍କ ସଂସ୍କୃତି, ସେମାନଙ୍କର ଚାଲିଚଳଣି ଏବଂ ଚିନ୍ତାଧାରାକୁ ଭଲରେ ବୁଝିଥାଉ । ବିଦେଶ ଯାଉଥିଲେ ସେଠାକାର ସ୍ଥାନୀୟ ଭାଷା ଶିଖିବା ଦ୍ୱାରା ଯାତ୍ରା ସହଜ ଓ ମଜାଦାର ହୋଇଥାଏ । ନୂଆ ଭାଷା ଶିଖିବା ଦ୍ୱାରା ନିଜ ଭିତରେ ଆତ୍ମସମ୍ମାନ ଏବଂ ଆତ୍ମବିଶ୍ୱାସ ବୃଦ୍ଧି ପାଏ । ସେହିପରି ବିଭିନ୍ନ ଭାଷା ସମ୍ବନ୍ଧିତ କୋର୍ସ ବିଶ୍ୱ ତମାମ ଲୋକଙ୍କ ସହ ଜଡ଼ିତ ହେବାର ସୁଯୋଗ ଦିଏ । କିଛି ବିଦେଶୀ ବିଶ୍ୱବିଦ୍ୟାଳୟରେ ପଢ଼ିବା ପାଇଁ ସେହି ଦେଶର ଭାଷା ଜାଣିବା ଜରୁରି । ଏ ଦୃଷ୍ଟିରୁ ଲାଙ୍ଗୁଏଜ୍ କୋର୍ସ ଉଚ୍ଚ ଶିକ୍ଷାର ରାସ୍ତାକୁ ଉନ୍ମୁକ୍ତ କରେ । ଇଣ୍ଟରନେଟ୍‌ରେ ଅନେକ ତଥ୍ୟ ବିଦେଶୀ ଭାଷାରେ ଉପଲବ୍ଧ । ତେଣୁ ଏକ ନୂଆ ଭାଷା ସେହି ଜ୍ଞାନ ପାଖରେ ପହଞ୍ଚାଏ ।

## ଜେନ୍ ଜିଙ୍କ ମଧ୍ୟରେ ଲୋକପ୍ରିୟ 'ଫ୍ରେଣ୍ଡଫଲେସନ'



**ଆଜିକାଲି ସାମାଜିକ ଗଣମାଧ୍ୟମରେ ନୂଆ ନୂଆ ଶବ୍ଦ ଭାଇରାଲ ହେଉଛି । ଯାହା ବିଷୟରେ କ୍ୱଚିତ ଲୋକ ଜାଣନ୍ତି । ଏହି କ୍ରମରେ ଏଥିରୁ ଅନ୍ୟତମ 'ଫ୍ରେଣ୍ଡଫଲେସନ ।' ଏହି ଶବ୍ଦ ଜେନ୍ ଜିଙ୍କ ମଧ୍ୟରେ ଖୁବ୍ ଲୋକପ୍ରିୟ ହୋଇପାରିଛି । ତେବେ ଏହାର ଅର୍ଥ କ'ଣ ଓ କାହିଁକି ଶବ୍ଦଟିର ଲୋକପ୍ରିୟତା ବଢ଼ୁଛି, ସେ ସମ୍ପର୍କରେ ଜାଣିବା ।**

- ଫ୍ରେଣ୍ଡ (ବନ୍ଧୁ) ଏବଂ ଇନଫଲେସନ (ମହଙ୍ଗା) ରୁ ଦୁଇଟି ଶବ୍ଦରୁ ମିଶି 'ଫ୍ରେଣ୍ଡଫଲେସନ' ହୋଇଛି । ଆଜିକାଲି ସାଙ୍ଗସାଥୀଙ୍କ ସହିତ ସମୟ ଅତିବାହିତ କରିବା ମହଙ୍ଗା ହୋଇପଡ଼ିଛି । ଏହାକୁ ଦୃଷ୍ଟିରେ ରଖି ଏହି ଶବ୍ଦର ଲୋକପ୍ରିୟତା ବଢ଼ିଛି । ତେବେ ଫ୍ରେଣ୍ଡଫଲେସନର ସିଧା ଅର୍ଥ ହେଲା ସାଙ୍ଗସାଥୀଙ୍କ ସହିତ ସମୟ ଅତିବାହିତ କରିବାରେ ଅଧିକ ଅର୍ଥ ଖର୍ଚ୍ଚ କରିବା । ଏବେ ଅନେକେ ସାଙ୍ଗସାଥୀଙ୍କ ସହ ଦେଖା କରିବା ଏବଂ ସମୟ ଅତିବାହିତ କରିବା ଲାଗି କାଫେ, ପାର୍ଟି ଏବଂ ଭିନ୍ନ ଭିନ୍ନ ଆଉଟିଂ ଡେଷ୍ଟିନେସନର ସାହାରା ନିଅନ୍ତି । ଏ ଲାଗି ଅତ୍ୟଧିକ ଟଙ୍କା ଖର୍ଚ୍ଚ ହୁଏ । ତେଣୁ ଏଭଳି ସ୍ଥଳେ ଫ୍ରେଣ୍ଡଫଲେସନ ବ୍ୟବହାରର ଉପଯୋଗିତା ଗୁରୁତ୍ୱ ବହନ କରେ । ତେଣୁ ଏହା ଜେନ ଜେଡ୍‌ଙ୍କ ମଧ୍ୟରେ ଖୁବ୍ ଲୋକପ୍ରିୟ ହୋଇପାରିଛି ।
- ଆଜିର ସମୟରେ ବନ୍ଧୁତା କେବଳ ଇମୋସନାଲ ଆଟାଚମେଣ୍ଟ ପର୍ଯ୍ୟନ୍ତ ସୀମିତ ରହି ନାହିଁ, ଏହା ଲୋକଙ୍କ ବଜେଟ୍ ଉପରେ ଖୁବ୍ ପ୍ରଭାବ ପକାଉଛି । ଅନେକ ଲୋକ ସୋସିଆଲ ଷ୍ଟାଟସ ମେଣ୍ଟେନ କରିବା ଲାଗି ସାଙ୍ଗଙ୍କ ସହିତ ମହଙ୍ଗା କାଫେ ଏବଂ ପାର୍ଟିକୁ ଯିବାକୁ ପସନ୍ଦ କରୁଛନ୍ତି । ଏଭଳି କରିବା ପଛର ଉଦ୍ଦେଶ୍ୟ କେବଳ ନିଜ ବନ୍ଧୁତାକୁ ବଜାୟ ରଖିବା ।
- ବର୍ତ୍ତମାନ ଜନ୍ମଦିନ ପାର୍ଟି କେକ୍ ଓ ସ୍ନାକ୍ସରେ ସୀମିତ ନାହିଁ । ଘରେ ବି ପାର୍ଟି ରଖିବା ପାଇଁ ଲୋକଙ୍କୁ ବହୁ ଟଙ୍କା ଖର୍ଚ୍ଚ କରିବାକୁ ପଡ଼ୁଛି । ଏହା ଯୋଗୁଁ ଆର୍ଥିକ ଚାପ ଏବଂ ମାନସିକ ଚାପ ଉଭୟର ସାମ୍ନା କରିବାକୁ ପଡ଼ୁଛି । ତେଣୁ ଅନେକ ଏବେ ଭାବୁଛନ୍ତି ବନ୍ଧୁତା ମଧ୍ୟ ମହଙ୍ଗା ହୋଇଛି । ତେବେ ପ୍ରକୃତ ବନ୍ଧୁତା ଥିଲେ ଏଭଳି ଖର୍ଚ୍ଚ କରିବାକୁ ପଡ଼େ ନାହିଁ । ଏହାର ଅର୍ଥ ନୁହେଁ ଯେ, ଆଦୌ ଖର୍ଚ୍ଚ କରିବାକୁ ମନା କରାଯାଉଛି । ପ୍ରଥମେ ଟଙ୍କା ସଞ୍ଚୟ କରି ସାଙ୍ଗମାନଙ୍କ ସହିତ ବୁଲାବୁଲି କରିବାକୁ ଯାଇପାରିବେ । ଅନ୍ୟପଟେ ସାଙ୍ଗସହିତ ଖାଇବା ପିଇବା ଖର୍ଚ୍ଚ ଭାଗ ବାଣ୍ଟି ମିଳିମିଶି ଖର୍ଚ୍ଚ କରିବା ଦରକାର ।

## ସାକ୍ଷାତକାରରେ କ'ଣ ନେବେ

**ସାକ୍ଷାତକାରକୁ ଯିବା ବେଳେ ଲୋକେ ନିଜ ବେଶଭୂଷା ଉପରେ ଗୁରୁତ୍ୱ ଦିଅନ୍ତି । ତା'ସହ କିଛି ଜରୁରି ଜିନିଷ ସାଙ୍ଗରେ ନିଅନ୍ତି । ତେବେ ସାକ୍ଷାତକାରକୁ ଯିବା ବେଳେ ସାଙ୍ଗରେ କ'ଣ ନେଇକି ଯିବେ, ସେ ସମ୍ପର୍କରେ ଜାଣିବା ।**



- ବେଳେ ବେଳେ ସାକ୍ଷାତକାରରେ ଏକରୁ ଅଧିକ ଲୋକ ଥାନ୍ତି । ତେଣୁ ନିଜ ସହ ନିଜ ବାୟୋଡାଟାର ୩-୪ଟି କପି ନେଇ ଯାଆନ୍ତୁ ।
- ଚାକିରି ପାଇଁ କଭର୍ ଲେଟର ପ୍ରେରଣ କରିଥିଲେ, ତାହାକୁ ସାଙ୍ଗରେ ରଖିବା ଉଚିତ ।
- ଆଧାରକାର୍ଡ, ପ୍ୟାନ୍ କାର୍ଡ ଏବଂ ଡ୍ରାଇଭିଂ ଲାଇସେନ୍ସ ଭଳି ଜରୁରି କାଗଜପତ୍ର ସାଙ୍ଗରେ ନିଅନ୍ତୁ ।
- ଡିଗ୍ରୀ, ମାର୍କସିଟ୍, ଅଭିଜ୍ଞତା ସହ ଜଡ଼ିତ ଦସ୍ତାବିଜ୍‌ର ଏକ ହୋଲଡର କରନ୍ତୁ ।
- ଗ୍ରାଫିକ୍ ଡିଜାଇନ, ଫଟୋଗ୍ରାଫି ସହିତ ଜଡ଼ିତ ଚାକିରି ପାଇଁ ସାକ୍ଷାତକାର ଦେଉଥିଲେ ନିଜର ପୋର୍ଟଫୋଲିଓ ନିହାତି ନିଅନ୍ତୁ ।
- ଜରୁରି କଥାକୁ ଲେଖିବା ପାଇଁ କାଗଜ ଓ କଲମ ପାଖରେ ରଖନ୍ତୁ ।
- ଭୟଭୀତ ନ ହୋଇ ଆତ୍ମବିଶ୍ୱାସର ସହ ସାକ୍ଷାତକାରକୁ ଯିବା ଉଚିତ ।

## ବ୍ୟକ୍ତିତ୍ୱ ବିକାଶର ଉପାୟ

**ପ୍ରତ୍ୟେକ ମାଆବାପା ଚାହାନ୍ତି, ପିଲାମାନେ ନିଜ ଜୀବନରେ ଆଗକୁ ବଢ଼ନ୍ତୁ । ସେଥିପାଇଁ ସେମାନେ ସବୁ ପ୍ରକାର ପ୍ରୟାସ ପ୍ରାରମ୍ଭରୁ କରିଥାନ୍ତି । ତେବେ ପିଲାବେଳୁ ସେମାନଙ୍କୁ ନିମ୍ନ ପ୍ରଦତ୍ତ କେତେକ ଅଭ୍ୟାସରେ ଅଭ୍ୟସ୍ତ କରାଇବା ଦରକାର, ଯାହା ସେମାନଙ୍କ ବ୍ୟକ୍ତିତ୍ୱ ବିକାଶରେ ସହାୟକ ହେବା ସହ ସେମାନଙ୍କ ଜୀବନରେ ସଫଳତା ଲାଭ କରିବାରେ ବି ସାହାଯ୍ୟ କରିବ ।**



- ପିଲାଙ୍କୁ ସକାରାତ୍ମକ ଚିନ୍ତାଧାରା ସହ ଜୀବନ ଜିଇଁବା ଶିଖାନ୍ତୁ । ସକାରାତ୍ମକ ଚିନ୍ତାଧାରା ହିଁ ଜଟିଳ ସମସ୍ୟାକୁ ସାମ୍ନା କରିବାରେ ସହାୟକ ହୋଇଥାଏ ।
- ପିଲାବେଳୁ ପିଲାମାନଙ୍କ ମଧ୍ୟରେ ଶିଖିବାର କଳା ରହିବା ଜରୁରି । ଏହି ଅଭ୍ୟାସ ସେମାନଙ୍କ ଜୀବନରେ ଉନ୍ନତି ଦିଗରେ ସହାୟକ ହୁଏ ।
- ପିଲାଙ୍କୁ ନିଜ ଉପରେ ଗୁରୁତ୍ୱ ଦେବା ଜରୁରି । ଅନ୍ୟ ସହ ନିଜକୁ ତୁଳନା ନ କରି ନିଜ କାମ ଉପରେ ଧ୍ୟାନ ଦିଅନ୍ତୁ ।
- ମୋବାଇଲ ପିଲାଙ୍କ ଦକ୍ଷତା ବିକାଶକୁ ପ୍ରଭାବିତ କରୁଛି । ସେଥିପାଇଁ ମୋବାଇଲ ବ୍ୟତୀତ ବହି ପଢ଼ା ଅଭ୍ୟାସକୁ ଆପଣାଇବା ଭଲ ।
- ଏହାବାଦ୍ ପିଲାଙ୍କ ମଧ୍ୟରେ ସେଲଫ୍ ଡିସିପ୍ଲିନ୍ ରହିବା ଜରୁରି । ଏହା ସେମାନଙ୍କୁ ଆଗକୁ ନେବାରେ ସାହାଯ୍ୟ କରେ । ଏଣୁ ନିଜ ଭିତରେ ଅନୁଶାସନ ରହିବା ଭଲ ।



# କ୍ରୀଡ଼ା



ସକାଳ THE SAKALA
www.sakalaepaper.com

## ଭାରତ-ଅଷ୍ଟ୍ରେଲିଆ ସୀମିତ ଓଭର ସିରିଜ

# ମାର୍ଶଙ୍କୁ ନେତୃତ୍ୱ; ଦିନିକିଆକୁ ଫେରିଲେ ଷ୍ଟାର୍କ

ସିଡ୍‌ନୀ, ୭ ।୧୦ (ଏଜେନ୍ସି)

ଭ୍ରମଣକାରୀ ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ସୀମିତ ଓଭର ସିରିଜ ଚଳିତ ମାସ ତୃତୀୟ ସପ୍ତାହରୁ ଆରମ୍ଭ ହେବାକୁଯାଉଛି । ଏଥିଲାଗି ଘରୋଇ ଅଷ୍ଟ୍ରେଲିଆ ପକ୍ଷରୁ ମଙ୍ଗଳବାର ଦିନିକିଆ ଓ ଟି-୨୦ ଦଳ ଘୋଷଣା କରାଯାଇଛି । ଅଭିଜ୍ଞ ବ୍ୟାଟର୍ ମିଚେଲ ମାର୍ଶଙ୍କୁ ଉଭୟ ଫର୍ମାଟ୍ ଲାଗି ନେତୃତ୍ୱ ଭାର ଦିଆଯାଇଛି । ଆହତ ସମସ୍ୟାରୁ ମୁକୁଳି ନ ଥିବାରୁ ପ୍ୟାଟ୍ କମିନ୍ସଙ୍କ ସ୍ଥାନରେ ମାର୍ଶ ଦିନିକିଆ ଦଳର ଅଧିନାୟକ ଦାୟିତ୍ୱ ତୁଲାଇବେ । ସେହିଭଳି ବାମହାତୀ ଦ୍ରୁତ ବୋଲର ମିଚେଲ ଷ୍ଟାର୍କ ପାଖାପାଖି ଏକ ବର୍ଷ ପରେ ଦିନିକିଆ ଦଳକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି । ଶେଷଥର ଲାଗି ସେ ଗତବର୍ଷ ନଭେମ୍ବରରେ ପାକିସ୍ତାନ ବିପକ୍ଷରେ ଦିନିକିଆ ମ୍ୟାଚ୍ ଖେଳିଥିଲେ । ଷ୍ଟାର୍କଙ୍କ ବ୍ୟତୀତ ମାଇକେଲ ଓ୍ୱିନ, ମାଥ୍ୟୁ ରେନଶ ଓ ମାଥ୍ୟୁ ଶର୍ଟ ମଧ୍ୟ ୫୦ ଓଭର ଫର୍ମାଟ୍‌କୁ ଫେରିଛନ୍ତି । ଅପରପକ୍ଷରେ ୨୦୨୩ ବିଶ୍ୱକପ୍‌ରେ ଚାମ୍ପିଅନ ଅଷ୍ଟ୍ରେଲିଆ ଦଳର ପ୍ରମୁଖ ସଦସ୍ୟ ରହିଥିବା ମାର୍ନସ ଲାବୁଶେନ୍‌ଙ୍କୁ ଖରାପ ଫର୍ମ ଲାଗି ଦିନିକିଆ ଦଳରୁ ବାଦ୍ ଦିଆଯାଇଛି । ସେହିଭଳି ରିଷ୍ଟ ଆଘାତ ସମସ୍ୟାରୁ ମୁକୁଳି ନ ଥିବାରୁ ଅଲ୍‌ରାଉଣ୍ଡର ଗ୍ଲେନ ମ୍ୟାକ୍ସୱେଲଙ୍କୁ ଉଭୟ ସିରିଜ ଲାଗି ଦଳରେ ସ୍ଥାନ ମିଳିନାହିଁ । ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ପ୍ରଥମେ ୩ ମ୍ୟାଚ୍‌ବିଶିଷ୍ଟ ଦିନିକିଆ ସିରିଜ ଅକ୍ଟୋବର ୧୯ରୁ ଆରମ୍ଭ ହେବ । ଏହାପରେ ଅକ୍ଟୋବର ୨୯ରୁ ପାଞ୍ଚଟିକିଆ ଟି-୨୦ ସିରିଜ ଖେଳାଯିବ । ଟି-୨୦ ସିରିଜର ପ୍ରଥମ ଦୁଇଟି ମ୍ୟାଚ୍ ଲାଗି ଅଷ୍ଟ୍ରେଲିଆ ଦଳ ଘୋଷଣା କରିଛି ।



**ଅଷ୍ଟ୍ରେଲିଆ ଦିନିକିଆ ଦଳ** : ମିଚେଲ ମାର୍ଶ (ଅଧିନାୟକ), ଆଲେକ୍ସ କେରୀ, ଜାଭିଅର ବାର୍ତ୍ତଲେଟ୍, ନାଥନ ଏଲିସ, ବେନ ଡାରୱିସ, କୁପର କନୋଲୀ, କାମେରନ ଗ୍ରୀନ, ଜୋଶ୍ ହାଜଲେଉଡ୍, ଟ୍ରାଭିସ ହେଡ୍, ଜୋଶ୍ ଇଂଲିଶ, ମାଇକେଲ ଓ୍ୱିନ, ମାଥ୍ୟୁ ରେନଶ, ମାଥ୍ୟୁ ଶର୍ଟ, ମିଚେଲ ଷ୍ଟାର୍କ ଓ ଆଦାମ ଜାମ୍ପା ।

**ଅଷ୍ଟ୍ରେଲିଆ ଟି-୨୦ ଦଳ** : ମିଚେଲ ମାର୍ଶ (ଅଧିନାୟକ), ସିନ୍ ଆବଟ୍, ଜାଭିଅର ବାର୍ତଲେଟ୍, ଟିମ୍ ଡେଭିଡ୍, ନାଥନ ଏଲିସ, ବେନ ଡାରୱିସ, ଜୋଶ୍ ହାଜଲେଉଡ୍, ଟ୍ରାଭିସ ହେଡ୍, ଜୋଶ୍ ଇଂଲିଶ, ମାଇକେଲ ଓ୍ୱିନ, ମାଥ୍ୟୁ ଶର୍ଟ, ଆଦାମ ଜାମ୍ପା, ମାର୍କସ ଷ୍ଟୋଇନିସ, ମାଥ୍ୟୁ କୁନେମାନ୍ ।

### ଭାରତ-ଅଷ୍ଟ୍ରେଲିଆ ସିରିଜ କାର୍ଯ୍ୟସୂଚୀ

| | |
|---|---|
| ଅକ୍ଟୋବର ୧୯ | ପ୍ରଥମ ଦିନିକିଆ, ପର୍ଥ |
| ଅକ୍ଟୋବର ୨୩ | ଦ୍ୱିତୀୟ ଦିନିକିଆ, ଆଡିଲେଡ୍ |
| ଅକ୍ଟୋବର ୨୫ | ତୃତୀୟ ଦିନିକିଆ, ସିଡ୍‌ନୀ |
| ଅକ୍ଟୋବର ୨୯ | ପ୍ରଥମ ଟି-୨୦, କାନବେରା |
| ଅକ୍ଟୋବର ୩୧ | ଦ୍ୱିତୀୟ ଟି-୨୦, ମେଲବୋର୍ଣ୍ଣ |
| ନଭେମ୍ବର ୨ | ତୃତୀୟ ଟି-୨୦, ହୋବାର୍ଟ |
| ନଭେମ୍ବର ୬ | ଚତୁର୍ଥ ଟି-୨୦, ଗୋଲ୍ଡକୋଷ୍ଟ |
| ନଭେମ୍ବର ୮ | ପଞ୍ଚମ ଟି-୨୦, ବ୍ରିସବେନ |

ବି.ଦ୍ର.: ଦିନିକିଆ ମ୍ୟାଚ୍ ସକାଳ ୯ଟାରୁ ଏବଂ ଟି-୨୦ ଅପରାହ୍ଣ ୧.୪୫ରୁ ଆରମ୍ଭ ହେବ ।

## ସାର୍ଟିଫାଏଡ୍ ଡ୍ରୋନ୍ ପାଇଲଟ୍ ହେଲେ ଧୋନି

**ନୂଆଦିଲ୍ଲୀ, ୭ ।୧୦ (ଏଜେନ୍ସି):** ଭାରତୀୟ କ୍ରିକେଟ୍ ଦଳର ସବୁଠୁ ସଫଳ ଅଧିନାୟକ ମହେନ୍ଦ୍ର ସିଂ ଧୋନିଙ୍କ ସୌଖିନ କାର ଓ ସୁପର୍‌ବାଇକ୍ ପ୍ରତି ଦୁର୍ବଳତା



ରହିଥିବା ସମସ୍ତେ ଜାଣିଛନ୍ତି । ରାଞ୍ଚିସ୍ଥିତ ତାଙ୍କ ଫାର୍ମ ହାଉସରେ ସେ ଏକାଧିକ ଦାମୀ କାର୍ ଓ ବାଇକ୍ ସଜ୍ଜିତ କରି ରଖିଛନ୍ତି । ଏହାବାଦ୍ ଧୋନି ଇଞ୍ଜିନ ଓ ପ୍ରଯୁକ୍ତିବିଦ୍ୟା ପ୍ରତି ମଧ୍ୟ ଆକର୍ଷଣ ରଖିଥାନ୍ତି । ସଦ୍ୟ ଧୋନି ଏହି କ୍ଷେତ୍ରରେ ଏକ ସଫଳତା ପାଇଛନ୍ତି । ମଙ୍ଗଳବାର ଧୋନି ସାମାଜିକ ଗଣମାଧ୍ୟମ ଜରିଆରେ ଘୋଷଣା କରିଛନ୍ତି ଯେ ସେ ଆନୁଷ୍ଠାନିକ ଭାବେ ଏକ ଡ୍ରୋନ ପାଇଲଟ୍ ଲାଇସେନ୍ସ ପାଇଛନ୍ତି । ୪୪ ବର୍ଷୀୟ ଧୋନି ବର୍ତ୍ତମାନ ଭାରତର ପ୍ରମୁଖ ଡ୍ରୋନ ନିର୍ମାତା କମ୍ପାନୀ ଗରୁଡ ଏରେସ୍ପେସର ବ୍ରାଣ୍ଡ ଆମ୍ବାସାଡର ରହିଛନ୍ତି । ଏହି କମ୍ପାନୀର ଏକ ଡ୍ରୋନ ପାଇଲଟ୍ ତାଲିମ କାର୍ଯ୍ୟକ୍ରମ ଚେନ୍ନଇରେ ଶେଷ ହୋଇଥିଲା । ଡିଜିସିଏ ଅନୁମୋଦିତ ଏହି ରିମୋଟ ପାଇଲଟ୍ ତାଲିମରେ ଧୋନି ବ୍ୟକ୍ତିଗତ ଭାବେ ତାଲିମ ନେବା ସହ ପାଇଲଟ୍ ଭାବରେ ପ୍ରମାଣପତ୍ର ପାଇଛନ୍ତି ବୋଲି ଗରୁଡ଼ ଏରୋସ୍ପେସ କମ୍ପାନୀ ପକ୍ଷରୁ କୁହାଯାଇଛି । ପ୍ରକାଶଯୋଗ୍ୟ, ଧୋନି କ୍ରିକେଟ୍ ଦୁନିଆ ବାହାରେ ଏକାଧିକ କ୍ଷେତ୍ରରେ ମଧ୍ୟ ସଫଳତା ପାଇଛନ୍ତି । ତାଙ୍କୁ ୨୦୧୧ରେ ଟେରିଟୋରିଆଲ ଆର୍ମିର ପାରାସୁଟ୍ ରେଜିମେଣ୍ଟରେ ଲେଫ୍ଟନାଣ୍ଟ କର୍ଣ୍ଣେଲ ପଦବୀରେ ସମ୍ମାନିତ କରାଯାଇଥିଲା । ସେହିଭଳି ପ୍ରଶିକ୍ଷିତ ପାରାଚୁଟର୍ ଭାବେ ମଧ୍ୟ ଯୋଗ୍ୟତା ହାସଲ କରିଥିଲେ ।

## ସିଜନର ୬୦ତମ ବିଜୟ ହାସଲ କଲେ ସ୍ୱିଆଟେକ



**ଉହାନ, ୭ ।୧୦ (ଏଜେନ୍ସି):** ଚାଇନାରେ ଚାଲିଥିବା ଉହାନ ଓପନ୍ ଟେନିସ ଟୁର୍ଣ୍ଣାମେଣ୍ଟରେ ଇଗା ସ୍ୱିଆଟେକ ସହଜ ବିଜୟ ସହ ପ୍ରି-କ୍ୱାର୍ଟରରେ ପ୍ରବେଶ କରିଛନ୍ତି । ମଙ୍ଗଳବାର ଅନୁଷ୍ଠିତ ମହିଳା ସିଙ୍ଗଲ୍ସ ରାଉଣ୍ଡ-୩୨ର ଏକ ମ୍ୟାଚରେ ଦ୍ୱିତୀୟ ସିଡ୍ ସ୍ୱିଆଟେକ୍ ୬-୧, ୬-୧ ସିଧାସଳଖ ସେଟ୍‌ରେ ଚେକ୍ ଗଣରାଜ୍ୟର ମାରିଏ ବୌଜକୋଭାଙ୍କୁ ପରାସ୍ତ କରିଥିଲେ । ଏହି ମ୍ୟାଚ୍ ଜିତିବାକୁ ପୋଲାଣ୍ଡ ତାରକା ସ୍ୱିଆଟେକଙ୍କୁ ମାତ୍ର ଏକ ଘଣ୍ଟା ୧୮ ମିନିଟ୍ ସମୟ ଲାଗିଥିଲା । ସେହିଭଳି ଚଳିତ ବର୍ଷ ଏହା ତାଙ୍କର ୬୦ତମ ବିଜୟ ଥିଲା । ଏହାବାଦ୍ ଡବ୍ଲ୍ୟୁଟିଏ-୧୦୦୦ ଟୁର୍ଣ୍ଣାମେଣ୍ଟରେ ସ୍ୱିଆଟେକ ୧୦୦ତମ ସିଧାସଳଖ ସେଟ୍ ବିଜୟ ହାସଲ କରିଛନ୍ତି । ୧୫୩ତମ ମ୍ୟାଚ୍ ଖେଳୁଥିବାବେଳେ ସେ ଏହି ମାଇଲଖୁଣ୍ଟ ଛୁଇଁଛନ୍ତି । ଡବ୍ଲ୍ୟୁଟିଏ-୧୦୦୦ ଟୁର୍ଣ୍ଣାମେଣ୍ଟରେ କମ୍ ମ୍ୟାଚ୍ ଖେଳି ୧୦୦ତମ ସିଧାସଳଖ ସେଟ୍ ବିଜୟ ହାସଲ କରିବାର ରେକର୍ଡ ଷ୍ଟେଫି ଗ୍ରାଫ୍ (୧୨୨ ମ୍ୟାଚ୍)ଙ୍କ ନାମରେ ରିହିଛି । ମାର୍ଟିନା ହିଙ୍ଗିସ (୧୪୫) ଓ ସେରେନା ୱିଲିୟମ୍ସ (୧୪୪ତମ ମ୍ୟାଚ) ମଧ୍ୟ ସ୍ୱିଆଟେକଙ୍କଠୁ କମ୍ ମ୍ୟାଚ୍ ଖେଳି ଏହି ସଫଳତା ପାଇଛନ୍ତି ।

● ଆଇସିସି ମହିଳା ଦିନିକିଆ ର୍ୟାଙ୍କିଙ୍ଗ

## ଶୀର୍ଷ ସ୍ଥାନ ବଜାୟ ରଖିଲେ ମନ୍ଧାନା

ଦୁବାଇ, ୭ ।୧୦ (ଏଜେନ୍ସି): ବିଶ୍ୱ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ଆଇସିସି ପକ୍ଷରୁ ମହିଳା ଦିନିକିଆ ର୍‌ୟାଙ୍କିଙ୍ଗ ପ୍ରକାଶ ପାଇଛି । ମଙ୍ଗଳବାର ସଦ୍ୟପ୍ରକାଶିତ ର୍‌ୟାଙ୍କିଙ୍ଗରେ ଭାରତର ତାରକା ମହିଳା ବ୍ୟାଟର୍ ସ୍ମୃତି ମନ୍ଧାନା ଶୀର୍ଷ ସ୍ଥାନକୁ ବଜାୟ ରଖିଛନ୍ତି । ମନ୍ଧାନା ୭୯୧ ରେଟିଂ ପଏଣ୍ଟ ସହ ପୂର୍ବଭଳି ଏକ ନମ୍ବର ସ୍ଥାନରେ ରହିଛନ୍ତି । ଚଳିତ ଦିନିକିଆ ବିଶ୍ୱକପ୍‌ର



ପ୍ରଥମ ଦୁଇଟି ମ୍ୟାଚରେ ନୈରାଶ୍ୟଜନକ ପ୍ରଦର୍ଶନ କରିଥିଲେ ମଧ୍ୟ ଏହାର ପ୍ରଭାବ ତାଙ୍କ ମାନ୍ୟତା ଉପରେ ପଡ଼ିନାହିଁ । ବିଶ୍ୱକପ୍‌ରେ ସେ ଶ୍ରୀଲଙ୍କା ବିପକ୍ଷ ଉଦ୍‌ଘାଟନୀ ମ୍ୟାଚରେ ୮ ଓ ପାକିସ୍ତାନ ବିପକ୍ଷରେ ୨୩ ରନର ପାଳି ଖେଳିଥିଲେ । ବ୍ୟାଟିଂ ତାଲିକାର ଟପ୍-୧୦ରେ ଅନ୍ୟକୌଣସି ଭାରତୀୟ ମହିଳା ବ୍ୟାଟର୍ ସ୍ଥାନ ପାଇବାରେ ସଫଳ ହୋଇନାହାନ୍ତି । ଅଧିନାୟିକା ହରମନପ୍ରୀତ୍ କୌର ୨ଟି ସ୍ଥାନ ହରାଇ ୧୬ରେ ରହିଛନ୍ତି । ମହିଳା ଦିନିକିଆ ବ୍ୟାଟିଂ ତାଲିକାର ୨ୟ ଓ ୩ୟ ସ୍ଥାନରେ ଯଥାକ୍ରମେ ଇଂଲଣ୍ଡର ନାଟାଲୀ ସ୍କିଭର-ବ୍ରଣ୍ଟ ଓ ଅଷ୍ଟ୍ରେଲିଆର ବେଥ ମୁନୀ ପୂର୍ବଭଳି ସ୍ଥାନ ବଜାୟ ରଖିଛନ୍ତି । ସେହିଭଳି ଅଷ୍ଟ୍ରେଲିଆର ଆସଲେ ଗାର୍ଡନର ଏକାଥରକେ ୭ଟି ପାହାଚ ଉପରକୁ ଲମ୍ଫ ପ୍ରଦାନ କରି ୫ମ ସ୍ଥାନରେ ପହଞ୍ଚିଛନ୍ତି ।

## ଦ୍ୱିତୀୟ ୟୁଥ୍ ଟେଷ୍ଟ

# ଅଷ୍ଟ୍ରେଲିଆ-୧୩୫; ଭାରତ-୧୪୪/୭

**ମାକୟ, ୭ ।୧୦ (ଏଜେନ୍ସି):** ଘରୋଇ ଅଷ୍ଟ୍ରେଲିଆ ୧୯ ବର୍ଷରୁ କମ୍ ବାଳକ ଦଳ ବିପକ୍ଷରେ ମଙ୍ଗଳବାରଠାରୁ ଆରମ୍ଭ ହୋଇଥିବା ଦ୍ୱିତୀୟ ୟୁଥ୍ ଟେଷ୍ଟରେ ଭାରତ ପ୍ରଥମ ପାଳିରେ ଅଗ୍ରଣୀ ନେବାରେ ସଫଳ ହୋଇଛି । ଟସ୍ ଜିତି ଅଷ୍ଟ୍ରେଲିଆ ୟୁଥ୍ ଦଳ ପ୍ରଥମେ ବ୍ୟାଟିଂ କରିଥିଲା । ତେବେ ଭାରତୀୟ ୧୯ ବର୍ଷରୁ କମ୍ ଦଳର ବୋଲିଂକୁ ସାମ୍ନା କରି ନ ପାରି ଅଷ୍ଟ୍ରେଲିଆ ୟୁଥ ଦଳ ୪୩.୩ ଓଭରରେ ମାତ୍ର ୧୩୫ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା । ଦଳ ପକ୍ଷରୁ ଆଲେକ୍ସ ଲି ୟଙ୍ଗ୍ ସର୍ବାଧିକ ୬୬ ରନର ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ । ଭ୍ରମଣକାରୀ ଭାରତୀୟ ୟୁଥ୍ ଦଳ ପକ୍ଷରୁ ହେନିଲ ପଟେଲ ଓ ଖିଲାନ ପଟେଲ ୩ଟି ଲେଖାଏ ୱିକେଟ୍ ନେଇଥିଲେ । ଉଦ୍ଧବ ମୋହନଙ୍କୁ ୨ଟି ଏବଂ ଦୀପେଶ ଦେବେନ୍ଦ୍ରନଙ୍କୁ ଗୋଟିଏ ୱିକେଟ୍ ମିଳିଥିଲା ।

ଜବାବରେ ଭାରତୀୟ ୟୁଥ୍ ଦଳ ପ୍ରଥମ ଦିବସ ଷ୍ଟମ୍ପ ସୁଦ୍ଧା ୪୦ ଓଭରରେ ୭ ୱିକେଟ୍ ହରାଇ ୧୪୪ ରନ ସଂଗ୍ରହ କରିଛି । ହେନିଲ ୨୨ ଓ ଦୀପେଶ ୬ ରନ କରି ଅପରାଜିତ ରହିଛନ୍ତି । ଅନ୍ୟମାନଙ୍କ ମଧ୍ୟରେ ଖିଲାନ ପଟେଲ ୨୬, ବେଦାନ୍ତ ତ୍ରିବେଦୀ ୨୫, ବୈଭବ ସୂର୍ଯ୍ୟବଂଶୀ ୨୦ ଓ ବିହାନ ମାଲହୋତ୍ରା ୧୧ ରନ କରି ଆଉଟ୍ ହୋଇଛନ୍ତି । ଅଧିନାୟକ ଆୟୁଷ ମାଲହୋତ୍ରା ମାତ୍ର ୪ ରନ କରିଥିଲେ । ବୋଲିଂରେ କାସେ ବାର୍ଟନ ସର୍ବାଧିକ ୩ଟି ୱିକେଟ୍ ନେଇଛନ୍ତି । ୩ ୱିକେଟ୍ ବଳକା ଥାଇ ଭାରତ ୯ ରନରେ ଅଗ୍ରଣୀ ହାସଲ କରିଛି । ପୂର୍ବରୁ ଦୁଇ ଦଳ ମଧ୍ୟରେ ଅନୁଷ୍ଠିତ ପ୍ରଥମ ଟେଷ୍ଟକୁ ଭାରତ ଏକ ଇନିଂସ ଓ ୫୮ ରନରେ ଜିତି ୧-୦ରେ ଅଗ୍ରଣୀ ରହିଛି ।

## ଅଲିମ୍ପିକ୍ସ ପଦକ ବିଜେତା ଅମନ ବାସନ୍ଦ

**ନୂଆଦିଲ୍ଲୀ, ୭ ।୧୦ (ଏଜେନ୍ସି):** ପ୍ୟାରିସ ଅଲିମ୍ପିକ୍ସରେ କାଂସ୍ୟ ପଦକ ଜିତି ଦେଶକୁ ଗୌରବାନ୍ୱିତ କରିଥିବା କୁସ୍ତିଯୋଦ୍ଧା ଅମନ ସେରାୱତ ବାସନ୍ଦ ହୋଇଛନ୍ତି । ୨୨ ବର୍ଷୀୟ ଅମନ ଗତ ମାସରେ କ୍ରୋଏସିଆରେ ଅନୁଷ୍ଠିତ ବିଶ୍ୱ ଚାମ୍ପିଅନସିପ୍‌ରେ ୫୭ କିଲୋଗ୍ରାମ ବର୍ଗରେ ଅଂଶଗ୍ରହଣ କରି ଅଧିକ ଓଜନ ଲାଗି ଅଯୋଗ୍ୟ ଘୋଷିତ ହୋଇଥିଲେ । ଧାର୍ଯ୍ୟ ବର୍ଗଠାରୁ ତାଙ୍କ ଓଜନ ୧.୭ କିଲୋଗ୍ରାମ ଅଧିକ ରହିଥିଲା । ଏହି ଘଟଣାରେ ଭାରତୀୟ କୁସ୍ତି ମହାସଂଘ (ଡବ୍ଲୁଏଫ୍‌ଆଇ) ଅମନଙ୍କୁ ବାସନ୍ଦ କରିଛି । ସେପ୍ଟେମ୍ବର ୨୩ରୁ ଏହି ବାସନ୍ଦାଦେଶ ଲାଗୁ ହୋଇଛି । ଅମନଙ୍କୁ ଜାତୀୟ



ଓ ଅନ୍ତର୍ଜାତୀୟସ୍ତରରେ ସମସ୍ତ କୁସ୍ତି ସମ୍ପର୍କିତ କାର୍ଯ୍ୟକଳାପରୁ ନିଷେଧ କରାଯାଇଛି । ତାଙ୍କ ପ୍ରଶିକ୍ଷକଙ୍କୁ ମଧ୍ୟ ଆନୁଷ୍ଠାନିକ ଚେତାବନୀ ଦିଆଯାଇଛି ।

## ରାଜମାତା ଜିଜାବାଈ ଟ୍ରଫି: ଓଡ଼ିଶାର ୨ୟ ବିଜୟ

**କଟକ,୭।୧୦(ସମିସ):** ଛତିଶଗଡ଼ରେ ଚାଲିଥିବା ୩୦ତମ ଜାତୀୟ ସିନିଅର ମହିଳା ଫୁଟବଲ ଚାମ୍ପିଅନସିପ୍ ରାଜମାତା ଜିଜାବାଈ ଟ୍ରଫି ଫାଇନାଲ ରାଉଣ୍ଡରେ ଓଡ଼ିଶା ଦ୍ୱିତୀୟ ବିଜୟ ହାସଲ କରିଛି । ନାରାୟଣପୁରର ଆରକେଏମ ଆଶ୍ରମ ଗ୍ରାଉଣ୍ଡରେ ମଙ୍ଗଳବାର ଓଡ଼ିଶା ୩-୦ ଗୋଲରେ ଘରୋଇ ଛତିଶଗଡକୁ ହରାଇଛି । ଯଶୋଦା ମୁଣ୍ଡା ଏବଂ ଇପସିତା ରାଉତଙ୍କ ଗୋଟିଏ ଲେଖାଏ ଗୋଲ ସ୍କୋର ବଳରେ ପ୍ରଥମାର୍ଦ୍ଧ ଖେଳରେ ଓଡ଼ିଶା ଆଗୁଆ ରହିଥିଲା । ଏହାପରେ ୯୧ତମ ମିନିଟରେ ଅଧିନାୟିକା ପ୍ୟାରୀ ଖାଖା ଦଳ ପାଇଁ ୩ୟ ଗୋଲ ଦେଇଥିଲେ । ଆସନ୍ତା ୯ ତାରିଖରେ ତାମିଲନାଡୁ ବିପକ୍ଷରେ ଓଡ଼ିଶା ଅନ୍ତିମ ମ୍ୟାଚ୍ ଖେଳିବ ।

## ଶତକ ପରେ ନିୟନ୍ତ୍ରଣ ହରାଇଲେ ପୃଥ୍ୱୀ

**ପୁଣେ, ୭ ।୧୦ (ଏଜେନ୍ସି):** ଭାରତୀୟ ଘରୋଇ କ୍ରିକେଟ୍‌ର ସବୁଠୁ ସମ୍ମାନଜନକ ପ୍ରତିଯୋଗିତା ରଣଜୀ ଟ୍ରଫିର ଆଗାମୀ ସିଜନ ଅକ୍ଟୋବର ୧୫ରୁ ଆରମ୍ଭ ହେବାକୁଯାଉଛି । ଏଥିପୂର୍ବରୁ ରେକର୍ଡ ୪୨ଥରର ଚାମ୍ପିଅନ ମୁମ୍ବଇ ଓ ମହାରାଷ୍ଟ୍ର ମଧ୍ୟରେ ସ୍ଥାନୀୟ ଏମ୍‌ସିଏ ଷ୍ଟାଡିୟମରେ ତ୍ରି-ଦିବସୀୟ ୱାର୍ମ-ଅପ୍ ମ୍ୟାଚ୍

**ମୁମ୍ବଇ-ମହାରାଷ୍ଟ୍ର ରଣଜୀ ଟ୍ରଫି ୱାର୍ମ-ଅପ୍ ମ୍ୟାଚ୍**

ଖେଳାଯାଉଛି । ଏହି ମ୍ୟାଚରେ ପୃଥ୍ୱୀ ଶ’ଙ୍କ ବିସ୍ଫୋରକ ଶତକୀୟ ପାଳି ଦେଖିବାକୁ ମିଳିଛି । ମୁମ୍ବଇ ଦଳରେ ବାରମ୍ବାର ଅଣଦେଖା ହେବାରୁ ପୃଥ୍ୱୀ ଚଳିତ ସିଜନରୁ ମହାରାଷ୍ଟ୍ର ଦଳ ପକ୍ଷରୁ ଖେଳିବାକୁ ନିଷ୍ପତ୍ତି ନେଇଥିଲେ । ଏହି ମ୍ୟାଚରେ ମହାରାଷ୍ଟ୍ର ପକ୍ଷରୁ ପ୍ରତିନିଧିତ୍ୱ କରି ସେ ନିଜ ପୂର୍ବ ଦଳ ମୁମ୍ବଇ ବିପକ୍ଷରେ ୧୮୧ ରନର ଦମ୍‌ଦାର ଶତକୀୟ ପାଳି ଖେଳିଛନ୍ତି । ୧୪୦ ବଲରୁ ପୃଥ୍ୱୀ ତାଙ୍କ ଶତକ ପୂରଣ କରିଥିଲେ । ଏହାପରେ ୨୧୯ ବଲରେ ୧୮୧ ରନ କରି ମୁସିର ଖାନଙ୍କ ବଲରେ ଆଉଟ୍ ହୋଇଥିଲେ । ଏହି ପାଳିରେ ୨୧ ଚୌକା ଓ ୩ ଛକା ସାମିଲ ଥିଲା । ନିଜ ପୂର୍ବ ଦଳ ବିପକ୍ଷରେ ଶତକ ହାସଲ କରିବା ସହ ୨୫ ବର୍ଷୀୟ ପୃଥ୍ୱୀ ମୁମ୍ବଇ ଟିମ୍ ମ୍ୟାନେଜମେଣ୍ଟକୁ ମଧ୍ୟ କଡ଼ା ଜବାବ ଦେଇଥିଲେ । ଏପରିକି ସେ ଆଉଟ୍ ହୋଇ ଆସିଲାବେଳେ ମୁମ୍ବଇର ମୁସିରଙ୍କ ସହ ପ୍ରବଳ ଯୁକ୍ତିତର୍କ କରିଥିବା ଦେଖିବାକୁ ମିଳିଥିଲା । ନିଜ ଉପରୁ ନିୟନ୍ତ୍ରଣ ହରାଇ ମୁସିରଙ୍କ ପିଠିକୁ ପୃଥ୍ୱୀ ବ୍ୟାଟ୍‌ରେ ଆଘାତ ଦେବାକୁ ଚେଷ୍ଟା କରିଥିଲେ । କିନ୍ତୁ ଅମ୍ପାୟର ହସ୍ତକ୍ଷେପ କରି ତାଙ୍କୁ ପ୍ୟାଭିଲିୟନ ପଠାଇ ଦେଇଥିଲେ । ଏହି ମ୍ୟାଚରେ ପୃଥ୍ୱୀ ଓପନିଂ ଯୋଡ଼ିରେ ଆର୍ଶିନ କୁଲକର୍ଣ୍ଣୀଙ୍କ ସହ ୪୯.୪ ଓଭରରୁ ୩୦୫ ରନର ଭାଗୀଦାରି ଗଢ଼ି ମହାରାଷ୍ଟ୍ରକୁ ଦୃଢ଼ ଆରମ୍ଭ ଦେଇଥିଲେ । କୁଲକର୍ଣ୍ଣୀ ମଧ୍ୟ ୧୪୦ ବଲରୁ ୧୮୬ ରନ କରିଥିଲେ । ଆଗାମୀ ରଣଜୀ ଟ୍ରଫିରେ ମହାରାଷ୍ଟ୍ର ଅକ୍ଟୋବର ୧୫ରେ କେରଳ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ ।




## ନିଖିଳ ଓଡ଼ିଶା ରାଜ୍ୟ ର୍ୟାଙ୍କିଙ୍ଗ୍ ବ୍ୟାଡ୍‌ମିଣ୍ଟନରେ କିଟ୍‌ର ସଫଳତା




**ଭୁବନେଶ୍ୱର, ୭ ।୧୦ (ଏଜେନ୍ସି):** ନିଖିଳ ଓଡ଼ିଶା ରାଜ୍ୟ ର୍ୟାଙ୍କିଙ୍ଗ୍ ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟ ବାଲେଶ୍ୱରରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ କିଟ୍ ବିଶ୍ୱବିଦ୍ୟାଳୟ ଦଳ ଦମ୍‌ଦାର ପ୍ରଦର୍ଶନ କରିଛି । ବିଶ୍ୱବିଦ୍ୟାଳୟର ଛାତ୍ରୀ ହର୍ଷିତା ରାଉତ ମହିଳା ଚାମ୍ପିଅନ ହୋଇଛନ୍ତି । ସେ ମହିଳା ସିଙ୍ଗଲ୍ସ ଓ ଡବଲ୍ସରେ ଚାମ୍ପିଅନ ହୋଇ ଡବଲ୍ ସଫଳତା ପାଇଥିଲେ । ସେହିଭଳି ହର୍ଷିତା ମିକ୍ସଡ ଡବଲ୍ସରେ ରନର୍ସଅପ୍ ହୋଇଥିଲେ । ହର୍ଷିତାଙ୍କ ବାଦ୍ କିଟ୍‌ର ତୁମି ବାଗ୍‌ଚୀ ମହିଳା ସିଙ୍ଗଲ୍ସରେ ରନର୍ସଅପ୍ ହୋଇଥିଲେ । ଅପରପକ୍ଷରେ ପୁରୁଷ ବିଭାଗରେ କିଟ୍‌ର ଆର୍ଯ୍ୟ ମାଝୀ ସିଙ୍ଗଲ୍ସରେ ଟାଇଟଲ୍ ଜିତିଛନ୍ତି । ଏହି ସଫଳତା ଲାଗି କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମସ୍ତ ବିଜେତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି ।

## ଆଇସିସି ମହିଳା ବିଶ୍ୱକପ୍

# ବିପର୍ଯ୍ୟୟରୁ ବର୍ତ୍ତିଗଲା ଇଂଲଣ୍ଡ

ଗୌହାଟୀ, ୭ ।୧୦ (ଏଜେନ୍ସି)

ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ରେ ମଙ୍ଗଳବାର ଖେଳାଯାଇଥିବା ଏକ ମ୍ୟାଚରେ ଚାରିଥରର ଚାମ୍ପିଅନ ଇଂଲଣ୍ଡ ବଡ଼ ବିପର୍ଯ୍ୟୟରୁ ବର୍ତ୍ତିଯାଇଛି । ସ୍ଥାନୀୟ ବର୍ଷାପରା କ୍ରିକେଟ୍ ଷ୍ଟାଡିୟମରେ ଅନୁଷ୍ଠିତ ଏହି ମ୍ୟାଚରେ ଇଂଲଣ୍ଡ ୪ ୱିକେଟ୍ ଓ ୨୩ ବଲ୍ ବଳକା ଥାଇ ବାଂଲାଦେଶକୁ ପରାସ୍ତ କରିଛି । ୧୭୯ ରନର ଛୋଟିଆ ଲକ୍ଷ୍ୟକୁ ପିଛା କରିଥିବା ଶକ୍ତିଶାଳୀ ଇଂଲଣ୍ଡ ଏକଦା ୨୨.୧ ଓଭରରେ ୭୮ ରନରେ ଅଧା ବ୍ୟାଟର୍‌ଙ୍କୁ ହରାଇ ସଙ୍କଟରେ ପଡ଼ିଥିଲା । ଏହାପରେ ଦଳୀୟ ସ୍କୋର ୧୦୩ ରନ ହୋଇଥିବାବେଳେ ଆଲିସେ କାପସୀ (୨୦ ରନ)ଙ୍କୁ ଆଉଟ୍ କରି ବାଂଲାଦେଶ ମହିଳା ଦଳ ଏକ ବଡ଼ ବିଜୟ ଅଭିମୁଖେ ଅଗ୍ରସର ହୋଇଥିଲା । କିନ୍ତୁ ଏହି ସମୟରେ ୩୪ ବର୍ଷୀୟା ଡାହାଣହାତୀ ବ୍ୟାଟର୍ ହେଥର ନାଇଟ୍ ତାଙ୍କ ଅଭିଜ୍ଞତାର ପରିଚୟ ଦେଇ ଦମ୍‌ଦାର ଅପରାଜିତ ଅର୍ଦ୍ଧଶତକୀୟ ପାଳି ଖେଳିବା ସହ ଇଂଲଣ୍ଡକୁ ବିପର୍ଯ୍ୟୟରୁ ଉଦ୍ଧାର କରିଥିଲେ । ନାଇଟ୍ ଓ ବ୍ୟାଟିଂକ୍ରମର ୮ମ ସ୍ଥାନରେ ଆସିଥିବା ଚାର୍ଲୋଟେ ଡିନ ଅବିଭକ୍ତ ୭ମ ୱିକେଟ୍ ଯୋଡ଼ିରେ ୭୯ ରନ ସଂଗ୍ରହ କରି ଇଂଲଣ୍ଡକୁ ସ୍ମରଣୀୟ ବିଜୟ ଭେଟି ଦେଇଥିଲେ । ନାଇଟ୍ ୧୧୧ ବଲରୁ ୮ ଚୌକା ଓ ଗୋଟିଏ ଛକା ସହ ୭୯ ରନ କରିଥିଲେ । ସେହିଭଳି ୫୬ ବଲରେ ୨୭ ରନର ଧୈର୍ଯ୍ୟପୂର୍ଣ୍ଣ ପାଳି ଖେଳିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଅଧିନାୟିକା ନାଟାଲୀ ସ୍କିଭର-ବ୍ରଣ୍ଟ ୩୨, ଟାମି ବିଉମଣ୍ଟ ୧୩ ରନ କରିଥିଲେ । ବାଂଲଦେଶର ଫହିମା ଖାତୁନଙ୍କୁ ୩ଟି ୱିକେଟ୍ ମିଳିଥିଲା ।




ପୂର୍ବରୁ ଏହି ମ୍ୟାଚରେ ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ବାଂଲାଦେଶ ୪୯.୪ ଓଭରରେ ୧୭୮ ରନରେ ଅଲ୍‌ଆଉଟ୍ ହୋଇଥିଲା । ଦଳ ପକ୍ଷରୁ ଶୋଭନା ମୋଷ୍ଟାରୀ ସର୍ବାଧିକ ୬୦ ରନ କରିଥିଲେ । ବୋଲିଂରେ ଇଂଲଣ୍ଡ ପାଇଁ ସୋଫି ଇକଲେଷ୍ଟୋନ ୩ ଏବଂ ଲିନସେ ସ୍ମିଥ, ଚାର୍ଲି ଡିନ ଓ ଆଲିସେ କାପସୀ ୨ଟି ଲେଖାଏ ୱିକେଟ୍ ନେଇଥିଲେ । ବିଶ୍ୱକପ୍‌ରେ ଇଂଲଣ୍ଡ ମହିଳା ଦଳର ଦ୍ୱିତୀୟ ମ୍ୟାଚରୁ ଏହା ୨ୟ ବିଜୟ । ପୂର୍ବରୁ ଇଂଲଣ୍ଡ ଏହାର ପ୍ରଥମ ମ୍ୟାଚରେ ୧୦ ୱିକେଟ୍‌ରେ ଦକ୍ଷିଣ ଆଫ୍ରିକା ମାତ୍ ଦେଇଥିଲେ । ଅପରପକ୍ଷରେ ପ୍ରଥମ ମ୍ୟାଚରେ ପାକିସ୍ତାନକୁ ୭ ୱିକେଟ୍‌ରେ ହରାଇଥିବା ବାଂଲାଦେଶକୁ ଆଜି ଆଉ ଏକ ବଡ଼ ବିଜୟରୁ ବଞ୍ଚିତ ହୋଇଛି ।

**ବିଶ୍ୱକପ୍‌ରେ ଆଜିର ମ୍ୟାଚ୍**
ଅଷ୍ଟ୍ରେଲିଆ - ପାକିସ୍ତାନ
ଆରମ୍ଭ : ଅପରାହ୍ଣ ୩ଟା
ସ୍ଥାନ : କଲମ୍ବୋ

PRINTED & PUBLISHED BY AMIT KUMAR MALLICK FOR ‘THE SAKALA’ A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS